

▸ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-46 ◆SATURDAY ◆9 AUGUST 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୪୬ ◆ଶନିବାର ◆୯ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ୧୦ ଗ୍ରାମ ପିଚ୍ଛା ୧.୦୨ ଲକ୍ଷ ଉପରେ ସୁନା ଦର

■ **ନୂଆଦିଲ୍ଲୀ, ୮।୮ (ଏଜେନ୍ସି):** ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତ ଉପରେ ୫୦%ର ଭାରି ଶୁଳ୍କ ଲାଗୁ କରିବା ପରେ ଘରୋଇ ବଜାରରେ ସୁନା ମୂଲ୍ୟ ଏକ ନୂତନ ଶିଖର ଛୁଇଁଛି। ଶୁଳ୍କ ଲାଗୁର ତତ୍‌କ୍ଷଣାତ୍ ଏହାର ପ୍ରଭାବ ସ୍ୱରୂପ ଶୁକ୍ରବାର ସୁନା ମୂଲ୍ୟ ରେକର୍ଡ ସ୍ତରରେ ପହଞ୍ଚିଛି। ଯାହାଫଳରେ ରକ୍ଷାବନ୍ଧନ ପୂର୍ବରୁ ସୁନା ମୂଲ୍ୟ ଏଭଳି ଶୀର୍ଷ ସ୍ତରରେ ପହଞ୍ଚିଛି। ଇଣ୍ଡିଆନ୍ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ଆଜି ବଜାରରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧,୦୨,୫୦୦



ଟଙ୍କାରେ ପହଞ୍ଚିଛି। ଏହାବାଦ୍ ଗତ ୮ ମାସ ମଧ୍ୟରେ ବଜାରରେ ସୁନା ୨୫ ହଜାର ମହଙ୍ଗା ହୋଇଛି। ଅନ୍ୟପକ୍ଷରେ, ରୁପା ମୂଲ୍ୟ କିଲୋଗ୍ରାମ ପିଛା ୧,୧୭,୦୦୦ ଟଙ୍କାରେ କାରବାର ହେଉଛି। ଗୁରୁବାର ଏହା କିଲୋ ପିଛା ୧,୧୪,୫୦୫ ଟଙ୍କା ପ୍ରତି କିଲୋଗ୍ରାମ ରହିଲା। ଗତ ଦୁଇ ଦିନ ମଧ୍ୟରେ ରୁପା ମୂଲ୍ୟରେ ୨୫୦୦ ଟଙ୍କାରୁ ଅଧିକ ବୃଦ୍ଧି ପାଇଛି।




## ଭାରତରୁ ଅର୍ଡର ବନ୍ଦ କଲେ ୱାଲ୍‌ମାର୍ଟ, ଆମାଜନ୍

■ **ନୂଆଦିଲ୍ଲୀ, ୮।୮ (ଏଜେନ୍ସି):** ଭାରତ ଉପରେ ପଡିଛି ଟ୍ରମ୍ପ୍ ଶୁଳ୍କର ପ୍ରଭାବ। ଆମେରିକା ୫୦% ଶୁଳ୍କ ଲାଗୁ କରିବା ପରେ ୱାଲମାର୍ଟ, ଆମାଜନ୍, ଟାର୍ଗେଟ୍ ଓ ଗ୍ୟାପ୍ ଭଳି ପ୍ରମୁଖ ଆମେରିକୀୟ ରିଟେଲ ବିକ୍ରେତା ଭାରତରୁ ଆସୁଥିବା ଅର୍ଡରଗୁଡିକୁ ଏବେ ସ୍ଥଗିତ ରଖିଛନ୍ତି। ତେବେ ଭାରତୀୟ ରପ୍ତାନିକାରୀ ପୂର୍ବରୁ ଜାଣିଥିଲେ ଯେ, ଶୁଳ୍କ ବଢିଲେ ସେମାନଙ୍କ ଅର୍ଡର ପ୍ରଭାବିତ ହେବ। ରିପୋର୍ଟ ଅନୁସାରେ ଭାରତୀୟ ରପ୍ତାନିକାରୀଙ୍କୁ ଆମେରିକୀୟ କ୍ରେତାଙ୍କଠାରୁ ଏ ସମ୍ପର୍କରେ ପତ୍ର ଓ ଇ-ମେଲ ମିଳିଛି। ଏଥିରେ କୁହାଯାଇଛି ଭାରତୀୟ ରପ୍ତାନୀକାରୀ ପରବର୍ତ୍ତୀ ସୂଚନା ପର୍ଯ୍ୟନ୍ତ କପଡ଼ା ରପ୍ତାନି ରୋକିଦିଅନ୍ତୁ। ତେବେ ଶୁଳ୍କ ଯୋଗୁଁ ବଢୁଥିବା ବ୍ୟୟ ଭାର ଭାରତୀୟ ରପ୍ତାନିକାରୀ ବହନ କରନ୍ତୁ ବୋଲି ଆମେରିକୀୟ କମ୍ପାନୀ ଚାହୁଁଛନ୍ତି। ଆମେରିକାରେ ବିକ୍ରି ହେଉଥିବା ସାମଗ୍ରୀଗୁଡିକର ମୂଲ୍ୟ ୩୦ରୁ ୩୫% ବଢିଯିବ ବୋଲି ଆକଳନ କରାଯାଉଛି। ଭାରତର ୱେଲସ୍ପନ ଲିଭିଂ, ଗୋକଲଦାସ ଏକ୍ସପୋର୍ଟସ୍, ଇଣ୍ଡୋ କାଉଣ୍ଟ ଓ ଟ୍ରାଇଡେଣ୍ଟ ଭଳି ପ୍ରମୁଖ ରପ୍ତାନୀକାରୀ ସଂସ୍ଥା ଆମେରିକାରେ ୪୦ରୁ ୭୦% ପର୍ଯ୍ୟନ୍ତ ଉତ୍ପାଦ ବିକ୍ରି କରୁଛନ୍ତି। କୁହାଯାଉଛି ଆମେରିକା ଯାଉଥିବା ଅର୍ଡର ଏବେ ସ୍ଥଗିତ ହେବା ଯୋଗୁଁ ବାଣିଜ୍ୟରେ ୪୦ରୁ ୫୦% ହ୍ରାସ ହୋଇପାରେ। ଉଲ୍ଲେଖଯୋଗ୍ୟ, ଭାରତରୁ ବହୁମାତ୍ରାରେ କପଡ଼ା ଆମେରିକା ରପ୍ତାନୀ ହୋଇଥାଏ। ଟାରିଫ ଯୋଗୁଁ ଏହି ସବୁ ଅର୍ଡର ବାଂଲାଦେଶ ବା ଭିଏତ୍‌ନାମକୁ ଚାଲିଯାଇପାରେ।

### ଖରିଫ୍‌ରେ ଜଟିଳ ଚାଷୀ ପଞ୍ଜୀକରଣ ବ୍ୟବସ୍ଥା

# ଚାଷୀଙ୍କୁ ଅଡୁଆ 'ପୂର୍ବପୁରୁଷ'

■ **ଭୁବନେଶ୍ୱର, ୮।୮ (ସମିସ):** ଖରିଫ ଧାନ ବିକ୍ରି ନିମନ୍ତେ ପଞ୍ଜିକରଣରେ ଜଟିଳ ବ୍ୟବସ୍ଥା ଚାଷୀଙ୍କ ପାଇଁ ସୃଷ୍ଟିକରିଛି ସମସ୍ୟା। ଜମିପଟ୍ଟାରେ ବାପା-ଜେଜେବାପାଙ୍କ ନାମ ରହିଥିବାରୁ ପଞ୍ଜିକରଣ କରିବାରୁ ଚାଷୀମାନେ ବଞ୍ଚିତ ହୋଇଛନ୍ତି। ଏହି ସମସ୍ୟାର ସମାଧାନ ପାଇଁ ସରକାର ସରଳ ସୂତ୍ର ବାହାର କରିବା ପରିବର୍ତ୍ତେ ଯେଉଁ ସାନି ବ୍ୟବସ୍ଥା କରିଛନ୍ତି ତାହା ପୂର୍ବଠାରୁ ଅଧିକ ଜଟିଳ। ଚାଷୀମାନେ ପଞ୍ଜିକରଣ ନିମନ୍ତେ ସ୍ୱ-ଘୋଷଣାନାମା (ସେଲ୍ଫ ଡିକ୍ଲାରେସନ) ଦେଇ ପାରିବେ ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି। ମାତ୍ର ଏହି ସ୍ୱ-ଘୋଷଣାନାମାରେ ଜମିର ସମସ୍ତ ଅଂଶୀଦାରଙ୍କ ଆଧାର ନମ୍ବର, ଦସ୍ତଖତ ବାଧ୍ୟତାମୂଳକ କରାଯାଇଛି। ତିନି ଚାରି ପିଢ଼ିର ସମସ୍ତ ଅଂଶୀଦାରଙ୍କ ନାମ, ଆଧାର,

**କମ୍ ଧାନ କିଣିବାକୁ ସରକାରୀ ଷଡ଼ଯନ୍ତ୍ର !**

ଦସ୍ତଖତ ସହ ପଞ୍ଜିକରଣ ବ୍ୟବସ୍ଥା ଚାଷୀଙ୍କ ପାଇଁ ଅସମ୍ଭବ ହୋଇ ପଡ଼ିଛି। ଏକପକ୍ଷରେ ନିଜ ପେଟପାଟଣା ପାଇଁ ବାହାରେ ରହୁଥିବା ପରିବାରର ପିଲାମାନଙ୍କ ଦସ୍ତଖତ ସଂଗ୍ରହ କରିବା ମୁସ୍କିଲ ବ୍ୟାପାର, ଅନ୍ୟପକ୍ଷରେ ଅନେକ କ୍ଷେତ୍ରରେ ତିକ୍ତ ପାରିବାରିକ ସମ୍ପର୍କ ଯୋଗୁଁ ପଞ୍ଜିକରଣରେ ଦସ୍ତଖତ କରିବାରେ ଅଂଶୀଦାରମାନଙ୍କ ଅନାଗ୍ରହ ଚାଷୀଙ୍କ ସମସ୍ୟାକୁ ଆହୁରି ବଢ଼ାଇ ଦେଇଛି। ଫଳରେ ଚାଷୀଙ୍କ ପାଇଁ ସ୍ୱ-ଘୋଷଣାନାମା ଦେବା ଏକପ୍ରକାର ଅସମ୍ଭବ ହୋଇଛି ଓ ପୂର୍ବାପେକ୍ଷା ପଞ୍ଜିକରଣ ସଂପୂର୍ଣ୍ଣ ଧୀମା ହୋଇଯାଇଛି। ବ୍ୟବସ୍ଥାର ସରଳୀକରଣ ନେଇ ଚାଷୀମାନେ ବାରମ୍ବାର ଦାବି କରୁଥିଲେ ହେଁ ତାହା କର୍ଣ୍ଣପାତ କରୁନାହାନ୍ତି। ତେଣୁ ଖରିଫରେ ଚାଷୀଙ୍କ ଠାରୁ କମ୍ ଧାନ କିଣିବାକୁ ସରକାର ବ୍ୟବସ୍ଥାଗତ ଷଡ଼ଯନ୍ତ୍ର କରିଥିବା ଚାଷୀମାନେ ଅଭିଯୋଗ କରିଛନ୍ତି।

ପୂର୍ବ ସରକାର ସମୟରେ ପଞ୍ଜିକରଣ ଓ ଋଣ ପ୍ରଦାନ ସମୟରେ ଏପରି ଜଟିଳ ବ୍ୟବସ୍ଥା ନ ଥିଲା। ମାତ୍ର ଏବେ ସରକାରୀ କଟକଣା ଯୋଗୁଁ ଚାଷୀମାନେ ଅଧିକ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଏପଟେ ଜମି ପଟ୍ଟା ସଂଶୋଧନ କାର୍ଯ୍ୟ ଚାଲିଥିଲେ ବି ଭଉଣୀ (ପରିବାରର କନ୍ୟାସନ୍ତାନ)ଙ୍କ ନାମକୁ ଏଥିରେ ସାମିଲ କରାଯିବାକୁ ନେଇ ବିଭିନ୍ନ ସମସ୍ୟା ସୃଷ୍ଟି ହେଉଛି। ଏଥିପାଇଁ ଅନେକ ଲୋକ ପଟ୍ଟା ସଂଶୋଧନ କରିପାରି ନାହାନ୍ତି। ▸ପୃଷ୍ଠା-୭

# ଆୟକର ବିଲ୍ ପ୍ରତ୍ୟାହୃତ

### ୧୧ରେ ଲୋକସଭାରେ ଆସିବ ସଂଶୋଧିତ ବିଲ୍

■ **ନୂଆଦିଲ୍ଲୀ, ୮।୮ (ଏଜେନ୍ସି):** ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ କେନ୍ଦ୍ର ସରକାର ଲୋକସଭାରୁ ଆୟକର ବିଲ୍ ୨୦୨୫କୁ ପ୍ରତ୍ୟାହାର କରିନେଇଛନ୍ତି। ବିଲ୍ ଯାଞ୍ଚ ପାଇଁ ଗଠିତ ସିଲେକ୍ଟ କମିଟିର ରିପୋର୍ଟ ପରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ବିଲ୍ ଫେବୃଆରୀରେ ଲୋକସଭାରେ ଆଗତ କରାଯାଇଥିଲା। କୁହାଯାଉଛି ଯେ ଅଗଷ୍ଟ ୧୧ ରେ ଲୋକସଭାରେ ନୂତନ ବିଲ୍ ଆଗତ କରାଯିବ। କେନ୍ଦ୍ର ସରକାର ଫେବୃଆରୀ ୧୩ ରେ ଲୋକସଭାରେ ଆୟକର ବିଲ୍ ୨୦୨୫ ଆଗତ କରିଥିଲେ। ବିଲ୍ ଯାଞ୍ଚ ପାଇଁ ୩୧ ସଦସ୍ୟ ବିଶିଷ୍ଟ ସିଲେକ୍ଟ କମିଟି ଗଠନ କରାଯାଇଥିଲା। କମିଟି ବିଲ୍ ଯାଞ୍ଚ କରି ୨୮୫ଟି ପରାମର୍ଶ ଦେଇଥିଲା। କମିଟି ୨୧ ଜୁଲାଇ ୨୦୨୫ରେ ଲୋକସଭାରେ ଏହାର ରିପୋର୍ଟ ଦାଖଲ କରିଥିଲା। କେନ୍ଦ୍ର ସରକାର ସିଲେକ୍ଟ କମିଟିର ପ୍ରାୟ ସମସ୍ତ ସୁପାରିସକୁ ଗ୍ରହଣ କରିଛନ୍ତି।

**ସିଲେକ୍ଟ କମିଟି ରିପୋର୍ଟ ଆଧାରରେ ନିଷ୍ପତ୍ତି**

କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଶୁକ୍ରବାର ଲୋକସଭାରେ ଆୟକର ବିଲ୍, ୨୦୨୫ ପ୍ରତ୍ୟାହାର କରି କହିଛନ୍ତି କମିଟିର କିଛି ପରାମର୍ଶକୁ ସଠିକ୍ ଆଇନଗତ ଅର୍ଥ ଦେବା ପାଇଁ ନୂଆ ବିଲ୍‌ରେ ସାମିଲ କରାଯିବା ଆବଶ୍ୟକ। ସିଲେକ୍ଟ କମିଟି ଦ୍ୱାରା ପରାମର୍ଶିତ ପରିବର୍ତ୍ତନଗୁଡ଼ିକୁ ଅନ୍ତର୍ଭୁକ୍ତ କରିବା ପରେ ସରକାର ବିଲ୍‌କୁ ଏକ ନୂତନ ରୂପରେ ଆଣିବେ। କୁହାଯାଉଛି ଯେ ବିଲ୍‌ର ନୂତନ ସଂସ୍କରଣ ଅଗଷ୍ଟ ୧୧ରେ ଲୋକସଭାରେ ଉପସ୍ଥାପନ କରାଯିବ। ବିଲ୍‌ର ବିଭିନ୍ନ ସଂସ୍କରଣ ଯୋଗୁଁ ଦ୍ୱନ୍ଦ୍ୱ ଏଡାଇବା ଏବଂ ସମସ୍ତ ପରିବର୍ତ୍ତନକୁ ଅନ୍ତର୍ଭୁକ୍ତ କରି ଆୟକର ବିଲ୍‌ର ନୂତନ ସଂସ୍କରଣ ସୋମବାର ଗୃହରେ ବିଚାର ପାଇଁ ଆଗତ କରାଯିବ, ଯାହା କମିଟି ତା'ର ରିପୋର୍ଟରେ କହିଛି।

# ଏମ୍‌ସରେ ନିଯୁକ୍ତି ଜାଲିଆତି

**ଏମ୍‌ସର ଅଭିଯୋଗ ପରେ ୬ଜଣଙ୍କ ନାମରେ ମାମଲା ରୁଜୁ**

**ପ୍ରଶାସନିକ ଅଧିକାରୀ ସହ ମିଶି ଶ୍ରୁତି କରିଥିଲେ ଜାଲିଆତି**

**ଜାଲ୍ ମେଡିକାଲ ପ୍ରମାଣପତ୍ର ଦାଖଲ କରି ଚାକିରି କରିଥିଲେ**

**୫ ସ୍ଥାନରେ ସିବିଆଇ ଚଢ଼ଉ; ୩ ଅଟକ**

■ **ଭୁବନେଶ୍ୱର, ୮।୮ (ସମିସ):** ଏମ୍‌ସରେ ଜାଲିଆତି କରି ଚାକିରି କରିବା ଘଟଣାରେ ସିବିଆଇ ଶୁକ୍ରବାର ଭୁବନେଶ୍ୱର ସମେତ ଜଗତସିଂହପୁର ଜିଲ୍ଲାର ଏକାଧିକ ସ୍ଥାନରେ ଚଢ଼ଉ କରିଛି। ୮ ଘଣ୍ଟା ଧରି ସିବିଆଇର ୧୫ଟି ଟିମ୍ ଚଢ଼ଉ କରି ଏକାଧିକ ଗୁରୁତପୂର୍ଣ୍ଣ ଦସ୍ତାବିଜ୍ ଏବଂ ଡିଜିଟାଲ ପ୍ରମାଣ ଜବତ କରିବା ସହ ୩ଜଣଙ୍କୁ ଅଟକ ରଖି ପଚରାଉଚରା କରୁଛି।

ଏମ୍‌ସରେ ଠିକା ସଂସ୍ଥା ନିଜ ସମ୍ପର୍କୀୟଙ୍କ ନାମରେ ଜାଲ୍ ଦସ୍ତାବିଜ୍ ବାହାର କରି ଚାକିରି କରାଯାଇଥିବା ଏମ୍‌ସ କର୍ତ୍ତୃପକ୍ଷ ଜାଣିବାକୁ ପାଇଥିଲେ। କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଆଶୁତୋଷ ବିଶ୍ୱାସ ଏନେଇ ସିବିଆଇକୁ ଚିଠି କରି ▸ପୃଷ୍ଠା-୭

# ସ୍କିମାଟିକ୍ ଶିକ୍ଷକଙ୍କୁ ଧକ୍କା

### ପ୍ରସ୍ତାବ ପ୍ରତ୍ୟାହାର କଲା ଗଣଶିକ୍ଷା ବିଭାଗ

■ **ଭୁବନେଶ୍ୱର, ୮।୮ (ସମିସ):** ମାତ୍ର ସପ୍ତାହେ ମଧ୍ୟରେ ସ୍କିମାଟିକ୍ ଶିକ୍ଷକଙ୍କୁ ଲାଗିଛି ବଡ଼ ଧକ୍କା। ମଉଳି ଯାଇଛି ସେମାନଙ୍କର ଚାକିରି ନିୟମିତ ହେବାର ଆଶା। ସ୍କିମାଟିକ୍ ଶିକ୍ଷକମାନଙ୍କ ସ୍ୱାର୍ଥ ସମ୍ବଳିତ ପ୍ରସ୍ତାବକୁ ପ୍ରଥମେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ୱେବସାଇଟ୍‌ରୁ ଉଡ଼ାଇ ଦିଆଯାଇଥିଲା। ଏବେ ଆନୁଷ୍ଠାନିକ ଭାବରେ ଏ ସଂକ୍ରାନ୍ତ ପ୍ରସ୍ତାବକୁ ସରକାର ଶୁକ୍ରବାର ପ୍ରତ୍ୟାହାର କରି ନେଇଛନ୍ତି। ନିୟମିତ କରିବାର ଆଶା ଦେଖାଇ ସରକାର ସେମାନଙ୍କୁ ପ୍ରତାରିତ କରିଛନ୍ତି ଓ ୧୬୦୦୦ ଶିକ୍ଷକଙ୍କ ଭବିଷ୍ୟତ ଅନ୍ଧାରକୁ ଚାଲି ଯାଇଛି ବୋଲି ସ୍କିମାଟିକ ଶିକ୍ଷକମାନେ କ୍ଷୋଭ ପ୍ରକାଶ କରିଛନ୍ତି।

ରାଜ୍ୟରେ ଶିକ୍ଷକ ନିଯୁକ୍ତି, ସ୍କିମାଟିକ୍ କନିଷ୍ଠ ଶିକ୍ଷକ ପଦ ଉଚ୍ଛେଦ, ନିୟମିତ ଶିକ୍ଷକ ନିଯୁକ୍ତି ପରି ବହୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ବସିଥିବା ବୈଠକର ସାରାଂଶ ସମ୍ପର୍କରେ ଗତ ୨ ତାରିଖରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ବିଜ୍ଞପ୍ତି ଜାରି କରିଥିଲା। ଗଣଶିକ୍ଷା ବିଭାଗର ୱେବସାଇଟ୍‌ରେ ଏହା ଅପଲୋଡ୍

**ଅନ୍ଧାରରେ ୧୬,୦୦୦ ଶିକ୍ଷକଙ୍କ ଭବିଷ୍ୟତ**

ମଧ୍ୟ ହୋଇଥିଲା। ସ୍କିମାଟିକ୍ ପଦକୁ ଉଚ୍ଛେଦ କରାଯାଇ ମାଧ୍ୟମିକ ଶିକ୍ଷକଙ୍କ ପରି ନିୟମିତ ପ୍ରାଥମିକ ଶିକ୍ଷକ ନିଯୁକ୍ତି ପାଇଁ ପ୍ରସ୍ତାବ ରହିଥିଲା। ଫଳରେ ସ୍କିମାଟିକ୍ ଶିକ୍ଷକଙ୍କ ମଧ୍ୟରେ ଉତ୍ସାହ ଦେଖାଦେଇଥିଲା। ସ୍କିମାଟିକ୍ ଶିକ୍ଷକଙ୍କ ଏହି ଉତ୍ସାହ ଅଧିକ ଦିନ ▸ପୃଷ୍ଠା-୭

**ରେଳଧାରଣାରେ ଖସିଲା ପଥର**

## ବର୍ତ୍ତିଗଲା ବିଶାଖାପାଟଣା-କୋରବା ଏକ୍ସପ୍ରେସ

■ **ରାୟଗଡ଼ା, ୮।୮ (ସମିସ):** ପୂର୍ବତଟ ରେଳବାଇର ରାୟଗଡ଼ା ରେଳ ଡିଭିଜନ ଅନ୍ତର୍ଗତ ରାୟଗଡ଼ା-ବିଜୟନଗରମ ରେଳ ଧାରଣାରେ ଗୁରୁବାର ବିଳମ୍ବିତ ରାତିରେ ଏକ ବଡ଼ ପଥର ପଡ଼ିବାରୁ ବିଶାଖାପାଟଣାଠାରୁ କୋରବା ଯାଉଥିବା ଲିଙ୍କ ଏକ୍ସପ୍ରେସ ଟ୍ରେନ ଅଳ୍ପକେ ବଡ଼ ଦୁର୍ଘଟଣାରୁ ବର୍ତ୍ତି ଯାଇଛି। ଦୀର୍ଘ ୫ ଘଣ୍ଟାରୁ ଅଧିକ ସମୟ ଧରି ଟ୍ରେନ୍ ଅଟକି ରହିଥିଲା। ବିଭାଗୀୟ ଅଧିକାରୀ ଏ ନେଇ ସୂଚନା ପାଇବା ପରେ ଘଟଣାସ୍ଥଳରେ ପହଞ୍ଚି ପଥର ବାହାର କରିବା ପରେ ଉକ୍ତ ରାସ୍ତାରେ ଟ୍ରେନ ଚଳାଚଳ ସ୍ୱାଭାବିକ ହୋଇଥିଲା। ଏହିଭଳି ଘଟଣା ଦେଖିବାକୁ ମିଳିଛି ରାୟଗଡ଼ା ସହରସ୍ଥିତ ▸ପୃଷ୍ଠା-୭



# ନିଅଣ୍ଟିଆ ବର୍ଷା, ସାର ଅଭାବ ବଢ଼ାଉଛି ଚିନ୍ତା

### ୧୩ ପରେ ବର୍ଷା ବଢ଼ିବ; ନିଅଣ୍ଟିଆ ଭରଣା ହେବନି

■ **ଭୁବନେଶ୍ୱର, ୮।୮ (ସମିସ):** ନିଅଣ୍ଟିଆ ବର୍ଷା ଏବଂ ସାରର ଅଭାବ ଏବେ ଚାଷୀଙ୍କ ପାଇଁ ଚିନ୍ତା ବଢ଼ାଇଛି। ନିଷ୍କ୍ରିୟ ମୌସୁମୀ ପ୍ରଭାବରେ ରାଜ୍ୟରେ ବର୍ଷାର ପରିମାଣ ବହୁ ମାତ୍ରାରେ ହ୍ରାସ ପାଇଥିବା ବେଳେ ଚାଷ କାର୍ଯ୍ୟ ମଧ୍ୟ ପ୍ରଭାବିତ ହୋଇଛି। ଯେଉଁ ସ୍ଥାନରେ ରୁଆ ସରିଛି, ସେଠାରେ ପାଣିର ଅଭାବ ହେତୁ ତଳି ମରିବା ସ୍ଥିତି ସୃଷ୍ଟି ହୋଇଛି। ଏହାସହିତ ଅନେକ ସ୍ଥାନରେ ରୁଆ ବେଉଷଣ ପାଇଁ ପାଣିର ଅଭାବ ହେତୁ ଚାଷୀକୁଳ ବର୍ଷାକୁ

**ଜରୁରୀକାଳୀନ ପଦକ୍ଷେପ ନେବାକୁ ବିଶେଷଜ୍ଞଙ୍କ ପରାମର୍ଶ**

**ସାରର ଉପଲବ୍ଧତା ସୁନିଶ୍ଚିତ ନ କରାଇଲେ ସ୍ଥିତି ବିଗିଡ଼ିବ**

ଅପେକ୍ଷା କରି ରହିଛି। ଏସବୁ ଭିତରେ ରାଜ୍ୟର ଚାଷୀମାନଙ୍କ ପାଇଁ ସାରର ଅଭାବ ବଡ଼ ସମସ୍ୟା ସୃଷ୍ଟି କରିଛି। ରୁଆ ପରେ ଧାନଗଛ ବୃଦ୍ଧି ପାଇଁ ସାରର ଆବଶ୍ୟକତା ରହୁଥିବା ବେଳେ ପ୍ରତି ଜିଲ୍ଲାରେ ସାର ଉପଲବ୍ଧ କରାଇବାରେ ସରକାର ବିଫଳ ହେଉଛନ୍ତି। ଫଳରେ ଚାଷୀଙ୍କ ପାଇଁ ବର୍ଷା ସାଙ୍ଗକୁ ସାର ସମସ୍ୟା ଚିନ୍ତା ବଢ଼ାଇଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ବର୍ତ୍ତମାନ ରାଜ୍ୟରେ ମୌସୁମୀ ନିଷ୍କ୍ରିୟ ରହିଛି। ଆସନ୍ତା ୧୩ରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇ ପରବର୍ତ୍ତୀ ▸ପୃଷ୍ଠା-୭




## ଦିଲ୍ଲୀରେ ଅଭିନେତ୍ରୀ ହୁମା କ୍ୟୁରେଶିଙ୍କ ଭାଇଙ୍କୁ ହତ୍ୟା



ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଦିଲ୍ଲୀର ନିଜାମୁଦ୍ଦିନ୍ ଅଞ୍ଚଳରେ ଜଣାଶୁଣା ବଲିଉଡ୍ ଅଭିନେତ୍ରୀ ହୁମା କ୍ୟୁରେଶିଙ୍କ ଦାଦା ପୁଅ ଭାଇ ଆସିଫଙ୍କୁ ହତ୍ୟା କରାଯାଇଛି। ଗୁରୁବାର ରାତି ୧୧ଟାରେ ଜଙ୍ଗପୁରା ଗଗୋଲ ଲେନ୍‌ରେ ଏହି ଆପରାଧିକ ଘଟଣା ଘଟିଛି। ଗାଡ଼ି ପାର୍କିଂ ବିବାଦକୁ ନେଇ ଦୁର୍ବୃତ୍ତମାନେ ତାଙ୍କୁ ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିଲେ। ଏହି ଘଟଣାରେ ପୁଲିସ ଦୁଇଜଣଙ୍କୁ ଗିରଫ କରିଛି। ମେନ୍ ଗେଟ୍ ସାମ୍ନାରେ ସ୍କୁଟର୍ ରଖିବା ନେଇ ଆସିଫ୍ ଓ ଦୁଇ ପଡ଼ୋଶୀଙ୍କ ମଧ୍ୟରେ ବିବାଦ ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଅଭିଯୁକ୍ତମାନେ ଆସିଫ୍‌ଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ଗୁରୁତର ଆସିଫଙ୍କୁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ନିହାତି ମାମୁଲି ଘଟଣା ତଥା ସାମାନ୍ୟ ଯୁକ୍ତିତର୍କ ପାଇଁ ଆସିଫ୍‌ଙ୍କ ଉପରେ ଆକ୍ରମଣ କରାଯାଇଥିଲା ବୋଲି ତାଙ୍କ ପତ୍ନୀ ସାଇନା କ୍ୟୁରେଶି କହିଛନ୍ତି।

## ଚଳନ୍ତା ବସ୍ ଉପରେ ଗଛ ପଡ଼ି ୫ ମୃତ

ବାରାବଙ୍କୀ, ୮।୮(ଏଜେନ୍ସି): ଉତ୍ତରପ୍ରଦେଶର ବାରାବଙ୍କୀ ଜିଲ୍ଲାରେ ଏକ ଚଳନ୍ତା ବସ୍ ଉପରେ ଏକ ବଡ଼ ଗଛ ଭାଙ୍ଗି ପଡ଼ିବାରୁ ୫ଜଣ ଯାତ୍ରୀଙ୍କ ମୃତ୍ୟୁ ହୋଇଛି। ସେମାନଙ୍କ ମଧ୍ୟରେ ୨ ଜଣ ଶିକ୍ଷକ, ଦୁଇଜଣ ବ୍ଲକ ଅଧିକାରୀ ରହିଛନ୍ତି। ଅନ୍ୟ ଜଣେ ଯାତ୍ରୀ ଗୁରୁତର ଆହତ ହୋଇଛନ୍ତି। ସୂଚନାନୁଯାୟୀ, ୬୦ ଯାତ୍ରୀଙ୍କୁ ନେଇ ଏହି ବସ୍ ବାରାବଙ୍କୀରୁ ହାଇଦରଗଡ଼ ଯାଉଥିଲା। ଶୁକ୍ରବାର ପୂର୍ବାହ୍ନ ପ୍ରାୟ ୧୧ଟାରେ ହରଖ ଛକଠାରେ ବସ୍ ଆଗକୁ ଏକ ଗାଇ ଚାଲିଆସିଥିଲା। ତାକୁ ବଞ୍ଚାଇବାକୁ ଯାଇ ବସ୍‌ଟି ପ୍ରଥମେ ଏକ ଇଲେକଟ୍ରିକ୍ ଖୁଣ୍ଟ ଓ ପରେ ଏକ ଗଛକୁ ଧକ୍କା ଦେଇଥିଲା। ଏହାର ସିସିଟିଭି ଫୁଟେଜ୍ ସାମ୍ନାକୁ ଆସିଛି।

## କପିଲ ଶର୍ମାଙ୍କୁ ଲରେନ୍ସ ଗ୍ୟାଙ୍ଗର ଧମକ

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଖ୍ୟାତନାମା କମେଡିଆନ କପିଲ ଶର୍ମାଙ୍କ ପଛରେ ପଡ଼ିଛି ଦୁର୍ଦ୍ଦାନ୍ତ ଲରେନ୍ସ ବିଷ୍ଣୋଇ ଗ୍ୟାଙ୍ଗ। କାନାଡାରେ କପିଲଙ୍କ କାଫେ ଉପରେ ଗୁଳିମାଡ଼ କରିବା ପରେ ଏବେ ତାଙ୍କୁ ଗ୍ୟାଙ୍ଗ୍ ତରଫରୁ ଧମକ ମିଳିଛି। ଗ୍ୟାଙ୍ଗର ହ୍ୟାରି ବକ୍ସର ନାମରେ ଏକ ଅଡିଓ ସାମ୍ନାକୁ ଆସିଛି। ଏଥିରେ କପିଲଙ୍କ ସମେତ ପୂରା ବଲିଉଡ୍ ଫିଲ୍ମ ଇଣ୍ଡଷ୍ଟ୍ରିକୁ ଧମକ ଦିଆଯାଇଛି। ଯିଏ ବି ଅଭିନେତା ସଲମାନ ଖାନଙ୍କ ସହ କାମ କରିବ, ତାକୁ ମାରି ଦିଆଯିବ ବୋଲି କୁହାଯାଇଛି। ସୂଚନାଯୋଗ୍ୟ, 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶୋ'ର ଦ୍ୱିତୀୟ ସଂସ୍କରଣରେ ସଲମାନଙ୍କୁ ଅତିଥି ଭାବେ ନିମନ୍ତ୍ରଣ କରାଯାଇଥିଲା। ଏଥିପାଇଁ କପିଲଙ୍କ କାନାଡ଼ାସ୍ଥିତ କାଫେ ଉପରେ ଆକ୍ରମଣ କରାଯାଇଛି ବୋଲି ଗ୍ୟାଙ୍ଗ୍ ପକ୍ଷରୁ କୁହାଯାଇଛି। ଉଲ୍ଲେଖଥାଉ କି, କପିଲଙ୍କ କାଫେ ଉପରକୁ ପ୍ରଥମେ ଜୁଲାଇ ୧୦ରେ ଗୁଳିମାଡ଼ ହୋଇଥିଲା।

## ପରମାଣୁ ବୈଜ୍ଞାନିକଙ୍କୁ ଫାଶୀ ଦେଲା ଇରାନ

ତେହେରାନ, ୮।୮(ଏଜେନ୍ସି): ଇରାନ ଦୁଇଟି ଭିନ୍ନ ଭିନ୍ନ ମାମଲାରେ ବୁଧବାର ଦୁଇଜଣ ବ୍ୟକ୍ତିଙ୍କୁ ଫାଶୀ ଦଣ୍ଡରେ ଦଣ୍ଡିତ କରିଛି। ଏମାନଙ୍କ ମଧ୍ୟରେ ଜଣେ ପରମାଣୁ ବୈଜ୍ଞାନିକ ରହିଛନ୍ତି। ସେ ହେଲେ, ରୌଜବେ ଭାଦୀ। ସେ ଇସ୍ରାଏଲର ଗୁଇନ୍ଦା ସଂସ୍ଥା 'ମୋସାଦ' ପାଇଁ ଗୁପ୍ତଚର ଭାବେ କାର୍ଯ୍ୟ କରୁଥିଲେ ଏବଂ ଦେଶର ଗୁରୁତ୍ୱପୂର୍ଣ୍ଣ ସୂଚନା ପ୍ରଦାନ କରୁଥିଲେ ବୋଲି ଅଭିଯୋଗ ହୋଇଥିଲା। ସେ ଇରାନର ଆଟୋମିକ ଏନର୍ଜି ଅର୍ଗାନାଇଜେସନ୍ ଅଧୀନରେ ଥିବା ନ୍ୟୁକ୍ଲିୟର୍ ସାଇନ୍ସ ଆଣ୍ଡ ଟେକନୋଲୋଜି ରିସର୍ଚ୍ଚ ଇନଷ୍ଟିଚ୍ୟୁଟ୍‌ର ସଦସ୍ୟ ଥିଲେ। ସେ ଜଣେ ବୈଜ୍ଞାନିକଙ୍କ ବିଷୟରେ ସମ୍ବେଦନଶୀଳ ସୂଚନା 'ମୋସାଦ'କୁ ଦେଇଥିଲେ। ସେ ଦେଶର ସୁରକ୍ଷା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଥିଲେ ବୋଲି ଇରାନ ତରଫରୁ କୁହାଯାଇଛି।

## ୟୁପିର ୨୪ ଜିଲ୍ଲାରେ ବନ୍ୟା

ନୂଆଦିଲ୍ଲୀ/ ଲକ୍ଷ୍ନୌ, ୮।୮(ଏଜେନ୍ସି): ଉତ୍ତରପ୍ରଦେଶ ରାଜଧାନୀ ଲକ୍ଷ୍ନୌ ସମେତ ୧୦ଟି ସହରରେ ଶୁକ୍ରବାର ପ୍ରବଳ ବର୍ଷା ଜାରି ରହିଛି। ଲକ୍ଷ୍ନୌରେ କ୍ରମାଗତ ୭ଦିନ ହେବ ବର୍ଷା ଜାରି ରହିଛି। ଏହାକୁ ଦୃଷ୍ଟିରେ ରଖି ବାରଣାସୀ- ବିଜନୋରରେ ଦ୍ୱାଦଶ ଶ୍ରେଣୀ ଓ ଲକ୍ଷ୍ନୌ- ଜୋନପୁରରେ ୮ମ ଶ୍ରେଣୀ ପର୍ଯ୍ୟନ୍ତ ସ୍କୁଲଗୁଡ଼ିକୁ ବନ୍ଦ କରି ଦିଆଯାଇଛି। ଅପରପକ୍ଷେ, ଲଗାଣ ବର୍ଷା ଯୋଗୁଁ ରାଜ୍ୟର ୨୪ଟି ଜିଲ୍ଲାରେ ୧୨୪୫ ଗାଁ ବନ୍ୟା ଘେରରେ ରହିଛି। ଏପର୍ଯ୍ୟନ୍ତ ୩୬୦ ଘର ଭୁଶୁଡ଼ିଛି। ହିମାଚଳରେ ୪୫୦ରୁ ଊର୍ଦ୍ଧ୍ୱ ସଡ଼କ ବନ୍ଦ ରହିଛି। ଏଥିରେ ୩୦୫ ଓ ୫ ନଂ ଜାତୀୟ ରାଜପଥ ସାମିଲ ରହିଛି। ହିମାଚଳରେ ବର୍ଷା ଜନିତ କାରଣରୁ ଏପର୍ଯ୍ୟନ୍ତ (ଜୁନ ୨୦ରୁ ଅଗଷ୍ଟ ୭) ପର୍ଯ୍ୟନ୍ତ ୨୦୨ ଜଣ ଲୋକ ମୃତ୍ୟୁବରଣ କରିସାରିଲେଣି। ସେହିପରି ଝାଡ଼ଖଣ୍ଡରେ ସମାନ କାରଣରୁ ୪୩୧ଜଣ ଲୋକଙ୍କ ମୃତ୍ୟୁ ହୋଇଛି। ତେବେ ମଧ୍ୟପ୍ରଦେଶରେ ଗତ ୭ ଦିନ ହେବ ବର୍ଷା ହୋଇନାହିଁ। ଫଳରେ ରାଜ୍ୟରେ ତାପମାତ୍ରରେ ବୃଦ୍ଧି ଘଟିଛି। ସେହିପରି ବିହାର ଓ ତାମିଲନାଡୁ ସମେତ ୯ଟି ରାଜ୍ୟରେ ଅରେଞ୍ଜ ଆଲର୍ଟ ଜାରି କରାଯାଇଛି। ଦିଲ୍ଲୀର ଯମୁନା ନଦୀରେ ଜଳସ୍ତର ବିପଦ ସଂକେତ ଉପରେ ରହିଛି।

## ୨୦୨୪ରେ ୨ ଲକ୍ଷ ଭାରତୀୟ ନାଗରିକତା ଛାଡ଼ିଛନ୍ତି

ନୂଆଦିଲ୍ଲୀ,୮।୮(ଏଜେନ୍ସି): ୨୦୨୪ରେ ପାଖାପାଖି ୨ ଲକ୍ଷ ଭାରତୀୟ ନାଗରିକତା ତ୍ୟାଗ କରିଛନ୍ତି। ବୈଦେଶିକ ରାଷ୍ଟ୍ରମନ୍ତ୍ରୀ କୀର୍ତ୍ତିବର୍ଦ୍ଧନ ସିଂ ଲୋକସଭାରେ ଶୁକ୍ରବାର ଏହି ସୂଚନା ଦେଇଛନ୍ତି। ୨, ୦୬,୩୭୮ଜଣ ବ୍ୟକ୍ତିଗତ କାରଣ ଦର୍ଶାଇ ନାଗରିକତା ଛାଡ଼ି ଅନ୍ୟ ଦେଶର ନାଗରିକତା ଗ୍ରହଣ କରିଛନ୍ତି। ୨୦୨୦ ମସିହା ତୁଳନାରେ ୨୦୨୪ରେ ପାଖାପାଖି ଅଢ଼େଇ ଗୁଣା ଲୋକ ଦେଶ ଛାଡ଼ିଛନ୍ତି। କଂଗ୍ରେସ ସାଂସଦ କେସି ବେଣୁଗୋପାଳଙ୍କ ପ୍ରଶ୍ନର ଉତ୍ତର ଦେଇ କୀର୍ତ୍ତି ଏହି ତଥ୍ୟ ଦେଇଛନ୍ତି। ୨୦୨୦ରେ ୮୫,୨୫୬, ୨୦୨୧ରେ ୧,୬୩, ୩୭୦, ୨୦୨୨ରେ ୨,୨୫,୬୨୦ ଏବଂ ୨୦୨୩ରେ ୨,୧୬,୨୧୯ ଲୋକ ଭାରତର ନାଗରିକତା ଛାଡିଛନ୍ତି। ପୂର୍ବରୁ ୨୦୧୧ରେ ଏହି ସଂଖ୍ୟା ୧,୨୨,୮୧୯, ୨୦୧୨ରେ ୧,୨୦, ୯୨୩ ଓ ୨୦୧୪ରେ ୧,୨୯, ୩୨୮ ଭାରତୀୟ ନାଗରିକତା ପରିତ୍ୟାଗ କରିଥିଲେ।

### ପୁତିନଙ୍କ ସହ ଫୋନ୍‌ରେ କଥା ହେଲେ ମୋଦୀ

# 'ଭାରତରେ ଆପଣଙ୍କୁ ସ୍ୱାଗତ କରିବାକୁ ଉତ୍ସାହିତ ଅଛୁ'



ନୂଆଦିଲ୍ଲୀ, ୮।୮(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ସହ ଫୋନରେ କଥା ହୋଇଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଟାରିଫ ବିବାଦ ଚାଲିଥିବା ବେଳେ ଏହା ଦୁଇ ଦେଶ ପାଇଁ ବିଶେଷ ଗୁରୁତ୍ୱ ବହନ କରୁଛି। ଦୁଇ ଦେଶ ମଧ୍ୟରେ ସମ୍ପର୍କକୁ ଆହୁରି ମଜଭୁତ କରିବାକୁ ଦୁଇ ନେତା ସେମାନଙ୍କ ପ୍ରତିବଦ୍ଧତା ଦୋହରାଇଛନ୍ତି। ପୁତିନଙ୍କ ସହ କଥା ହେବା ନେଇ ମୋଦୀ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରି ସୂଚନା ଦେଇଛନ୍ତି। ଫୋନ୍‌ରେ ଭଲ ଭାବେ ବିସ୍ତୃତ ଭାବେ କଥା ହୋଇଥିଲୁ। ସେହିପରି ୟୁକ୍ରେନ୍ ସମ୍ପର୍କରେ ସୂଚନା ଦେଇଥିବାରୁ ପୁତିନଙ୍କୁ ଧନ୍ୟବାଦ ଜଣାଇଥିଲି। ପରସ୍ପର ମଧ୍ୟରେ ସହଯୋଗ ବୃଦ୍ଧି କରିବା ସହ ରଣନୈତିକ ସହଭାଗିତା ଆହୁରି ଦୃଢ଼ କରିବା ନେଇ ପ୍ରତିବଦ୍ଧତାକୁ ଦୋହରାଇଥିଲୁ। ଭାରତରେ ଆପଣଙ୍କୁ ସ୍ୱାଗତ କରିବାକୁ ଆମେ ଉତ୍ସାହିତ ଅଛୁ ବୋଲି ମୋଦି ଫୋନ୍‌ରେ ପୁତିନଙ୍କୁ କହିଥିଲେ। ଏବର୍ଷ ପୁତିନଙ୍କ ଭାରତ ଗସ୍ତକୁ ଅପେକ୍ଷା କରିଛି ବୋଲି ମୋଦୀ ଉଲ୍ଲେଖ କରିଛନ୍ତି।

ଗୋଟିଏ ଦିନ ପୂର୍ବରୁ ଭାରତର ରାଷ୍ଟ୍ରୀୟ ନିରାପତ୍ତା ଉପଦେଷ୍ଟା (ଏନ୍‌ଏସ୍‌ଏ) ଅଜିତ ଡୋଭାଲ ମଧ୍ୟ ପୁତିନଙ୍କୁ ମସ୍କୋରେ ଭେଟିଥିଲେ। ଡୋଭାଲ ପ୍ରତିରକ୍ଷା, ଆର୍ଥିକ ଓ ଶକ୍ତି କ୍ଷେତ୍ରରେ ସହଯୋଗ ନେଇ ପୁତିନଙ୍କ ଆଲୋଚନା କରିଥିଲେ। ପୁତିନ ଚଳିତବର୍ଷ ଶେଷ ସପ୍ତାହରେ ଭାରତ ଆସିବେ। ଏହାପୂର୍ବରୁ ଡୋଭାଲ ରୁଷ୍ ପ୍ରତିରକ୍ଷା ମନ୍ତ୍ରୀ ସର୍ଗେଇ ଶୋଇଗୁଙ୍କ ମଧ୍ୟ ଭେଟିଥିଲେ। ଏବେ ଦୁଇ ଦେଶ ମଧ୍ୟରେ ସମ୍ପର୍କରେ ଯଥେଷ୍ଟ ଉନ୍ନତି ହୋଇଛି ଓ ଏହାକୁ ଆମେ ସମ୍ମାନ କରୁଛୁ। ଦୁଇ ଦେଶ ମଧ୍ୟରେ ଏକ ଦୃଢ଼ ତଥା ଉତ୍ତମ ବୁଝାମଣା ରହିଛି ଓ ଏହାକୁ ଆଗେଇ ନେବୁ ବୋଲି ଡୋଭାଲ ସାକ୍ଷାତ ଅବସରରେ ଶୋଇଗୁଙ୍କୁ କହିଛନ୍ତି। ପୁତିନ ୨୦୨୧ ଡିସେମ୍ବର ୬ରେ ଶେଷଥର ପାଇଁ ଭାରତ ଆସିଥିଲେ ଓ ମାତ୍ର ୪ ଘଣ୍ଟା ରହିଥିଲେ। ସେତେବେଳେ ଭାରତ ଓ ରୁଷ୍ ମଧ୍ୟରେ ୨୮ଟି ବୁଝାମଣା ନେଇ ଚୁକ୍ତି ହୋଇଥିଲା ଓ ଦସ୍ତଖତ ହୋଇଥିଲା। ୨୦୨୨ରେ ୟୁକ୍ରେନ ବିପକ୍ଷରେ ଯୁଦ୍ଧ ଆରମ୍ଭ ହେବା ପରେ ପୁତିନ ପ୍ରଥମଥର ପାଇଁ ଭାରତ ଗସ୍ତରେ ଆସିବେ।

## ବ୍ରାଜିଲ ରାଷ୍ଟ୍ରପତିଙ୍କ ସହ ଆଲୋଚନା

ବ୍ରାଜିଲ ରାଷ୍ଟ୍ରପତି ଲୁଲା ଡା ସିଲ୍‌ଭା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଏହି ଅବସରରେ ଗତ ମାସରେ ମୋଦୀଙ୍କ ବ୍ରାଜିଲ ଗସ୍ତ ନେଇ ଚର୍ଚ୍ଚା କରିଥିଲେ। ଏଥିରେ ଦୁଇ ନେତା ବାଣିଜ୍ୟ, ବୈଷୟିକ ଜ୍ଞାନ କୌଶଳ, ଶକ୍ତି, ପ୍ରତିରକ୍ଷା ଓ କୃଷି ନେଇ ଆପୋସ ବୁଝାମଣା ଓ ସହମତିକୁ ଆହୁରି ଦୃଢ଼ କରିବାକୁ ସମ୍ମତି ପ୍ରକାଶ କରିଥିଲେ। ଦୁଇ ନେତା ଭାରତ ଓ ବ୍ରାଜିଲ ମଧ୍ୟରେ ରଣନୈତିକ ସହଭାଗିତାକୁ ଆହୁରି ଆଗକୁ ବୃଦ୍ଧି କରିବା ନେଇ ପ୍ରତିଶ୍ରୁତିବଦ୍ଧତାକୁ ଦୋହରାଇଥିଲେ। ସେହିପରି ଆଞ୍ଚଳିକ ଓ ବିଶ୍ୱସ୍ତରରେ ଚାଲିଥିବା ବିଭିନ୍ନ ପ୍ରସଙ୍ଗକୁ ନେଇ ମଧ୍ୟ ଦୁହେଁ ଆଲୋଚନା କରିଥିଲେ। ଉଲ୍ଲେଖଥାଉ କି, ବୁଧବାର ଲୁଲା ଟ୍ରମ୍ପ ଦେଇଥିବା ଆଲୋଚନା ପ୍ରସ୍ତାବକୁ ପ୍ରତ୍ୟାଖାନ କରିଥିଲେ। ଟାରିଫ୍ ସମ୍ପର୍କରେ ଟ୍ରମ୍ପଙ୍କ ସହ କଥା ନ ହୋଇ ମୋଦୀଙ୍କ ସହ କଥା ହେବେ ବୋଲି କହିଥିଲେ। ଟ୍ରମ୍ପ ଭାରତ ଓ ବ୍ରାଜିଲ ଉପରେ ୫୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ଘୋଷଣା କରିସାରିଛନ୍ତି।

### ଉତ୍ତରକାଶୀ ବିପତ୍ତି

## ୮୦ ଏକର ଜମିରେ ଆବର୍ଜନାର ପାହାଡ଼

ଡେରାଡୁନ୍, ୮।୮(ଏଜେନ୍ସି): ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାର ଧରାଲୀ ଗାଁରେ ହୋଇଥିବା ପ୍ରାକୃତିକ ବିପର୍ଯ୍ୟୟକୁ ୪ ଦିନ ବିତି ଗଲାଣି। ଏବେ ମଧ୍ୟ ୧୦୦ରୁ ୧୫୦ ଲୋକ ନିଖୋଜ ରହିଛନ୍ତି। ଏମାନେ ସବୁ କାଦୁଅ ଓ ଆବର୍ଜନା ମଧ୍ୟରେ ଚାପି ହୋଇଥିବା ଆଶଙ୍କା କରାଯାଉଛି। ସମ୍ପୂର୍ଣ୍ଣ ଭାବେ ଉଦ୍ଧାର କାର୍ଯ୍ୟ ଆରମ୍ଭ ହେବାକୁ ଆହୁରି ୪ ଦିନ ସମୟ ଲାଗିବ। ଧରାଲୀର ୮୦ ଏକର ଜମିରେ ୨୦ରୁ ୫୦ ଫୁଟ ପର୍ଯ୍ୟନ୍ତ କାଦୁଅ ଓ ଆବର୍ଜନା ଜମି ରହିଛି। ଏହାକୁ ହଟାଇବା ପାଇଁ ମାତ୍ର ୩ଟି ଜେସିବି ମେସିନ ନିୟୋଜିତ ହୋଇଛି। ଏହି ଆବର୍ଜନା ତଳେ ଚାପି ହୋଇଥିବା ଲୋକଙ୍କୁ ଠାବ କରିବା ପାଇଁ ହାଇଟେକ ଥର୍ମାଲ ସେନସିଂ ଉପକରଣର ଆବଶ୍ୟକତା ରହିଛି। କିନ୍ତୁ ଏହି ସବୁ ମେସିନ ତଥା ଉପକରଣ ୬୦ କିମି ଦୂରରେ ଥିବା ଭଟବାଡି ରାସ୍ତା ବନ୍ଦ ହେବା କାରଣରୁ ସେଠାରେ ଦୁଇ ଦିନ ଧରି ଅଟକି ରହିଛି। ଧରାଲୀରୁ ଶୁକ୍ରବାର ୫୩ ଜଣ ଲୋକଙ୍କୁ ଉଦ୍ଧାର କରାଯାଇଛି। ଉତ୍ତରକାଶୀ ଜିଲ୍ଲାରୁ ଏପର୍ଯ୍ୟନ୍ତ ୫୬୬ ଜଣ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ନିଆଯାଇଛି। ଉଦ୍ଧାର କାର୍ଯ୍ୟରେ ଭାରତୀୟ ସେନା ଓ ହେଲିକପ୍ଟର ମଧ୍ୟ ନିୟୋଜିତ ହୋଇଛି। ମହାରାଷ୍ଟ୍ରର ୧୫୧ ଜଣ ପର୍ଯ୍ୟଟକ ଏପର୍ଯ୍ୟନ୍ତ ଫସି ରହିଛନ୍ତି। ସେନା ଓ ଏନ୍‌ଡିଆରଏଫ୍ ଟିମ୍ ୨ ଦିନରେ ୩୦୭ ପର୍ଯ୍ୟଟକଙ୍କୁ ଉଦ୍ଧାର କରିଛନ୍ତି। ଏହି ବିପତ୍ତି କାରଣରୁ ବଦ୍ରିନାଥ ଯାତ୍ରା ପାଇଁ ପଞ୍ଜିକରଣକୁ ଓ କେଦାରନାଥ ଯାତ୍ରାକୁ ରୋକା ଯାଇଛି।

ଉତ୍ତରକାଶୀରୁ ଗଙ୍ଗୋତ୍ରୀ ଯିବାକୁ ହେଲେ ମାତ୍ର ଗୋଟିଏ ସଡକ ଉପଲବ୍ଧ ରହିଛି ଓ ଏହା ଧରାଲୀ ଦେଇ ଯାଉଛି। ହର୍ଷୀଲରୁ ଧରାଲୀ ପର୍ଯ୍ୟନ୍ତ ୩ କିମି ଲମ୍ବ ରାସ୍ତାର ୪ଟି ସ୍ଥାନରେ ୧୦୦ରୁ ୧୫୦ମିଟର ଲମ୍ବର ସଡକ ନଷ୍ଟ ହୋଇଛି। ସେହିପରି ଭଟବାଡୀରୁ ହର୍ଷୀଲ ପର୍ଯ୍ୟନ୍ତ ଥିବା ରାସ୍ତାରେ ୩ ସ୍ଥାନରେ ଭୂସ୍ଖଳନ ହୋଇଛି। ତେଣୁ ଧରାଲୀ ପର୍ଯ୍ୟନ୍ତ ରାସ୍ତା ସଫା ଓ ଖୋଲିବାକୁ ଆହୁରି ୪ ଦିନ ଲାଗିବ।



ବାଦଲ ଫଟା ବର୍ଷା ଜନିତ ବନ୍ୟା, ଭୂସ୍ଖଳନ ଭଳି ପ୍ରାକୃତିକ ବିପର୍ଯ୍ୟୟ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାକୁ ଏକପ୍ରକାର ଧ୍ୱଂସ ସ୍ତୁପରେ ପରିଣତ କରିଛି। ମଙ୍ଗଳବାର ଆସିଥିବା ଏହି ବନ୍ୟା ଓ କାଦୁଅ ସୁଅରେ ଉତ୍ତରକାଶୀର ଧରାଲୀ ଓ ହର୍ଶୀଲ ଗାଁ ସମ୍ପୂର୍ଣ୍ଣ ଭାବେ ମାଟିରେ ମିସିଯାଇଥିଲା। ଉଦ୍ଧାର କାର୍ଯ୍ୟ ଚାଲୁ ରହିଛି। ୨୭୪ ଜଣ ପର୍ଯ୍ୟଟକଙ୍କୁ ଉଦ୍ଧାର କରାଯାଇଛି। ମଙ୍ଗଳବାର ଅପରାହ୍ଣ ୧.୪୫ରେ ବାଦଲ ଫଟା ବର୍ଷା କାରଣରୁ ଖୀର ଗଙ୍ଗା ନଦୀରେ ଭୟଙ୍କର ବନ୍ୟା ଆସିଥିଲା।

## ସେନା ଓ ବାୟୁସେନାକୁ ମିଳିବ ୨୦୦ ନୂଆ ହେଲିକପ୍ଟର

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଭାରତୀୟ ସେନା ଓ ବାୟୁସେନାକୁ ଏବେ ୨୦୦ଟି ନୂଆ ହେଲିକପ୍ଟର ମିଳିବ। ପୁରୁଣା ଚେତକ ଓ ଚିତାକୁ ହଟାଇ ନୂଆ ହେଲିକପ୍ଟର କ୍ରୟ କରାଯିବା ନେଇ ପ୍ରସ୍ତୁତି ଚାଲିଛି। ଏଥିପାଇଁ ପ୍ରତିରକ୍ଷା ମନ୍ତ୍ରଣାଳୟ ରିକ୍ୱେଷ୍ଟ ଫର ଇନଫର୍ମେସନ (ଆରଏଫ୍‌ଆଇ) ଜାରି କରିଛି। ଏଗୁଡିକ ମଧ୍ୟରୁ ୧୨୦ ହେଲିକପ୍ଟର ଭାରତୀୟ ସେନାକୁ ଓ ୮୦ଟି ବାୟୁସେନାକୁ ପ୍ରଦାନ କରାଯିବ। ଏହି ହେଲିକପ୍ଟର ଉଭୟ ଦିନ ଓ ରାତିରେ କାର୍ଯ୍ୟ କରିବାର ଦକ୍ଷତା ରଖୁଛି। ପ୍ରତିରକ୍ଷା ମନ୍ତ୍ରଣାଳୟ ବୈଷୟିକ ଆବଶ୍ୟକାତ ପୂରଣ କରିବା ସହ କିଣିବା ପ୍ରକ୍ରିୟାରେ ନିଷ୍ପତ୍ତି ନେଇଥାଏ। ଏଥିରେ ଭାରତୀୟ କମ୍ପାନୀଗୁଡିକୁ ସାମିଲ କରାଯିବ। ଏହି କମ୍ପାନୀଗୁଡିକ ବିଦେଶୀ କମ୍ପାନୀଗୁଡିକ ସହ ମିସିକରି ହେଲିକପ୍ଟର ନିର୍ମାଣ କରିବ। ପ୍ରତିରକ୍ଷା ମନ୍ତ୍ରଣାଳୟ ମଧ୍ୟ ବିଭିନ୍ନ ପ୍ରକାର ହେଲିକପ୍ଟର କ୍ରୟ କରିବାକୁ ଯୋଜନା କରୁଛି। ଏଗୁଡିକ ମଧ୍ୟରେ ନିମ୍ନସ୍ତରୀୟ ରାଡାର, ହାଲକା ଲଢୁଆ ବିମାନ (ଏଲ୍‌ଏସି), ମଲ୍ଟି ରୋଲ ହେଲିକପ୍ଟର ଓ ମିଡ୍ ଏୟାର ରିଫୁଏଲିଂ ଏୟାରକ୍ରାଫ୍ଟ ସାମିଲ ରହିଛି।

## ୨୦୨୪ରେ ଭାରତରେ ୧୫ ଲକ୍ଷ କର୍କଟ ମାମଲା

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଭାରତରେ କର୍କଟ ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ୨୦୨୪ରେ ଭାରତରେ ୨୫ ଲକ୍ଷ କର୍କଟ ମାମଲା ଚିହ୍ନଟ ହୋଇଛି ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ପ୍ରତାପରାଓ ଯାଦବ କହିଛନ୍ତି। ଗତବର୍ଷ ୧୫, ୩୩, ୦୫୫ ଲୋକ କର୍କଟ ପୀଡିତ ହୋଇଛନ୍ତି ବୋଲି ଇଣ୍ଡିଆନ୍ କାଉନସିଲ ଅଫ୍ ମେଡିକାଲ ରିସର୍ଚ୍ଚ ସୂଚନା ଦେଇଛି। କିନ୍ତୁ ୨୦୧୯ ରେ ଏହି ସଂଖ୍ୟା ୧୩.୫ ଥିଲା। ସେହିପରି ୨୦୨୦ରେ ଏହା ୧୩.୯ ଲକ୍ଷ, ୨୦୨୧ରେ ଏହା ୧୪.୨ ଲକ୍ଷ, ୨୦୨୨ରେ ଏହା ୧୪.୬ ଲକ୍ଷ ଏବଂ ୨୦୨୩ରେ ଏହି ସଂଖ୍ୟା ୧୪.୯ ଲକ୍ଷରେ ପହଞ୍ଚିଥିଲା। ପୁଣି କେବଳ ୨୦୨୩ରେ ୮.୨ ଲକ୍ଷ ଲୋକ କର୍କଟରେ ପୀଡିତ ହୋଇ ମୃତ୍ୟୁବରଣ କରିଛନ୍ତି। ୨୦୧୯ ପରେ ଏହି ସଂଖ୍ୟା ସର୍ବାଧିକ ବୋଲି କୁହାଯାଇଛି। ସେହିପରି ୨୦୧୯, ୨୦୨୦, ୨୦୨୧ ଓ ୨୦୨୨ରେ ଯଥାକ୍ରମେ ୭.୫, ୭.୭, ୭.୮ ଓ ୮ ଲକ୍ଷ ଲୋକ ଏହି ରୋଗରେ ପ୍ରାଣ ହରାଇଥିଲେ।

# ଗାଜା ସିଟିକୁ କବ୍‌ଜା କରିବ ଇସ୍ରାଏଲ୍

ତେଲ ଅଭିଭ୍, ୮।୮(ଏଜେନ୍ସି): ଇସ୍ରାଏଲ ସମ୍ପୂର୍ଣ୍ଣ ଭାବେ ଗାଜା ସିଟିକୁ କବଜା କରିବାକୁ ଯୋଜନା କରିଛି। ଏ ନେଇ ଇସ୍ରାଏଲର ପ୍ରତିରକ୍ଷା କ୍ୟାବିନେଟ୍ ସେନାକୁ ମଞ୍ଜୁରୀ ପ୍ରଦାନ କରିଛି। ଶୁକ୍ରବାର ଗାଜା ପଟିର ଉତ୍ତରାଞ୍ଚଳରେ ଥିବା ଗାଜା ସିଟିକୁ ଅକ୍ତିଆର କରିବାକୁ ଇସ୍ରାଏଲ ସେନା ଅନୁମତି ପାଇଛି। ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ଏ ସଂକ୍ରାନ୍ତରେ ବିବୃତ୍ତି ଦେଇଛି। ଏହି ନିଷ୍ପତ୍ତି ନେବାକୁ କ୍ୟାବିନେଟ୍‌ରେ ଦୀର୍ଘ ୧୦ ଘଣ୍ଟା ଧରି ଆଲୋଚନା ହୋଇଥିଲା। କ୍ୟାବିନେଟର ଅଧିକାଂଶ ସଦସ୍ୟ ଇସ୍ରାଏଲର ଏହି ଯୋଜନାକୁ ସପକ୍ଷରେ ମତ ଦେଇଛନ୍ତି ବୋଲି ନେତାନ୍ୟାହୁଙ୍କ କାର୍ଯ୍ୟାଳୟ ତରଫରୁ ସୂଚନା ଦିଆଯାଇଛି। ଗାଜାର ୭୫ ପ୍ରତିଶତ ଅଞ୍ଚଳ ଏବେ ଇସ୍ରାଏଲ ସେନା ଅଧିନ ତଥା ନିୟନ୍ତ୍ରଣରେ ରହିଛି। ତେବେ ୨୫ ପ୍ରତିଶତ ଅଞ୍ଚଳ ସେନା ଅକ୍ତିଆରରେ ନାହିଁ। ପୂର୍ବରୁ ନେତାନ୍ୟାହୁ ସମ୍ପୂର୍ଣ୍ଣ ଗାଜା ପଟି ବିଷୟରେ ମନ୍ତବ୍ୟ ଦେଇଥିଲେ। କିନ୍ତୁ ତାଙ୍କ କାର୍ଯ୍ୟାଳୟ ତରଫରୁ ଦିଆଯାଇଥିବା ବିବୃତ୍ତିରେ ଏଥର କେବଳ ଗାଜା ସିଟି ବିଷୟରେ ଉଲ୍ଲେଖ କରାଯାଇଛି। ଗାଜାରେ ଚାଲିଥିବା ଯୁଦ୍ଧ ବନ୍ଦ କରିବାକୁ ଇସ୍ରାଏଲ ହମାସ ଆଗରେ ୫ଟି ପ୍ରମୁଖ ସର୍ତ୍ତ ରଖିଛି। ଏବେ ଗାଜାରେ ଚାଲିଥିବା ଯୁଦ୍ଧ କାରଣରୁ ନାହିଁ ନଥିବା ସ୍ଥିତି ଉପୁଜିଛି। ପ୍ରତିଦିନ ୨୮ ଜଣ ଛୋଟ ପିଲା ପ୍ରାଣ ହରାଉଛନ୍ତି ଓ ଏପର୍ଯ୍ୟନ୍ତ ୧୮ ହଜାର ପିଲା ମୃତ୍ୟୁବରଣ କରିସାରିଲେଣି। ୨୦୨୩ ଅକ୍ଟୋବର ୭ରୁ ଆରମ୍ଭ ହୋଇଥିବା ଏହି ଯୁଦ୍ଧରେ ଏପର୍ଯ୍ୟନ୍ତ ପାଖାପାଖି ୬୧, ୦୦୦ ଲୋକ ମୃତ୍ୟୁବରଣ କଲେଣି। ସେହିପରି ଦେଢ ଲକ୍ଷ ଲୋକ ଆହତ ହୋଇଛନ୍ତି।

## ଓଆଇସି ବୈଠକ ଡାକିଲା ଇରାନ୍

ତେହେରାନ, ୮।୮(ଏଜେନ୍ସି): ମଧ୍ୟପ୍ରାଚ୍ୟରେ ଖାସ୍ କରି ଗାଜାରେ ଇସ୍ରାଏଲ୍ ଆକ୍ରମଣ ଯୋଗୁଁ ସୃଷ୍ଟି ହୋଇଥିବା ମାନବୀୟ ସଂକଟକୁ ଦୃଷ୍ଟିରେ ରଖି ଇରାନ ଅର୍ଗାନାଇସେନ ଅଫ୍ ଇସ୍‌ଲାମିକ କୋପରେସନ (ଓଆଇସି) ବୈଠକ ଡାକିଛି। ଇରାନ ବୈଦେଶିକ ମନ୍ତ୍ରୀ ଆବାସ ଆରାଚି ଆନୁଷ୍ଠାନିକ ଭାବେ ଏହି ବୈଠକ ଡାକିଛନ୍ତି। ସେ ଏହିକ୍ରମରେ ଓଆଇସି ସାଧାରଣ ସମ୍ପାଦକ ହୁସେନ ଇବ୍ରାହିମ ତାହାଙ୍କୁ ଚିଠି ଲେଖିଛନ୍ତି। ଗାଜାରେ ମାନବିକତାର ହତ୍ୟା ହେଉଛି। ଗାଜାକୁ ନିଜ ଅକ୍ତିଆରକୁ ନେବାକୁ ଇସ୍ରାଏଲ ଯୋଜନାବଦ୍ଧ ଭାବେ କାର୍ଯ୍ୟ କରୁଛି ବୋଲି ସେ କହିଛନ୍ତି। ସେଠାରେ ଛୋଟ ପିଲାମାନେ ଅନାହାରରେ ମୃତ୍ୟୁବରଣ କରୁଛନ୍ତି। ତେଣୁ ଏହାକୁ ବିରୋଧ କରିବାକୁ ଓଆଇସି ବୈଠକରେ ନିର୍ଣ୍ଣାୟକ ନିଷ୍ପତ୍ତି ନେବାର ଆବଶ୍ୟକତା ରହିଛି ବୋଲି ଆବାସ କହିଛନ୍ତି।

## ଭାରତରେ ଜନ୍ମ ହୋଇନଥିବା ଲୋକ ଭୋଟ୍ ଦେଇପାରିବେନି: ଶାହା

ନୂଆଦିଲ୍ଲୀ, ୮।୮(ଏଜେନ୍ସି): କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ବିହାରରେ ଏସ୍‌ଆଇଆର (ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ) ନେଇ ଚାଲିଥିବା ବିବାଦ ଉପରେ ମତ ରଖିଛନ୍ତି। ଏସ୍‌ଆଇଆରକୁ ବିରୋଧୀ ଦଳଗୁଡିକ ତରଫରୁ ବିରୋଧ କରାଯାଉଛି। ଅନୁପ୍ରବେଶକାରୀମାନେ ହିଁ ମହାଗଠବନ୍ଧନ(ଇଣ୍ଡି ମେଣ୍ଟ)ର ଭୋଟ ବ୍ୟାଙ୍କ। ତେଣୁ ଏସଆଇଆର କାରଣରୁ ବିରୋଧୀଙ୍କ ଚିନ୍ତା ଓ ସମସ୍ୟା ବଢ଼ିଯାଇଛି ବୋଲି ସେ କହିଛନ୍ତି। ଏହି କ୍ରମରେ ସେ ବରିଷ୍ଠ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଓ ଆରଜେଡି ସୁପ୍ରିମୋ ଲାଲୁ ଯାଦବଙ୍କୁ ସମାଲୋଚନା କରିଛନ୍ତି। ଯେଉଁମାନେ ଭାରତରେ ଜନ୍ମ ଗ୍ରହଣ କରିନାହାନ୍ତି ସେମାନଙ୍କୁ ଭୋଟ ଦେବାର ଅଧିକାର ନାହିଁ। ଦେଶ ଭିତରକୁ ଅନୁପ୍ରବେଶ କରିଥିବା ଲୋକମାନେ ହେଉଛନ୍ତି ଗଠବନ୍ଧନର ଭୋଟ ବ୍ୟାଙ୍କ୍। ତେଣୁ ଏସ୍‌ଆଇଆରକୁ ନେଇ ଏମାନେ ପ୍ରଶ୍ନ ଉଠାଉଛନ୍ତି ବୋଲି ସେ ସ୍ପଷ୍ଟ କରିଛନ୍ତି। ଶାହା ଓ ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଶୁକ୍ରବାର ସୀତାମାଢ଼ିରେ ମାତା ଜାନକୀ ମନ୍ଦିରର ଭୂମିପୂଜନ କରିଥିଲେ। ଉପ- ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ ମଧ୍ୟ ଉପସ୍ଥିତ ଥିଲେ ଓ ଏହି ଅବସରରେ ଏକ କାର୍ଯ୍ୟକ୍ରମକୁ ସଂବୋଧିତ କରି ନୀତୀଶ ପୁରୁଣା ସରକାରଙ୍କ ନୀତିକୁ ନେଇ ସମାଲୋଚନା କରିଥିଲେ। ସେହିପରି ଶାହା ଏସ୍‌ଆଇଆରଠାରୁ ଆରମ୍ଭ କରି ଅପରେସନ ସିନ୍ଦୂର ପର୍ଯ୍ୟନ୍ତ ନିଜର ମତ ଉପସ୍ଥାପନ କରିଥିଲେ। ଆଗାମୀ ବିଧାନସଭା ନିର୍ବାଚନରେ ଏନ୍‌ଡିଏ ସ୍ପଷ୍ଟ ବହୁମତରେ ବିଜୟୀ ହୋଇ ପୁଣି ସରକାର ଗଠନ କରିବ ବୋଲି ଶାହା କହିଛନ୍ତି।

## 'ଭୋଟ୍ ଚୋରାଇ ବିଜେପି ସରକାର ଗଢ଼ିଛି'




ବିଜେପି ୨୫ଟି ସିଟ୍‌ରେ ୩୫ ହଜାର କିମ୍ବା କମ୍ ଭୋଟ୍‌ରେ ଜିତିଛି: ରାହୁଲ

ନୂଆଦିଲ୍ଲୀ, ୮।୮(ଏଜେନ୍ସି): କଂଗ୍ରେସ ନେତା ରାହୁଲ ଗାନ୍ଧୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ବିଜେପିକୁ ପୁଣି ସମାଲୋଚନା କରିଛନ୍ତି। ମୋଦୀ ଭୋଟ ଚୋରାଇ ପ୍ରଧାନମନ୍ତ୍ରୀ ହୋଇଛନ୍ତି। ନିର୍ବାଚନ କମିଶନ ଆମକୁ ଇଲେକଟ୍ରୋନିକ ଡାଟା ପ୍ରଦାନ କରନ୍ତି, ତାହେଲେ ଆମେ ଏହାକୁ ପ୍ରମାଣ କରିପାରିବୁ ବୋଲି ସେ କହିଛନ୍ତି। ମୋଦୀ ୨୫ ସିଟ୍ ଅନ୍ତରରେ ପ୍ରଧାନମନ୍ତ୍ରୀ ହୋଇଛନ୍ତି। କିନ୍ତୁ ୨୫ଟି ସିଟ୍‌ରେ ବିଜେପି ୩୫ ହଜାର କିମ୍ବା ତା'ଠାରୁ କମ୍ ଭୋଟ୍‌ରେ ବିଜୟୀ ହୋଇଛି। ତେଣୁ ଭୋଟ ଚୋରାଇ ମୋଦୀ ପ୍ରଧାନମନ୍ତ୍ରୀ ପଦ ଅଳଙ୍କୃତ କରିଛନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। କମିଶନ ଗତ ୧୦ ବର୍ଷର ଦେଶର ସବୁ ଇଲେକଟ୍ରୋନିକ ଭୋଟର ତାଲିକା ଓ ଭିଡିଓଗ୍ରାଫି ଦେବା ଆବଶ୍ୟକ। ଯଦି କମିଶନ ଏହା ନ ଦେବେ, ତେବେ ଏହାକୁ ଅପରାଧ ବୋଲି ବିବେଚନା କରାଯିବ। କମିଶନ ବିଜେପିକୁ ଭୋଟ ଚୋରି କରିବାର ସୁଯୋଗ ଦେଉଛି। ତେଣୁ ନିର୍ବାଚନ କମିଶନଙ୍କୁ ସାରା ଦେଶ ଭୋଟରଙ୍କ ତଥ୍ୟ ମାଗିବା ଆବଶ୍ୟକ ବୋଲି ସେ କହିଛନ୍ତି। ବେଙ୍ଗାଲୁରୁରେ ଫ୍ରିଡମ୍ ପାର୍କରେ ଆୟୋଜିତ କଂଗ୍ରେସର 'ଭୋଟ ଅଧିକାର ରାଲି'ରେ ଯୋଗ ଦେଇ ସେ ଏହି କଥା କହିଛନ୍ତି। ଏହି ଅବସରରେ ତାଙ୍କ ସହ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ୍ ଖଡ଼୍‌ଗେ ଉପସ୍ଥିତ ଥିଲେ।

# ୪ ମହିଳାଙ୍କ ଜାଲରେ ଫସି ୯ କୋଟି ହରାଇଲେ ୮୦ ବର୍ଷୀୟ ବୃଦ୍ଧ

ମୁମ୍ବଇ, ୮।୮(ଏଜେନ୍ସି): ସାମାଜିକ ଗଣମାଧ୍ୟମରେ ବନ୍ଧୁତ୍ୱ ସ୍ଥାପନ୍ କରି ଜଣେ ୮୦ ବର୍ଷୀୟ ବରିଷ୍ଠ ନାଗରିକ ପାଖାପାଖି ୯ କୋଟି ଟଙ୍କା ହରାଇଛନ୍ତି। ଅନ ଲାଇନ୍‌ରେ ପ୍ରେମର ଅନ୍ୱେଷଣ ଏତେ ମହଙ୍ଗା ପଡ଼ିବ ବୋଲି ମୁମ୍ବଇର ଏହି ବରିଷ୍ଠ ନାଗରିକ କେବେ ଭାବି ନଥିବେ। ପ୍ରେମ, ସହାନୁଭୂତି, ଖରାପ ସ୍ଥିତିର ବାହାନା କରି ୪ ମହିଳା ତାଙ୍କଠାରୁ ୮.୭ କୋଟି ଟଙ୍କା ଠକି ନେଇଛନ୍ତି। ୨୧ ମାସରେ ୭୩୪ଟି ଟ୍ରାନଜାକସନ ଅର୍ଥାତ ନେଣଦେଣ କରି ସେ ଏତେ ପରିମାଣର ଟଙ୍କା ହରାଇଛନ୍ତି। ଜଣକ ପରେ ଦ୍ୱିତୀୟ, ତୃତୀୟ ଓ ଚତୁର୍ଥ ମହିଳାଙ୍କ ଚକରରେ ପଡ଼ି ସେ ସାରା ଜୀବନରେ ଉପାର୍ଜନ କରିଥିବା ଅର୍ଥ ମାତ୍ର ୨୧ ମାସରେ ହରାଇବା ପରେ ସେ ଠକାମୀର ଶିକାର ହୋଇଥିବା କଥା ହୃଦୟଙ୍ଗମ କରିଥିଲେ। ଏହାପରେ ପୁଲିସରେ ଅଭିଯୋଗ କରି ୨୧ ମାସର ଏହି କାହାଣୀ ବଖାଣି ଥିଲେ। ସାଇବର ପୁଲିସ ଏ ନେଇ ମାମଲା



ରୁଜୁ କରିବା ସହ ଯାଞ୍ଚ ଆରମ୍ଭ କରିଛି।

୨୦୨୩ ଏପ୍ରିଲରେ ଶରବୀ ନାମକ ଏକ ମହିଳା ତାଙ୍କୁ ଏକ ଫ୍ରେଣ୍ଡ ରିକ୍ୱେଷ୍ଟ ପଠାଇଥିଲେ ଓ ଏହାକୁ ସେ ଆକସେପ୍ଟ କରିଥିଲେ। ଏହାପରେ ଦୁହେଁ ଚାଟିଂ ଆରମ୍ଭ କରିଥିଲେ ଓ ଦୁହେଁ ପରସ୍ପରର ଫୋନ୍ ନଂ ଦେଇଥିଲେ। ଏହାପରେ ଦୁହେଁ ହ୍ୱାଟ୍ସଆପ୍‌ରେ ଚାଟିଂ କରିଥିଲେ। ସ୍ୱାମୀଙ୍କଠାରୁ ଅଲଗା ହୋଇ ନିଜ ପିଲାଙ୍କ ସହ ରହୁଥିବା କଥା ଶରାବୀ ତାଙ୍କୁ କହିଥିଲେ। ଏହାପରେ ପିଲାଙ୍କ ଦେହ ଖରାପ୍ ଓ ବିଭିନ୍ନ ଆଳ ଦେଖାଇ ଶରାବୀ ଏହି ବରିଷ୍ଠ ନାଗରିକଙ୍କଠାରୁ ପଇସା ମାଗିଥିଲେ। କିଛି ଦିନପରେ ଶରବୀର ସମ୍ପର୍କୀୟ ଭାବେ ନିଜକୁ ଦର୍ଶାଇ କବିତା ନାମରେ ଆଉ ଜଣେ ମହିଳା ତାଙ୍କ ସହ ହ୍ୱାର୍ଟ୍ସଆପ୍‌ରେ ଯୋଗାଯୋଗ କରି ସମାନ କାହାଣୀ କହି ପଇସା ହଡପ କରିଥିଲେ। ଏହାପରେ ଗତ ଡିସେମ୍ବରରେ ଶରବୀର ଭଉଣୀର ପରିଚୟ ଦେଇ ଡିନାଜ ନାମ୍‌ରେ ଜଣେ ମହିଳା ମଧ୍ୟ ତାଙ୍କ ସମ୍ପର୍କରେ ଆସି ବିଭିନ୍ନ ଆଳ ଦେଖାଇ ପଇସା ନେଇଥିଲେ। ପୁଣି ପରେ ଡିନାଜର ବାନ୍ଧବୀ ବୋଲି ନିଜକୁ ଦର୍ଶାଇ ଜାସମିନ ନାମରେ ଜଣେ ମହିଳା ମଧ୍ୟ ବିଭିନ୍ନ ସ୍ଥିତିର ଆଳ ଦେଖାଇ ତାଙ୍କଠାରୁ ଆର୍ଥିକ ସାହଯ୍ୟ ମାଗିଥିଲେ। ତାଙ୍କୁ ମଧ୍ୟ ବୃଦ୍ଧଜଣକ ପଇସା ପଠାଇଥିଲେ। କିନ୍ତୁ କେହି ତାଙ୍କ ଟଙ୍କା ଫେରସ୍ତ କରି ନଥିଲେ। ଏହିପରି ଭାବେ ସେ ୨୦୨୩ ଏପ୍ରିଲରୁ ୨୦୨୫ ଜାନୁଆରୀ ପର୍ଯ୍ୟନ୍ତ ୭୩୪ଟି ଟ୍ରାନଜାକସନ କରି ମୋଟ୍ ୮.୭ କୋଟି ଟଙ୍କା ହରାଇଥିଲେ। ଏହାପରେ ବ୍ୟକ୍ତିଜଣକ ନିଜ ପୁଅ ଓ ବହୁଙ୍କଠାରୁ ପଇସା ମାଗିବା ପରେ ସେମାନଙ୍କର ସନ୍ଦେହ ହୋଇଥିଲା। ଫଳରେ ସେ ପୁଲିସର ସାହଯ୍ୟ ଲୋଡିଥିଲେ। ଜଣେ ବ୍ୟକ୍ତି ହିଁ ୪ ମହିଳାଙ୍କ ପରିଚୟ ଦେଇ ଏହି ଅର୍ଥ ଲୁଟିଛି। ତେବେ ତଦନ୍ତ ପରେ ସବୁ କିଛି ସ୍ପଷ୍ଟ ହେବ ବୋଲି ପୁଲିସ କହିଛି।

# ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ; ଏଡ଼ାଇ ଗଲେ ମନମୋହନ

ଭୁବନେଶ୍ୱର, ୮।୮(ସମିସ): ଆଉ ତିନିଦିନ ପରେ ରାଜ୍ୟରେ ବିଜେପି ସରକାର ଗଠନ ହେବାର ୧୪ ମାସ ପୂରିବ। ମାତ୍ର ଖାଲିଥିବା ୬ଟି ମନ୍ତ୍ରୀ ପଦ, ପ୍ରାୟ ୬୦ଟି ବିଭିନ୍ନ ନିଗମ, ବୋଡର୍, ଏକାଡ଼େମୀ ପଦ ପୂରଣ ହୋଇ ପାରିନାହିଁ। ଦୀର୍ଘ ଦିନ ପରେ ରାଜ୍ୟ ମହିଳା କମିଶନ ଓ ଶିଶୁ ଅଧିକାର ସୁରକ୍ଷା କମିଶନ ପଦ ପୂରଣ ହୋଇଥିଲେ ହେଁ ଆହୁରି ଅନେକ ପଦପଦବୀ ଖାଲି। ଯାହାକୁ ନେଇ ଦଳ ଭିତରେ ଅସନ୍ତୋଷ ଢ଼େଉ ଖେଳୁଛି ଓ ଲବି କରିକରି ନିରାଶ ଆଶାୟୀ ମନ ଊଣାକରି ବସିଛନ୍ତି। ଏହି ସମୟରେ ଗତ କିଛିଦିନ ହେଲା ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବ ବୋଲି ଚର୍ଚ୍ଚା ହେଉଥିଲେ ହେଁ ଏହା ଦାନା ବାନ୍ଧି ପାରୁନାହିଁ। ଗଲା ସପ୍ତାହରେ କିଛି ଘଟଣାକ୍ରମ ପରେ ଅଗଷ୍ଟ ୧୫ ପୂର୍ବରୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନିମନ୍ତେ ଚର୍ଚ୍ଚା ହେଉଥିଲା; ମାତ୍ର ଏହି ଚର୍ଚ୍ଚାର ନିଆଁରେ ପାଣି ଢ଼ାଳି ଦେଇଛନ୍ତି ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ। ତାଙ୍କ ଦିଲ୍ଲୀ ସମୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସଂକ୍ରାନ୍ତରେ କୌଣସି ଆଲୋଚନା ହୋଇ ନ ଥିବା ସେ ରୋକଠୋକ୍ କହିଛନ୍ତି। ତେବେ ଯେଉଁ ପ୍ରସଙ୍ଗଗୁଡ଼ିକ ସମ୍ପର୍କରେ ଓଡ଼ିଶାରେ ଆଲୋଚନା ହୋଇ ପାରିଥାଆନ୍ତା; ତାହାକୁ ଦିଲ୍ଲୀରେ କରିବାର କେଉଁ ଆବଶ୍ୟକତା ପଡ଼ିଲା ବୋଲି ଦଳୀୟ ମହଲରେ ଆଲୋଚନା ଚାଲିଛି।

ମନମୋହନ ରାଜ୍ୟ ବିଜେପି ସଭାପତି ନିର୍ବାଚିତ ହେବା ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଓ ବିଭିନ୍ନ ନିଗମ, ବୋଡର୍ ନିଯୁକ୍ତି ଚର୍ଚ୍ଚା ପ୍ରତିଦିନ ବଢ଼ିବାରେ ଲାଗିଛି। ଗତ ୨୯ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ରାଜ୍ୟ ସଭାପତି ଶ୍ରୀ ସାମଲ ଦିଲ୍ଲୀ ଗସ୍ତରେ ଏ ସମ୍ପର୍କରେ ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରାଯିବ ବୋଲି ମଧ୍ୟ କୁହାଯାଉଥିଲା। ସେହିପରି ଓଡ଼ିଶାର ବିଜେପି ସାଂସଦମାନଙ୍କର ଦୁଇଟି ଭିନ୍ନଭିନ୍ନ ବୈଠକ ଓ ବୈଠକରେ ଉପସ୍ଥିତ ରାଜ୍ୟ ବିଜେପିର ନେତାମାନଙ୍କ ଉପସ୍ଥିତି ଭିନ୍ନ ବାର୍ତ୍ତା ଦେଉଥିବା ରାଜ୍ୟରେ ଚର୍ଚ୍ଚା ହେଉଛି।

ମାତ୍ର ଏହି ସବୁ ଚର୍ଚ୍ଚାକୁ ନିରାଧାର କହିଛନ୍ତି ରାଜ୍ୟ ସଭାପତି ମନମୋହନ ସାମଲ। ସେ କହିଛନ୍ତି ଯେ ଦିଲ୍ଲୀରେ ସାଂସଦମାନଙ୍କର ବୈଠକ ଥିଲା। ରାଜ୍ୟ ପ୍ରଭାରୀଙ୍କ ସହ ମୁଖ୍ୟମନ୍ତ୍ରୀ ମୋହନ ମାଝୀ, ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ। ଆମେ ଯେହେତୁ ଦିଲ୍ଲୀରେ ଥିଲୁ, ତେଣୁ ସମସ୍ତେ ବୈଠକରେ ଯୋଗ ଦେଇଥିଲୁ। ସେଠାରେ ରାଜ୍ୟର ବିଭିନ୍ନ ଯୋଜନା, ଉନ୍ନତି ମୂଳକ କାମ ସରକାର ଏବଂ ରାଜ୍ୟ ସରକାରଙ୍କ ବିଷୟରେ ଆଲୋଚନା କରିଛୁ। ମାତ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସମ୍ପର୍କରେ କୌଣସି ଆଲୋଚନା ଏହି ବୈଠକରେ ହୋଇନାହିଁ ବୋଲି ମନମୋହନ କହିଛନ୍ତି। ସେହିପରି ରାଜ୍ୟରେ ବିଜେପି ସରକାର ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଗତ ସମ୍ପର୍କରେ ଶ୍ରୀ ସାମଲ କହିଛନ୍ତି ଯେ ଆମେ ଏଥିପାଇଁ ପ୍ରସ୍ତୁତ ରହିଛୁ। ବିଜେପି ଏବେ ଶକ୍ତିଶାଳୀ ରହିଛି, ତେଣୁ କିଛି ସମସ୍ୟା ନାହିଁ ବୋଲି ମନମୋହନ କହିଛନ୍ତି।

# ୪ ହାତୀଦାନ୍ତ ଜବତ, ୫ ମାଫିଆ ଗିରଫ



କେନ୍ଦୁଝର, ୮।୮(ସମିସ): କେନ୍ଦୁଝର ବନ ବିଭାଗକୁ ଏକ ବଡ଼ଧରଣର ସଫଳତା ମିଳିଛି। ନୟାକୋଟ ଥାନା ବାଲିବେଢ଼ା ଗ୍ରାମରେ ଚଢ଼ଉ କରି ୪ଟି ହାତୀଦାନ୍ତ ଜବତ କରିବା ସହ ଏହି ବେଆଇନ କାରବାରରେ ସଂପୃକ୍ତ ୫ ମାଫିଆଙ୍କ ଗିରଫ କରିଛି। ସେମାନେ ହେଲେ, ନୟାକୋଟ ଥାନା ଅନ୍ତର୍ଗତ ବାଲିବେଢ଼ା ଗ୍ରାମର ଗଙ୍ଗାଧର ପାତ୍ର(୪୧), ଜମ୍ବିରିପସି ଗ୍ରାମର ନାରଦ ମୁଣ୍ଡା(୨୫), ମୟୂରଭଞ୍ଜ ଜିଲ୍ଲାର ରରୁଆଁ ଥାନା ଅନ୍ତର୍ଗତ ଭାଲିଆଡିହାର କେଦାରନାଥ ପାତ୍ର(୪୯), ଚମ୍ପୁଆ ଥାନା ଯୋଡ଼ାପୋଖରୀ ଗ୍ରାମର ଶ୍ରୀକୃଷ୍ଣଚନ୍ଦ୍ର ମୁଣ୍ଡା(୪୫) ଓ ସଦର ଥାନା ଅନ୍ତର୍ଗତ ବରଦାପାଳ ଗ୍ରାମର ଘସିରାମ ମୁଣ୍ଡା(୩୦)। ଜବତ ଦାନ୍ତଗୁଡ଼ିକର ଓଜନ ୫ କେଜି ୫୮ ଗ୍ରାମ୍ ହେବ ବୋଲି ଜଣାପଡ଼ିଛି।

# କୃଷକମାରଣ ନୀତି ବିରୋଧରେ ବିଜେଡିର ରଣହୁଙ୍କାର

## ୧୮ ରେ ବରଗଡ଼ରେ ବିରାଟ ଚାଷୀ ସମାବେଶ



- କୃଷି କ୍ଷେତ୍ରରେ ଚରମ ଅବହେଳା ଓ କେନ୍ଦ୍ରୀୟ ଅନୁଦାନରେ ହ୍ରାସ
- ତ୍ରୁଟିପୂର୍ଣ୍ଣ ପଞ୍ଜୀକରଣ ପ୍ରକ୍ରିୟା ଚାଷୀଙ୍କୁ ଧାନ ବିକ୍ରିରୁ ବଞ୍ଚିତ କରିବ
- ସ୍ୱାମୀନାଥନ୍ ରିପୋର୍ଟ ଅନୁଯାୟୀ ଧାନ ଏମ୍‌ଏସ୍‌ପି ୩୧୦୦ ଦାବି

ଭୁବନେଶ୍ୱର,୮।୮(ସମିସ): ରାଜ୍ୟରେ ବିଜେପି ସରକାର ଗତ ୧୩ ମାସର ଶାସନରେ ଚାଷୀକୁଳର ସ୍ୱାର୍ଥକୁ ଉପେକ୍ଷା କରିଛନ୍ତି। ଏଥିପାଇଁ ରାଜ୍ୟର ଚାଷୀମାନେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରକାର ଚାଷୀମାରଣ ନୀତି ଅବଲମ୍ବନ କରୁଥିବା ଅଭିଯୋଗ କରି ଆସନ୍ତା ୧୮ ତାରିଖରେ ବରଗଡ଼ଠାରେ ବିରାଟ ଚାଷୀ ସମାବେଶ କରିବାକୁ ବିଜେଡି ନିଷ୍ପତ୍ତି ନେଇଛି। ଏହା ପୂର୍ବରୁ ଶୁକ୍ରବାର ଦଳର କୃଷକ ସେଲ୍‌ର ଆବାହକତ୍ୱରେ ଶଙ୍ଖ ଭବନରେ ଏକ ରାଜ୍ୟସ୍ତରୀୟ ବୈଠକ ଆୟୋଜନ କରାଯାଇଥିଲା। ଏହି ବୈଠକରେ ରାଜ୍ୟରେ କୃଷକ ମାନେ ସମ୍ମୁଖୀନ ହେଉଥିବା ବିଭିନ୍ନ ସମସ୍ୟା ବିଷୟରେ ସବିଶେଷ ଆଲୋଚନା ହୋଇଛି।

ଏହି କାର୍ଯ୍ୟକ୍ରମ ପରେ, ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବିଜେଡି କୃଷକ ସେଲ୍‌ର ଆବାହକ ପ୍ରସନ୍ନ ଆଚାର୍ଯ୍ୟ, ଉପସଭାପତି ସ୍ନେହାଙ୍ଗିନୀ ଛୁରିଆ ଓ ସଞ୍ଜୟ ଦାସବର୍ମା ରାଜ୍ୟ ସରକାରଙ୍କ କୃଷକ ମାରଣ ନୀତି ଉପରେ ବର୍ଷିଥିଲେ। ଶ୍ରୀ ଆଚାର୍ଯ୍ୟ କହିଥିଲେ ୨୦୨୩-୨୪ ଆର୍ଥିକ ବର୍ଷରେ ରାଜ୍ୟରେ କୃଷି ଉତ୍ପାଦନର ବିକାଶ ହାର ୭.୮ ପ୍ରତିଶତ ଥିଲାବେଳେ, ୨୦୨୪-୨୫ ଆର୍ଥିକ ବର୍ଷରେ ଏହା ୩.୮ ପ୍ରତିଶତକୁ ଖସିଆସିଛି। ସେହିପରି, ଡବଲ ଇଞ୍ଜିନ ଓ ଡବଲ ବିକାଶ ନାରା ଦେଇ କ୍ଷମତାକୁ ଆସିଥିବା ବିଜେପି ସରକାରଙ୍କ ସମୟରେ କେନ୍ଦ୍ରୀୟ ଅନୁଦାନ କମିଛି।୨୦୨୩-୨୪ ଆର୍ଥିକ ବର୍ଷ ତୁଳନାରେ, ୨୦୨୪-୨୫ ଆର୍ଥିକ ବର୍ଷରେ, କେନ୍ଦ୍ରୀୟ ଅନୁଦାନ ୧୮.୧୯ ପ୍ରତିଶତ କମିଥିବା ବେଳେ କୃଷି କ୍ଷେତ୍ରରେ ମଧ୍ୟ କେନ୍ଦ୍ରୀୟ ଅନୁଦାନ କମିଛି। ପ୍ରଧାନମନ୍ତ୍ରୀ କୃଷି ସିଞ୍ଚାଇ ଯୋଜନାରେ ୨୦୨୩-୨୪ ଆର୍ଥିକ ବର୍ଷରେ ୧୪୬ କୋଟି ଟଙ୍କାର ଅନୁଦାନ ମିଳିଥିବା ବେଳେ ଏହା ୨୦୨୪-୨୫ ଆର୍ଥିକ ବର୍ଷରେ ୩୨ କୋଟି ଟଙ୍କାକୁ ଖସି ଆସିଛି। ସେହିପରି, ରାଷ୍ଟ୍ରୀୟ କୃଷି ବିକାଶ ଯୋଜନାରେ ୨୦୨୩-୨୪ ଆର୍ଥିକ ବର୍ଷରେ ଓଡ଼ିଶାକୁ ୨୨୩ କୋଟି ଟଙ୍କାର ଆର୍ଥିକ ଅନୁଦାନ ମିଳିଥିବା ବେଳେ ୨୦୨୪-୨୫ ଆର୍ଥିକ ବର୍ଷରେ କୌଣସି ଅନୁଦାନ ମିଳିଲା ନାହିଁ। ଶ୍ରୀ ଆଚାର୍ଯ୍ୟ ଆହୁରି କହିଥିଲେ, ନିକଟରେ ରାଜ୍ୟ ସରକାରଙ୍କ ଦ୍ୱାରା ଖରିଫ ଧାନ କିଣା ପାଇଁ ଚାଷୀମାନଙ୍କୁ ପଞ୍ଜିକୃତ କରିବାକୁ ଆହ୍ୱାନ କରାଯାଇଥିବା ବେଳେ ଜଟିଳ ସର୍ତ୍ତ ପାଇଁ ଅଧିକାଂଶ ଚାଷୀ ପଞ୍ଜୀକରଣ କରିବାରେ ସକ୍ଷମ ହୋଇପାରୁ ନାହାନ୍ତି। ରାଜ୍ୟର ଚାଷୀଭାଇଙ୍କୁ ଧାନ ବିକ୍ରି ପ୍ରକ୍ରିୟାରୁ ନିବୃତ କରିବା ପାଇଁ ଏହା ରାଜ୍ୟ ସରକାରଙ୍କ ଏକ ଚାଲ୍। କାରଣ, ଧାନ କୁଇଣ୍ଟାଲ ପିଛା ୮୦୦ ଟଙ୍କା ଇନ୍‌ପୁଟ୍ ସବ୍‌ସିଡି ଦେଇ ପଡ଼ିଥିବା ଆର୍ଥିକ ବୋଝରୁ ମୁକୁଳିବା ପାଇଁ ରାଜ୍ୟ ସରକାର ଏଭଳି ଫନ୍ଦି ବାହାର କରିଛନ୍ତି ବୋଲି ଶ୍ରୀ ଆଚାର୍ଯ୍ୟ କରିଛନ୍ତି।

ସେହିପରି ସ୍ନେହାଙ୍ଗିନୀ ଛୁରିଆ କହିଥିଲେ, ବିଜେପି ବିନା କଟ୍‌ନୀଛଟ୍‌ନୀରେ ଧାନ କିଣିବା ପାଇଁ ପ୍ରତିଶ୍ରୁତି ଦେଇଥିଲା। କିନ୍ତୁ, ଖରିଫ ଧାନ କିଣା ସମୟରେ, ରାଜ୍ୟ ସରକାର ଗ୍ରେଡ୍ ଆନାଲାଇଜର ଲଗାଇଲେ। ଯାହା ଫଳରେ ଧାନ ପ୍ରତି କୁଇଣ୍ଟାଲରେ ପ୍ରାୟ ୧୦ରୁ ୧୫ କେଜି କଟ୍‌ନୀଛଟ୍‌ନୀ ହେଲା। ବିଜେପିର ବିନା କଟ୍‌ନୀଛଟ୍‌ନୀରେ ଧାନ କିଣା ଓ ଦଲାଲମୁକ୍ତ ଧାନ କିଣା ପ୍ରତିଶ୍ରୁତି ବାସ୍ତବରେ ଏକ ଧୂଆଁବାଣରେ ପରିଣତ ହୋଇଛି। ଅନ୍ୟପଟେ ନିର୍ବାଚନ ସମୟରେ ବିଜେପି ତରଫରୁ ସ୍ୱାମୀନାଥନ କମିସନଙ୍କ ସୁପାରିସ ଅନୁଯାୟୀ ଧାନର ସର୍ବନିମ୍ନ ମୂଲ୍ୟ କୁଇଣ୍ଟାଲ ପିଛା ୩୧୦୦ ଟଙ୍କା ପ୍ରଦାନ କରାଯିବ ବୋଲି ପ୍ରତିଶ୍ରୁତି ଦିଆଯାଇଥିଲା। ମାତ୍ର ଏହା କାହିଁକି ପ୍ରଦାନ କରାଯାଉ ନାହିଁ ବୋଲି ସଞ୍ଜୟ ଦାସବର୍ମା ପ୍ରଶ୍ନ କରିଛନ୍ତି। ସେ କହିଛନ୍ତି ଯେ ରାଜ୍ୟ ସରକାର ଇନପୁଟ୍ ସବ୍‌ସିଡି ନାମରେ ପ୍ରତି କୁଇଣ୍ଟାଲ ୮୦୦ ଟଙ୍କା ପ୍ରଦାନ କରୁଛନ୍ତି। କିନ୍ତୁ, ଖରିଫ ଓ ରବି ଧାନ କିଣା ସମୟରେ, ଟୋକନ ମିଳିଥିବା ଅଧିକାଂଶ ଚାଷୀମାନଙ୍କ ଧାନ ଉଠିପାରିଲା ନାହିଁ। ଯୋଗାଣ ବିଭାଗର ରିପୋର୍ଟ ଅନୁଯାୟୀ, ପ୍ରାୟ ୧ ଲକ୍ଷ ୫୩ ହଜାର ମେଟ୍ରିକ ଟନ୍ ଧାନ ସଂଗ୍ରହ ହୋଇ ପାରିନାହିଁ। ଯେଉଁଥିପାଇଁ ସମଗ୍ର ଓଡିଶାରେ ଚାଷୀମାନେ ହଇରାଣ ହରକତ ହେଉଛନ୍ତି। ସେହି ସମସ୍ୟା ସମାଧାନ ହୋଇ ନ ଥିବା ବେଳେ, ଏବେ ରାଜ୍ୟ ସରକାରଙ୍କ ଦ୍ୱାରା ଆରମ୍ଭ ହୋଇଥିବା ଖରିଫ ଧାନ ପାଇଁ ପଞ୍ଜୀକରଣ ସମ୍ପୂର୍ଣ୍ଣ ଭାବେ ତ୍ରୁଟିପୂର୍ଣ୍ଣ ଓ ଚାଷୀମାରଣ ପାଇଁ ଉଦ୍ଦିଷ୍ଟ ବୋଲି ସେ କହିଛନ୍ତି।

ପ୍ରସନ୍ନ ଆଚାର୍ଯ୍ୟଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏଥିରେ ରାଜ୍ୟର ସମସ୍ତ ଜିଲ୍ଲାରୁ କୃଷକ ପ୍ରତିନିଧିମାନଙ୍କ ସହିତ ଦଳର ବରିଷ୍ଠ ନେତା ଚନ୍ଦ୍ରଶେଖର ସାହୁ, ପ୍ରଣବ ପ୍ରକାଶ ଦାସ, ସଞ୍ଜୟ କୁମାର ଦାସବର୍ମା, ଅରୁଣ ସାହୁ, ସୁଦାମ ମାରାଣ୍ଡି, ପ୍ରତାପ ଜେନା, ପ୍ରଣବ ବଳବନ୍ତରାୟ, ସ୍ନେହାଙ୍ଗିନୀ ଛୁରିଆ, ଟୁକୁନି ସାହୁ, ପ୍ରୀତିରଞ୍ଜନ ଘଡେଇ, ବଦ୍ରି ପାତ୍ର, ନିରଞ୍ଜନ ପୂଜାରୀ, ଅଶୋକ ପଣ୍ଡା, ପ୍ରଫୁଲ୍ଲ ସାମଲ, ଅମର ପଟ୍ଟନାୟକ, ଶର୍ମିଷ୍ଠା ସେଠୀ, ରାଜଶ୍ରୀମଲ୍ଲିକ, ରମେଶମାଝୀଙ୍କ ସହିତ ଦଳୀୟବିଧାୟକଗଣ ଓ ବିଭିନ୍ନ ଜିଲ୍ଲାର ସଭାପତିମାନେ ଅଂଶଗ୍ରହଣ କରିଥିଲେ।




ରାକ୍ଷୀ ପୂର୍ଣ୍ଣିମା ଉପଲକ୍ଷେ ପୁରୀ ବେଳାଭୂମିରେ ସୁଦର୍ଶନ ପଟ୍ଟନାୟକଙ୍କ ବାଲୁକା କଳା

## ଟୋଲ୍‌ଗେଟ୍‌ରେ ପୁଲିସର ଦାଦାଗିରି

# ଟ୍ରକ୍ ଚାଳକ ଓ ହେଲ୍‌ପରଙ୍କୁ ନିସ୍ତୁକ ମାଡ଼

ବୈଶିଙ୍ଗା, ୮।୮ (ସମିସ): ପୁଣି ପଦାକୁ ଆସିଲା ପୁଲିସ୍‌ର ବର୍ବରତା। ଟୋଲଗେଟ୍ ନିକଟରେ ଏକ ଟ୍ରକ୍‌କୁ ଅଟକାଇବା ସହ ଚାଳକ ଓ ହେଲପର୍‌ଙ୍କୁ ନିସ୍ତୁକ ମାଡ଼। ବୈଶିଙ୍ଗା ଥାନା ଅଧୀନ ୧୮ ନଂ. ଜାତୀୟ ରାଜପଥର ଟୋଲଗେଟ୍ ନିକଟରେ ଗୁରୁବାର ବିଳମ୍ବିତ ରାତିରେ ଏପରି ଏକ ଘଟଣା ଘଟିଛି। ଏହାର ଏକ ଭିଡିଓ ଏବେ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି। ଏହାକୁ ସାଧାରଣରେ ନାପସନ୍ଦ କରାଯିବା ସହ ସଂପୃକ୍ତ ଦୁଇ ପୁଲିସ୍ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହୋଇଛି। ତେବେ ଭିଡିଓଟି କେଉଁ ଦିନର ତାହା ଜଣାପଡ଼ିନାହିଁ।

ସୂଚନା ଅନୁସାରେ, ଗୁରୁବାର ବିଳମ୍ବିତ ରାତିରେ ଏକ ଦ୍ରୁତଗାମୀ ଟ୍ରକ୍ ଓଭରଲୋଡିଂ ନେଇ ଟୋଲଗେଟ୍ ନିକଟରେ ପହଞ୍ଚିଥିଲା। ପରେ ବିନା ୟୁନିଫର୍ମରେ ଥିବା ପୁଲିସ କର୍ମଚାରୀ ଓ ଚାଳକଙ୍କ ମଧ୍ୟରେ ବଚସା ଆରମ୍ଭ ହୋଇଥିଲା। ପୁଲିସ ପରେ ଚାଳକଙ୍କୁ ଆଲକହଲ ବ୍ରେଥ ଏନଲାଇଜରରେ ଚେକିଂ କରିବା ସହ ତାଙ୍କୁ ମାରପିଟ୍ କରୁଥିବାର ଦୃଶ୍ୟ ମଧ୍ୟ ଭିଡିଓରେ ଦେଖିବାକୁ ମିଳିଥିଲା। ଏପରିକି, ଜଣେ ପୁଲିସ ଏସଆଇ ଟ୍ରକ୍ ଭିତରେ ଜବରଦସ୍ତ ପଶି ଚାଳକଙ୍କୁ ମାଡ଼ ମାରିବାର ଦୃଶ୍ୟ ମଧ୍ୟ ଦେଖିବାକୁ ମିଳିଛି। ତେବେ ସାଦା ପୋଷାକରେ ବିଳମ୍ବିତ ରାତିରେ ପୁଲିସ ପାଟ୍ରୋଲିଂ ଓ ଗାଡ଼ି ଚେକିଂ ନେଇ ସାଧାରଣରେ ସନ୍ଦେହ ସୃଷ୍ଟି ହୋଇଛି।

# ହସ୍ତତନ୍ତ 'ଏକତା' ମେଳାରେ ସମ୍ବଲପୁରୀ ଶାଢ଼ିର ସ୍ଥାନ ନାହିଁ

ଭୁବନେଶ୍ୱର,୮।୮(ସମିସ): ଦେଶବିଦେଶରେ ସମ୍ବଲପୁରୀ ଶାଢ଼ିର ସୁନାମ ରହିଛି। ଭାରତ ବାହାରେ ଅନେକ ରାଷ୍ଟ୍ରରେ ସମ୍ବଲପୁରୀ ଶାଢ଼ିର ଚାହିଦା ବହୁତ ଅଧିକ ରହିଛି। ହେଲେ ରାଜ୍ୟ ସରକାରଙ୍କ ପକ୍ଷରୁ ଜନତା ମଇଦାନରେ ଆୟୋଜିତ ହସ୍ତତନ୍ତ 'ଏକତା' ମେଳାରେ ସମ୍ବଲପୁରୀ ଶାଢ଼ିକୁ ସମ୍ପୂର୍ଣ୍ଣ ଅଣଦେଖା କରାଯାଇଛି। ରାଜ୍ୟସ୍ତରୀୟ ହସ୍ତତନ୍ତ

## ପଶ୍ଚିମ ଓଡ଼ିଶାରେ ତୀବ୍ର ପ୍ରତିକ୍ରିୟା

ମେଳା ମାନଚିତ୍ରରେ ରାଜ୍ୟର ବିଭିନ୍ନ ଅଞ୍ଚଳର ପ୍ରସିଦ୍ଧ ଶାଢ଼ିର ନାମ ଓ ଚିତ୍ର ଉଲ୍ଲେଖ ଥିବା ବେଳେ ସମ୍ବଲପୁରୀ ଶାଢ଼ିକୁ ସ୍ଥାନ ମିଳିନାହିଁ। ଏହାକୁ ପଶ୍ଚିମଓଡ଼ିଶାବାସୀଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ଆୟୋଜିତ ମେଳା ପରିସରରେ ଏକ ଓଡ଼ିଶା ମାନଚିତ୍ର ହୋଇଛି। ଏହି ମାନଚିତ୍ରରେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ଉତ୍ପାଦିତ ହେଉଥିବା ହସ୍ତତନ୍ତ ବିଷୟରେ ସୂଚନା ଦିଆଯାଇଛି। ଟସର, ମାଣିଆବନ୍ଧ, କଟକୀ ଶାଢ଼ି, ଖଣ୍ଡୁଆପାଟ, ଡଙ୍ଗରିଆ



ଶାଢ଼ି, ବମକାଇ ପସାପାଲି ଓ ହାବାସପୁରୀ ଭଳି ହସ୍ତତନ୍ତ ବିଷୟରେ ସୂଚନା ଦିଆଯାଇଛି। ମାତ୍ର ଏଠାରେ ସମ୍ବଲପୁରୀ ଶାଢ଼ି ବିଷୟରେ ବିନ୍ଦୁବିସର୍ଗ ନାହିଁ। ଏହାକୁ ନେଇ ସମ୍ବଲପୁରୀ ଶାଢ଼ି ପ୍ରତି ଶ୍ରଦ୍ଧା ରଖୁଥିବା ପ୍ରତି ଓଡ଼ିଆ କ୍ଷୋଭ ପ୍ରକାଶ କରିଛନ୍ତି। ବିଶେଷକରି ପଶ୍ଚିମ ଓଡ଼ିଶାର ବିଭିନ୍ନ ଶିଳ୍ପୀ ସଂଘ ପକ୍ଷରୁ ଏହାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ଜାତୀୟ ହସ୍ତତନ୍ତ ଦିବସ ଅବସରରେ ୬ ତାରିଖରୁ ଜନତା ମଇଦାନରେ ଏହି ହସ୍ତତନ୍ତ ମେଳା ଆରମ୍ଭ ହୋଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ମେଳାକୁ ଉଦ୍‌ଘାଟନ କରିଥିବା ବେଳେ ବିଶିଷ୍ଟ ସିନେ ଅଭିନେତ୍ରୀ ମାଧୁରୀ ଦୀକ୍ଷିତ ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଏହାର ଶୋଭାବର୍ଦ୍ଧନ କରିଛନ୍ତି। ହସ୍ତତନ୍ତକୁ ନେଇ ଓଡ଼ିଶା ଯଦି ଦେଶ ବିଦେଶରେ ନିଜର ପରିଚୟ ଖୋଜେ, ତେବେ ଏଥିରେ ପ୍ରଥମେ ସମ୍ବଲପୁରୀ ଶାଢ଼ିର କଥା ଆସିବ। ହେଲେ ଆୟୋଜିତ ରାଜ୍ୟସ୍ତରୀୟ ମେଳାରେ କେଉଁ କାରଣରୁ ସମ୍ବଲପୁରୀ ଶାଢ଼ିକୁ ସମ୍ପୂର୍ଣ୍ଣ ଅଣଦେଖା କରାଯାଇଛି, ତାକୁ ନେଇ ଏବେ ପ୍ରଶ୍ନ ଉଠିଛି। ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମ ୭ରୁ ୧୩ ତାରିଖ ପର୍ଯ୍ୟନ୍ତ ଜାରି ରହିବ। ଓଡ଼ିଶାର ସମୃଦ୍ଧ ବୟନ ଐତିହ୍ୟ ଓ ହସ୍ତଶିଳ୍ପ ପ୍ରଦର୍ଶନ ପାଇଁ ୬୦ଟି ଷ୍ଟଲ୍ ଆୟୋଜନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ସମଗ୍ର ରାଜ୍ୟରୁ ୧୫୦୦ ରୁ ଅଧିକ ହସ୍ତତନ୍ତ ବୁଣାକାର ଅଂଶଗ୍ରହଣ କରିଛନ୍ତି।

## ହୋମ୍‌ଗାର୍ଡ ପରୀକ୍ଷା ବେଳେ ଅଘଟଣ

# ଦୌଡ଼ ବେଳେ ଟଳିପଡ଼ିଲେ ଆଶାୟୀ

ଖୋର୍ଦ୍ଧା,୮।୮(ସମିସ): ହୋମ୍‌ଗାର୍ଡ ପଦ ପାଇଁ ଶାରୀରିକ ପରୀକ୍ଷା ବେଳେ ଟଳି ପଡ଼ିଲେ ପରୀକ୍ଷାର୍ଥୀ। ଖୋର୍ଦ୍ଧା ଜିଲ୍ଲାରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତ ପରୀକ୍ଷାର୍ଥୀ ହେଲେ, ଖୋର୍ଦ୍ଧା ଉପକଣ୍ଠ କେରଙ୍ଗ ଗ୍ରାମର ଏମାଦୁଲା ହକ ଖାଁ (୪୨)।

ଜିଲ୍ଲା ପୁଲିସ ପ୍ରଶାସନ ଅଧୀନରେ ହୋମ୍‌ଗାର୍ଡ ନିଯୁକ୍ତି ନିମନ୍ତେ ଜିଲ୍ଲାସ୍ତରରେ ଲିଖିତ ପରୀକ୍ଷା ଦେଇଥିବା ୨୪ଶହ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୧୬ଶହ ପରୀକ୍ଷାର୍ଥୀ ଉତ୍ତୀର୍ଣ୍ଣ ହୋଇଥିଲେ। ସେମାନଙ୍କର ୪ଟି ଗ୍ରୁପ୍‌ରେ ଶାରୀରିକ ପରୀକ୍ଷା ଅନୁଷ୍ଠିତ ହେବାର ଥିଲା। ପୂର୍ବରୁ ୩ଟି ଗ୍ରୁପର ପରୀକ୍ଷାର୍ଥୀଙ୍କ ପରୀକ୍ଷା ଶେଷ ହୋଇଥିବା ବେଳେ ଆଜି ଶେଷ ଗ୍ରୁପର ପରୀକ୍ଷାର୍ଥୀଙ୍କ ପରୀକ୍ଷା ଖୋର୍ଦ୍ଧା ସହର ଉପକଣ୍ଠ ପୁଲିସ ରିଜର୍ଭ ପଡ଼ିଆଠାରେ ଅନୁଷ୍ଠିତ ହେଉଥିଲା। ୧୬ ଶହ ମିଟର ଦୌଡ଼ ପ୍ରତିଯୋଗିତାରେ ଦୌଡ଼ିବା ବେଳେ ଏମାଦୁଲା ହଠାତ ଗୁରୁତର ହୋଇ ତଳେ ପଡ଼ିଯାଇଥିଲେ। ତାଙ୍କୁ ଚିକିତ୍ସା ଲାଗି ନିକଟସ୍ଥ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ମାତ୍ର ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଭୁବନେଶ୍ୱର ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଏକ ଘରୋଇ ହସ୍ପିଟାଲରେ



ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। କ୍ୟାପିଟାଲ ହସ୍ପିଟାଲରେ ବ୍ୟବଚ୍ଛେଦ କରାଇବା ପରେ ଶବକୁ ପୁଲିସ୍ ତାଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଖବର ପାଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗଭୀର ଦୁଃଖ ପ୍ରକାଶ କରିବା ସହ ମୁଖ୍ୟମନ୍ତ୍ରୀ ରିଲିଫ୍ ପାଣ୍ଠିରୁ ତାଙ୍କୁ ନିକଟତମ ଆତ୍ମୀୟଙ୍କ ଲାଗି ୪ଲକ୍ଷ ଟଙ୍କାର ସହାୟତା ରାଶି ଘୋଷଣା କରିଛନ୍ତି।

ଏମାଦୁଲ୍ଲା କେରଙ୍ଗ ପଞ୍ଚାୟତ କାର୍ଯ୍ୟାଳୟର ଖାଦ୍ୟ ଓ ଯୋଗାଣ ବିଭାଗରେ କାର୍ଯ୍ୟ କରୁଥିଲେ। ସେ ତାଙ୍କ ପରିବାରର ଏକମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଥିଲେ। ଘରେ ତାଙ୍କର ପତ୍ନୀ ସମେତ ୯ ବର୍ଷର ଏକ ଶିଶୁ ପୁତ୍ର ଏବଂ ୩ବର୍ଷର ଏକ ଶିଶୁ

## ୪ଲକ୍ଷ ଟଙ୍କାର କ୍ଷତିପୂରଣ ଘୋଷଣା କଲେ ମୁଖ୍ୟମନ୍ତ୍ରୀ

କନ୍ୟା ଅଛନ୍ତି। ତାଙ୍କ ମୃତ୍ୟୁ ପରେ ପରିବାରଲୋକ ଦୁଃଖରେ ଭାଙ୍ଗି ପଡ଼ିଛନ୍ତି। ପରିବାର ନିଃସ୍ୱ ହୋଇଯାଇଥିବା ବେଳେ ତାଙ୍କ ମୃତ୍ୟୁ ରେ ପରିବାର, ଆତ୍ମୀୟ, ଗାଁ ଲୋକଙ୍କ ମଧ୍ୟ ରେ ଦୁଃଖର ବାତାବରଣ ଖେଳି ଯାଇଥିଲା। ତେଣୁ ପରିବାର ପ୍ରତିପୋଷଣ ନିମନ୍ତେ ତାଙ୍କ ବିଧବା ପତ୍ନୀଙ୍କୁ ଚାକିରି ଏବଂ ୫୦ଲକ୍ଷ ଟଙ୍କା କ୍ଷତିପୂରଣ ଦେବା ପାଇଁ ଗ୍ରାମବାସୀଙ୍କ ସହ ପରିବାରଲୋକ ଆଜି ଜିଲ୍ଲା ଏସ୍‌ପି ସାଗରିକା ନାଥଙ୍କୁ ସାକ୍ଷାତ କରିଛନ୍ତି।

## ରାଜ୍ୟରେ କ୍ରମବର୍ଦ୍ଧିଷ୍ଣୁ ନାରୀ ନିର୍ଯାତନା ରୋକିବାକୁ ଆହ୍ୱାନ

# ଡିଜି ଅଫିସ୍ ଘେରିଲା କଂଗ୍ରେସ

କଟକ,୮।୮(ସମିସ): ରାଜ୍ୟରେ ନାରୀ ନିର୍ଯାତନା ବଢ଼ିଚାଲିଛି। ପ୍ରତ୍ୟେକ ଦିନ ଗଣଦୁଷ୍କର୍ମଠାରୁ ଆରମ୍ଭ କରି ମହିଳାଙ୍କ ଉପରେ ଅକଥନୀୟ ଅତ୍ୟାଚାର ବୃଦ୍ଧି ପାଇବାରେ ଲାଗିଛି। ରାଜ୍ୟ ସରକାର ଏହାକୁ ରୋକିବାରେ ସମ୍ପୂର୍ଣ୍ଣ ଭାବେ ବିଫଳ ହୋଇଛନ୍ତି। ଏଥିପାଇଁ ସରକାର ହିଁ ଦାୟୀ। ଓଡ଼ିଶା ପ୍ରଦେଶ କଂଗ୍ରେସ ପକ୍ଷରୁ ବକ୍ସିବଜାରସ୍ଥିତ ପୁଲିସ ମୁଖ୍ୟାଳୟ ସମ୍ମୁଖରେ ଆଜି ଆୟୋଜିତ ଧାରଣା ଓ ପ୍ରତିବାଦ ସଭାରେ କଂଗ୍ରେସ ନେତୃବୃନ୍ଦ ଏହି ଗୁରୁତର ଅଭିଯୋଗ ଆଣିଛନ୍ତି। କଂଗ୍ରେସ ନେତାମାନେ ଶାନ୍ତିପୂର୍ଣ୍ଣ ଧାରଣାରେ ବସି ରାଜ୍ୟର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତିରେ ସୁଧାର ଆଣିବାକୁ ଦାବି କରିଥିଲେ। ପିସିସି ସଭାପତି ଭକ୍ତ ଚରଣ ଦାସ ଏହାର ନେତୃତ୍ୱ ନେଇଥିଲେ। ଏହି ଅବସରରେ କଂଗ୍ରେସର ଏକ ମହିଳା ପ୍ରତିନିଧିଦଳ ଡିଜିପିଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ରାଜ୍ୟରେ କ୍ରମବର୍ଦ୍ଧିଷ୍ଣୁ ନାରୀ ନିର୍ଯାତନା ରୋକିବାକୁ କଂଗ୍ରେସ ପକ୍ଷରୁ ଆହ୍ୱାନ ଦିଆଯାଇଛି।

କଟକ ନଗର ଜିଲ୍ଲା କଂଗ୍ରେସ କମିଟି ସଂଯୋଜକ ତଥା ବାରବାଟୀ-କଟକ ବିଧାୟିକା ସୋଫିଆ ଫିରଦୋସ୍‌ଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଧାରଣା ଓ



## କାର୍ଯ୍ୟାନୁଷ୍ଠାନ ନନେଲେ ସବୁ ଥାନା ଆଗରେ ଧାରଣା ଚେତାବନୀ

ପ୍ରତିବାଦ ସଭାରେ ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ, ଶରତ ପଟ୍ଟନାୟକ, ଜୟଦେବ ଜେନା, ପ୍ରସାଦ ହରିଚନ୍ଦନ, ପୂର୍ବତନ ଏମ୍‌ପି ରାମଚନ୍ଦ୍ର ଖୁଣ୍ଟିଆ, ଅନନ୍ତ ସେଠୀ ବରିଷ୍ଠ ନେତା ସୁରେଶ ରାଉତରାୟ, ପୂର୍ବତନ ବିଧାୟକ ଇଂ ମହମ୍ମଦ ମୋକିମ, ପୂର୍ବତନ ମନ୍ତ୍ରୀ ଜଗନ୍ନାଥ ପଟ୍ଟନାୟକ, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ଜେନା, କଂଗ୍ରେସ ବିଧାୟକ ଦଳ ଉପନେତା ଅଶୋକ ଦାଶ, ପୂର୍ବତନ ବିଧାୟକ ଦେବାଶିଷ ପଟ୍ଟନାୟକ, ରବି ମଲ୍ଲିକ, ଶିବାନନ୍ଦ ରାୟ, ଓଡିଶା ପ୍ରଦେଶ ମହିଳା ସଭାନେତ୍ରୀ ମୀନାକ୍ଷୀ ବାହିନୀପତି ଯୋଗ ଦେଇ ବିଜେପି ସରକାରର ବିଫଳତା ଓ ନାରୀ ସୁରକ୍ଷା ଦିଗରେ କଡ଼ା ପଦକ୍ଷେପ ଗ୍ରହଣ କରିବାକୁ ଦାବି କରିଛନ୍ତି।

ଏହି ଅବସରରେ ପିସିସି ସଭାପତି ଶ୍ରୀ ଦାସ କହିଛନ୍ତି ଯେ ରାଜ୍ୟରେ ସରକାରଙ୍କ ବିଫଳତା ସମ୍ପର୍କରେ ଅଭିଯାନ ଜାରି ରହିଛି। ଆଇନ ଶୃଙ୍ଖଳା ସମ୍ପୂର୍ଣ୍ଣ ବିଗିଡ଼ି ଯାଇଥିବା ବେଳେ ସରକାର କୌଣସି ପଦକ୍ଷେପ ନେଉନାହାନ୍ତି। ବଳାଙ୍ଗା ପୀଡିତାର ଅଭିଯୁକ୍ତଙ୍କୁ କାହିଁକି ଗିରଫ କରାଯାଉନାହିଁ? ପୁଲିସ କାହିଁକି ଏ ଦିଗରେ ଚୁପ୍ ହୋଇ ବସି ରହିଛି। ବିଜେପି ସରକାର ଅଭିଯୁକ୍ତଙ୍କୁ ଘଣ୍ଟ ଘୋଡାଇ ରଖୁଥିବା ସେ ଅଭିଯୋଗ ଆଣିବା ସହ ପୁଲିସ ଏଦିଗରେ ଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରେ ତେବେ ରାଜ୍ୟରେ ଥିବା ସମସ୍ତ ଥାନା ଆଗରେ ଧାରଣା ଦିଆଯିବ ବୋଲି ସେ କହିଛନ୍ତି।

ଏହି ଧାରଣାରେ ପୂର୍ବତନ ନଗର ସଭାପତି ଗିରିବାଳା ବେହେରା, ବନ୍ଦିତା ପରିଡ଼ା, ସସ୍ମିତା ବେହେରା, ମାନସ ଚୌଧୁରୀ, ଶୁଭେନ୍ଦୁ ମହାନ୍ତି, ଜିଲା କଂଗ୍ରେସ ଉପସଭାପତି ଶିଶିର ରଥ, ମନୋଜ ବିଶ୍ୱାଳ ଓ ରାଜେଶ ସ୍ୱାଇଁ, ବରିଷ୍ଠ ନେତା ରାମ ଚନ୍ଦ୍ର ଗୋଚ୍ଛାୟତ, କଟକ ନଗର(ଜିଲ୍ଲା)କଂଗ୍ରେସ ମୁଖ୍ୟ-ମୁଖପାତ୍ର ମାନସ ପରିଡା, କଟକ ନଗର ଯୁବ କଂଗ୍ରେସ ସଭାପତି ଡ. ବିପ୍ଳବ ଶିଳାଦିତ୍ୟଙ୍କ ସମେତ ଓଡିଶାର ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ। ସଭାକୁ ବିଶ୍ୱଜିତ ଦାଶ ପରିଚାଳନା କରିଥିଲେ। କଂଗ୍ରେସର ଏହି ପ୍ରତିବାଦ ସଭା ପୂର୍ବରୁ ଏକ ବିଶାଳ ଶୋଭାଯାତ୍ରା ମାତାମଠରୁ ବାହାରି ପୁଲିସ ମୁଖ୍ୟାଳୟରେ ପହଞ୍ଚିଥିଲା।

# ରାଜପଥରେ ଜଳିଗଲା ଇଭି ସ୍କୁଟି ବୋଝେଇ ଟ୍ରକ୍

ଛତ୍ରପୁର,୮।୮(ସମିସ): ଛତ୍ରପୁର ଜାତୀୟ ରାଜପଥ ନିକଟରେ ଶୁକ୍ରବାର ଏକ ଇଭି ସ୍କୁଟି ବୋଝେଇ ଟ୍ରକ୍ ଜଳିଯାଇଛି। ଟ୍ରକ୍‌ରେ ୩୨ଟି ବିଦ୍ୟୁତ ସ୍କୁଟି ଥିବା ବେଳେ ସେଗୁଡ଼ିକ ଟ୍ରକ୍ ସହ ହୁ' ହୁ' ହୋଇ ଜଳିଥିଲା। ଦିଲ୍ଲୀରୁ ଆନ୍ଧ୍ରପ୍ରଦେଶର ସମପେଣ୍ଟାକୁ ଏହି ଟ୍ରକ୍ (ନଂ.ୟୁପି ୮୧ଇଟି -୦୪୮୬) ଇଭି ଗାଡ଼ିଗୁଡ଼ିକୁ ନେଇ ଯାଉଥିବାବେଳେ ଚାଳକ ଅଖିଳେଶ କୁମାର ତିୱାରୀ ଛତ୍ରପୁର ଜାତୀୟ ରାଜପଥ କଡ଼ରେ ଏକ ଢ଼ାବା ନିକଟରେ ରହିଥିଲେ। ସେଠାରେ ଥିବା ଏକ ଗ୍ୟାରେଜକୁ ୱେଲ୍ଡିଂ କରିବାକୁ କହିଥିଲେ। କିନ୍ତୁ ଗ୍ୟାରେଜର ପିଲା ମନା କରିଥିଲେ। ପରେ ଅଖିଳେଶ ସେଠାରେ ଥିବା ଦୋକାନରେ ଜଳଖିଆ ଖାଇ କ୍ୟାବିନ୍‌ରେ ଶୋଇ ପଡ଼ିଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ୱେଲ୍‌ଡିଂ ଦୋକାନୀ ସିଲୁ ମହାରଣା ଗାଡ଼ିରୁ ଧୂଆଁ ବାହାରୁଥିବାର ଦେଖି ଚାଳକକୁ ଡାକିଥିଲେ। ଅଖିଳେଶ ତୁରନ୍ତ ଢ଼ାବା ନିକଟରେ ଥିବା ଗାଡ଼ି ସର୍ଭିସ୍ କେନ୍ଦ୍ରକୁ ନେଇ ଗାଡ଼ିରେ ପାଣି ପକାଇଥିଲେ ବି ନିଆଁ ଜୋର୍‌ରେ ବ୍ୟାପି ଯାଇଥିଲା। ଛତ୍ରପୁର ଦମକଳ ବାହିନୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ନିଆଁ ଲିଭାଇବା ବେଳକୁ ଗାଡ଼ିରେ ବୋଝେଇ ହୋଇଥିବା ସମସ୍ତ ଇଭି ସ୍କୁଟି ପୋଡ଼ି ଯାଇଥିଲା। ଏନ୍‌ଏଚ୍‌ଆଇ ପାଟ୍ରୋଲିଂ ଟିମ୍ ଓ ଛତ୍ରପୁର ପୁଲିସ ପହଞ୍ଚିଥିଲେ। ଘଟଣାର ତଦନ୍ତ ଜାରି ରଖିଛି ପୁଲିସ। ଆନୁମାନିକ ୩୨ ଲକ୍ଷ ଟଙ୍କାର ସ୍କୁଟି ପୋଡ଼ି ନଷ୍ଟ ହୋଇଥିବା ସୂଚନା ମିଳିଛି।



■ ସୀମାନ୍ତରେ ସହିଦ ସ୍ତମ୍ଭ ପ୍ରତିଷ୍ଠା

# ନାଚଗୀତ ସହ ସହିଦ ସପ୍ତାହ ପାଳନ କଲେ ମାଓବାଦୀ



ମାଲକାନଗିରି, ୮ ।୮ (ସମିସ): ସୀମାନ୍ତରେ ପୁଲିସକୁ ଚକମା ଦେଇ ସହିଦ ପିଲାର ପ୍ରତିଷ୍ଠା କରି ନାଚଗୀତ ସହ ସହିଦ ସପ୍ତାହ ପାଳନ କଲେ ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡରେ ମାଓବାଦୀ ମାନେ ସହିଦ ସପ୍ତାହ ପାଳନ କରିଥିବାର ଏକ ଭିଡିଓ ବର୍ତ୍ତମାନ ମାଓ ସଙ୍ଗଠନ ପକ୍ଷରୁ ଜାରି କରାଯାଇଛି। ଦୀର୍ଘ ସମୟ ପରେ ମାଓବାଦୀ ଏହି ସହିଦ ସପ୍ତାହ ପାଳନ କରୁଥିବାର ଭିଡିଓ ସାମ୍ନାକୁ ଆସିଥିବା ବେଳେ ସଙ୍ଗଠନ ପକ୍ଷରୁ ଶୋଭାଯାତ୍ରା ଓ ସାଂସ୍କୃତିକ କାର୍ଯ୍ୟକ୍ରମ ହେଉଥିବା ଭିଡିଓରେ ଦେଖିବାକୁ ମିଳିଛି। ଛତିଶଗଡ଼ର ବସ୍ତର ଅଞ୍ଚଳରେ ଥିବା ବିଭିନ୍ନ ଜଙ୍ଗଲ ଓ ରାଜ୍ୟର ବିଭିନ୍ନ ସ୍ଥାନରେ ଏହି ସହିଦ ସପ୍ତାହ ପାଳନ କରାଯାଇଥିବା କୁହାଯାଇଛି। ଏହି ଭିଡିଓରେ ମାଓବାଦୀ ସଂଗଠନର ସଦସ୍ୟମାନେ ପାରମ୍ପରିକ ଢୋଲର ସଙ୍ଗେ ନୃତ୍ୟ କରୁଛନ୍ତି ଓ ବହୁ ସଂଖ୍ୟକ ଗ୍ରାମବାସୀଙ୍କ ଉପସ୍ଥିତି ଥିବା ଦେଖିବାକୁ ମିଳିଛି। ଏହି ଭିଡିଓରେ ମାଓବାଦୀଙ୍କ ବରିଷ୍ଠ ନେତା ବସବରାଜୁ ଓ ତାଙ୍କ ସହଯୋଗୀ ମାନଙ୍କ ପାଇଁ ଏକ ନୂତନ ସ୍ମାରକ ନିର୍ମାଣ କରିଥିବା ମଧ ଜଣାପଡିଛି। ସେହିପରି ମାଓ ବ୍ୟାନର୍‌ରେ କେନ୍ଦ୍ରୀୟ କମିଟି ସଦସ୍ୟ ଚଳପତି ଓ ଗୌତମ ଅମର ରହନ୍ତୁ, ଶହୀଦଙ୍କ ତ୍ୟାଗ ବ୍ୟର୍ଥ ହେବନାହିଁ ଏବଂ ଅପରେସନ କାଗର୍ ଦମନକୁ ଆମେ ପରାଜିତ କରିବୁ ପରି ସ୍ଲୋଗାନ୍ ଲେଖାଯାଇଛି।

# ଡିଏଭି ଭିଏସ୍ ବିଦ୍ୟାଳୟରେ ବିଶ୍ୱ ହିରୋସୀମା ଦିବସ

ସୁନାବେଡା,୮।୮ (ସମିସ)

ହାଲ୍ ଟାଉନ୍‌ସିପ ସ୍ଥିତ ଡିଏଭି ଭିଏସ୍ ବିଦ୍ୟାଳୟରେ ବିଶ୍ୱ ହିରୋସୀମା ଦିବସ ଅବସରରେ ଏକ ସଭାର ଆୟୋଜନ କରାଯାଇଥିଲା। ବିଦ୍ୟାଳୟର ଅଧକ୍ଷ ବାସୁଦେବ ପାଣିଗ୍ରାହୀ ତାଙ୍କର ବକ୍ତୃତା ମାଧମରେ ସେଦିନର ଯୁଦ୍ଧର ବିଭୀଷିକା ବିଷୟରେ ବର୍ଣ୍ଣନା କରିବା ସହିତ ଯୁଦ୍ଧ ନୁହେଁ ଶାନ୍ତି ଚାହୁଁର ମହତ୍ତ୍ୱକୁ ବୁଝାଇଥିଲେ। ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀମାନେ ସେମାନଙ୍କର ମୂଲ୍ୟବାନ ବକ୍ତୃତା ପ୍ରଦାନ କରିଥିଲେ। ଶେଷରେ ସମସ୍ତ ଶିକ୍ଷାର୍ଥୀ, ଶିକ୍ଷକ ଶିକ୍ଷୟିତ୍ରୀମାନେ ନୀରବ ପ୍ରାର୍ଥନା କରି ଯୁଦ୍ଧରେ ପ୍ରାଣ ହରାଇଥିବା ସମସ୍ତ ନିରୀହ ଜନତାମାନଙ୍କ ଆତ୍ମାର ଶାନ୍ତି କାମନା କରିଥିଲେ।

## ଆଜି ମୁଖ୍ୟମନ୍ତ୍ରୀଙ୍କ କୋରାପୁଟ ଜିଲ୍ଲା ଗସ୍ତ କାର୍ଯ୍ୟକ୍ରମ

# ଜୟପୁର କାର୍ଯ୍ୟକ୍ରମରେ ୨୦ ପ୍ଲାଟୁନ ପୁଲିସ ମୁତୟନ

ଜୟପୁର, ୮ ।୮ (ସମିସ):



କୋରାପୁଟ ଜିଲ୍ଲା ଗସ୍ତରେ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଭୁବନେଶ୍ୱରରୁ ଏକ ସ୍ୱତନ୍ତ୍ର ବିମାନ ଯୋଗେ ଜୟପୁର ବିମାନ ବନ୍ଦରରେ ପହଞ୍ଚିବା ପରେ ଏଠାରେ ଅରବିନ୍ଦ ନଗର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ରକ୍ଷାବନ୍ଧନ, ଶ୍ରୀରାମ ନଗରରେ ପୂର୍ବତନ ମନ୍ତ୍ରୀ ହରିଶ୍ଚନ୍ଦ୍ର ବକ୍ସିପାତ୍ର ପାର୍କ ଠାରେ ସ୍ୱର୍ଗତ ବକ୍ସିପାତ୍ରଙ୍କ ପ୍ରତିମୂର୍ତ୍ତି ଉନ୍ମୋଚନ ଏବଂ ସ୍ଥାନୀୟ ବାଙ୍କବିଜ ସ୍ଥିତ ରେଳଷ୍ଟେସନ ନିକଟ ପଡିଆରେ ଏକ ସାଧାରଣ ସଭାରେ ମହିଳା ମାନଙ୍କ ରାଜ୍ୟ ସରକାରଙ୍କ ସୁଭଦ୍ରା ଯୋଜନାର ନୂତନ ହିତାଧିକାରୀଙ୍କୁ ଅନ୍‌ଲାଇନ ମାଧମରେ ଅର୍ଥ ପ୍ରଦାନ କରିବେ। ସେହିପରି ଗରିବ ଲୋକଙ୍କ ପାଇଁ ଘରବାରି ପଟ୍ଟା ବଣ୍ଟନ କାର୍ଯ୍ୟକ୍ରମ ରହିଛି। ଏଥିରେ ପ୍ରାୟ ୩ ହଜାର ଲୋକଙ୍କ ଉପସ୍ଥିତି ନେଇ ବ୍ୟବସ୍ଥା କରାଯାଇଛି। ସେହିପରି ସଭାସ୍ଥଳୀ ମଣ୍ଡପକୁ କୋଟପାଡ଼ର ବିଶ୍ୱ ପ୍ରସିଦ୍ଧ ମିରିଗାନୀ ହସ୍ତତନ୍ତର ମଡେଲର ସାଜସଜ୍ଜା କରାଯାଇଛି। ଜୟପୁର ବିମାନ ବନ୍ଦରଠାରୁ ଆରମ୍ଭ କରାଯାଇ ମୁଖ୍ୟମନ୍ତ୍ରୀଙ୍କ ବିଭିନ୍ନ କାର୍ଯ୍ୟକ୍ରମ ସ୍ଥଳୀ ସାରା ରାସ୍ତାରେ ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରାଯାଇଛି। ଏଥିନେଇ ୨୦ ପ୍ଲାଟୁନ ସଶସ୍ତ୍ର ଏବଂ ସାଧାପୋଷାକଧାରୀ ପୁଲିସ ଦଳ ଉପସ୍ଥିତ ରହିବେ। ଏହିପରି ଆଜିଠାରୁ ବିମାନ ବନ୍ଦରରୁ ପାରାବେଢା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ହରିଶ୍ଚନ୍ଦ୍ର ବକ୍ସିପାତ୍ର ପାର୍କ , ସାଧାରଣ ସଭାସ୍ଥଳୀ ପର୍ଯ୍ୟନ୍ତ ବିଭିନ ସ୍ଥାନରେ ସୁରକ୍ଷା ଓ ଯାଞ୍ଚ ବ୍ୟବସ୍ଥା କଡାକଡି କରାଯାଇ ସାରା ରାସ୍ତାରେ ମଧ ଯାଞ୍ଚ ଓ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି ବୋଲି ଜୟପୁର ଏସଡିପିଓ ପାର୍ଥ କାଶ୍ୟପ ସୂଚନା ଦେଇଛନ୍ତି। ପୂର୍ବାହ୍ନ ୯ଟା ୪୦ ମିନିଟରେ ମୁଖ୍ୟମନ୍ତ୍ରୀ ବିମାନ ଯୋଗେ ଜୟପୁର ବିମାନ ବନ୍ଦର ଠାରେ ପହଞ୍ଚି ସେଠାରୁ ସିଧା ଜାତୀୟ ରାଜପଥ ଏବଂ ସହରର ରାସ୍ତା ଦେଇ ପାରାବେଢା ସ୍ଥିର ଅରବିନ୍ଦ ନଗର ସରସ୍ୱତୀ ଶିଶୁ ମନ୍ଦିରର ଠାରେ ପହଞ୍ଚି ରାକ୍ଷୀ ବନ୍ଧନ କାର୍ଯ୍ୟକ୍ରମରେ ଯୋଗଦେବା ସହ ଛାତ୍ରୀ ଓ ଗୁରୁମା ମାନେ ମୁଖ୍ୟମନ୍ତ୍ରୀଙ୍କ ହାତରେ ରାକ୍ଷୀ ବାନ୍ଧିବା ସହ ବନ୍ଦାପନା କରିବେ। ଏହାପରେ ସେଠାରୁ ନିକଟସ୍ଥ ଶ୍ରୀରାମ ନଗର ସ୍ଥିତ ପାର୍କରେ ପହଞ୍ଚି ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ବକ୍ସିପାତ୍ରଙ୍କ ପ୍ରତିମୂର୍ତ୍ତିର ଶୁଭ ଉନ୍ମୋଚନ କରିବେ। ସେଠାରୁ ସିଧାସଳଖ ଦିନ ୧୧ ଟାରେ ବାଙ୍କିବିଜ ନିକଟସ୍ଥ ଜୟପୁର ରେଳଷ୍ଟେସନ ନିକଟସ୍ଥ ପଡିଆ ଠାରେ ଏକ ସାଧାରଣ ସଭାରେ ସାରା ରାଜ୍ୟରେ ସୁଭଦ୍ରା ଟଙ୍କା ପ୍ରଦାନ କରିବେ। ସେହିପରି ଗରିବ ଲୋକଙ୍କୁ ଘରବାରି ଜମିପଟ୍ଟା ବଣ୍ଟନ ସହ ଉପସ୍ଥିତ ସାଧାରଣ ଲୋକଙ୍କୁ ଉଦବୋଧନ ଦେବାର କାର୍ଯ୍ୟକ୍ରମ ରହିଛି। ଏହିପରି ଗତକାଲି ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନ ସଭାସ୍ଥଳୀ ପରିଦର୍ଶନ ସହ ତଦାରଖ କରିଥିଲେ। ଆଜି କୋରାପୁଟ ବିଧାୟକ ଶ୍ରୀ ମାଛ, ଉପଜିଲ୍ଲାପାଳ ଏ.ଶଶ୍ୟା ରେଡ୍ଡି, ଏସଡିପିଓ ଶ୍ରୀ କାଶ୍ୟପ ଏବଂ ଅନ୍ୟାନ୍ୟ ଅଧିକାରୀ ମାନେ ତଦାରଖ କରିଛନ୍ତି।

# ବିଶ୍ୱ ମୂଳଅଧିବାସୀ ଦିବସ ପାଳିତ




ଜୟପୁର,୮ ।୮ (ସମିସ) : ଜୟପୁର ସ୍ଥିତ ବିକ୍ରମଦେବ ବିଶ୍ୱବିଦ୍ୟାଳୟ ପରିସରରେ ନୃତତ୍ତ୍ୱ ବିଭାଗ ପକ୍ଷରୁ ବିଶ୍ୱ ମୂଳଅଧିବାସୀ ଦିବସ ପାଳନ ହୋଇଥିଲା। ଏଥିରେ କୋରାପୁଟସ୍ଥିତ ମୁଖ୍ୟ ଅତିଥି ଭାବେ କୋଟସର ନିର୍ଦ୍ଦେଶକ ଡ. ପ୍ରଫୁଲ୍ଲ ଚନ୍ଦ୍ର ମହାପାତ୍ର ଏବଂ ମୁଖ୍ୟବକ୍ତା ଆଦିବାସୀ ଗବେଷକ ପ୍ରାଧ୍ୟାପକ ମାଗୁଣିଚରଣ ବେହେରା ଯୋଗଦେଇ ମୂଳ ଅଧିବାସୀଙ୍କ ସଂଜ୍ଞା, ଉତ୍ପତ୍ତି ତଥା ଆଦିବାସୀ ଏବଂ କୃତ୍ରିମବୁଦ୍ଧିମତ୍ତାର ଆବଶ୍ୟକତା ସମ୍ବନ୍ଧୀୟ ବିଷୟକୁ ନେଇ ନିଜ ମତାମତ ରଖିଥିଲେ। ସ୍ୱତନ୍ତ୍ର ଅତିଥି ଭାବେ ବିଶ୍ୱବିଦ୍ୟାଳୟର କୁଳସଚିବ ମହେଶ ଚନ୍ଦ୍ର ନାୟକ ମୂଳବସୀଙ୍କ ଅଧିକାର ଏବଂ ମୂଳ ଭାଷାର ସଂରକ୍ଷଣକୁ ନେଇ ମତ ପ୍ରକାଶ କରିଥିଲେ। ନତତ୍ତ୍ୱ ବିଭାଗର ସଂଯୋଜକ ଦୁର୍ଗା ପ୍ରସାଦ ପଣ୍ଡା ଆଦିବାସୀ ଭାଷାରେ ନିଜର ବକ୍ତବ୍ୟ ରଖିଥିଲେ। ବିଶ୍ୱବିଦ୍ୟାଳୟର ଏନସିସି ଅଧିକାରୀ ଡ. ଲକ୍ଷ୍ମଣ ପାତ୍ର ନିଜର ବକ୍ତବ୍ୟ ରଖିଥିଲେ। ସଭାକୁ ନୃତତ୍ତ୍ୱ ବିଭାଗରର ଅଧାପିକା ପିଙ୍କି ହୀରା ପରିଚାଳନା କରିଥିଲେ। ଏବଂ ଶେଷରେ ଅଧାପକ ଜୟଦେବ ସେନାପତି ଧନ୍ୟବାଦ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଶ୍ୱବିଦ୍ୟାଳୟର ବିଭିନ୍ନ ବିଭାଗର ଅଧାପକ ଅଧାପିକା ତଥା ବହୁମାତ୍ରାରେ ଛାତ୍ରଛାତ୍ରୀ ମାନେ ଉପସ୍ଥିତ ରହିଥିଲେ। ଏହି ଅବସରରେ ନୃତତ୍ତ୍ୱ ବିଭାଗର ଛାତ୍ରଛାତ୍ରୀଙ୍କ ଦ୍ୱାରା ପାରମ୍ପରିକ ଆଦିବାସୀ ଖାଦ୍ୟମେଳାର ଆୟୋଜନ ହୋଇଥିଲା। ଏଥିରେ ୫୦ରୁ ଅଧିକ ପାରମ୍ପରିକ ପ୍ରସ୍ତୁତ ଖାଦ୍ୟ ପ୍ରଦର୍ଶିତ ହୋଇଥିଲା। ଶେଷରେ ଆଦିବାସୀଙ୍କ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା।

# ମାଗଣା ସ୍ୱାସ୍ଥ୍ୟ ଶିବିର

ବୈପାରିଗୁଡା, ୮।୮(ସମିସ): ଜନସ୍ୱାସ୍ଥ୍ୟ ବିଭାଗ ଓ କେନ୍ଦୁପତ୍ର ଫରେଷ୍ଟ ମିଳିତ ଆନୁକୂଲ୍ୟରେ ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ମୁଷାପଦର ଠାରେ ଏକ ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ବୈପାରିଗୁଡା କେନ୍ଦୁପତ୍ର ଫରେଷ୍ଟର ଅଜୟ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି ସ୍ୱାସ୍ଥ୍ୟ ଶିବିରରେ ମୁଷାପଦର ଏବଂ ଆଖପାଖ ଗ୍ରାମର ୧୬୨ ଜଣ କେନ୍ଦୁପତ୍ର ତୋଳାଳୀ ମହିଳା ଏବଂ ପୁରୁଷଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିବା ସହ ଆବଶ୍ୟକ ଅନୁସାରେ ମାଗଣା ଔଷଧ ପ୍ରଦାନ କରାଯାଇଥିଲା। ଜନସ୍ୱାସ୍ଥ୍ୟ ବିଭାଗର ଡ଼ାକ୍ତର ଗଣେଶ ଚୌଧୁରୀ ସ୍ୱାସ୍ଥ୍ୟ ଶିବିରରେ ଉପସ୍ଥିତ ରହି ସମସ୍ତ କେନ୍ଦୁପତ୍ର ତୋଳାଳୀଙ୍କ ସ୍ୱାସ୍ଥ୍ୟ ଟିକିନିଖି ଯାଞ୍ଚ କରିବା ସହ ସର୍ବଦା ସୁସ୍ଥ ରହିବା ପାଇଁ ଉପଦେଶ ଦେଇଥିଲେ। ବର୍ଷା ଦିନେ ପାଣି ଫୁଟାଇ ପିଇବା ସହ ଶୋଇବା ବେଳେ ମଶାରୀ ବ୍ୟବହାର କରିବା, ବାସିଖାଦ୍ୟ ନଖାଇ ଉଷୁମ ଖାଦ୍ୟ ଖାଇବା, ଘର ଆଖପାଖ ଅଞ୍ଚଳ ସଫାସୁତୁରା ରଖିବା ପାଇଁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଜୟପୁର କେନ୍ଦୁପତ୍ର ଫରେଷ୍ଟ ବିଭାଗର ସମସ୍ତ କର୍ମକର୍ତ୍ତା ସହ ସ୍ୱାସ୍ଥ୍ୟ କର୍ମୀ ସନ୍ତୋଷ ପାତ୍ର, ସୁଭାଷିନୀ ସେଠି, ବିଜୟ ତ୍ରିପାଠୀ, ଅଶ୍ୱତୋଷ ସାହୁ ପ୍ରମୁଖ ଯୋଗ କରିଥିଲେ।

● ଯୁବକଙ୍କୁ ହତ୍ୟା ଘଟଣା

# ୨ବର୍ଷ ପରେ ଫେରାର ଅଭିଯୁକ୍ତ ଗିରଫ

ଜୟପୁର,୮।୮ (ସମିସ): ଜୟପୁର ଟାଉନଥାନା ପୁଲିସ ପକ୍ଷରୁ ସହର ନୂଆସାହି ୫ମ ଲାଇନର ଯୁବକଙ୍କୁ ପୂର୍ବଶତୃତାକୁ ନେଇ ସଂଘବଦ୍ଧ ଭାବେ ଆକ୍ରମଣ ଏବଂ ହତ୍ୟା ମାମଲାରେ ଫେରାର ଅଭିଯୁକ୍ତକୁ ୨ ବର୍ଷ ପରେ ଗିରଫ କରାଯାଇ କୋର୍ଟ ଚାଲଣ କରାଯାଇଛି। ଗିରଫ ଅଭିଯୁକ୍ତ ନବରଙ୍ଗପୁର ଜିଲ୍ଲା ବଡ ହରିଜନ ସାହିର ଅକ୍ଷୟ କୁମାର ସାହୁ (୧୯)। ସୂଚନାଅନୁଯାୟୀ, ଦୁଇବର୍ଷ ପୂର୍ବେ ସଂନ୍ଧ୍ୟାରେ ୬ରୁ ୭ ଜଣ ମାସ୍କ ପିନ୍ଧି ଯୁବକ ଅଟୋରେ ଆସି ଖଣ୍ଡା, କାତି ଧରି ଆକ୍ରମଣରେ ଅରୁଣ ଅନକାଙ୍କର ମୃତ୍ୟୁ ହୋଇଥିଲା। ଏଥିନେଇ ଜୟପୁର ଟାଉନରେ ହତ୍ୟା ମାମଲା ରୁଜୁ କରାଯାଇଥିଲା। ଏହି ମାମଲାରେ ପୂର୍ବରୁ ୬ ଜଣ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିବା ବେଳେ ଶେଷ ଅଭିଯୁକ୍ତଙ୍କୁ ଆଜି ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିବା ଜୟପୁର ଟାଉନ ଥାନା ଅଧିକାରୀ ଉଲ୍ଲାସ ଚନ୍ଦ୍ର ରାଉତ ସୂଚନା ଦେଇଛନ୍ତି।

# ଡିଏଭି ଭିଏସ୍ ବିଦ୍ୟାଳୟରେ ରାଖୀ ପୂର୍ଣ୍ଣିମା



ସୁନାବେଡା,୮।୮ (ସମିସ):

ହାଲ୍ ଟାଉନ୍‌ସିପ ସ୍ଥିତ ଡିଏଭି ଭିଏସ୍ ବିଦ୍ୟାଳୟରେ ରାଖୀ ପୂର୍ଣ୍ଣିମା ଖୁବ୍ ଆଡ଼ମ୍ବର ସହକାରେ ପାଳିତ ହୋଇଯାଇଛି। ଛାତ୍ର ଛାତ୍ରୀମାନେ ମିଗ୍ ବିମାନ କାରଖାନା ଭିତରକୁ ଯାଇ କମ୍ପାନୀର ମହାପ୍ରବନ୍ଧକ, ପ୍ରାବନ୍ଧିକ , ପ୍ରଶାସନିକ କର୍ମକର୍ତ୍ତା ଓ କର୍ମଚାରୀମାନଙ୍କ ହାତରେ ରାଖୀ ବାନ୍ଧି ଭାଇଚାରା ବଢାଇବା ସହିତ ବିଭିନ୍ନ ପ୍ରକାର ହାତ ତିଆରି ରାଖୀ ତିଆରି କରି ପରସ୍ପରଙ୍କୁ ରାକ୍ଷୀ ବାନ୍ଧି ଭାଇଚାରା ବୃଦ୍ଧି କରିଥିଲେ।

# ବିଶ୍ୱ ଆଦିବାସୀ ଦିବସ ପାଳନ ପାଇଁ ପ୍ରସ୍ତୁତି



ଲକ୍ଷ୍ମୀପୁର, ୮।୮(ସମିସ): ରାତି ପାହିଲେ ୯ ତାରିଖ। ଏହି ୯ ତାରିଖ ହେଉଛି ଆଦିବାସୀଙ୍କ ଦିନ। ଆଜିର ଦିନକୁ ବିଶ୍ୱରେ ଥିବା ଅଗଣିତ ଆଦିବାସୀ ଅତି ଆନନ୍ଦର ସହ ପାଳନ କରିଥାନ୍ତି। ବର୍ଷକରେ ଥରେ ଏହି ଦିନକୁ ସବୁ ଆଦିବାସୀ ଅନାଇ ରହିଥାନ୍ତି। ଲକ୍ଷ୍ମୀପୁର ବ୍ଲକର ଆଦିବାସୀ ମାନେ ମଧ ଏହି ଦିବସ ପାଳନ ପାଇଁ ପ୍ରସ୍ତୁତ ହେଉ ଥିବା ବେଳେ ଶନିବାର ଦିନ ଏହି ଦିବସ ପାଳନ ନିମନ୍ତେ ବ୍ଲକ ପଡିଆରେ ଟେଣ୍ଟ ମାରି ବ୍ୟାପକ ପ୍ରସ୍ତୁତି କରାଯାଉ ଥିବା ଦେଖିବାକୁ ମିଳିଛି। ଏଥର ବଡ଼ ଧରଣର ଆୟୋଜନ ସହ ଧୁମ୍‌ଧାମରେ ପାଳନ ପାଇଁ ପ୍ରସ୍ତୁତ ହେଉଥିବା ନେଇ ଆୟୋଜକ ମାନେ କହିଛନ୍ତି। ଏହାକୁ ଅଧିକ ଆକର୍ଷଣୀୟ କରିବା ପାଇଁ ସ୍ଥାନୀୟ ଆଗଧାଡ଼ିର ଆଦିବାସୀ ଯୁବକ ତଥା ଆପାରାଓ ୱାଡେକା, ରାଧାଶ୍ୟାମ ଜାନୀ, ବସନ୍ତ ମିଣିଆକା ଓ ଅନ୍ୟମାନେ ସବୁ ଲାଗିପଡିଛନ୍ତି। ସ୍ଥାନୀୟ ଅଞ୍ଚଳ ନେତା ମାନେ ମଧ ଏଥିପାଇଁ ପୂର୍ଣ୍ଣ ସହଯୋଗ କରିବା ସହ ସମସ୍ତ କାର୍ଯ୍ୟର ଗୁରୁ ଦାୟିତ୍ୱ ବହନ କରୁଛନ୍ତି।

# ସିଆରପିଏଫ ଯବାନଙ୍କୁ ରାଖି ବାନ୍ଧିଲେ କେଭି ଛାତ୍ରଛାତ୍ରୀ



ରାୟଗଡ଼ା,୮।୮ (ସମିସ):

କେନ୍ଦ୍ରୀୟ ବିଦ୍ୟାଳୟ (କେଭି) ରାୟଗଡାର ଛାତ୍ରଛାତ୍ରୀମାନେ ଏକ ନିଆରା ପଦକ୍ଷେପ ନେଇ ୪ର୍ଥ ବଟାଲିଅନ୍ ସିଆରପିଏଫ ଯବନମାନଙ୍କ ସହିତ ରକ୍ଷାବନ୍ଧନ ପର୍ବ ପାଳନ କରିଛନ୍ତି। ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ନିଜେ ତିଆରି କରି ରାକ୍ଷୀଗୁଡିକ ନେଇ ସେମାନଙ୍କ ଶିବିରରେ ପହଞ୍ଚି ଯବାନମାନଙ୍କ ହାତରେ ରାକ୍ଷୀ ବାନ୍ଧିଥିଲେ। ଘରୁ ଦୂରେ ଥିବା ଏବଂ ପର୍ବ ସମୟରେ ଘରକୁ ଯାଇପାରିନଥିବା ଯବାନଙ୍କ ପାଇଁ ଏହି ଉଦ୍ୟମ ଆନନ୍ଦ ଓ ସ୍ନେହର ଭାବନା ନେଇଆସିଥିଲା। ବଟାଲିଅନ୍‌ର ଡେପୁଟି କମାଣ୍ଡାଣ୍ଟ ପ୍ରଭାକର ଉପାଧ୍ୟାୟ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ କରି ଯବାନ ମାନଙ୍କ ପ୍ରତି ସେମାନଙ୍କ ଭଲପାଇବା ଓ ସମ୍ମାନକୁ ପ୍ରଶଂସା କରିଥିଲେ। ଏହି କାର୍ଯ୍ୟକ୍ରମକୁ କେଭି ରାୟଗଡ଼ାର ପ୍ରଧାନଆଚାର୍ଯ୍ୟ ରାଜାରାମ ଓ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ଡା. ରମେଶ କୁମାର ସାହୁଙ୍କ ନିର୍ଦ୍ଦେଶରେ ପାଳିତ ହୋଇଥିଲା। ରାୟଗଡାର ସ୍ଥାନୀୟ ବୁଦ୍ଧିଜୀବୀମାନେ ଏହି ପଦକ୍ଷେପକୁ ସ୍ୱାଗତ କରି ଏହାକୁ ନୂଆ ପିଢ଼ୀରେ ଦେଶଭକ୍ତି ଓ ସାମାଜିକ ମୂଲ୍ୟବୋଧ ବିକାଶର ଏକ ଅର୍ଥପୂର୍ଣ୍ଣ ପ୍ରୟାସ ବୋଲି ମତ ବ୍ୟକ୍ତ କରିଛନ୍ତି।

# ବ୍ଲକ୍‌ସ୍ତରୀୟ ପ୍ରାକୃତିକ କୃଷି ପ୍ରଶିକ୍ଷଣ ଶିବିର ଉଦ୍‌ଯାପିତ

ନାରାୟଣପଟଣା, ୮।୮ (ସମିସ):




ସ୍ଥାନୀୟ ଆଥା ବୈଠକ ଗୃହରେ ସାମାଜିକ ଅନୁଷ୍ଠାନ ସିୱାଇଏସ୍‌ଡି ତରଫରୁ ଦୁଇଦିନିଆ ପ୍ରାକୃତିକ କୃଷି ପ୍ରୋତ୍ସାହନ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଉକ୍ତ ପଶିକ୍ଷଣ ଶିବିରରେ ନାରାୟଣପଟଣା ବ୍ଲକ ବିଭିନ୍ନ ପଞ୍ଚାୟତ ତିରିଶି ଜନରୁ ଅଧିକ ଅଗ୍ରଣୀ ଚାଷୀ ଅଂଶଗ୍ରହଣ କରିଥିଲେ। ମୁଖ୍ୟ ଅତିଥି ତଥା ସମ୍ବଳ ବ୍ୟକ୍ତି ରୂପେ ସରକାରୀ ଉଦ୍ୟାନ ଅଧିକାରୀ ଶ୍ରୀମତୀ ଲିପିକା ଚୌଧୁରୀ ଯୋଗ ଦେଇ ସାମ୍ପତିକ ଜଳବାୟୁର ପରିବର୍ତ୍ତନରେ ପ୍ରାକୃତିକ କୃଷିର ଆବଶ୍ୟକତା ଓ ମାନବ ସ୍ୱାସ୍ଥ୍ୟ ଉପରେ ସୁପ୍ରବାହ ଉପରେ ଆଲୋକପାତ କରିଥିଲେ। ରାସାୟନିକ ସାର କୀଟନାଶକ ବହୁଳ ବ୍ୟବହାର ଫଳରେ ମାଟିର ଉର୍ବରତା ହ୍ରାସ ହେବା ସହ ଫସଲ ଉପକାରୀ କୀଟ ମାନଙ୍କ ବଂଶ ଧୀରେ ଧୀରେ ଲୋପ ହେଉଥିବା କହିଥିଲେ। ଅନୁଷ୍ଠାନର ବ୍ଲକ ସଂଯୋଜକ ତ୍ରିପତି ପଣ୍ଡା ବିଭିନ୍ନ ପ୍ରକାରର ଜୈବିକ ଖତ ଯଥା ଜୀବାମୃତ୍ର, ଘନ ଜୀବାମୃତ୍ର, ହାଣ୍ଡି ଖତ, ନିମସ୍ତ୍ର, ପ୍ରସ୍ତୁତି ପ୍ରଣାଳୀ ଓ ଏହାର ବ୍ୟବହାର ସମ୍ପର୍କରେ ଅବଗତ କରାଇବା ସହ ବ୍ୟୟ ବହୁଳ ରାସାୟନିକ କୃଷି କିଭଳି ଚାଷୀ ମାନଙ୍କ ଆର୍ଥିକ ମେରୁ ଦଣ୍ଡକୁ କିପରି ଦୁର୍ବଳ କରୁଛି, ସେ ନେଇ ଉପସ୍ଥାପନା କରିଥିଲେ। ଉକ୍ତ କାର୍ଯ୍ୟକର୍ମରେ କୃଷି ବିଭାଗ କର୍ମକର୍ତା ରଜନୀକାନ୍ତ ମହାକୁଡ଼, ସୁଭଦ୍ରା ଶକ୍ତି ବ୍ଲକ ସଂଯୋଜକ କିଶୋର କରକରୀଆ, ଅନୁଷ୍ଠାନର ସହ ସଂଯୋଜକ ଶ୍ରୀ ପୂର୍ଣ୍ଣଚନ୍ଦ୍ର ସାନ୍ତା ପ୍ରମୁଖ କାର୍ଯ୍ୟକର୍ମକୁ ସଫଳ ପରିଚାଳନା କରିଥିଲେ।

# ମହିଳା ସ୍ନାତକ ମହାବିଦ୍ୟାଳୟରେ ନବାଗତଙ୍କୁ ସମ୍ବର୍ଦ୍ଧନା




ନବରଙ୍ଗପୁର,୮।୮ (ସମିସ): ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ମହାବିଦ୍ୟାଳୟ ଅଧକ୍ଷା ମାଲେଶ୍ୱରୀ ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଯୁକ୍ତ ତିନି ପ୍ରଥମ ବର୍ଷର ନୂତନ ଛାତ୍ରୀଙ୍କୁ ମହାବିଦ୍ୟାଳୟ ତରଫରୁ ସ୍ୱାଗତ ସମ୍ବର୍ଦ୍ଧନା ସଭା କରାଯାଇଥିଲା। ଏହି ଅବସରରେ ମହାବିଦ୍ୟାଳୟର ସମସ୍ତ ଦ୍ୱିତୀୟ ଓ ଶେଷ ବର୍ଷର ଛାତ୍ରୀମାନେ ବହୁ ଉତ୍ସାହର ସହିତ ନବଗତାଙ୍କୁ ସ୍ୱାଗତ ଜଣାଇବା ସହିତ ସେମାନେ ମହାବିଦ୍ୟାଳୟର ଅନୁଭୂତି ଆଉ ସମସ୍ତେ କିପରି ମିଳିମିଶି ରହିବେ ସେ ବିଷୟରେ ନିଜ ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ସମସ୍ତ ଅଧ୍ୟାପକ,ଅଧ୍ୟାପିକାଙ୍କ ସହିତ ସମସ୍ତ କର୍ମଚାରୀ ଯୋଗଦେଇ ପିଲାଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ।

## ବିଶ୍ୱ ଆଦିବାସୀ ଦିବସରେ ପ୍ରତିବାଦ ସଭାକୁ ନେଇ ନୋଟିସ

# ମା, ମାଟି ଓ ମାଳି ସୁରକ୍ଷା ମଞ୍ଚ, ନିୟମଗିରି ସୁରକ୍ଷା ସମିତିକୁ ଚିଠି

ରାୟଗଡ଼ା,୮।୮ (ସମିସ):

ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକ ଠାରେ କାଶୀପୁର ବ୍ଲକ ସମେତ ପଡୋଶୀ କଳାହାଣ୍ଡି ଜିଲାର ଥୁଆମୂଳ-ରାମପୁର ଅଞ୍ଚଳର ଆଦିବାସୀ ସମାଜଙ୍କୁ ଏକତ୍ରିତ କରି ଶନିବାର ବିଶ୍ୱ ଆଦିବାସୀ ଦିବସ ପାଳନ କରାଯିବା ନେଇ ନିଷ୍ପତି ହୋଇଛି। ତେବେ ଏହି ଅବସରରେ ଆଦିବାସୀଙ୍କୁ ଏକତ୍ରିତ କରି କିଛି ବ୍ୟକ୍ତି ଓ ସଂଗଠନ କାଶୀପୁର ଅଞ୍ଚଳରେ ଖଣି ଖନନକୁ ବିରୋଧ ପାଇଁ ପ୍ରତିବାଦ ସଭାର ଆୟୋଜନ କରୁଥିବା ନେଇ ଜିଲ୍ଲା ପ୍ରଶାସନ ସୋସିଆଲ ମିଡିଆ ଓ ବିଶ୍ୱସ୍ତ ସୂତ୍ରରୁ ସୂଚନା ପାଇଥିବାରୁ ଏନେଇ ୫ଜଣଙ୍କୁ ୬ ତାରିଖରେ ଜିଲାପାଳଙ୍କ କାର୍ଯ୍ୟାଳୟର ନ୍ୟାୟିକ ବିଭାଗ ପକ୍ଷରୁ ଚିଠି ନଂ ୩୨୫୫ରେ ନୋଟିସ ଜାରି କରାଯାଇଛି। ନୋଟିସ ଜାରି କରାଯାଇଥିବା ୫ଜଣ ହେଲେ ମା ମାଟି ମାଳି ସୁରକ୍ଷା ମଞ୍ଚର ସଭାପତି ସୁବାସ ମାଝି, ଉପସଭାପତି ଲାଲ ମାଝି, କଳାହାଣ୍ଡି ଜିଲା କାର୍ଲାପାଟ ଥାନା ଅର୍ନ୍ତଗତ ତଲାମ ପଦର ଗ୍ରାମନିବାସୀ ତଥା ମା ମାଟି ମାଳି ସୁରକ୍ଷା ମଞ୍ଚର ସମ୍ପାଦକ ଲକ୍ଷ୍ମଣ ମାଝି, ନିୟମଗିରି ସୁରକ୍ଷା ସମିତି ସଭାପତି ଲଦ ସିକକା ଏବଂ ସଂଯୋଜକ ଲିଙ୍ଗରାଜ ଆଜାଦ୍। ସେମାନଙ୍କୁ ଜାରି ହୋଇଥିବା ନୋଟିସରେ ଉଲେଖ ରହିଛି ଯେ, ଯଦି କୌଣସି ପ୍ରତିବାଦ ସଭା କରାଯାଉଛି, ତେବେ ଏନେଇ କୌଣସି ସୂଚନା କାଶୀପୁର ବ୍ଲକ ପ୍ରଶାସନ କିମ୍ବା ଜିଲା ପ୍ରଶାସନକୁ ଦିଆଯାଇନାହିଁ। ତେଣୁ ୭ ତାରିଖ ସନ୍ଧ୍ୟା ସୁଦ୍ଧା ସୂଚନା ଦେବାକୁ ନିର୍ଦ୍ଦେଶ ରହିଛି। ଯଦି ବିନା ସୂଚନାରେ କୌଣସି ପ୍ରତିବାଦ ସଭା କରାଯାଏ, ତେବେ ସମ୍ପୃକ୍ତ ବ୍ୟକ୍ତି ବା ସଂଗଠନ ବିରୁଦ୍ଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଚିଠିରେ ଉଲେଖ ରହିଛି। ସେହିଭଳି କାଶୀପୁର କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟଙ୍କ କାର୍ଯ୍ୟାଳୟରୁ ମଧ ଦୁଇଟି ଚିଠି ନଂ ୧୦୩ରେ ୧୧ଜଣଙ୍କୁ ଏବଂ ଚିଠି ନଂ ୧୦୬ରେ ୭ଜଣଙ୍କୁ ଅଞ୍ଚଳରେ ଶାନ୍ତି ଭଙ୍ଗର ଆଶଙ୍କାକୁ ଦୃଷ୍ଟିରେ ରଖି ଦୁଇଟି ଚିଠି ଜାରି କରାଯାଇ ଅଗଷ୍ଟ ୨୦ତାରିଖରେ କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟଙ୍କ ନିକଟରେ ଉପସ୍ଥିତ ହେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି।

# ଭୈରବ ଉଚ୍ଚ ମାଧମିକ ବିଦ୍ୟାଳୟରେ ଚାରାରୋପଣ




ବୋରିଗୁମ୍ମା,୮।୮ (ସମିସ): ସ୍ଥାନୀୟ ଭୈରବ ଉଚ୍ଚ ମାଧମିକ ବିଦ୍ୟାଳୟ ଠାରେ ଯୁବ ରେଡକ୍ରସ ଓ ଜାତୀୟ ସେବା ଯୋଜନା ଆନୁକୁଲ୍ୟରେ ବନ ବିଭାଗର ସହଯୋଗରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅଧକ୍ଷ ଦାଶରଥି ଗୌଡ଼ ଓ ସ୍ଥାନୀୟ ସରପଞ୍ଚ ତୁଷାର କୁମ୍ରିକା ଚାରାରୋପଣ କରି କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। ଯୁବ ରେଡକ୍ରସର ସଂଯୋଜକ ଅଧାପକ ପଦ୍ମ ଭୂଷଣ ଦାସଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯକ୍ରମରେ ଜାତୀୟ ସେବା ଯୋଜନା ସହଯୋଗୀ ବିଶ୍ୱଜିତ ପଣ୍ଡା, ସୁଧାଂଶୁ ଶେଖର ପଟ୍ଟନାୟକ, ନିହାରିକା ପଣ୍ଡା, ସୁମନ୍ତ କୁମାର ସାହୁ, ମୁରଲୀ ଧର ଭଟ୍ଟ, ଅଟଳ ବିହାରୀ ବାଜପେୟୀ, ଅଶୋକ କୁମାର ପଣ୍ଡା, ଫକୀର ମୋହନ ସାମନ୍ତରାୟ ପ୍ରମୁଖ ଯୋଗଦେଇ ପରିଚାଳନା କରିଥିଲେ। ସ୍ଥାନୀୟ ବନ ବିଭାଗର ବନପାଳ ମନୋଜ କୁମାର ମହାପାତ୍ର, ପାରାଗାର୍ଡ ହିମାଂଶୁ କୁମର ପ୍ରଧାନ, ବନରକ୍ଷୀ ରେଖାରାଣୀ ସାହୁ ବିଶିଷ୍ଟ ସମାଜସେବୀ ମନୋଜ ସାଗର ପ୍ରମୁଖ ଯୋଗଦେଇ ଚାରାରୋପଣ କରିବା ସହ ପରିବେଶ ସୁରକ୍ଷା ପାଇଁ ଛାତ୍ରଛାତ୍ରୀ ମାନଙ୍କୁ ସଚେତନ କରିଥିଲେ। ଏଥିରେ ବିଦ୍ୟାଳୟର ସ୍ୱେଚ୍ଛାସେବୀମାନଙ୍କ ସହ ଶତାଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ବିଦ୍ୟାଳୟର ସମସ୍ତ କର୍ମଚାରୀମାନଙ୍କ ସହଯୋଗରେ ଅନୁଷ୍ଠିତ କାର୍ଯକ୍ରମରେ ପରିବେଶ ସୁରକ୍ଷା ପାଇଁ ଚାରାରୋପଣ କରିବା ପାଇଁ ଅତିଥି ମାନେ ମତବ୍ୟକ୍ତ କରିଥିଲେ।



# କୋଟିଆରେ ଉପମୁଖ୍ୟମନ୍ତ୍ରୀ ଓ ଦୁଇ ମନ୍ତ୍ରୀ

ପଟ୍ଟାଙ୍ଗି,୮।୮(ସମିସ): ଓଡ଼ିଶାର ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ କଲ୍ୟାଣ ଏବଂ ପର୍ଯ୍ୟଟନ ବିକାଶ ମନ୍ତ୍ରୀ ପ୍ରଭାତୀ ପରିଡ଼ା ଆଜି କୋଟିଆ ଗସ୍ତରେ ଆସିଥିଲେ। ତାଙ୍କ ସହ ଉପସ୍ଥିତ ରହିଥିଲେ ଗଣଶିକ୍ଷା, ଅନୁସୂଚିତ ଜନଜାତି ଏବଂ ଅନୁସୂଚିତ ଜନଜାତି ବିକାଶ, ସଂଖ୍ୟାଲଘୁ ଏବଂ ପଛୁଆ ବର୍ଗ କଲ୍ୟାଣ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ, ସୂକ୍ଷ୍ମ, କ୍ଷୁଦ୍ର ଏବଂ ମଧ୍ୟମ ଉଦ୍ୟୋଗ ମନ୍ତ୍ରୀ ଗୋକୁଳା ନନ୍ଦ ମଲ୍ଲିକ, କୋଟପାଡ଼ ବିଧାୟକ ରୂପୁ ଭୋତ୍ରା, କୋରାପୁଟ ବିଧାୟକ ରଘୁରାମ ମାଛ, ସାଂସଦ ପ୍ରତିନିଧି କାଳିରାମ ମାଝି, ସଚିବ ସୋଭାଶର୍ମା। ସେଠାରେ ଉପସ୍ଥିତ ମହିଳା ଏବଂ ସରକାରୀ କର୍ମଚାରୀ ମାନେ ସ୍ୱାଗତ ସମ୍ବର୍ଦ୍ଧନା ଦେଇଥିଲେ। କୋଟିଆର ମହିଳା ଓ ବୃଦ୍ଧଙ୍କ ସହ ସେ ଆଲୋଚନା କରିଥିଲେ। ସ୍ଥାନୀୟ ଯୁବତୀ ମାନଙ୍କ ଢେମଶା ନୃତ୍ୟରେ ମନ୍ତ୍ର ମୁଗ୍ଧ ହୋଇ ତାଙ୍କ ସହ ସମସ୍ତ ନେତୃମଣ୍ଡଳୀ ନାଚିବାରେ ଲାଗିଥିଲେ। ସେଠାରୁ ମଞ୍ଚ ନିକଟରେ ପହଞ୍ଚି ଶ୍ରୀ ଜଗନ୍ନାଥ ମହାପ୍ରଭୁଙ୍କ ଫୋଟଚିତ୍ରରେ ମାଲ୍ୟାର୍ପଣ କରିବା ସହ ଦୀପ ପ୍ରଜ୍ୱଳନ କରିଥିଲେ। ମଞ୍ଚରେ ଅତିଥି ବୃନ୍ଦ ପ୍ରଗତି ମହିଳା ସ୍ୱୟଂସହାୟକ ଗୋଷ୍ଠୀ ମାଡକାରଙ୍କୁ ୪ ଏକର



ଜମିରେ ମକା ଚାଷ କରିବା ପାଇଁ ୫ ଲକ୍ଷ ଏବଂ ନୂତନ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଜାନିଗୁଡ଼ାଙ୍କୁ ଝାଡୁ ଚାଷ ସହ ବ୍ୟବସାୟ କରିବା ନିମନ୍ତେ ୫ ଲକ୍ଷ ଟଙ୍କା ଋଣ ପ୍ରଦାନ କରିଥିଲେ। ଉପ ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା ନିଜ ଅଭିଭାଷଣରେ କୁଇ ଭାଷାରେ ସ୍ଥାନୀୟ ଲୋକଙ୍କୁ ସ୍ୱାଗତ କରିଥିଲେ। ଆସନ୍ତା କାଲି ସାରା ଓଡ଼ିଶାର ୧ ହଜାର କୋଟିର ମହିଳା ମାନଙ୍କୁ ୫ ହଜାର କୋଟି ଟଙ୍କାର ସୁଭଦ୍ରା ଯୋଜନାର ଅର୍ଥ ଦିଆଯିବ। ୪ଟି ଲକ୍ଷପତି ଦିଦି ତଥା କାଞ୍ଚନ ତାଡ଼ିଙ୍ଗି, ରିଙ୍କି ପାଙ୍ଗି, ରାସ ଖିଲ, ଫୁଲମଣି ଗେମେଲଙ୍କ ସହ ଆଲୋଚନା କରିଥିଲେ। ଏହି ମହିଳାମାନେ କିଭଳି ଝାଡୁ, ମିଲେଟ ଜଳଖିଆ ଦୋକାନ, ମହୁ ଚାଷ, ଷ୍ଟ୍ରବେରି, ଛେଳି ଚାଷ,କୁକୁଡ଼ା ଚାଷ, ଦେଓମାଳି ଗେଟ ଏବଂ ଅନ୍ୟ ବ୍ୟବସାୟରେ ଯୋଗଦାନ ଦେଇ ଲକ୍ଷପତି ହୋଇ ପାରିଛନ୍ତି ସେ ସମ୍ପର୍କରେ କହିଥିଲେ। କାମର ସମାଜକୁ ଆଦିବାସୀ ମାନ୍ୟତା, ମାଳିପୁଟ ଅଞ୍ଚଳରେ ମୋବାଇଲ ସେବା ଆଦି ନେଇ ଅଭିଯୋଗ ପତ୍ର ପ୍ରଦାନ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ସାଂସଦ ପ୍ରାର୍ଥୀ କାଳୀରାମ ମାଝି, ବିଧାୟକ ପ୍ରାର୍ଥୀ ଚୈତନ୍ୟ ନାନ୍ଦିବାଲି, ବିଧାୟକ ପ୍ରାର୍ଥୀ ଗୌତମ ସାମନ୍ତ ରାୟ, ପୂର୍ବତନ ସାଂସଦ ଜୟରାମ ପାଙ୍ଗି, ସରପଞ୍ଚ ଲିୟୁ ଗେମେଲ, ଜିଲ୍ଲାପରିଷଦ ସଦସ୍ୟ ଲଇଛନ ଖରା, ଜିଲ୍ଲାପରିଷଦ ସଦସ୍ୟା ଟିକାଇ ଗେମେଲ, ବ୍ଲକ ଅଧ୍ୟକ୍ଷା କଳ୍ପନା ପାଙ୍ଗି, ବିଜେପି ଜିଲ୍ଲା ସଭାପତି ଶିବ ମୁଦୁଲି ପ୍ରମୁଖ ଉପସ୍ଥିତ ରହିଥିଲେ। କିନ୍ତୁ ସ୍ଥାନୀୟ ସରପଞ୍ଚ ଲିୟୁ ଗେମେଲ କୋଟିଆ ଓ ଜନପ୍ରତିନିଧିଙ୍କୁ ଅଣଦେଖା କରାଯାଉଥିବାରୁ ଉଦ୍‌ବେଗ ପ୍ରକାଶ କରିଥିଲେ। ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏବଂ ଅନ୍ୟ ମନ୍ତ୍ରୀ ଦେଓମାଳି ପହଞ୍ଚି ଚାରାରୋପଣ କରିବା ସହ ଅଧିକାରୀଙ୍କ ସହ ଦେଓମାଳିର କିଭଳି ଉନ୍ନତିକରଣ କରାଯିବ ସେନେଇ ଆଲୋଚନା କରିଥିଲେ। ପାରିପାଶ୍ୱିକ ସ୍ଥିତି ନେଇ ସ୍ଥାନୀୟ ପୂର୍ବତନ ସାଂସଦ ଜୟରାମ ପାଙ୍ଗି ସହ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ମନୋଜ ସତ୍ୟବାନ୍ ମହାଜନ, ଆରକ୍ଷୀ ଅଧିକ୍ଷକ ରୋହିତ ବର୍ମା, ଆଡିସିନାଲ ସେକ୍ରେଟାରୀ କୃତିବାସ ରାଉତ, ଉପଜିଲ୍ଲାପାଳ ପ୍ରେମାଲାଲ ହିଆଲ, ଶିଡିଓ ବେଣୁଧର ଶବର,ଡିଏଫଓ କେଭି ଭାସ୍କର ରାଓ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାମକୃଷ୍ଣ ନାୟକ, ତହସିଲଦାର ଦେବେନ୍ଦ୍ର ଧାରୁଆ, ସୁନାବେଢ଼ା ଏସଡିପିଓ ସୁମିତ୍ରା ଜେନା ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମଟିକୁ ପରିଚାଳନ କରିଥିଲେ।

## ସ୍କୁଲ୍ ଛାତ୍ରଙ୍କୁ ଶିକ୍ଷୟିତ୍ରୀଙ୍କ ମାଡ଼ ଘଟଣାର ତଦନ୍ତ

ପାପଡାହାଣ୍ଡି,୮।୮(ସମିସ):

ପାପଡାହାଣ୍ଡି ବ୍ଲକ ସଦର ମହକୁମା ଠାରେ ଥିବା ସରକାରୀ ପ୍ରାଥମିକ ବ୍ଲକ କଲୋନୀ ବିଦ୍ୟାଳୟ ଠାରେ ଗତକାଲି ଏହି ବିଦ୍ୟାଳୟର ସହକାରୀ ଶିକ୍ଷୟତ୍ରୀ ସୁନିତା କୁମାରୀ ଖୋସଲା ତୃତୀୟ ଶ୍ରେଣୀ ଛାତ୍ର ସଂଜିତ କୁମାର ସାହୁଙ୍କୁ(୮) ସ୍କୁଲରେ ମାଡ଼ ମାରିଥିବା ଛାତ୍ରଙ୍କ ଅଭିଭାବକ ଆଜି ଜିଲ୍ଲା ଶିକ୍ଷା ଅଧିକାରୀ ନବରଙ୍ଗପୁରଙ୍କୁ ଏବଂ ବ୍ଲକ ଶିକ୍ଷା ଅଧିକାରୀ ପାପଡାହାଣ୍ଡିଙ୍କ ନିକଟରେ ଅଭିଯୋଗ କରିଛନ୍ତି। ଏହି ଘଟଣାକୁ ଗୁରୁତର ଭାବେ ନେଇ ପାପଡାହାଣ୍ଡି ବ୍ଲକ ଶିକ୍ଷା ଅଧିକାରୀ ତୁରନ୍ତ ଘଟଣାର ଅନୁସନ୍ଧାନ ପାଇଁ ପାପଡାହାଣ୍ଡି କ୍ଲଷ୍ଟରର ସିଆରସିସି ମନୋଜ କୁମାର ମାଝୀ, ସହଗୋଷ୍ଠୀ ଶିକ୍ଷା ଅଧିକାରୀ ବାଳକଦାସ ରନ୍ଧାରୀ, ସହଗୋଷ୍ଠୀ ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ପୂଜାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ସମସ୍ତେ ସ୍କୁଲରେ ପହଞ୍ଚି ଅଭିଭାବକ, ମାଡ଼ଖାଇ ଥିବା ଛାତ୍ର, ଶ୍ରେଣୀର ଅନ୍ୟାନ୍ୟ ଛାତ୍ରଛାତ୍ରୀ, ଶିକ୍ଷକ କୁବେର ମହାକୁର, ପ୍ରଧାନ ଶିକ୍ଷୟତ୍ରୀ ଶ୍ରୀମତୀ କନକଲତା ପାତ୍ର, ଶିକ୍ଷୟତ୍ରୀ ସ୍ନେହାଞ୍ଜଳି ପରିଡା ଏବଂ ସୁନିତା କୁମାରୀ ଖସଲାଙ୍କୁ ପଚାରି ଏବଂ ଲିଖିତ ଭାବେ ମାଗି ରିପୋର୍ଟ ପ୍ରସ୍ତୁତ କରି ବ୍ଲକ ଶିକ୍ଷା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି। ବିଦ୍ୟାଳୟର ସଭାପତି ତରଣୀ କଶ୍ୟପ ମଧ୍ୟ ବିଦ୍ୟାଳୟରେ ଉପସ୍ଥିତ ଥିଲେ। ତେବେ ଆଜି ଅଭିଭାବକ ଛାତ୍ର ସହିତ ବିଦ୍ୟାଳୟରେ ପ୍ରଧାନଶିକ୍ଷୟତ୍ରୀଙ୍କ ସହିତ ଘଟଣା ସମ୍ପର୍କରେ ଆଲୋଚନା କରୁଥିବା ସମୟରେ ସହକାରୀ ଶିକ୍ଷୟତ୍ରୀ ଅଭିଭାବକଙ୍କୁ ଦୁର୍ବ୍ୟବହାର ଏବଂ ଅସଭ୍ୟ ଭାଷା ପ୍ରୟୋଗ କରିଥିବା ପୁନଃ ଅଭିଯୋଗ ହୋଇଛି।

## 'ଆସ ସ୍କୁଲ ଯିବା' ଅଭିଯାନ



ପଦ୍ମପୁର,୮।୮(ସମିସ):

ଆଜି ରାୟଗଡ଼ା ଜିଲ୍ଲା ପଦ୍ମପୁର ବ୍ଲକ୍ ଅଧିନସ୍ଥ ସରକାରୀ ପ୍ରାଥମିକ ବିଦ୍ୟାଳୟ ଉପର ଜୁମୁରୁଗୁଡ଼ାଠାରେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଭୁବନାନନ୍ଦ ଖାଡ଼ଙ୍ଗାଙ୍କ ଆବାହକତ୍ୱରେ ୬ରୁ ୧୮ ବର୍ଷ ପିଲାଙ୍କୁ ବିଦ୍ୟାଳୟ ଅଭିମୁଖି କରାଇବା ବିଶେଷକରି ଅଧାରୁ ପାଠପଢ଼ା ଛାଡ଼ିଥିବା ପିଲାଙ୍କୁ ରାଜ୍ୟ ସରକାରଙ୍କ ବିଭିନ୍ନ ଜନ ହିତକର କାର୍ଯ୍ୟକ୍ରମରେ ସାମିଲ କରିବା ନିମନ୍ତେ 'ଆସ ଆମେ ସ୍କୁଲ ଯିବା' ଅଭିଯାନ ଆରମ୍ଭ ହୋଇଛି। ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ତଥା କର୍ମକର୍ତ୍ତାଙ୍କ ମତାମତ ନେଇ ଏକ ବିଦ୍ୟାଳୟସ୍ତରୀୟ କମିଟି ଗଠନ କରାଯାଇଥିଲା। ଉକ୍ତ ୭ ଜଣିଆ କମିଟିରେ ବିଦ୍ୟାଳୟର ପ୍ରଧାନ ଶିକ୍ଷକଙ୍କ ସହ ପୂର୍ବତନ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଦିଲୀପ କୁମାର କର, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ହରିକୃଷ୍ଣ ରାମନାଥ ଶବର, ଅଙ୍ଗନବାଡ଼ି ଶିକ୍ଷୟିତ୍ରୀ ପ୍ରମିଳା ପାଢ଼ୀ, ଆଶାକର୍ମୀ ମଞ୍ଜୁଳା ପଣ୍ଡା, ଜୁର ସାହୁ, ପ୍ରଶାନ୍ତ ସାହୁ ପ୍ରମୁଖଙ୍କୁ ଚୟନ କରାଯାଇଥିଲା। ଉକ୍ତ କମିଟିର ସଦସ୍ୟଙ୍କ ସହ ବିଦ୍ୟାଳୟର ସମସ୍ତ ସହକାରୀ ଶିକ୍ଷକ ଶିକ୍ଷୟିତ୍ରୀ ତଥା ଅଭିଭାବକ ସହଯୋଗ କଲେ ସରକାରଙ୍କ ବାସ୍ତବ ଉଦ୍ଦେଶ୍ୟ ଫଳପ୍ରଦ ହେବ ବୋଲି ପ୍ରଧାନ ଶିକ୍ଷକ ମତ ପୋଷଣ କରିଥିଲେ। ସମସ୍ତ ଛାତ୍ରଛାତ୍ରୀ କମିଟିର ସଦସ୍ୟଙ୍କ ସହ ବିଦ୍ୟାଳୟର ସହକାରୀ ଶିକ୍ଷକ ହୃଷିକେଶ ପରିଡ଼ାଲା, ଆର୍.ଆରତୀ, ବନିତା ନାୟକ, ରେଣୁବାଳା ନାୟକ ପ୍ରମୁଖ ଶିକ୍ଷୟିତ୍ରୀ ପିଲାମାନଙ୍କୁ ନେଇ ଗ୍ରାମ୍ୟ ପରିକ୍ରମା କରି 'ଆସ ଆମେ ସ୍କୁଲ ଯିବା' କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଜନସାଧାରଣଙ୍କୁ ବୁଝାଇ ସମସ୍ତ ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟର ଶିକ୍ଷା ସ୍ରୋତରେ ସାମିଲ ହେବାକୁ ବୁଝାଇଥିଲେ। ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀଙ୍କ ପଦକ୍ଷେପକୁ ଅଭିଭାବକମାନେ ସାଧୁବାଦ ଜଣାଇଥିଲେ।

# ଆରମ୍ଭ ହେଲା ଶ୍ରୀଜୀଉଙ୍କ ଝୁଲଣ ନୀତି

ନବରଙ୍ଗପୁର,୮।୮ (ସମିସ) : ନବରଙ୍ଗପୁର ଶ୍ରୀଜଗନ୍ନାଥ ମନ୍ଦିରରେ ଶ୍ରୀଜିଉଙ୍କ ଝୁଲଣ ନୀତି ଆରମ୍ଭ ହୋଇଯାଇଛି। ନବରଙ୍ଗପୁର ଶ୍ରୀଜଗନ୍ନାଥଙ୍କ ମନ୍ଦିର ପରିସରରେ ଏହି ନୀତି ଅନୁଷ୍ଠିତ ହୋଇଥାଏ। ଏହି ଝୁଲଣ ନୀତି ଶ୍ରୀକ୍ଷେତ୍ର ପୁରୀରେ ଶ୍ରାବଣ ଶୁକ୍ଲ ପକ୍ଷ ନବମୀ ତିଥିରେ ଆରମ୍ଭ ହେଉଥିବା ବେଳେ ସର୍ବତ୍ର ବା ନବରଙ୍ଗପୁରରେ ଏହି ନୀତିକୁ ଶ୍ରାବଣ ଶୁକ୍ଲପକ୍ଷ ଦଶମୀ ଦିନ ଆରମ୍ଭ କରାଯାଇଥାଏ। ନବରଙ୍ଗପୁର ଶ୍ରୀ ଜଗନ୍ନାଥଙ୍କ ମନ୍ଦିରରେ ଏହି ଝୁଲଣ ନୀତି ଶ୍ରାବଣ ଶୁକ୍ଲପକ୍ଷ ଦଶମୀ ଦିନ ଆରମ୍ଭ ହୋଇ ଭାଦ୍ରବ କୃଷ୍ଣପକ୍ଷ ପ୍ରତିପଦା ଦିନ ଶେଷ ହୋଇଥାଏ। ଚଳିତ ବର୍ଷ ଶ୍ରୀଜୀଉଙ୍କ ଝୁଲଣ ନୀତି ବହୁ ଆଡମ୍ବରରେ



ବହୁ ଭକ୍ତଙ୍କ ଗହଣରେ ବାଦ୍ୟ ବାଜଣା, କିର୍ତ୍ତନ ସହ ପାଳିତ ହୋଇଯାଇଛି । ଏହି ସମସ୍ତ ନୀତି ନବରଙ୍ଗପୁର ରାଜ ପୁରୋହିତ ତଥା ଶ୍ରୀଜଗନ୍ନାଥ ନୀତି ପରିଚାଳନା ନିଯୋଗ ମୁଖ୍ୟ ଉପଦେଷ୍ଟା ନରସିଂହ ନାଥ ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ଆୟୋଜିତ ହୋଇଥିବା ବେଳେ ନୀତି ମନ୍ଦିର ପୂଜକ ଦେବୀ ନାୟକ , ପଣ୍ଡିତ ପ୍ରମୋଦ ତ୍ରିପାଠୀ, ଲକ୍ଷ୍ମୀ ମନ୍ଦିର ପୂଜକ ରବିନ୍ଦ୍ର ଶତପଥୀ ଙ୍କ ସମେତ ବିଭୁତି ପାତ୍ର, ବଦ୍ରୀ ନାରାୟଣ ତ୍ରିପାଠୀ, ଶ୍ରୀଜଗନ୍ନାଥ ମନ୍ଦିର, ନୀତି ପରିଚାଳନା ନିଯୋଗ ସଭାପତି ନରେଶ କୁମାର ତ୍ରିପାଠୀ, କୋଷାଧ୍ୟକ୍ଷ ଭବାନୀ ଶଙ୍କର ଶତପଥୀ ,ଉପ ସଭାପତି ଦୁର୍ଗା ତ୍ରିପାଠୀ, ରାଜେନ୍ଦ୍ର ତ୍ରିପାଠୀ, ନିଯୋଗ ସମ୍ପାଦକ କୁନା ପାତ୍ର ସମେତ ନଯୋଗ କମିଟିର ବହୁ ସଦସ୍ୟ, ଦେବୋତ୍ତର କର୍ମଚାରୀଙ୍କ ସମେତ କୀର୍ତ୍ତନ ମଣ୍ଡଳୀର ସମସ୍ତ ସଦସ୍ୟ ଏବଂ ବହୁ ମହିଳା ଏବଂ ପୁରୁଷ ଶ୍ରୀଜଗନ୍ନାଥ ଭକ୍ତ ଉପସ୍ଥିତ ରହି ନୀତିରେ ସହଯୋଗ କରିଥିଲେ।

## ରାକ୍ଷୀ ପୂର୍ଣ୍ଣିମା ପାଳିତ

ସୁନାବେଡା, ୮।୮(ସମିସ): ସୁନାବେଡା ହାଲ୍ ଟାଉନ୍‌ସିପ ସ୍ଥିତ ଡିଏଭି ଭିଏସ୍ ବିଦ୍ୟାଳୟରେ ରାକ୍ଷୀ ପୂର୍ଣ୍ଣିମା ବହୁ ଆଡ଼ମ୍ବର ସହକାରେ ପାଳିତ ହୋଇଯାଇଛି। ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ମିଗ୍ ବିମାନ କାରଖାନା ଭିତରକୁ ଯାଇ ହାଲ୍ କୋରାପୁଟ ପ୍ରଭାଗର କାର୍ଯ୍ୟ ନିର୍ବାହୀ ନିର୍ଦ୍ଦେଶକ ସୁଧାଂଶୁ ମୋହନ ଜେନା, ହାଲ ଇଞ୍ଜିନ ପ୍ରଭାଗର ମହା ପ୍ରବନ୍ଧକ କଲ୍ଲୋଳ ଭଟ୍ଟାଚାର୍ଯ୍ୟଙ୍କ ସମେତ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀ ଓ କର୍ମଚାରୀ ମାନଙ୍କ ହାତରେ ରାକ୍ଷୀ ବାନ୍ଧି ଭାଇଚାରା ବଢାଇବା ସହିତ ବିଭିନ୍ନ ପ୍ରକାର ହାତ ତିଆରି ରାକ୍ଷୀ ପରସ୍ପରଙ୍କୁ ବାନ୍ଧି ଭାଇଚାରା ବୃଦ୍ଧି କରିଥିଲେ।

## ବିଦ୍ୟାଳୟରେ ବିଧାୟକଙ୍କ ଚାରାରୋପଣ

ନନ୍ଦପୁର, ୮।୮(ସମିସ): କଂଗ୍ରେସ ବିଧାୟକ ଦଳ ନେତା ତଥା ପଟାଙ୍ଗୀ ନିର୍ବାଚନ ମଣ୍ଡଳୀ ବିଧାୟକ ରାମଚନ୍ଦ୍ର କାଡାମ ଶୁକ୍ରବାର ନନ୍ଦପୁର ବ୍ଲକ୍ ଅଧିନସ୍ଥ ଏମ୍‌ଆଇ ସ୍କୁଲ ପରିଦର୍ଶନ କରି ଛାତ୍ରଛାତ୍ରୀ ମାନଙ୍କ ଗହଣରେ ମିଶି ବିଦ୍ୟାଳୟ ପରିସରରେ ଚାରାରୋପଣ କରିଛନ୍ତି



। ତତ୍ ସହିତ ସମସ୍ତ ଚାରାର ଯତ୍ନ ନେବାକୁ ଛାତ୍ରଛାତ୍ରୀଙ୍କୁ ଦାୟିତ୍ୱ ଦେଇଛନ୍ତି। ବିଦ୍ୟାଳୟରେ ରହିଥିବା ବିଭିନ୍ନ ସମସ୍ୟା ତଥା ଛାତ୍ରାବାସ, ପିଲା ଖାଇବାକୁ ଡାଇନିଂ ହଲ, ଓ ଅତିରିକ୍ତ ଶ୍ରେଣୀ ଗୃହ ସମସ୍ୟା ନେଇ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଗୋପାଳ ରାଜ ଖେମୁଣ୍ଡୁ ଏକ ସ୍ମାରକପତ୍ର ପ୍ରଦାନ କଟି ବିଦ୍ୟାଳୟଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଧାୟକଙ୍କ ସହ ବ୍ଲକ ବିଧାୟକ ପ୍ରତିନିଧି କାମେଶ କାମୁଡି, ବ୍ଲକ କଂଗ୍ରେସ ସଭାପତି ଦେବେନ୍ଦ୍ର ଖେମୁଣ୍ଡୁ, ଯୁବନେତା ନିଳାମ୍ବର ହଂସା, ରାମକୃଷ୍ଣ ପଡ଼ାଲଙ୍କ ସମେତ କଂଗ୍ରେସ କର୍ମକର୍ତ୍ତା ପ୍ରମୁଖ ଯୋଗ ଦେଇଥିବା ବେଳେ ସ୍ଥାନୀୟସେକ ୱଜିଦ୍ ଖାନ, ସେକ ଗ୍ୟାସୁଦ୍ଦିନ , ସେକ ଅଲ୍ଲୀ, ସେକ ଆଖବର୍ ,ଧନପତି ଖେମୁଣ୍ଡୁଆ, ସେକ ତାଜୁ ପ୍ରମୁଖ ଯୋଗ ଦେଇଥିଲେ।

## ଟିପର ଓ ଟ୍ରକ୍ ମାଲିକ ସଂଘ ଗଠିତ

କୋରାପୁଟ,୮।୮(ସମିସ): ସ୍ଥାନୀୟ ମାଲିକଙ୍କୁ ନେଇ କୋରାପୁଟ ଟିପର ଓ ଟ୍ରକ ମାଲିକ ସଂଘ ଗଠନ କରାଯିବା ସହ ନୂତନ କର୍ମକର୍ତ୍ତା ଚୟନ କରା ଯାଇଛି। ଶୁକ୍ରବାର ଅନୁଷ୍ଠିତ



ବୈଠକରେ ସର୍ବସମ୍ମତି କ୍ରମେ ହେମନ୍ତ କୁମାର ସାମଲଙ୍କୁ ସଭାପତି ଏବଂ ପ୍ରଫୁଲ୍ଲ କୁମାର ମହାପାତ୍ରଙ୍କୁ ସଂପାଦକ ଭାବେ ମନୋନୀତ କରାଯାଇଛି। ସେହିପରି ଏସ କେ ସାମନ୍ତରାୟ ଏବଂ ଡି ସାଗର ଉପସଭାପତି, ଏସ ପଣ୍ଡା ଯୁଗ୍ମ ସମ୍ପାଦକ, ଏସ କେ ଜମାଲୁଦ୍ଦିନ କୋଷାଧକ୍ଷ ଏବଂ ନୀଳମାଧବ ସାମନ୍ତରାୟ ସହ କୋଷାଧକ୍ଷ ଭାବେ ମନୋନୀତ ହୋଇଛନ୍ତି। ନରସିଂହ ପଟ୍ଟନାୟକଙ୍କୁ ଆଇନ ଉପଦେଷ୍ଟା ଭାବେ ମନୋନୀତ କରାଯିବା ସହ ୧୫ ଜଣଙ୍କୁ କାର୍ଯ୍ୟକାରୀ ସଦସ୍ୟ ଭାବେ ମନୋନୀତ କରାଯାଇଥିବା ଜଣାପଡିଛି।

# ଦାଦନ ଖଟିବାକୁ ଯାଇ ୱାର୍ଡମେମ୍ବରଙ୍କ ମୃତ୍ୟୁ

କୋଷାଗୁମୁଡା,୮।୮(ସମିସ):

ସରକାର କୁଶଳୀ ଓ ଅଣକୁଶଳୀ ଶ୍ରମିକ ତଥା ଖଟିଖିଆ ଓ ଦିନ ମଜୁରିଆ ମାନଙ୍କୁ ନିଜ ପଞ୍ଚାୟତ ଭିତରେ ଶହେ ଦିନର



କାମ ଯୋଗାଇ ଦେବା ସଂକଳ୍ପ ନେଇ ଏନ୍‌ଆରଇଜିଏସ ଯୋଜନା କରିଛନ୍ତି। ହେଲେ ଏହି ଯୋଜନା ସାଧାରଣ ଲୋକଙ୍କ ପାଖରେ ନ ପହଞ୍ଚି କେବଳ କାଗଜ କଲମରେ ହିଁ ସୀମିତ ରହୁଛି। ପଞ୍ଚାୟତର ସରପଞ୍ଚ, ପିଇଓ ଓ ଜିଆରଏସ ମାନଙ୍କ ମଧୁଚନ୍ଦ୍ରିକାରେ ସବୁ ସରକାରୀ ଟଙ୍କା ହରିଲୁଟ ହୋଇଚାଲିଛି। କୌଣସି ବି ଏନଆରଇଜିଏସ କାର୍ଯ୍ୟରେ ଶ୍ରମିକ ମାନଙ୍କୁ ନିୟୋଜିତ ରହିଥିବା ଦେଖିବାକୁ ମିଳୁନି। ଜେସିବି, ଟ୍ରାକ୍ଟର ଓ ଅନ୍ୟାନ୍ୟ ଯନ୍ତ୍ରପାତି ଲଗେଇ କାମ ଗୁଡିକୁ ସାରି ଦେଉଛନ୍ତି ବିଭାଗୀୟ କନିଷ୍ଠ ଯନ୍ତ୍ରୀ, ସରପଞ୍ଚ, ଜିଆରଏସ ଓ ପିଇଓ। ମଧ୍ୟସ୍ଥି ଦଲାଲ ମାନେ ଶ୍ରମିକ ମାନଙ୍କ ଠାରୁ ଲେବର କାର୍ଡ ସବୁ ସଂଗ୍ରହ କରି ତହିଁରେ ବିଲ କରି ସବୁ ଏନଆରଜିଏସ ଟଙ୍କା ଆତ୍ମସାତ କରୁଛନ୍ତି। ତେଣୁ ଶ୍ରମିକମାନେ ନିଜ ଅଞ୍ଚଳରେ କାମଧନ୍ଦା କିଛି ନପାଇ ବାଧ୍ୟ ହୋଇ ବାହାର ଜିଲ୍ଲା, ବାହାର ରାଜ୍ୟକୁ ଦାଦନ ଖଟିବାକୁ ଯାଇ ଏକଥନୀୟ କଷ୍ଟ ସହୁଛନ୍ତି। ଦାଦନ ଯାଇ କିଏ ହାତ ହରାଉଛନ୍ତି ତ କିଏ ଗୋଡ଼ ହରେଇ ପଙ୍ଗୁ ହୋଇ ଗାଁକୁ ଫେରୁଛି । କେହି କେହି ପରିବାର ପୋଷିବା ସ୍ୱପ୍ନ ନେଇ ଦାଦନକୁ ଯାଇ ଶବ ହୋଇ ଗାଁକୁ ଫେରୁଛି। କିଛି ଶ୍ରମିକଙ୍କ ମୃତଦେହ ମଧ୍ୟ ଗାଁକୁ ପହଞ୍ଚି ପାରୁନି । ମୃତକଙ୍କ ପରିବାର ବର୍ଗ ନିଜ ବାପଭାଇର ଶେଷ ଦର୍ଶନ ମଧ କରି ପାରୁନାହାନ୍ତି। ଏମିତି ଏକ ଦୁଃଖଦ ଘଟଣା ଘଟିଛି ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକ ସଦର ମହକୁମାର ମାଝୀଗୁଡ଼ା ଗ୍ରାମରେ। ଗ୍ରାମର ୭ନଂ ୱାର୍ଡର ୱାର୍ଡ ମେମ୍ବର ମକରନ୍ଦ ଭତରା (୩୦) ୧୨ଦିନ ତଳେ ନିଜ ପରିବାରର ପ୍ରତିପୋଷଣ ପାଇଁ ଦାମନଯୋଡିକୁ ଦାଦନ ଖଟିବାକୁ ଯାଇଥିଲା। ଏପଟେ ମକରନ୍ଦଙ୍କ ସ୍ତ୍ରୀ ଚାରି ପୁଅଝିଅକୁ ଧରି ଘରେ ରହୁଥିଲେ। ସମସ୍ତଙ୍କ ମନରେ ଗୋଟିଏ ହିଁ ଆଶା ଥିଲା ବାପା ପଇସା କମେଇବାକୁ ଯାଇଛନ୍ତି, ଟଙ୍କା ପଠେଇଲେ ଆମର ସବୁ ସ୍ୱପ୍ନ ସାକାର ହେବ। ହେଲେ ସେସବୁ ସ୍ୱପ୍ନ ସ୍ୱପ୍ନରେ ରହିଗଲା। ଗତକାଲି ରାତିରେ ମକରନ୍ଦ ଖାଇପିଇ ନିଜ କ୍ୟାମ୍ପରେ ଶୋଇ ପଡ଼ିଥିଲେ ଓ ସକାଳୁ ଆଉ ଉଠିନଥିଲେ। ଏ ଖବରଟି ଗାଁରେ ପହଞ୍ଚିବା ପରେ ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି। ଆଜି ଦିନ ୧୨ରେ କମ୍ପାନୀ ଏକ ଆମ୍ବୁଲାନ୍ସରେ ମକରନ୍ଦର ମରଶରୀରକୁ ଗାଁକୁ ପଠାଇ ଦେଇଛି। ଗାଁରେ ଶବ ପହଞ୍ଚିବା ପରେ କାନ୍ଦବୋବାଳିରେ ଗାଁ ଦାଣ୍ଡ ଫାଟି ପଡିଛି। ପୂର୍ବତନ ସରପଞ୍ଚ ହରିବନ୍ଧୁ ମାଝୀ ଖବର ପାଇଁ ଘଟଣା ସ୍ଥଳରେ ପହଞ୍ଚି ଦୁଃଖ ପ୍ରକାଶ କରିବା ସହିତ କ୍ଷତିପୂରଣ ଓ ପରିବାରର ଭରଣ ପୋଷଣ ପାଇଁ ଦାବି କରିଛନ୍ତି । ଖବର ଲେଖାହେବା ମଧ୍ୟରେ ଥାନାରେ ପରିବାର ପକ୍ଷରୁ ଏତଲା ଦିଆଯାଇନଥିଲା। ବର୍ତ୍ତମାନ ମୃତ ଶ୍ରମିକଙ୍କ ପରିବାରକୁ ସରକାର କ୍ଷତି ପୂରଣ ଯୋଗାଇବା ସହ ପରିବାରକୁ ଆବାସ ଓ ପେନସନ ଯୋଗାଇଦେବା ପାଇଁ ଗ୍ରାମବାସୀ ଦାବି କରିଛନ୍ତି।

## ବିଇଓଙ୍କୁ ଘେରିଲେ ବିଭିନ୍ନ ବର୍ଗର ଶିକ୍ଷକ



ବୈପାରୀଗୁଡା,୮।୮(ସମିସ): ଶିକ୍ଷକଙ୍କୁ ମିଳୁନି ଦରମା। ଏଥିଲାଗି ବିଇଓଙ୍କୁ ଘେରିଲେ ବିଭିନ୍ନ ବର୍ଗର ଶିକ୍ଷକ ଶିକ୍ଷୟତ୍ରୀ। ବୈପାରୀଗୁଡା ବ୍ଲକ ସଦର ମହକୁମା ସ୍ଥିତ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ବ୍ଲକର ବିଭିନ୍ନ ବର୍ଗର ଶିକ୍ଷକ ଶିକ୍ଷୟିତ୍ରୀ ପହଞ୍ଚି ସ୍ଥାନୀୟ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁକାନ୍ତ କର୍ତ୍ତାମୀଙ୍କୁ ଘେରିଛନ୍ତି। ଶିକ୍ଷକଙ୍କ ଅଭିଯୋଗ ଅନୁଯାୟୀ, ବୈପାରୀଗୁଡା ବ୍ଲକର ଏକ୍ସ କ୍ୟାଡର୍‌ର ୯୦ ଜଣ ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟରତ ଥିବା ବେଳେ ଚାରିଜଣ ଗଣଶିକ୍ଷକ ଓ ୬ ଜଣ କନିଷ୍ଠ ଶିକ୍ଷକ, ଶିକ୍ଷା ସହାୟକ ପଚାଶ ଜଣ ଏବଂ ଜଣେ ପିଟିଆଇ ଶିକ୍ଷକ ଅଛନ୍ତି। କିନ୍ତୁ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ଏବିଇଓ ପଦବୀ ଖାଲି ଥିବା ଯୋଗୁଁ କାର୍ଯ୍ୟରତ ଶିକ୍ଷକଙ୍କ ଜୁଲାଇ ମାସର ଦରମା ମିଳିନି। ତେଣୁ ସେମାନେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ଏନେଇ ବିଇଓ କହିଛନ୍ତି ଯେ, ଏହି ସମସ୍ୟା ନେଇ ଡିଇଓଙ୍କ ସହ ଆଲୋଚନା କରିଛନ୍ତି, ଅତିଶୀଘ୍ର ଏହାର ସମାଧାନ କରାଯିବ।

# ସେମିଳିଗୁଡା ମହାବିଦ୍ୟାଳୟର ପ୍ରତିଷ୍ଠା ଦିବସ ପାଳିତ

ସେମିଳିଗୁଡ଼ା,୮।୮ (ସମିସ): କୋରାପୁଟ ଜିଲ୍ଲା ସେମିଳିଗୁଡା ମହାବିଦ୍ୟାଳୟର ୪୦ତମ ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଓଡ଼ିଶାର



ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା, ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ମତ୍ସ୍ୟ ଓ ପ୍ରାଣୀ ସମ୍ପଦ, କ୍ଷୁଦ୍ର, ଲଘୁ, ମାଧ୍ୟମ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ଼ ବିଧାୟକ ରୁପ ଭତ୍ରା, ପ୍ରତିଷ୍ଠାତା କୃଷ୍ଣ ସିଂହ, ପ୍ରଧାନ ଶାସନ ସଚିବ ଶୋଭା ଶର୍ମା, ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନ, ଆରକ୍ଷୀ ଅଧିକ୍ଷକ ରୋହିତ ବର୍ମା, ଉପ ଜିଲ୍ଲାପାଳ ତଥା ପରିଚାଳନା କମିଟିର ସଭାପତି ପ୍ରେମ ଲାଲ୍ ହିଆଲ୍ ପ୍ରମୁଖ ମଞ୍ଚାସୀନ ଥିଲେ। ଉପ-ମୁଖ୍ୟ ମନ୍ତ୍ରୀ ପ୍ରଭାତୀ ପରିଡା ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଚାଳିଶ ବର୍ଷ ପୂର୍ବେ ଏହି ଆଦିବାସୀ ଉପାନ୍ତ ଅଞ୍ଚଳରେ ସେମିଳିଗୁଡା ମହାବିଦ୍ୟାଳୟ ପରି ମହାବିଦ୍ୟାଳୟର ପରିକଳ୍ପନା କରିବା ଓ ତାକୁ ରୂପ ଦେଇଥିବା ବ୍ୟକ୍ତି ବିଶେଷ ସମ୍ପ୍ରତି ଆମର ଅଗ୍ରପୂଜ୍ୟ ବୋଲି ମତ ଦେବା ସହ କଲେଜ ପ୍ରତିଷ୍ଠାତା ଶ୍ରୀକୃଷ୍ଣ ସିଂହଙ୍କ ଅନୁରୋଧ କ୍ରମେ ଏକ ଅଡିଟୋରିୟମ ନିର୍ମାଣ କରିବାର ପ୍ରତିଶୃତି ଦେଇଛନ୍ତି। ଗଣ ଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ନୂତନ ଶିକ୍ଷା ନୀତିର ପ୍ରଭାବ ଶିକ୍ଷା କ୍ଷେତ୍ରରେ ପରିବର୍ତ୍ତନ ଆଣିବା ସହ ଶିକ୍ଷା ପରିସରରେ ଗୁଣାତ୍ମମାନ ବୃଦ୍ଧି ଏବଂ ବେକାରୀ ସମସ୍ୟା ଦୂରୀକରଣରେ ମୁଖ୍ୟ ଭୂମିକା ଗ୍ରହଣ କରିବ ବୋଲି ମତ ଦେଇଥିଲେ। ଅଧ୍ୟକ୍ଷା ଡ. ଝାନ୍ସୀ ସିଂହ ସ୍ୱାଗତ ଭାଷଣ ଦେବା ଅବସରରେ ମହାବିଦ୍ୟାଳୟର ଶିଳାନ୍ୟାସ ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ଦୀର୍ଘ ଚାଳିଶ ବର୍ଷର ବିକାଶ ଯାତ୍ରାକୁ ଉତ୍‌ଥାପନ କରିବା ସହ ଉନ୍ନତ ଖେଳ ପଡିଆ, ଆଡିଟୋରିୟମ, ଶ୍ରେଣୀ ଗୃହର ଆବଶ୍ୟକତା ସମ୍ପର୍କରେ ଦୃଷ୍ଟି ଆକର୍ଷଣ କରିଥିଲେ। ପୂର୍ବତନ ପରିଚାଳନା କମିଟିର ସଭ୍ୟ ଶ୍ରୀ ପ୍ରକାଶ ପାତ୍ର, ପ୍ରଶାନ୍ତ ମହାନ୍ତି, କୈଳାସ ପଣ୍ଡା, ଅବସର ପ୍ରାପ୍ତ ଅଧ୍ୟକ୍ଷ, ଅଧ୍ୟାପକ, ଅଧ୍ୟାପିକା ଯଥା ରବିନାରାୟଣ ସୁତାର, ନୀଳାଞ୍ଚଳ ଆଚାର୍ଯ୍ୟ, ଡ. ଚିତ୍ତରଞ୍ଜନ ମିଶ୍ର, ଉମା ଶଙ୍କର ପ୍ରସାଦ ପାତ୍ର, ବାସନ୍ତୀ ପଟ୍ଟନାୟକ, ଆମ୍ବିକାବଲ୍ଲଭ ବାହିନୀପତିଙ୍କ ସମେତ ଅଧ୍ୟାପିକା, ସେମିଳିଗୁଡର ବହୁ ବ୍ୟକ୍ତିଙ୍କ ସମେତ ହଜାରରୁ ଅଧିକ ଛାତ୍ରଛାତ୍ରୀ ଯୋଗଦେଇ ସଭା କାର୍ଯ୍ୟକୁ ସାଫଲ୍ୟ ମଣ୍ଡିତ କରିଥିଲେ। ମହାବିଦ୍ୟାଳୟ ପରିସରରେ ଅତିଥି ମାନେ ବୃକ୍ଷ ରୋପଣ କରିଥିଲେ। ବ୍ରହ୍ମକୁମାରୀଙ୍କ ଦ୍ୱାରା ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ରାକ୍ଷୀ ବାନ୍ଧିଥିଲେ।

# ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଶିକ୍ଷକ ସଂଘର ପ୍ରତିବାଦ ସଭା

କୋରାପୁଟ,୮।୮(ସମିସ):

ବିଭିନ୍ନ ଦାବି ନେଇ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ କର୍ମଚାରୀ ସମନ୍ୱୟ ସମିତି କୋରାପୁଟ ଜିଲ୍ଲା ଶାଖା ପକ୍ଷରୁ ଶୁକ୍ରବାର ଜିଲ୍ଲାପାଳ ଅଫିସ ସମ୍ମୁଖରେ ପ୍ରତିବାଦ ସଭା କରାଯାଇଛି। ଆବାହକ ତଥା ଜିଲ୍ଲା ଓଷ୍ଟା ସମ୍ପାଦକ ଅଶୋକ କୁମାର ପଟ୍ଟନାୟକଙ୍କ ନେତୃତ୍ୱରେ ଆଜି ଜିଲ୍ଲାପାଳ କାର୍ଯ୍ୟାଳୟ ସମ୍ମୁଖରେ ପ୍ରତିବାଦ ସଭା ସହିତ ଧାରଣା ଦିଆଯାଇଥିଲା। ସହକାରୀ ଜିଲ୍ଲାପାଳ ସୁମିତ ଚନ୍ଦନ ଭୂଷଣଙ୍କୁ ୫ଦଫା ଦାବିପତ୍ର ପ୍ରଦାନ କରାଯାଇଥିଲା। ଶିକ୍ଷକ ଓ କର୍ମଚାରୀଙ୍କ ସମସ୍ୟା ସମ୍ପର୍କରେ ସରକାରଙ୍କ ସହ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଥିଲା। କିନ୍ତୁ ପରିତାପର ବିଷୟ ନୂଆ ସରକାର ଆସିବାର ଏକବର୍ଷରୁ ଅଧିକ ସମୟ ଅତିବାହିତ ହୋଇଥିଲେ ମଧ ଶିକ୍ଷକ ମାନଙ୍କ ସମସ୍ୟା ସମାଧାନ ଦିଗରେ ବିଜେପି ନିରବ ରହିଛି। ଦାବି ପୂରଣ ଦିଗରେ କୌଣସି ଠୋସ ପଦକ୍ଷେପ ନ ନେବା ଶିକ୍ଷକ ଓ କର୍ମଚାରୀ



ମାନଙ୍କୁ ଆନ୍ଦୋଳନ ମାର୍ଗକୁ ଟାଣି ନେବାକୁ ବାଧ୍ୟ କରୁଛି ବୋଲି ସଂଘ ଅଭିଯୋଗ କରିଛି। ଆନ୍ଦୋଳନ କେବଳ ଦରମା ବୃଦ୍ଧି ନୁହେଁ ବରଂ ଶିକ୍ଷା ବ୍ୟବସ୍ଥାର ପରିପର୍ତ୍ତନ ସହ ଶିକ୍ଷକ ମାନଙ୍କ ଦାବୀ ଗୁଡିକ ମଧ୍ୟରେ ୨୦୧୩ ଅନୁଦାନ ଆଇନରୁ ବାଦ ପଡିଥିବା ୧୯୪ ଟି ଅନୁଦାନ ଯୋଗ୍ୟ ବିଦ୍ୟାଳୟକୁ ଅନୁଦାନ ପ୍ରଦାନ, ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟ ଓ ମହାବିଦ୍ୟାଳୟ ଗୁଡିକରୁ ଅବସର ନେଇଥିବା ଓ କାର୍ଯ୍ୟରତ ଶିକ୍ଷକ ଓ କର୍ମଚାରୀ ମାନଙ୍କ ପାଇଁ ଚାକିରୀ ସର୍ତ୍ତାବଳୀ ସହିତ ପେନସେନ ଓ ଅବସର କାଳୀନ ସୁବିଧା ସମେତ ବିଭିନ୍ନ ଦାବି ଉପସ୍ଥାପନ କରାଯାଇଛି। ଜିଲ୍ଲାପାଳଙ୍କ ଜରିଆରେ ଦାବିପତ୍ର ମୁଖ୍ୟମନ୍ତ୍ରୀ, ଗଣ ଶିକ୍ଷାମନ୍ତ୍ରୀ, ଉଚ୍ଚ ଶିକ୍ଷା ମନ୍ତ୍ରୀ ଏବଂ ମୁଖ୍ୟ ଶାସନ ସଚିବଙ୍କ ଉଦେଶ୍ୟରେ ପ୍ରଦାନ କରା ଯାଇଛି। ୧୫ ତାରିଖ ସୁଦ୍ଧା ସରକାର କୌଣସି ନିଷ୍ପତି ନ ନେଲେ ୧୭ ତାରିଖରୁ ବିଧାନସଭା ସମ୍ମୁଖରେ ବିଶାଳ ସମାବେଶ କରାଯିବ ଏବଂ ରାଜ୍ୟ ନେତୃତ୍ୱ ଯାହା ନିଷ୍ପତି ନେବେ ତାକୁ କୋରାପୁଟ ଜିଲ୍ଲା ଗ୍ରହଣ କରିବେ ବୋଲି ଜିଲ୍ଲା ଓଷ୍ଟା ସଂପାଦକ ତଥା ଜିଲ୍ଲା ଆବାହକ ଅଶୋକ କୁମାର ପଟନାୟକ ଚେତାବନୀ ଦେଇଛନ୍ତି। ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା ସଭାପତି ସୁଶାନ୍ତ କୁମାର ଖୁଣ୍ଟିଆ, ରାଜ୍ୟ ଉପ ସଭାପତି ବିଜୟ କୁମାର ଭଟ,ଜିଲ୍ଲା ଉପସଭାପତି ପ୍ରସନ୍ନ କୁମାର ଦାସ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଦେବେନ୍ଦ୍ର କୁମାର ବୈଦ୍ୟ, ଜିଲ୍ଲା କାଯ୍ୟକାରୀ ସଭାପତି ଦିବାକର ରାଓ, ଜିଲ୍ଲା ଓଷ୍ଟା ଉପଦେଷ୍ଟା ଅକ୍ଷୟ କୁମାର ସ୍ୱାଇଁ, ଜିଲ୍ଲା ଯୁଗ୍ମ ସମ୍ପାଦକ ଭଞ୍ଜ କିଶୋର ରାଉତ, ୬୬୨ କଲେଜ ସଂଘର ନେତା ଦିଲପ କୁମାର ମହାନ୍ତି , ଗତି କୃଷ୍ଣ ବାରିକ, ଦିଲପ କୁମାର ସାହୁ, ଅକ୍ଷୟ କୁମାର ଜେନା, ଧରଣୀଧର ବିଶୋଇ, ପ୍ରମୁଖଙ୍କ ସମେତ ଶିକ୍ଷକ, ଶିକ୍ଷୟତ୍ରୀ ଓ କର୍ମଚାରୀ ଯୋଗ ଦେଇଥିଲେ।

# ସମ୍ପାଦକୀୟ



ବଡ଼ ସ୍ୱପ୍ନ, କଠିନ ପରିଶ୍ରମ, ବିନୟୀ, ସକାରାତ୍ମକ ଲୋକଙ୍କ ଗହଣ ହିଁ ସଫଳତାର ମନ୍ତ୍ର।

-ସୁନିତା ୱିଲିୟମସ୍

ସକାଳ
THE SAKALA

## ସନ୍ଧିକ୍ଷଣରେ ଭାରତ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତୀୟ ଉତ୍ପାଦ ଉପରେ ପ୍ରଥମ ଦଫାରେ ୨୫% ଶୁଳ୍କ ଲାଗୁ କରିଥିବା ବେଳେ ଦ୍ୱିତୀୟ ଦଫାରେ ଆଉ ୨୫% ଏପରି ୫୦% ଶୁଳ୍କ ଲାଗୁ କରିଛନ୍ତି। ଏହିକ୍ରମରେ ବିଶ୍ୱ ବାଣିଜ୍ୟରେ ଆମେରିକା ଦ୍ୱାରା ସର୍ବାଧିକ ଶୁଳ୍କ ଧାର୍ଯ୍ୟ କରାଯାଇଥିବା ରାଷ୍ଟ୍ର ଭାବେ ଭାରତ ଏକ ଅଲୋଡ଼ା ରେକର୍ଡ ସୃଷ୍ଟି କରିଛି। ଭାରତ ଉପରେ ଶୁଳ୍କ ପ୍ରହାର ପଛରେ ଟ୍ରମ୍ପ ଦୁଇଟି କାରଣ ଦର୍ଶାଇଛନ୍ତି। ପ୍ରଥମତଃ, ରୁଷରୁ ତୈଳ ଆମଦାନୀ ଏବଂ ଦ୍ୱିତୀୟତଃ, ଆମେରିକୀୟ କୃଷି ଉତ୍ପାଦ ପାଇଁ ଭାରତୀୟ ବଜାରରେ କଟକଣା। ଭାରତ ଏହି ଦୁଇଟିରେ କୋହଳ ନୀତି ନ ଆପଣେଇଲେ ଭବିଷ୍ୟତରେ ଆହୁରି ଅଧିକ ଶୁଳ୍କ ଧାର୍ଯ୍ୟ କରାଯିବ ବୋଲି ଟ୍ରମ୍ପ ଧମକ ଦେଇଛନ୍ତି। ହୁଏତ ଚପଳମତି ଟ୍ରମ୍ପ ଶୁଳ୍କ ନୀତିକୁ ପ୍ରତ୍ୟାହାର କରିପାରନ୍ତି, ଯାହା ଦ୍ୱିପାକ୍ଷିକ ଆଲୋଚନା ଏବଂ ଭାରତର କୂଟନୈତିକ ବିଚକ୍ଷଣତା ଉପରେ ନିର୍ଭର କରୁଛି। ଯଦି ଟ୍ରମ୍ପଙ୍କ ସାମ୍ପ୍ରତିକ ଶୁଳ୍କ ନୀତି ବଳବତ୍ତର ରହେ ତେବେ ଭାରତୀୟ ଅର୍ଥନୀତି ପ୍ରଭୂତ କ୍ଷତି ସହିବ ବୋଲି ଅର୍ଥନୀତିଜ୍ଞମାନେ ମତ ଦେଇଛନ୍ତି। ଭାରତୀୟ ଅଭିବୃଦ୍ଧି ହାର ୦.୬% ହ୍ରାସ ପାଇବ ବୋଲି ଗୋଲ୍ଡମ୍ୟାନ୍ ସାଚେଟ୍ ଆକଳନ କରିଛି।

ଆକଳନ ସଂଖ୍ୟାରେ ଫରକ୍ ରହିଲେ ମଧ୍ୟ ଭାରତୀୟ ଅର୍ଥନୀତି ଯେ ପ୍ରଭାବିତ ହେବ ତାହା ନିଶ୍ଚିତ। ଏଥିସହିତ ବିଶ୍ୱରେ ତୃତୀୟ ବୃହତ୍ ଅର୍ଥନୀତି ହେବାର ସ୍ୱପ୍ନ ମଧ୍ୟ ମଉଳି ଯିବ, ଯାହାର ପ୍ରଭାବ ବିଶ୍ୱରେ ଭାରତର ସ୍ଥିତି, ସାମର୍ଥ୍ୟ, ଗୁରୁତ୍ୱ ଓ ମର୍ଯ୍ୟାଦାକୁ ହାନିପହଞ୍ଚାଇବ। ଏହାଦ୍ୱାରା ମଧ୍ୟ ବିଶ୍ୱରେ ଭାରତର କୂଟନୈତିକ ପ୍ରଭାବ କେତେକାଂଶରେ ହ୍ରାସ ପାଇ ଏସିଆର ଭୂରାଜନୈତିକ ସମୀକରଣକୁ ଓଲଟପାଲଟ କରିଦେବ ବୋଲି ଏବେଠାରୁ ଅନୁମାନ କରାଗଲାଣି। ଆମେରିକା ବଜାରରେ ଭାରତର ସ୍ଥାନ ଅବିଳମ୍ବେ ପୂରଣ ପାଇଁ ଚୀନ ଆଦୌ ଅବହେଳା କରିବ ନାହିଁ। ଅପରପକ୍ଷରେ ଭାରତ-ଆମେରିକା ଦୂରତ୍ୱ ବଢ଼ିଲେ ତାହାର ଫାଇଦା ପାକିସ୍ତାନ ଉଠାଇବା ଅସମ୍ଭବ ନୁହେଁ। ତେଣୁ ଭାରତ ପାଇଁ କୂଟନୈତିକ ସ୍ତରରେ ୧୯୬୦ ଦଶକର ସ୍ଥିତିର ପୁନରାବୃତ୍ତି ହେବାକୁ ଯାଉଛି ବୋଲି କହିଲେ ଭୁଲ୍ ହେବ ନାହିଁ। ସେତେବେଳେ ହିନ୍ଦୀ-ଚୀନୀ ଭାଇ ଭାଇ ନାରା ଦେଇ ଚୀନ୍ ଭାରତ ଉପରେ ଆକ୍ରମଣ କରିଥିଲା ଏବଂ ଏବେ ଟ୍ରମ୍ପ ଭାରତକୁ ବନ୍ଧୁ ବୋଲି ସମ୍ବୋଧନ କରି ଦାଉ ସାଧିଛନ୍ତି। ସେତେବେଳର ଗୁଳିଗୋଳା ଆକ୍ରମଣ ଏବେ କେବଳ ଯାହା ବାଣିଜ୍ୟ ଶୁଳ୍କରେ ରୂପାନ୍ତରିତ ହୋଇଛି।

ଭାରତ ଏବେ ଏଭଳି ଏକ ସନ୍ଧିକ୍ଷଣରେ ଉପନୀତ, ଯେଉଁଠି ଆଭ୍ୟନ୍ତରୀଣ ସ୍ୱାର୍ଥର ସୁରକ୍ଷା ଏବଂ ଆନ୍ତର୍ଜାତିକ ସମ୍ପର୍କ - ଏ ଦୁଇଟି ମଧ୍ୟରୁ ଗୋଟିକୁ ବାଛିବାକୁ ପଡ଼ିବ। ଯଦି ଆମେରିକାର ସର୍ତ୍ତରେ ଭାରତ ରାଜି ହୁଏ ତେବେ ବାଣିଜ୍ୟ ଅର୍ଥନୀତିରେ ସୁଧାର ଆସିବ ସତ, କିନ୍ତୁ ଦେଶର ଗରିବ କୃଷକ, ମତ୍ସ୍ୟଜୀବୀ, ଖାଉଟିଙ୍କ ସ୍ୱାର୍ଥ ବଳି ପଡ଼ିବ। ଯଦି ଦେଶବାସୀଙ୍କ ସ୍ୱାର୍ଥକୁ ସୁରକ୍ଷା ଦେବାକୁ ଭାରତ ସରକାର ବଦ୍ଧ ପରିକର ହୁଅନ୍ତି ତେବେ ଆମେରିକା ଅପମାନିତ ହୋଇ ଆହୁରି ଅଧିକ ଦାଉ ସାଧିବ। ଏପରିକି ଏବେ ରୁଷ ଓ ଇରାନ୍ ଉପରେ ଯେଭଳି କଟକଣା ଲାଗୁ ହୋଇଛି ସେଭଳି କଟକଣା ଭାରତ ଉପରେ ଲାଗୁ ହେବା ବିଚିତ୍ର ନୁହେଁ। ରୁଷ୍ ଓ ଇରାନ୍ ସେମାନଙ୍କର ଆର୍ଥିକ, ରାଜନୈତିକ, ଭୌଗୋଳିକ ସ୍ଥିତି ଦୃଷ୍ଟିରୁ ଆମେରିକା କଟକଣା ଝଡ଼କୁ ସମ୍ଭାଳି ନେବାର କ୍ଷମତା ରଖିଛନ୍ତି। କିନ୍ତୁ ଆମେରିକୀୟ କଟକଣା ଲାଗିଲେ ଭାରତର ବିକାଶ ପଛକୁ ଚାଲିଯିବ। ଭାରତ ଏବେ କୃଷି ଓ ଅର୍ଥନୀତିରେ ସ୍ୱାବଲମ୍ବନଶୀଳ ହୋଇସାରିଥିବାରୁ ସେ ଦିଗରେ ବିଶେଷ କ୍ଷତିଗ୍ରସ୍ତ ହେବ ନାହିଁ। କିନ୍ତୁ ସେମିକଣ୍ଡକ୍ଟର, ଏଆଇ, କ୍ୱାଣ୍ଟମ୍ କମ୍ପ୍ୟୁଟିଂ ପରି କ୍ଷେତ୍ରରେ ଗୁରୁତର ପ୍ରଭାବିତ ହେବ। ଭାରତ ମୁଖ୍ୟତଃ ସେବା ଓ ବୈଷୟିକ ଜ୍ଞାନକୌଶଳକୁ ପାଥେୟ କରି ବିଶ୍ୱର ତୃତୀୟ ବୃହତ୍ ଅର୍ଥନୀତି ହେବାର ଯୋଜନା କରିଥିବାରୁ ଉପରୋକ୍ତ କ୍ଷେତ୍ର ପ୍ରଭାବିତ ହେଲେ ଭାରତର ବିକାଶ ଓ ଅର୍ଥନୀତି ନିମ୍ନଗାମୀ ହେବା ସୁନିଶ୍ଚିତ।

ଏଭଳି ଏକ ସନ୍ଧିକ୍ଷଣରେ ଭାରତ କ'ଣ କରିବା ଉଚିତ ଓ ଅନୁଚିତ ସେ ସମ୍ପର୍କରେ ବିଶେଷଜ୍ଞମାନେ ପରାମର୍ଶ ଓ ମତାମତ ଦେଉଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଆମେରିକାର ଚାପ ଆଗରେ ଭାରତ ନଇଁବ ନାହିଁ ଏବଂ ଭାରତୀୟ କୃଷି ଓ କୃଷକଙ୍କ ସ୍ୱାର୍ଥର ସୁରକ୍ଷାକୁ ଅଗ୍ରାଧିକାର ଦିଆଯିବ ବୋଲି ଦୃଢ଼ୋକ୍ତି କରିଛନ୍ତି। ଏହି ପୃଷ୍ଠଭୂମିରେ ଭାରତ ପାଇଁ ଏକମାତ୍ର ଭରସା ହେଉଛି 'ବ୍ରିକ୍ସ'। ଇତିମଧ୍ୟରେ ରୁଷ୍ ଓ ଚୀନ୍ ଆମେରିକାର ଭାରତବିରୋଧୀ ବାଣିଜ୍ୟ ଆଭିମୁଖ୍ୟକୁ ନିନ୍ଦା କରିଛନ୍ତି। ପ୍ରଧାନମନ୍ତ୍ରୀ ଶ୍ରୀମୋଦୀ ରୁଷ୍ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନ୍‌ଙ୍କ ସହିତ କଥାବାର୍ତ୍ତା କରିଛନ୍ତି। ପୁଟିନ୍ ଚଳିତ ବର୍ଷ ଶେଷ ଭାଗରେ ଭାରତ ଗସ୍ତ କରିବାର କାର୍ଯ୍ୟକ୍ରମ ରହିଛି। ଆଗାମୀ 'ଏସ୍‌ସିଓ' ବୈଠକରେ ଏ ସମ୍ପର୍କରେ ବିସ୍ତୃତ ଆଲୋଚନା ଓ ରଣନୀତି ପ୍ରସ୍ତୁତ ହେବ ବୋଲି ଆଶା। ବିଶେଷକରି 'ବ୍ରିକ୍ସ'ର କାୟାବିସ୍ତାର ହେବାର ସମ୍ଭାବନା ଉଜ୍ଜ୍ୱଳ ହେଉଥିବାରୁ ସଦସ୍ୟ ରାଷ୍ଟ୍ରଙ୍କ ସହଯୋଗ ବୃଢ଼ ରହିଲେ ଭାରତ ଆମେରିକା ଶୁଳ୍କ ଝଡ଼କୁ ସଫଳତାର ସହ ମୁକାବିଲା କରିପାରିବ। କିନ୍ତୁ ଯୁଦ୍ଧରେ ଲିପ୍ତ ରୁଷ୍ ଭାରତକୁ କେବଳ ରିହାତି ତୈଳ ଦେବା ଛଡ଼ା ଅନ୍ୟ କ୍ଷେତ୍ରରେ କେତେ ସହାୟତା କରିପାରିବ ତାହାକୁ ନେଇ ପ୍ରଶ୍ନ ଉଠୁଛି। ଦକ୍ଷିଣ ଆଫ୍ରିକା ଓ ବ୍ରାଜିଲ୍‌ର ଆମେରିକାର ନାଲିଆଖିକୁ ମୁକାବିଲା ଶକ୍ତି ଉପରେ ଭରସା କରିହେବ ନାହିଁ। ଯଦି ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଚୀନ୍ ମନରେ ଭାରତକୁ ଅର୍ଥନୀତିର ଦୌଡ଼ରେ ବହୁପଛରେ ଛାଡ଼ିବା ଚିନ୍ତା ଆସେ ତେବେ 'ବ୍ରିକ୍ସ' ନୀତି ଓ ସଂକଳ୍ପ ସମାନ୍ତରାଳରେ ଚୀନ୍ ଆମେରିକା ସହିତ ସାଲିସ୍ କରିବା ବିଚିତ୍ର ନୁହେଁ। ଯେଭଳି ଭାବେ ଜାପାନ୍, ୟୁରୋପ, ୟୁକେ, ଦକ୍ଷିଣ କୋରିଆ, ପାକିସ୍ତାନ, ଭିଏତ୍‌ନାମ ଆଦି ବୃହତ୍ ଓ କ୍ଷୁଦ୍ର ଅର୍ଥନୀତି ଦେଶମାନେ ଆମେରିକା ପାଖରେ ନିଜ ଦେଶର ସ୍ୱାର୍ଥ ପାଇଁ ଏକପ୍ରକାର ଆତ୍ମସମର୍ପଣ କରିବା ଭଳି ବାଣିଜ୍ୟ ଚୁକ୍ତି କରିଛନ୍ତି ସେହି ପୃଷ୍ଠଭୂମିରେ ଭାରତ ଏତେ ଶୀଘ୍ର ଭରସାଯୋଗ୍ୟ ବାଣିଜ୍ୟ-ବନ୍ଧୁ ପାଇବା କଷ୍ଟକର।

ଟ୍ରମ୍ପଙ୍କ ଶୁଳ୍କ ପ୍ରହାର କେବଳ ଭାରତୀୟ ବାଣିଜ୍ୟ ଓ ଅର୍ଥନୀତି ଉପରେ ନୁହେଁ, ବରଂ ରାଜନୀତିକୁ ମଧ୍ୟ ପ୍ରଭାବିତ କରିବାକୁ ଯାଉଥିବା ବିଶେଷଜ୍ଞମାନେ ମତ ଦେଇଛନ୍ତି। ଯଦି ଆମେରିକା ସହିତ ଭାରତ ସରକାର ସାଲିସ୍ କରନ୍ତି ତେବେ ତାହା ଦେଶ ଓ ଦେଶବାସୀଙ୍କ ସ୍ୱାର୍ଥର ପରିପନ୍ଥୀ ହେବ ବୋଲି ବ୍ୟାଖ୍ୟାନ ସୃଷ୍ଟି ହେବ। ଅପରପକ୍ଷରେ ଯଦି ଆମେରିକା ଅଧିକ ଦାଉ ସାଧେ ତେବେ ସରକାରଙ୍କ କୂଟନୀତିକୁ ନେଇ ପ୍ରଶ୍ନ ଉଠିବ। ତେଣୁ ଆମେରିକା ଭାରତର ଅର୍ଥନୀତି, ରାଜନୀତି ଓ କୂଟନୀତି ଉପରେ ପ୍ରହାର କରିବା ପାଇଁ ସୁଚିନ୍ତିତ ଯୋଜନାରେ ଶୁଳ୍କ ଭଳି ଅସ୍ତ୍ରକୁ ବାଛିଛି, ଏହାକୁ ଅସ୍ୱୀକାର କରାଯାଇପାରିବ ନାହିଁ। ତେଣୁ ଆଗକୁ ଭାରତ ଯେଉଁ ପଥୁରିତ ଓ କଣ୍ଟକିତ ରାସ୍ତାରେ ଚାଲିବାକୁ ଯାଉଛି, ତାକୁ କିପରି ସାବଲୀଳକ୍ରମେ ଅତିକ୍ରମ କରିବା କିମ୍ବା ଏଡ଼ାଇ ଯାଇ ବିକଳ୍ପ ରାସ୍ତା ଆବିଷ୍କାର କରିପାରିବ ତାହା ଉପରେ ଭାରତର ଭବିଷ୍ୟତ ନିର୍ଭର କରୁଛି।

# କାହିଁକି ହେଉଛି ଆତ୍ମାହୁତିର ଅନୁକରଣ ?

**ଡକ୍ଟର ଅବଶ ପରିଡ଼ା**

ଏଫ୍ଏମ୍ କଲେଜ ଛାତ୍ରୀ ଆତ୍ମାହୁତିର ଦୁଃଖଦ ଘଟଣା ପରେ ଓଡ଼ିଶାର ଆଉ କିଛି ସ୍ଥାନରେ ଆତ୍ମାହୁତି ବା ଆତ୍ମହତ୍ୟା ଉଦ୍ୟମ ଦେଖିବାକୁ ଓ ଶୁଣିବାକୁ ମିଳିଛି। ଏହିସବୁ ଆତ୍ମହତ୍ୟା ପାଇଁ ସରକାରୀ, ଅଣସରକାରୀ, ରାଜନୈତିକ, ସ୍ଥାନୀୟ ଓ ସାମାଜିକ ସ୍ତରରେ ଅନେକ କାରଣ ଦର୍ଶାଯାଇଛି। ବିଳମ୍ବିତ ନ୍ୟାୟ, ଆଇନର ଦୁର୍ବଳ ରୂପାୟନ, ସାଙ୍ଗସାଥୀଙ୍କ ଚାପ, ମାନସିକ ଦୁର୍ବଳତା ଓ ଅବସାଦ, ଉପଯୁକ୍ତ ପରାମର୍ଶର ଅଭାବ ଇତ୍ୟାଦିକୁ ଆତ୍ମହତ୍ୟା ପଛର କାରଣ ଭାବେ ବର୍ତ୍ତମାନ ପର୍ଯ୍ୟନ୍ତ ବର୍ଣ୍ଣିତ। ସାମାଜିକ ମହାମାରୀ ରୂପେ କାୟା ବିସ୍ତାର କରୁଥିବା ଆତ୍ମତ୍ୟାର ପ୍ରାୟ ସମସ୍ତ ଦିଗକୁ ନେଇ ଅସଂଖ୍ୟ ପ୍ରବନ୍ଧ, ପ୍ରକାଶନ ଓ ଗବେଷଣା କରାଯାଇଛି। ତେଣୁ ଆଜିର ବିଶ୍ଳେଷଣ ଆତ୍ମହତ୍ୟାର କାରଣ ଓ ନିରାକାରଣ ନୁହେଁ, ବରଂ ଏକ ଅଣୁବୀକ୍ଷଣିକ ବିନ୍ଦୁ ଉପରେ ଆଧାରିତ। ତାହା ହେଉଛି 'ପୀଡ଼ିତ/ ପୀଡ଼ିତାମାନେ ଆତ୍ମହତ୍ୟା ପାଇଁ କାହିଁକି ଆତ୍ମାହୁତି ଭଳି ସମାନ ପ୍ରକ୍ରିୟା ବାଛିଲେ?'

ଅନୁକରଣୀୟ ଆତ୍ମହତ୍ୟାରେ ଦୁଇଟି ଦିଗ ଅଛି। ପ୍ରଥମ, ଆତ୍ମହତ୍ୟା ଯେଉଁଠି ପରିଣାମ ଘାତକ ଏବଂ ବ୍ୟକ୍ତିର ମୃତ୍ୟୁ ସୁନିଶ୍ଚିତ। ଅନ୍ୟଟି ହେଉଛି ପେରା-ଆତ୍ମହତ୍ୟା, ଯେଉଁଠାରେ ବ୍ୟକ୍ତି ମରିବାକୁ ଚାହେଁନାହିଁ, କିନ୍ତୁ ଜାଣିଶୁଣି ହିସାବ କରି ନିଜକୁ କ୍ଷତି ପହଞ୍ଚାଇଥାଏ କିମ୍ବା ସମ୍ଭାବ୍ୟ ଘାତକ ଆଚରଣରେ ଲିପ୍ତ ହୁଏ। ଏହା ପ୍ରାୟତଃ ସାହାଯ୍ୟ ପାଇଁ ଚିତ୍କାର, ସମସ୍ୟା ମୁକାବିଲା କରିବାର ଏକ ପଦ୍ଧତି କିମ୍ବା ମାନସିକ ଯନ୍ତ୍ରଣା ପ୍ରକାଶ କରିବାର ଏକ ମାଧ୍ୟମ। କିନ୍ତୁ ଅନେକ ସମୟରେ ନିଜ ଭୁଲ ପାଇଁ ପୀଡ଼ିତଙ୍କ ଅନିଚ୍ଛାକୃତ ମୃତ୍ୟୁ ହୋଇଯାଏ। ସମାଜଶାସ୍ତ୍ରୀଙ୍କ ମତରେ ମୌଖିକ ଯୋଗାଯୋଗ ବିଫଳତା ହିଁ ପେରା-ଆତ୍ମହତ୍ୟାର ଉତ୍ପତ୍ତି। ଏକ ରିପୋର୍ଟ ଅନୁଯାୟୀ ୬୦% ରୁ ଅଧିକ କିଶୋରୀ ଓ ଛାତ୍ରୀ ପେରା-ଆତ୍ମହତ୍ୟାର ଶିକାର।

କୁହାଯାଏ 'ସମାଜ ଅନୁକରଣ ଉପରେ ଆଧାରିତ ଏବଂ ଅନୁକରଣ ହେଉଛି ଏକପ୍ରକାରର ସାମାଜିକ ସଂକ୍ରମଣ।' ଏଠାରେ ଏକ ଉଦାହରଣ ନେବା। ମାଇକ୍ରୋନେସିଆ ଏକ ଦ୍ୱୀପପୁଞ୍ଜର ଦେଶ। ଉଣେଇଶ ଅଶୀଦଶକରେ ଦୁନିଆର ଅନ୍ୟଦେଶମାନଙ୍କ ଅପେକ୍ଷା ମାଇକ୍ରୋନେସିଆରେ ମୁଣ୍ଡପିଛା ଆତ୍ମହତ୍ୟାର ସଂଖ୍ୟା ସାତଗୁଣ ବୃଦ୍ଧି ପାଇଥିଲା। ସମସ୍ତ ପୀଡ଼ିତ ଓ ମୃତକ ଥିଲେ କିଶୋର ବର୍ଗର। ଛୋଟଛୋଟ କଥାରେ, ଯେମିତିକି ବାପାଙ୍କ ଗାଳି ସହି ନ ପାରି କିମ୍ବା ପକେଟ ଖର୍ଚ୍ଚ ପାଇଁ ଅତିରିକ୍ତ ଟଙ୍କା ନମିଳିବାରୁ କିଶୋରମାନେ ଆତ୍ମହତ୍ୟା କରୁଥିଲେ। ଏ ଘଟଣାସବୁ ଯେତିକି ବିଚିତ୍ର ଓ ଆସାମନ୍ୟ ଲାଗୁଥିଲେ, ତା'ଠାରୁ ଅଧିକ ଆଶ୍ଚର୍ଯ୍ୟ କରୁଥିଲା ସେସବୁ ଆତ୍ମହତ୍ୟାର ଉପାୟ ଓ ପ୍ରଣାଳୀ। କାରଣ ସମସ୍ତ ଆତ୍ମହତ୍ୟାର ଢାଞ୍ଚା ଓ 'ସୁଇସାଇଡ ନୋଟ' ଅପାତତଃ ସମାନ ଥିଲା। ମାଇକ୍ରୋନେସିଆର ଆତ୍ମହତ୍ୟାର ଘଟଣା ଥିଲା ଆତ୍ମବିନାଶର ଏକ ସଂକ୍ରାମକ ମହାମାରୀ। ସେଠାରେ ଆତ୍ମବିନାଶ କିଶୋରଙ୍କ ପାଇଁ ସାଜିଥିଲା ଆତ୍ମପ୍ରକାଶର ଏକ ମାଧ୍ୟମ। ଏହି ଅଘଟଣଗୁଡ଼ିକର ଉତ୍ତରରେ ସମାଜଶାସ୍ତ୍ରୀ ଡାଭିଡ ଫିଲିପ୍ସ ମତ ରଖନ୍ତି ଯେ ଆତ୍ମହତ୍ୟା କାହାଣୀ ଏକପ୍ରକାର ପ୍ରାକୃତିକ ବିଜ୍ଞାପନ, ଯାହା ଏକ ନିର୍ଦ୍ଦିଷ୍ଟ ସମସ୍ୟାର ନିର୍ଦ୍ଦିଷ୍ଟ ପ୍ରତିକ୍ରିୟା ବୋଲି ବିବେଚନା କରଯାଏ ଏବଂ ଏହାକୁ ଅନୁକରଣ କରଯାଏ। ଏହା ପ୍ରତୀକାତ୍ମକ ପାରସ୍ପରିକ କ୍ରିୟାର ତତ୍ତ୍ୱ ଉପରେ ପର୍ଯ୍ୟବସିତ। ସରଳରେ କହିବାକୁ ଗଲେ ଆତ୍ମହତ୍ୟାକୁ କିଛି ସକାରାତ୍ମକ ଓ ନକାରାତ୍ମକ ସାମାଜିକ ବ୍ୟାଖ୍ୟା ମିଳେ ଏବଂ ସାଧାରଣ ବ୍ୟକ୍ତି ଏହାକୁ ବିଭିନ୍ନ ଅର୍ଥରେ ପ୍ରୟୋଗ କରନ୍ତି। ଆତ୍ମହତ୍ୟା ପଳାତକର କାର୍ଯ୍ୟ, ବିଦ୍ରୋହର ଭାଷା, ଏହା ହେଉଛି ଦୁର୍ବଳର ଶେଷ ନିଷ୍ପତ୍ତି, ଅବହେଳିତ ସ୍ୱର ଶୁଣିବା ପାଇଁ ଏକ ବାଟ ଏବଂ ଆତ୍ମହତ୍ୟା ସମସ୍ତ ସମାଧାନର ଏକ ରୂପ ଇତ୍ୟାଦି ହେଉଛି କିଛି ସାମାଜିକ ବ୍ୟାଖ୍ୟା। ଅନ୍ୟପଟେ ଦୁର୍ବଳ ମାନସିକତା ଓ ଦୁର୍ବଳ ସାମାଜିକ ବନ୍ଧନ ଥିବା ବ୍ୟକ୍ତିବିଶେଷ ପାଇଁ ଏହା ହୋଇଯାଏ ଏକ ସାଙ୍କେତିକ ଅର୍ଥ। ଦୁର୍ଭାଗ୍ୟବଶତଃ ପରବର୍ତ୍ତୀ ସମୟରେ ଏହି ଭୁଲ ବ୍ୟାଖ୍ୟାର ସାମାଜିକ ଅନୁକରଣ ହୋଇଥାଏ। ଉଦାହରଣ ସ୍ୱରୂପ, ଦିଲ୍ଲୀ ମେଟ୍ରୋ ଷ୍ଟେସନରେ ଆତ୍ମହତ୍ୟାର ସମାନ ସ୍ଥାନ ଓ ସମାନ ପଦ୍ଧତି ବାରମ୍ବାର ବ୍ୟବହୃତ ହେଉଛି। ଏହାର ଦୁଇଟି କାରଣ ହେଉଛି ମିଡିଆରେ ଦୃଶ୍ୟମାନତା ଓ ପ୍ରତୀକାତ୍ମକ ଚିହ୍ନଟକରଣ।

ରାଜସ୍ଥାନର କୋଟାରେ ପ୍ରତିବର୍ଷ ଘଟୁଥିବା ଅନୁକରଣୀୟ ଆତ୍ମହତ୍ୟା ଦେଶ ପାଇଁ ଏକ ଚିନ୍ତାର ବିଷୟ। ସୂଚନା ଅନୁଯାୟୀ ଘଟିଥିବା ସମସ୍ତ ଆତ୍ମହତ୍ୟାର ସୁଇସାଇଡ ନୋଟ ଏବଂ ଆତ୍ମହତ୍ୟାର ଧାରା(ପ୍ୟାଟର୍ନ)ରେ ପ୍ରାୟତଃ ସାମଞ୍ଜସ୍ୟତା ଅଛି। 'ଟାଟା ଇନଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ ସାଇନ୍ସେସ୍'ର ଏକ ସାମାଜିକ-ମନସ୍ତାତ୍ତ୍ୱିକ ଗବେଷଣାରେ ଉଲ୍ଲେଖ କରାଯାଇଛି ଯେ 'ଗୋଟିଏ ଆତ୍ମହତ୍ୟା ଅନ୍ୟ ଏକ ଆତ୍ମହତ୍ୟାକୁ ପ୍ରେରିତ କରିଥାଏ।' କୋଟା ଆତ୍ମହତ୍ୟା ମାମଲା ହେଉଛି ଶିକ୍ଷାଗତ ଚାପ ଏବଂ ପୂର୍ବ ମାମଲାଗୁଡ଼ିକର ଅନୁକରଣ। ସମାଜଶାସ୍ତ୍ରୀଙ୍କ ମତରେ ଏହା ଆଚରଣ ମଡେଲିଂ ବା ଏକପ୍ରକାରର ସାମାଜିକ ଶିକ୍ଷଣ। ସେହିପରି ୨୦୧୭ ମସିହାରେ ତାମିଲନାଡୁର ୧୭ ବର୍ଷୀୟା ଅନିତାଙ୍କ ନିଟ୍ ବିରୋଧରେ ଆବେଦନକୁ ସର୍ବୋଚ୍ଚ ନ୍ୟାୟାଳୟ ଖାରଜ କରିବା ପରେ ସେ ଆତ୍ମହତ୍ୟା କରିଥିଲେ ଏବଂ ତାଙ୍କର ମୃତ୍ୟୁ ପରେ ଅନେକ ଅନୁକରଣୀୟ ଆତ୍ମହତ୍ୟା ରାଜ୍ୟରେ ଘଟିଥିଲା। ଏହାର ସମାଜତାତ୍ତ୍ୱିକ ଅନ୍ତର୍ଦୃଷ୍ଟି କୁହେ ଯେ ପାଠ ଓ ପରିବାରର ଚାପରେ ଥିବା ନିଟ୍ ଆଶାୟୀଙ୍କ ପାଇଁ ସଂଘର୍ଷର ଏକ ପ୍ରତୀକାତ୍ମକ ମଡେଲ ହୋଇଗଲେ ଅନିତା ଏବଂ ତାଙ୍କ ଆତ୍ମହତ୍ୟା ପାଲଟିଗଲା ବୀର ସହିଦଙ୍କ ଭଳି ସାମାଜିକ କାହାଣୀ। ପ୍ରଚାରିତ କାହାଣୀ, ପୀଡ଼ିତଙ୍କ ସହ ପରିଚୟ ସହିତ ସମାନ ପରିସ୍ଥିତିରେ ଥିବା ଛାତ୍ରମାନଙ୍କ ପାଇଁ ଆତ୍ମହତ୍ୟା ଥିଲା ଏକ ପ୍ରରୋଚନାକାରୀ ଉପାଦାନ। ତେଣୁ ସାମାଜିକ ବିଭ୍ରାଟ ଏବଂ ନିୟନ୍ତ୍ରଣର ଅଭାବ ସମାନ ଗୋଷ୍ଠୀରେ ଆତ୍ମହତ୍ୟାର ପୁନରାବୃତ୍ତି ସୃଷ୍ଟି କରେ।

ସମାଜବିଜ୍ଞାନୀ ଷ୍ଟିଭେନ୍ ଷ୍ଟାକ୍‌ଙ୍କ ଏକ ଉଲ୍ଲେଖନୀୟ ଅଧ୍ୟୟନ ହେଉଛି 'ୱେର୍ଥର୍ ପ୍ରଭାବ'। କୌଣସି ସେଲିବ୍ରିଟି ଆତ୍ମହତ୍ୟାର ଗଣମାଧ୍ୟମ ପ୍ରସାରଣ ହେଉ କିମ୍ବା କୌଣସି ଆତ୍ମହତ୍ୟାର ନିରନ୍ତର ଏବଂ ଅତିରଞ୍ଜିତ ପ୍ରଚାର ପରେ ଆତ୍ମହତ୍ୟା କାର୍ଯ୍ୟକଳାପର ସାଂଖ୍ୟିକ ଭାବରେ ବୃଦ୍ଧି ପାଏ ବୋଲି ଷ୍ଟାକ୍‌ଙ୍କ ଏହି ଅଧ୍ୟୟନରେ ପ୍ରକାଶିତ ହୋଇଛି। ଚିନ୍ତାର ବିଷୟ ଯେ ଏହାଦ୍ୱାରା କିଶୋର ଓ ଯୁବବର୍ଗ ଅତ୍ୟନ୍ତ ପ୍ରଭାବିତ। ଅଧ୍ୟୟନରେ ଗୁରୁତ୍ୱାରୋପ କରାଯାଇଥିଲା ଯେ ବିସ୍ତୃତ ଓ ଭାବପ୍ରବଣ ମିଡିଆ ପ୍ରଚାରରେ ଆତ୍ମହତ୍ୟାର ପଦ୍ଧତି (ଆତ୍ମାହୁତି) ନାଟକୀୟ ଶିରୋନାମା (ନ୍ୟାୟର ଲଢ଼େଇରେ ହାରିଗଲେ, କେବେ ମିଳିବ ନ୍ୟାୟ, ଅବହେଳିତର କରୁଣ ବାର୍ତ୍ତା) ଏବଂ ବ୍ୟକ୍ତିଗତ ପୃଷ୍ଠଭୂମି(ବିଦ୍ୟାର୍ଥୀ, ବେରୋଜଗାର) ସମେତ ଆତ୍ମ-ଧ୍ୱଂସାତ୍ମକ ଆଚରଣର ରୋମାନିକରଣ (ରୋମାନିଟିସାଜ୍‌ଡ) କିମ୍ବା ସାଧାରଣ କରିବାର ଚେଷ୍ଟା ହିଁ ଅନୁକରଣୀୟ ଆତ୍ମହତ୍ୟା ପାଇଁ ଦାୟୀ। ତେଣୁ ଭାବପ୍ରବଣ, କଷ୍ଟ କିମ୍ବା ପରିଚୟ ସଙ୍କଟରେ ଥିବା ବ୍ୟକ୍ତିମାନେ ଗଣମାଧ୍ୟମର ଚକିତ ଓ ରୋମାଞ୍ଚକର ବିଷୟବସ୍ତୁକୁ ଆତ୍ମହତ୍ୟାର ବୈଧ ପ୍ରତିକ୍ରିୟା ଭାବରେ ଦେଖିପାରନ୍ତି। ସଂକ୍ଷେପରେ, ଷ୍ଟାକ୍‌ଙ୍କ ଅଧ୍ୟୟନରେ ଉଲ୍ଲେଖ ଅଛି ଯେ ଗଣମାଧ୍ୟମ ସାମାଜିକ ଆଚରଣକୁ ପ୍ରଭାବିତ କରିବା ସହିତ ଏକ ବ୍ୟକ୍ତିଗତ ଦୁଃଖଦ ଘଟଣାବଳୀକୁ ଏକ ସାର୍ବଜନୀନ ସ୍ୱାସ୍ଥ୍ୟ ବିପଦରେ ପରିଣତ କରିପାରେ।

ଗଣମାଧ୍ୟମ ଓ ଆତ୍ମହତ୍ୟା ଉପରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଏକ ରିପୋର୍ଟରେ ପ୍ରକାଶ ପାଇଛି ଯେ ଏସିଆ ଓ ୟୁରୋପରେ ଚାଞ୍ଚଲ୍ୟକର 'ମିଡିଆ ରିପୋର୍ଟିଂ' ଏବଂ ଆତ୍ମହତ୍ୟା ବୃଦ୍ଧି ମଧ୍ୟରେ ପ୍ରତ୍ୟକ୍ଷ ସମ୍ପର୍କ ଅଛି। ବ୍ୟକ୍ତିର ଆଚରଣ ହେଉଛି ପାରିପାର୍ଶ୍ୱିକ ପର୍ଯ୍ୟବେକ୍ଷଣର ଫଳାଫଳ। ଆତ୍ମହତ୍ୟା ପରେ ଗଣମାଧ୍ୟମରେ ମିଳୁଥିବା ଅତ୍ୟଧିକ ସହାନୁଭୂତି ଏବଂ ଗଣମାଧ୍ୟମର ଅତ୍ୟଧିକ ଧ୍ୟାନ କିଛି ଦୁର୍ବଳ/ ଅବସାଦ ମନରେ ଏପରି କାର୍ଯ୍ୟ କରିବା ପାଇଁ ପ୍ରରୋଚିତ କରିପାରେ। 'ଯଦି ଅନ୍ୟମାନେ ଏହା କରିପାରୁଛନ୍ତି ଏବଂ ସେମାନଙ୍କ ଅଭିଯୋଗ ଶୁଣାଯାଇପାରୁଛି, ତେବେ ହୁଏତ ମୁଁ ମଧ୍ୟ ଏମିତି କରିପାରିବି'ର ମାନସିକତା ଏବେ ବୃଦ୍ଧି ପାଉଛି। ଏହାକୁ ଆତ୍ମହତ୍ୟାର ସାଂକେତିକ ବୈଧତା କୁହାଯାଏ। ସମାଜବିଜ୍ଞାନୀଙ୍କ ମତରେ ଏହି ମାନସିକତାର ଧାରା ନିକଟ ଭବିଷ୍ୟତରେ ଜାରି ରହିବ।

କ୍ରମବର୍ଦ୍ଧିଷ୍ଣୁ କିଶୋର ଆତ୍ମହତ୍ୟାକୁ ନେଇ କେରଳର ମାନସିକ ସ୍ୱାସ୍ଥ୍ୟ ପ୍ରାଧିକରଣର ବିଶ୍ଳେଷଣରୁ ଜଣାପଡ଼ିଛି ଯେ ସମ୍ବାଦପତ୍ରର ରିପୋର୍ଟ ଏବଂ ସମକକ୍ଷ ଆତ୍ମହତ୍ୟା ସହିତ ସାମାଜିକ ଗଣମାଧ୍ୟମରେ ମିଳୁଥିବା ପ୍ରବଳ ଶ୍ରଦ୍ଧାଞ୍ଜଳି ହେଉଛି ଅନିଚ୍ଛାକୃତ ଅନୁକରଣୀୟ ଆତ୍ମହତ୍ୟା ପାଇଁ ଦାୟୀ। ସମାଜବିଜ୍ଞାନୀ ଷ୍ଟାନଲି କୋହେନଙ୍କ 'ନୈତିକ ଆତଙ୍କ' ତତ୍ତ୍ୱ ବ୍ୟାଖ୍ୟା କରେ ଯେ ଅତିରଞ୍ଜିତ ମିଡିଆ ରିପୋର୍ଟିଂ ଏକ ଗୋଷ୍ଠୀ ମଧ୍ୟରେ ଉଭୟ ଆତଙ୍କ ଓ ଅନୁକରଣ ସୃଷ୍ଟି କରିପାରେ। ଅଷ୍ଟ୍ରିଆ ଓ ଜର୍ମାନୀ ଭଳି ଦେଶରେ, ଆତ୍ମହତ୍ୟା ରିପୋର୍ଟିଂ ଉପରେ କଠୋର ନିର୍ଦ୍ଦେଶାବଳୀ ଲାଗୁ ହେବା ପରେ ଯୁବ ଓ କିଶୋର ଆତ୍ମହତ୍ୟା ହାର ହ୍ରାସ ପାଇଛି। ଏହି ପରିପ୍ରେକ୍ଷୀରେ ମହାତ୍ମା ଗାନ୍ଧୀ କହିଥିଲେ 'ଆତ୍ମହତ୍ୟା ଓ ଆତ୍ମଦାହ କୌଣସି ପ୍ରକାରର ଯଥାର୍ଥ ନୈତିକ କାର୍ଯ୍ୟ ନୁହେଁ। ଯେତେ ବି ଅନ୍ୟାୟ ହେଉ ମନୁଷ୍ୟ ଜୀବନ ପବିତ୍ର। ଜୀବନ୍ତ ବ୍ୟକ୍ତି ପରିବର୍ତ୍ତନ ଆଣିପାରିବ, ମୃତ୍ୟୁ ନୁହେଁ। ବ୍ୟକ୍ତିଗତ ଯନ୍ତ୍ରଣା ଓ ଦୁଃଖକୁ ଆତ୍ମହତ୍ୟାରେ ନୁହେଁ, ସେବାରେ ପରିଣତ କରିବା ଉଚିତ।' ଗାନ୍ଧୀଙ୍କ ମତରେ, 'ଆତ୍ମଦାହ ନିଜ ଶରୀର ବିରୁଦ୍ଧରେ ଏକପ୍ରକାର ହିଂସା। ଏହା ନୈତିକ ଓ ଆଧ୍ୟାତ୍ମିକ ଭାବରେ ଅଗ୍ରାହ୍ୟ। ଶରୀରର ବିନାଶ ସତ୍ୟର ପଥ ନୁହେଁ।'

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

# ପରିବେଶ ଓ ଜୀବନରେ ବିପର୍ଯ୍ୟୟର ଛାୟା

**ହୃଷୀକେଶ ପାଣଗ୍ରାହୀ**

ଜଳବାୟୁ ପରିବର୍ତ୍ତନ ଏବଂ ମାନବୀୟ ଅବହେଳା ଆଜି ଆମ ପରିବେଶ ଓ ଜୀବନ ପାଇଁ ଏକ ମୁଖ୍ୟ ସମସ୍ୟା ଭାବେ ଉଭା ହୋଇଛି। ନିକଟରେ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାରେ ବାଦଲଫଟା ବର୍ଷା ଯୋଗୁଁ କ୍ଷୀର ଗଙ୍ଗାରେ ଆକସ୍ମିକ ପାହାଡ଼ୀ ବନ୍ୟା ଘଟିଛି, ଯାହା ଧରାଲିର ହରସିଲ ଅଞ୍ଚଳରେ ବ୍ୟାପକ କ୍ଷୟକ୍ଷତି ଘଟାଇଛି। ଏହି ବନ୍ୟାରେ ଅନେକ ଘରଦ୍ୱାର, ହୋଟେଲ ଓ ଅନ୍ୟାନ୍ୟ କୋଠା ମଧ୍ୟ ଧୋଇ ହୋଇଯାଇଛି। ଏହି ଦୁର୍ଘଟଣାରେ ୪ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ୫୦ରୁ ଅଧିକ ଲୋକ ନିଖୋଜ ହୋଇଛନ୍ତି। ଏହି ଘଟଣା କେବଳ ଏକ ପ୍ରାକୃତିକ ବିପର୍ଯ୍ୟୟ ନୁହେଁ, ବରଂ ମାନବୀୟ ଅବହେଳା ଏବଂ ଜଳବାୟୁ ପରିବର୍ତ୍ତନର ମିଳିତ ପରିଣାମ।

ଜଳବାୟୁ ପରିବର୍ତ୍ତନ ହିମାଳୟ ଭଳି ସମ୍ବେଦନଶୀଳ ଅଞ୍ଚଳରେ ଅତିବୃଷ୍ଟି, ବାଦଲଫଟା ଓ ଆକସ୍ମିକ ବନ୍ୟା ଭଳି ପ୍ରାକୃତିକ ବିପର୍ଯ୍ୟୟକୁ ତୀବ୍ର କରୁଛି। ବୈଜ୍ଞାନିକ ଅନୁସନ୍ଧାନ ଅନୁଯାୟୀ, ପ୍ରତି ୧ ଡିଗ୍ରୀ ସେଲସିୟସ ତାପମାତ୍ରା ବୃଦ୍ଧି ସହିତ ବାୟୁମଣ୍ଡଳରେ ଜଳୀୟବାଷ୍ପର ପରିମାଣ ୭% ବୃଦ୍ଧି ପାଉଛି, ଯାହା ବାଦଲଫଟା ବର୍ଷା ଭଳି ଘଟଣାକୁ ଅଧିକ ଘନ ଓ ତୀବ୍ର କରୁଛି। ଉତ୍ତରାଖଣ୍ଡରେ ୨୦୧୩ ମସିହାରେ ଘଟିଥିବା ବିନାଶକାରୀ ବନ୍ୟା, ଯାହା ୬, ୦୦୦ରୁ ଅଧିକ ଲୋକଙ୍କ ଜୀବନ ନେଇଥିଲା ଏବଂ ୨୦୨୧ ଓ ୨୦୨୫ରେ ଘଟିଥିବା ବାଦଲଫଟା ବର୍ଷା ଓ ବନ୍ୟା ଘଟଣାଗୁଡ଼ିକ ଏହାର ଜ୍ୱଳନ୍ତ ଉଦାହରଣ।

ଜଳବାୟୁ ପରିବର୍ତ୍ତନ ଏକ ପ୍ରମୁଖ କାରଣ ହେଲେ ମଧ୍ୟ ମାନବୀୟ କାର୍ଯ୍ୟକଳାପ ଏହି ବିପର୍ଯ୍ୟୟକୁ ଆହୁରି ଜଟିଳ କରୁଛି। ଉତ୍ତରାଖଣ୍ଡରେ ଅନିୟନ୍ତ୍ରିତ ନିର୍ମାଣ, ଜଳବିଦ୍ୟୁତ ପ୍ରକଳ୍ପ, ଅତ୍ୟଧିକ ପର୍ଯ୍ୟଟନ ଓ ବନାଞ୍ଚଳ ନଷ୍ଟ ହେବା ପରିବେଶର ସମ୍ବେଦନଶୀଳତାକୁ ବୃଦ୍ଧି କରୁଛି। ୨୦୧୩ ବନ୍ୟା ପରେ ସୁପ୍ରିମକୋର୍ଟ ଅନୁଯାୟୀ ୨୩ଟି ଜଳବିଦ୍ୟୁତ ପ୍ରକଳ୍ପ ବନ୍ଦ କରିବାକୁ ପରାମର୍ଶ ଦିଆଯାଇଥିଲା, କିନ୍ତୁ ଏବେ ମଧ୍ୟ ନୂତନ ପ୍ରକଳ୍ପ ପାଇଁ ଆବେଦନ ଜାରି ରହିଛି। ଅନିୟନ୍ତ୍ରିତ ରାସ୍ତା ନିର୍ମାଣ, ବନ ଉଜାଡ଼ିକରଣ ଓ ନଦୀକୂଳରେ ଅବୈଧ ନିର୍ମାଣ ପାହାଡ଼ୀ ଅଞ୍ଚଳରେ ମାଟିଧସିବା ସହ ବନ୍ୟା ପରିସ୍ଥିତି ବୃଦ୍ଧି କରୁଛି। ଏହାସହିତ ପୂର୍ବ ସୂଚନା ବ୍ୟବସ୍ଥା ଓ ବିପର୍ଯ୍ୟୟ ପରିଚାଳନାରେ ଅସମର୍ଥତା ମଧ୍ୟ କ୍ଷୟକ୍ଷତିକୁ ବୃଦ୍ଧି କରୁଛି। ୨୦୧୩ରେ ଭାରତୀୟ ପାଣିପାଗ ବିଭାଗ ପୂର୍ବ ସୂଚନା ଦେଇଥିଲେ ମଧ୍ୟ ରାଜ୍ୟ ସରକାରଙ୍କ ପ୍ରତିକ୍ରିୟା ଅପର୍ଯ୍ୟାପ୍ତ ଥିଲା, ଯାହା ବିପର୍ଯ୍ୟୟର ପରିମାଣକୁ ବୃଦ୍ଧି କରିଥିଲା। ଏହି ବିପର୍ଯ୍ୟୟ କେବଳ ପରିବେଶକୁ ନଷ୍ଟ କରୁନାହିଁ, ବରଂ ମାନବ ଜୀବନ ଓ ଅର୍ଥନୀତି ଉପରେ ମଧ୍ୟ ଗଭୀର ପ୍ରଭାବ ପକାଉଛି। ଉତ୍ତରକାଶୀରେ ଘଟିଥିବା ସାମ୍ପ୍ରତିକ ବନ୍ୟା ଯୋଗୁଁ ଅନେକ ପରିବାର ନିଃସ୍ୱ ହୋଇଯାଇଛନ୍ତି, ପର୍ଯ୍ୟଟନ ଶିଳ୍ପ ପ୍ରଭାବିତ ହୋଇଛି ଏବଂ କୃଷି ଓ କୋଠାମାନ ନଷ୍ଟ ହୋଇଛି। ଏହା ସହିତ, ପରିବେଶରେ ଅତ୍ୟଧିକ ମାଟିଧସିବା ଓ ଜଙ୍ଗଲ ନଷ୍ଟ ହେବା ଜୈବବିବିଧତା ଓ ପରିବେଶ ସନ୍ତୁଳନକୁ ଆହୁରି ଦୁର୍ବଳ କରୁଛି। ଏହା ଦୀର୍ଘକାଳୀନ ଭାବେ ଜଳ ସଙ୍କଟ, ଖାଦ୍ୟ ଅଭାବ ଓ ଜୀବନଧାରଣରେ ଅସୁବିଧା ସୃଷ୍ଟି କରୁଛି।

ଏହି ସମସ୍ୟାର ସ୍ଥାୟୀ ସମାଧାନ ଓ ନକାରାତ୍ମକ ପ୍ରଭାବ ହ୍ରାସ ପାଇଁ ବନ ଓ ଜଳାଶୟ ସଂରକ୍ଷଣ ମାଧ୍ୟମରେ ପାହାଡ଼ୀ ଅଞ୍ଚଳରେ ମାଟିଧସିବା ଓ ବନ୍ୟା ପରିସ୍ଥିତିକୁ ହ୍ରାସ କରାଯାଇ ପାରିବ। ବୃକ୍ଷରୋପଣ ଓ ବନାଞ୍ଚଳ ପୁନରୁଦ୍ଧାର କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ଭଳି ପଦକ୍ଷେପ ଗ୍ରହଣ କରାଯାଇପାରେ। ଅନିୟନ୍ତ୍ରିତ ଜଳବିଦ୍ୟୁତ ପ୍ରକଳ୍ପ ଓ କୋଠା ନିର୍ମାଣ ଉପରେ କଡ଼ା ନିୟମ ଲାଗୁ କରିବା, ପର୍ଯ୍ୟଟନକୁ ପରିବେଶ ସହ ସମନ୍ୱୟ ରଖି ପରିଚାଳନା, ହିମାଳୟ ଅଞ୍ଚଳରେ ଅଧିକ ସଂଖ୍ୟକ ସ୍ୱୟଂଚାଳିତ ପାଣିପାଗ କେନ୍ଦ୍ର ଏବଂ ଉପଗ୍ରହ ଆଧାରିତ ପର୍ଯ୍ୟବେକ୍ଷଣ ବ୍ୟବସ୍ଥା ସ୍ଥାପନ କରାଯିବା ଆବଶ୍ୟକ। ଏହା ସଠିକ ସମୟରେ ପୂର୍ବ ସୂଚନା ପ୍ରଦାନ କରି ଜୀବନ ଓ ସମ୍ପତ୍ତିର କ୍ଷୟକ୍ଷତି ହ୍ରାସ କରିବ। ସ୍ଥାନୀୟ ଜନସାଧାରଣଙ୍କୁ ବିପର୍ଯ୍ୟୟ ପରିଚାଳନା ତାଲିମ ପ୍ରଦାନ କରିବା ଏବଂ ସେମାନଙ୍କର ପାରମ୍ପରିକ ଜ୍ଞାନକୁ ପୂର୍ବ ସୂଚନା ବ୍ୟବସ୍ଥା ସହ ସଂଯୋଜନ କହିବା ଭଳି ପଦକ୍ଷେପ ନେବାକୁ ପଡ଼ିବ। ଏହାଦ୍ୱାରା ସ୍ଥାନୀୟ ସ୍ତରରେ ତୁରନ୍ତ ପ୍ରତିକ୍ରିୟା ସମ୍ଭବ ହେବ। ଜଳବାୟୁ ପରିବର୍ତ୍ତନ ଅନୁକୂଳନକୁ ଶିକ୍ଷା, ଶୁଷ୍କ ନିର୍ମାଣ ଓ ବିପର୍ଯ୍ୟୟ ପ୍ରଶମନ ନୀତିରେ ସାମିଲ କରାଯାଇ ପ୍ରାକୃତିକ ଜଳ ସଂରକ୍ଷଣ କ୍ଷେତ୍ର ଯଥା ଜଳାଶୟ ଓ ମାଙ୍ଗ୍ରୋଭ ପୁନରୁଦ୍ଧାର କରାଯାଇପାରିବ।

ଉତ୍ତରାଖଣ୍ଡରେ ଘଟୁଥିବା ବାଦଲଫଟା ଓ ବନ୍ୟା ଭଳି ଘଟଣା ଆମକୁ ଜଳବାୟୁ ପରିବର୍ତ୍ତନ ଓ ମାନବୀୟ ଅବହେଳାର ଗମ୍ଭୀର ପରିଣାମ ସମ୍ପର୍କରେ ସତର୍କ କରୁଛି। ଏହା କେବଳ ଉତ୍ତରାଖଣ୍ଡ କିମ୍ବା ହିମାଳୟରେ ସୀମିତ ନୁହେଁ, ବରଂ ସାରା ବିଶ୍ୱରେ ପରିବେଶ ସଂରକ୍ଷଣ ଓ ସ୍ଥାୟୀ ବିକାଶର ଆବଶ୍ୟକତାକୁ ଆଲୋକପାତ କରୁଛି। ସଠିକ ନୀତି, ସାମୁଦାୟିକ ସହଯୋଗ ଓ ବୈଜ୍ଞାନିକ ପଦକ୍ଷେପ ମାଧ୍ୟମରେ ଆମେ ଏହି ନକାରାତ୍ମକ ପ୍ରଭାବକୁ ହ୍ରାସ କରି ଆମ ପରିବେଶ ଓ ଜୀବନକୁ ସୁରକ୍ଷିତ କରିପାରିବା। ଏହା ଆମ ସମସ୍ତଙ୍କର ଦାୟିତ୍ୱ, ଯାହା ଆଜିର କାର୍ଯ୍ୟ ଦ୍ୱାରା ଆମ ଭବିଷ୍ୟତ ପିଢ଼ିଙ୍କ ପାଇଁ ଏକ ସୁସ୍ଥ ପୃଥିବୀ ସୁନିଶ୍ଚିତ କରିବ।

(ସହକାରୀ ପ୍ରାଧ୍ୟାପକ, ଧରଣୀଧର ବିଶ୍ୱବିଦ୍ୟାଳୟ)
କେନ୍ଦୁଝର, ମୋ: ୮୨୪୯୫୮୬୬୦୭

# ପଦ୍ମସମ୍ଭବ, ମନ୍ଦରଭା ଓ ୟେଶେ

**ପ୍ରବୀର କୁମାର ପଟ୍ଟନାୟକ**

### ଦ୍ୱିତୀୟ-ବୁଦ୍ଧ କଥା

ଗୁରୁ ପଦ୍ମସମ୍ଭବଙ୍କ ଜୀବନ ଓ ତାଙ୍କ ଧର୍ମ ପ୍ରଚାର କାର୍ଯ୍ୟ ଉଭୟ କ୍ଷେତ୍ରରେ ଦୁଇଜଣ ମହିଳାଙ୍କର ଗୁରୁତ୍ୱପୂର୍ଣ୍ଣ ତଥା ମହତ୍ତ୍ୱପୂର୍ଣ୍ଣ ଅବଦାନ ରହିଛି। ଜଣେ ହେଲେ ତାଙ୍କର ଦ୍ୱିତୀୟ ଧର୍ମପତ୍ନୀ ତଥା ତାଙ୍କର ମୁଖ୍ୟ ସହଯୋଗୀ, ସହକର୍ମୀ, ବନ୍ଧୁ ତଥା ପରମ ଶୁଭାକାଂକ୍ଷୀ ଆଚାର୍ଯ୍ୟ ଶାନ୍ତରକ୍ଷିତଙ୍କ ଭଗିନୀ ମନ୍ଦରଭା। ତାଙ୍କର ପ୍ରଥମ ପତ୍ନୀ ଭାସଧାରାଙ୍କୁ ସେ ସମ୍ଭଳରେ ରାଜପ୍ରାସାଦରେ ରଖି ରାଜ୍ୟ ତ୍ୟାଗ କରି ପଳାଇ ଆସିଥିଲେ। ଅନ୍ୟ ସହଚରୀ ଜଣକ ହେଲେ ୟେଶେ ସୋଗ୍ୟାଲ୍। ତିବ୍ବତରେ ପହଞ୍ଚିବା ପରଠାରୁ ଓ ତିବ୍ବତ ପରିତ୍ୟାଗ କରିବା ପର୍ଯ୍ୟନ୍ତ ୟେଶେ ପଦ୍ମସମ୍ଭବଙ୍କ ଜୀବନରେ ଓ କର୍ମକ୍ଷେତ୍ରରେ ଅତ୍ୟନ୍ତ ମହତ୍ତ୍ୱପୂର୍ଣ୍ଣ ସହଯୋଗୀ ଭାବେ ତାଙ୍କ ସହ ସବୁବେଳେ ସବୁକାର୍ଯ୍ୟରେ ଲାଗି ରହିଥିଲେ।

ମନ୍ଦରଭା: ସହୋର ନାମକ ଦେଶର ରାଜା ଥିଲେ ଆର୍ଷଧର। ତାଙ୍କ ରାଣୀ ଥିଲେ ହାଉକୀ। ତାଙ୍କର କନ୍ୟାଟି ଦେବଦେବୀଙ୍କ କୃପାରୁ ଜନ୍ମ ଲାଭ କରିଥିଲା। ପିଲାଦିନେ କନ୍ୟାଟିକୁ ଦେଖି ଜଣେ ଯୋଗୀ ତାଙ୍କ ନିକଟରେ ଭଗବାନ ବୁଦ୍ଧଙ୍କର ବତ୍ରିଶ ଗୋଟି ଶୁଭ-ଲକ୍ଷଣମାନ ଥିବାରୁ ଭବିଷ୍ୟବାଣୀ କରିଥିଲେ ଯେ 'କନ୍ୟାଟି ଦେବକନ୍ୟା। ଏଣୁ ତାଙ୍କୁ ବିବାହ ବନ୍ଧନରେ ରଖାଯାଇ ପାରିବ ନାହିଁ। କନ୍ୟାଟି ନିଶ୍ଚିତ ଭାବେ ଯୋଗିନୀଟିଏ ହେବେ।' କନ୍ୟାର ନାମ ମଧ୍ୟ 'ଯୋଗୀ ମନ୍ଦରଭା' ରଖଗଲେ। ସେ ତେର ବର୍ଷ ବୟସର ହେଲା ବେଳକୁ ବାସ୍ତବରେ ଜଣେ ଦେବକନ୍ୟା ଭଳି ଦେଖାଗଲେ। ଚୀନର ରାଜକୁମାର, ହିନ୍ଦୁ, ମୁସଲମାନ ଓ ପାରସ୍ୟର ରାଜା ଆଦି ଚାଳିଶ ଜଣ ରାଜବଂଶୀୟ ମନ୍ଦରଭାଙ୍କୁ ବିବାହ ପାଇଁ ପ୍ରସ୍ତବ ଦେଇଥିଲେ। କିନ୍ତୁ ମନ୍ଦରଭା ସମସ୍ତଙ୍କୁ ଅଗ୍ରାହ୍ୟ କରି ସେ ଧର୍ମ (ବୌଦ୍ଧ ଧର୍ମ) ର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ ବୋଲି କହିଲେ। ରାଜା ଯେତେ ବାଧ କଲେ ମଧ୍ୟ ମନ୍ଦରଭା ନିଜ ନିଷ୍ପତ୍ତିରେ ଦୃଢ଼ ରହିଲେ। ଫଳରେ ରାଜା ରାଗି ଯାଇ ପାଞ୍ଚଶହ ସେବକ ନିୟୋଜିତ କରି ସ୍ୱତନ୍ତ୍ର ପ୍ରାସାଦରେ ମନ୍ଦରଭାଙ୍କୁ ଏକପ୍ରକାର ବନ୍ଦୀ ଭଳି ରଖାଇଲେ।

ପଦ୍ମସମ୍ଭବ ରତ୍ନଗିରି ବିଶ୍ୱବିଦ୍ୟାଳୟରେ ଯୋଗ-ତନ୍ତ୍ର ଶିକ୍ଷା ସାରି ବିଭିନ୍ନ ପ୍ରକାର ଜ୍ଞାନ ଆହରଣ ପାଇଁ ସମଗ୍ରଦେଶ ଭ୍ରମଣ କରୁଥିବା ବେଳେ ମନ୍ଦରଭାଙ୍କ ସ୍ଥାନରେ ପହଞ୍ଚିଲେ। ସେଠାରେ ତାଙ୍କ ଗୁଣାବଳୀ ଜାଣିପାରି ମନ୍ଦରଭା ଓ ତାଙ୍କ ସେବକ ସମସ୍ତେ ତାଙ୍କୁ ପ୍ରାସାଦ ମଧ୍ୟକୁ ଡକାଇ ତାଙ୍କଠାରୁ ବୌଦ୍ଧଧର୍ମ ଗ୍ରହଣ ପୂର୍ବକ ଦୀକ୍ଷିତ ହେଲେ। ପ୍ରାସାଦ ମଧ୍ୟକୁ ପଦ୍ମସମ୍ଭବ ପ୍ରବେଶ କରିଥିବା ଖବର ଜଣେ ଗାଈ ଜଗୁଆଳୀ ରାଜାଙ୍କୁ ଜଣାଇ ଦେଇଥିଲା। ରାଜା ଏଥିରେ କ୍ରୋଧ ଜର୍ଜରିତ ହୋଇ ସେମାନଙ୍କ ନିକଟକୁ ଆସି ପଦ୍ମସମ୍ଭବଙ୍କୁ ମନ୍ଦରଭା ନିକଟରେ ଦେଖିବା ପରେ ରାଜକର୍ମଚାରୀଙ୍କୁ ଆଦେଶ ଦେଲେ ପଦ୍ମସମ୍ଭବଙ୍କୁ କାଠ ଓ ତିଳ ତେଲରେ ଅଗ୍ନି ନିକ୍ଷେପ କରି ଜାଳି ଭସ୍ମ କରିଦେବାକୁ। ଏହାସହ ମନ୍ଦରଭାଙ୍କୁ ବିବସ୍ତ୍ର କରି ଗାତ ଖୋଳି ସେଥିରେ କଣ୍ଟା ପୂରାଇ ପକାଇ ଦେବାକୁ ଆଦେଶ ଦେଲେ। ପଦ୍ମସମ୍ଭବଙ୍କୁ ହତ୍ୟା ନିମିତ୍ତ ଯେଉଁ ଅଗ୍ନି ପ୍ରସ୍ତୁତ ହୋଇଥିଲା ତାହା ଜୋରରେ ଜଳି ଚାରିଆଡ଼େ ଧୂଆଁମୟ ହୋଇଗଲା ଏବଂ ସେଥିମଧ୍ୟରୁ ପ୍ରଚଣ୍ଡ ଶବ୍ଦ ଶୁଣାଗଲା। ସାତ ଦିନ ପର୍ଯ୍ୟନ୍ତ ନିଆଁ ନ ଲିଭି ଅଧିକରୁ ଅଧିକ ଜଳି ଉଠୁଥିବାର ଦେଖି ରାଜା ତନଖି ପାଇଁ ମନ୍ତ୍ରୀଙ୍କୁ ପଠାଇଲେ। ମନ୍ତ୍ରୀ ଦେଖିଲେ ଯେ ସେଠାରେ ଗୋଟିଏ ଇନ୍ଦ୍ରଧନୁକୁ ଘେରିଥିବା ହ୍ରଦଟିଏ ରହିଛି ଏବଂ ତା' ମଧ୍ୟରେ ପଦ୍ମଫୁଲ ଉପରେ ବାଳକଟିଏ ବସିରହିଛି। ଏହା ଶୁଣି ରାଜା ନିଜେ ସେହି ହ୍ରଦ ନିକଟକୁ ଯିବାରୁ ବାଳକଟି ପାଟିକରି ଅନ୍ୟାୟରେ ବିନା କାରଣରେ ଜଣେ ବିଖ୍ୟାତ ବୌଦ୍ଧଗୁରୁଙ୍କୁ ଦଣ୍ଡ ଦେଇଥିବା ରାଜାଙ୍କୁ କହିଲେ। ରାଜା ସେହି ବାଳକ ମଧ୍ୟରେ ବୁଦ୍ଧ ବିରାଜମାନ କରିଥିବା ବୋଧ କରି ନିଜ ଭୁଲ ବୁଝିପାରି ପ୍ରାୟଶ୍ଚିତ ସ୍ୱରୂପ ପଦ୍ମସମ୍ଭବ ଓ ତାଙ୍କ କନ୍ୟାଙ୍କୁ ଉଦ୍ଧାର କରି ରାଜପ୍ରାସାଦକୁ ନେଇଗଲେ। ପଦ୍ମସମ୍ଭବଙ୍କୁ ନିଜ ରାଜ୍ୟ ସହ ମନ୍ଦରଭାଙ୍କୁ ଅର୍ପଣ କଲେ। ଏହିଭଳି ଦୈବୀଯୋଗ କ୍ରମେ ମନ୍ଦରଭାଙ୍କୁ ପଦ୍ମସମ୍ଭବ ବିବାହ କଲେ। ସାରା ଜୀବନ ଛାଇ ପରି ମନ୍ଦରଭା ପଦ୍ମସମ୍ଭବଙ୍କ ସାଙ୍ଗରେ ପତ୍ନୀ, ସହକର୍ମୀ, ସହଚରୀ, ସର୍ବୋପରି ସାଧନା ସଙ୍ଗିନୀ ରୂପେ ରହିଥିଲେ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ବୋମା ଭିଡ଼ିବା ବେଳେ ଅଘଟଣ

## ବିସ୍ଫୋରଣରେ ଥରିଲା ଗାଁ; ଜଣେ ମୃତ



ଉଡ଼ିଗଲା ୩ ବଖରା ଘର

ନିରାକାରପୁର/ଭୂଷଣ୍ଡପୁର,୮।୮(ସମିସ):ପ୍ରଚଣ୍ଡ ବିସ୍ଫୋରଣରେ ଥରିଲା ଗାଁ। ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଥାନା ଅନ୍ତର୍ଗତ ନୂଆଗଡ଼ ପଞ୍ଚାୟତ ହରିପୁର ଗ୍ରାମ ମାଝୀସାହିରେ ଗୁରୁବାର ଅପରାହ୍ଣରେ ଏପରି ଏକ ଅଘଟଣ ଘଟିଛି। ବୋମା ଭିଡ଼ିବା ବେଳେ ଗୋଟିଏ ଫାଟିଯିବାରୁ ଜଣଙ୍କର ମୃତ୍ୟୁ ହୋଇଛି। ମୃତକ ହେଲେ, ଗ୍ରାମର ରମେଶ ମହାପାତ୍ର (୩୭)। ବିସ୍ଫୋରଣ ଏତେ ଭୟଙ୍କର ଥିଲା ଯେ ୩ ବଖରା ଘରର ଛାତ ଉଡ଼ିଯାଇଛି। ଗତକାଲି ଏହି ଘଟଣା ଘଟିଥିବା ବେଳେ ଆଜି ପଦାକୁ ଆସିଛି। ସୂଚନାନୁଯାୟୀ, ବାର୍‌ହା ଶିକାର ପାଇଁ ରମେଶ ଗତକାଲି ଅପରାହ୍ଣରେ ନିଜ ଘରେ ବୋମା ଭିଡୁଥିଲେ। ଏହି ସମୟରେ ଗୋଟିଏ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ତାଙ୍କ ଶରୀର ଜଳି ପୋଡ଼ି ଯିବା ସହ ସେ ଗୁରୁତର ଆହତ ହୋଇଥିଲେ। ସୌଭାଗ୍ୟବସତଃ ଏହି ସମୟରେ ରମେଶଙ୍କ ଦୁଇ ସନ୍ତାନ ସ୍କୁଲକୁ ଯାଇଥିବା ବେଳେ ପତ୍ନୀ କୌଣସି କାମରେ ବାଡ଼ି ପଟକୁ ଯାଇଥିବାରୁ ସେମାନେ ଦୁର୍ଘଟଣାରୁ ବର୍ତ୍ତି ଯାଇଛନ୍ତି। ଗୁରୁତର ରମେଶଙ୍କୁ ଗ୍ରାମବାସୀମାନେ ଭୁବନେଶ୍ୱର ଏମ୍ସ ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଖବର ପାଇ ଘଟଣାସ୍ଥଳରେ ନିରାକାରପୁର ପୁଲିସ ପହଞ୍ଚି ତଦନ୍ତ କରିଛି।

## ବାଟ ମଝିରେ ଶୋଇପଡ଼ିଲେ ମଦ୍ୟପ ଆମ୍ବୁଲାନ୍ସ ଚାଳକ

ମୋହନା,୮।୮(ସମିସ): ଅଧ ରାତିରେ ବାଟ ମଝିରେ ଶୋଇପଡ଼ିଲା ଆମ୍ବୁଲାନ୍ସ ଚାଳକ। ଯେତେ ଡାକିଲେ ବି ଆଉ ଉଠିଲାନି। ତେଣୁ ବାଧ ହୋଇ ପରିବାରଲୋକ ଅନ୍ୟ ଏକ ଗାଡ଼ିରେ ଗର୍ଭବତୀଙ୍କୁ ବ୍ରହ୍ମପୁର ବଡ଼ ମେଡ଼ିକାଲ ନେଲେ। ଗଜପତି ଜିଲ୍ଲାରେ ଘଟିଥିବା ଏଭଳି ଏକ ଅଭାବନୀୟ ଘଟଣା ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି। ଆମ୍ବୁଲାନ୍ସ ଚାଳକଜଣଙ୍କ ମଦ ପିଇବା ପରେ ଏପରି କାଣ୍ଡ ଘଟାଇଥିବା କୁହାଯାଉଛି।

ସୂଚନାନୁସାରେ, ଚନ୍ଦ୍ରଗିରି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରୁ ଏକ ଆମ୍ବୁଲାନ୍ସ କାନିକିପଦର ଗ୍ରାମର ଗର୍ଭବତୀ ମହିଳା ବିଜୟ ରଇତଙ୍କ ପତ୍ନୀ ନନ୍ଦିନୀ ରଇତଙ୍କୁ ନେଇ ଗୁରୁବାର ରାତିରେ ବ୍ରହ୍ମପୁର ଯାଉଥିଲା। ହେଲେ ଅଧା ରାସ୍ତାରେ ଚାଳକ କୌଣସି କାମ ଲାଗି କିଛି ସମୟ ଓହ୍ଲାଇଥିଲେ। ସେଠାରୁ କିଛି କିଲୋମିଟର ଯିବା ପରେ ଡ୍ରାଇଭରଙ୍କ ହାବଭାବ ବଦଳି ଯାଇଥିଲା। ସେ ଆଉ



ଠିକ୍‌ରେ ଗାଡ଼ି ଚଳାଇ ନପାରି ଗାଡ଼ିକୁ ରାସ୍ତାକଡ଼ରେ ସାଇଡ୍ କରି ଶୋଇପଡ଼ିଥିଲେ। ଗାଡ଼ିରେ ଥିବା ଗର୍ଭବତୀଙ୍କ ପରିବାରଲୋକେ ଯେତେ ଉଠାଇଥିଲେ ମଧ ଚାଳକ ଆଉ ଉଠିନଥିଲେ। ସେପଟେ ମହିଳାଙ୍କ ଅବସ୍ଥା ସଂକଟାପନ୍ନ ହେବାରୁ ସମ୍ପର୍କୀୟମାନେ ଅନ୍ୟ ଏକ ଗାଡ଼ି ଡାକି ବ୍ରହ୍ମପୁର ନେଇଥିଲେ। ସରକାର କୋଟିକୋଟି ଟଙ୍କା ଖର୍ଚ୍ଚ କରି ଲୋକଙ୍କ ସେବାରେ ୧୦୨/୧୦୮

ଘରୋଇ ଗାଡ଼ି ଡାକି ଗର୍ଭବତୀଙ୍କୁ ନେଲେ ପରିବାରଲୋକ

ଆମ୍ବୁଲାନ୍ସ ଯୋଗାଉଛନ୍ତି। କିନ୍ତୁ କିଛି ଅସାଧୁ ମଦ୍ୟପ ଚାଳକଙ୍କ ଲାଗି ଏହି ସେବାରୁ ବଞ୍ଚିତ ହେଉଛନ୍ତି ରୋଗୀ। ଏହି ମଦ୍ୟପ ଚାଳକଙ୍କ ଉପରେ ସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି।

## ଆଜି ମିଳିବ 'ସୁଭଦ୍ରା'ର ତୃତୀୟ କିସ୍ତି ଟଙ୍କା

ଭୁବନେଶ୍ୱର,୮।୮(ସମିସ): ଆସନ୍ତାକାଲି ରାକ୍ଷୀ ପୂର୍ଣ୍ଣିମାରେ ରାଜ୍ୟ ସରକାର 'ସୁଭଦ୍ରା' ଯୋଜନାର ୩ୟ କିସ୍ତି ଅର୍ଥ ପ୍ରଦାନ କରିବେ। କୋଟିଆରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଜରିଆରେ କୋଟିଆ ବାସିନ୍ଦାଙ୍କୁ ସୁଭଦ୍ରା କିସ୍ତି ଟଙ୍କା ବଣ୍ଟାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ସୂଚନା ଦେଇଛନ୍ତି। ଯାହା ପାଖରେ ଯେଉଁ ଆଧାର କାର୍ଡ ରହିଥିଲେ ବି ସେମାନଙ୍କ ଆର୍ଥିକ ସ୍ଥିତିକୁ ଦେଖି ହିତାଧିକାରୀ ପାଇଁ ଯେଉଁମାନେ ଯୋଗ୍ୟ, ସେମାନଙ୍କୁ ସୁଭଦ୍ରା ଟଙ୍କା ଦିଆଯିବ ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି। କୋଟିଆ ପଞ୍ଚାୟତରେ ୨୦୭୮ ଜଣ ମହିଳା ସୁଭଦ୍ରା ଯୋଜନା ପାଇଁ ଆବେଦନ କରିଥିବା ବେଳେ ୧୭୯୫ ଜଣ ଯୋଜନାରେ ସାମିଲ ହୋଇଛନ୍ତି। ସେହିପରି ୧୭୪ ଜଣଙ୍କ ଆବେଦନ ପ୍ରୋସେସିଂରେ ରହିଥିବା ବେଳେ ୧୦୯ଜଣ ହିତାଧିକାରୀଙ୍କ ଆବେଦନ ଖାରଜ ହୋଇଥିବା ଜଣାପଡ଼ିଛି। ଏଠାକାର ୨୧ ଖଣ୍ଡ ବିବାଦୀୟ ଗ୍ରାମର ସମସ୍ତ ମହିଳାଙ୍କୁ ସୁଭଦ୍ରା ଯୋଜନାରେ ଅନ୍ତର୍ଭୁକ୍ତ କରିବାକୁ କୋରାପୁଟର ପୂର୍ବତନ ସାଂସଦ ଜୟରାମ ପାଙ୍ଗୀ ସରକାରଙ୍କୁ ନିବେଦନ କରିଛନ୍ତି। ସୂଚନା ଅନୁସାରେ, ଅଗଷ୍ଟ ୯ ତାରିଖ ଅର୍ଥାତ୍ ଆସନ୍ତାକାଲି ଖୋଲିବ ସୁଭଦ୍ରା ପୋର୍ଟାଲ। ବାଦ୍ ପଡ଼ିଥିବା ହିତାଧିକାରୀଙ୍କୁ ଯୋଡ଼ିବାକୁ ସର୍ଭେ କରାଯିବା ସହ ୨୧ ବର୍ଷ ହୋଇଥିବା ଯୁବତୀ ଓ ମହିଳା ଆବେଦନ କରିବେ।

ରାକ୍ଷୀ ପୂର୍ଣ୍ଣିମାରେ କୋଟିଆରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

## ଶାନ୍ତନୁ ସ୍ୱାଇଁ ସିକ୍କିମ୍ ବିଶ୍ୱବିଦ୍ୟାଳୟର ନୂତନ କୁଳପତି

ଭୁବନେଶ୍ୱର, ୮।୮(ସମିସ): ପ୍ରଫେସର ଶାନ୍ତନୁ କୁମାର ସ୍ୱାଇଁ ସିକ୍କିମ ବିଶ୍ୱବିଦ୍ୟାଳୟର ନୂତନ କୁଳପତି ଭାବେ ନିଯୁକ୍ତ ହୋଇଛନ୍ତି। ପୁରୀ ଜିଲା ରଷିପଡ଼ା ଗ୍ରାମ ନିବାସୀ ପ୍ରଫେସର ସ୍ୱାଇଁ ଆସନ୍ତା ୫ ବର୍ଷ ପର୍ଯ୍ୟନ୍ତ ସେ କୁଳପତି ଦାୟିତ୍ୱ ତୁଲାଇବେ। ରାଷ୍ଟ୍ରପତି ତାଙ୍କୁ ନିଯୁକ୍ତି ଦେଇଥିବା କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ ଶୁକ୍ରବାର ବିଜ୍ଞପ୍ତି ପ୍ରକାଶ ପାଇଛି।



ଶିକ୍ଷା କ୍ଷେତ୍ରରେ ପ୍ରଫେସର ସ୍ୱାଇଁଙ୍କର ୪୩ ବର୍ଷର ଅଭିଜ୍ଞତା ରହିଛି। ପୂର୍ବରୁ ସେ ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟ (ବିଏଚ୍‌ୟୁ) ଶିକ୍ଷା ବିଭାଗର ଡିନ୍ ଭାବରେ କାର୍ଯ୍ୟ କରିଛନ୍ତି। ଏହାସହ ବିଭିନ୍ନ ଶୈକ୍ଷିକ କାର୍ଯ୍ୟକ୍ରମରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଛନ୍ତି। ଓଡ଼ିଶା କୋରାପୁଟସ୍ଥିତ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ଶିକ୍ଷା ପରିଷଦର ସଦସ୍ୟ ଭାବେ ମଧ ସେ କାର୍ଯ୍ୟ କରିଛନ୍ତି। ତାଙ୍କ ଅଧୀନରେ ୬୭ରୁ ଅଧିକ ଗବେଷକ ପିଏଚ୍‌ଡି ଡିଗ୍ରୀ ହାସଲ କରିଛନ୍ତି।

## ୧୨ରୁ ରାଜ୍ୟବ୍ୟାପୀ ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍

ଭୁବନେଶ୍ୱର,୮।୮(ସମିସ): ଶିଶୁ ସ୍ୱାସ୍ଥ୍ୟରେ ଉନ୍ନତି, ରକ୍ତହୀନତା ନିରାକରଣ ଏବଂ ପରଜୀବୀ କୃମି ସଂକ୍ରମଣରୁ ମୁକ୍ତି ପାଇଁ ପରିବାର କଲ୍ୟାଣ ନିର୍ଦ୍ଦେଶାଳୟ ଓ ୟୁନିସେଫ୍ ସହଭାଗିତାରେ ଆସନ୍ତା ୧୨ ତାରିଖରେ ରାଜ୍ୟରେ ଜାତୀୟ କୃମିନାଶକ ଦିବସ (ଏନ୍‌ଡିଡି) ଏବଂ



ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍ (ଭିଏଏସ୍) କାର୍ଯ୍ୟକ୍ରମ ଆରମ୍ଭ ହେବ। ଏହି କାର୍ଯ୍ୟକ୍ରମ ସହ ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶାଳୟ ପକ୍ଷରୁ ଚୟନ ଜିଲ୍ଲାଗୁଡ଼ିକରେ ଲିମ୍ଫାଟିକ୍ ଫାଇଲେରିଆସିସ୍–ମାସ୍ ଡ୍ରଗ୍ ଆଡ୍‌ମିନିଷ୍ଟ୍ରେସନ୍ (ଏଲ୍‌ଏଫ୍-ଏମ୍‌ଡିଏ) କାର୍ଯ୍ୟକ୍ରମ କାର୍ଯ୍ୟକାରୀ କରିବା ସହ ଏକ ବ୍ୟାପକ ଜନସ୍ୱାସ୍ଥ୍ୟ ଆଭିମୁଖ୍ୟ ସୁନିଶ୍ଚିତ କରିବ। ଏନ୍‌ଡିଡି କାର୍ଯ୍ୟକ୍ରମ ଅଧୀନରେ ୩୦ଟି ଜିଲ୍ଲାରେ ୧ରୁ ୧୯ ବର୍ଷ ବୟସର ୧.୨୬ କୋଟିରୁ ଅଧିକ ଶିଶୁ ଏବଂ ୨୦ରୁ ୨୪ ବର୍ଷ ବୟସର ୧୫ ଲକ୍ଷରୁ ଅଧିକ ପ୍ରଜନନ ବୟସର ମହିଳାଙ୍କୁ ଆଲ୍‌ବେଣ୍ଡାଜୋଲ୍ ଔଷଧ ପ୍ରଦାନ କରାଯିବ। ସେହିପରି ୧୨ଟି ଜିଲ୍ଲାରେ ଏଲ୍‌ଏଫ୍-ଏମ୍‌ଡିଏ ୧ରୁ୨ ବର୍ଷ ବୟସର ୪ଲକ୍ଷ ୧୦୮୧ ଶିଶୁ, ଏନ୍‌ଡିଡି ଜିଲ୍ଲାଗୁଡ଼ିକର ୧ରୁ୫ ବର୍ଷ ବୟସର ୨୩ଲକ୍ଷ ୩୯ହଜାର ୧୦୨ ଶିଶୁ, ଏବଂ ୬ରୁ୧୯ ବର୍ଷ ବୟସର ୯୯ଲକ୍ଷ ୬୪୩୩ ଶିଶୁ ଏନ୍‌ଡିଡି କାର୍ଯ୍ୟକ୍ରମ ଅଧୀନରେ କୃମିନାଶକ ଔଷଧ ପାଇବେ। ତେବେ ବାର୍ଷିକ ଦୁଇଥର ଅନୁଷ୍ଠିତ ହେଉଥିବା ଏହି ଭିଏଏସ୍ କାର୍ଯ୍ୟକ୍ରମ ୯ ମାସରୁ ୬୦ ମାସ ବୟସର ଆନୁମାନିକ ୩୨ ଲକ୍ଷ ଶିଶୁଙ୍କ ପାଖରେ ପହଞ୍ଚିବ। ଯାହା ରୋଗ ପ୍ରତିରୋଧ କ୍ଷମତା ବୃଦ୍ଧି ସହ ଶିଶୁ ମୃତ୍ୟୁହାର ଏବଂ ଅସୁସ୍ଥତା ହ୍ରାସ କରିବ ବୋଲି ଶୁକ୍ରବାର ସ୍ୱାସ୍ଥ୍ୟ ଓ ପରିବାର ନିର୍ଦ୍ଦେଶାଳୟ କନଫରେନ୍ସ ହଲ୍‌ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପରିବାର କଲ୍ୟାଣ ନିର୍ଦ୍ଦେଶିକା ଡ. ରାଜ୍ୟଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି। କାର୍ଯ୍ୟକ୍ରମରେ ୟୁନିସେଫ୍‌ର ପୋଷଣ ବିଶେଷଜ୍ଞ ସୌରଭ ଭଟ୍ଟାଚାର୍ଯ୍ୟ ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍ ସହିତ କୃମିନାଶକକୁ ମିଶ୍ରଣ କରିବା ସରକାରଙ୍କ ଦ୍ୱାରା ଅପପୁଷ୍ଟି ବିରୁଦ୍ଧରେ ଲଢିବା ଏବଂ ପିଲାମାନଙ୍କ ମଧ୍ୟରେ ଉତ୍ତମ ମସ୍ତିଷ୍କ ବିକାଶକୁ ସମର୍ଥନ କରିବା ପାଇଁ ଏକ ଦୃଢ଼ପଦକ୍ଷେପ ବୋଲି କହିଥିଲେ। କାର୍ଯ୍ୟକ୍ରମ ସମ୍ବନ୍ଧୀୟ କୌଣସି ପ୍ରଶ୍ନ ପାଇଁ ସାରା ରାଜ୍ୟରେ ହେଲ୍ପଲାଇନ୍ ନମ୍ବର ୦୬୭୪-୨୩୯୧୯୪୪ ଜାରି କରାଯାଇଥିବା ସେ ସୂଚନା ଦେଇଥିଲେ। ଶିକ୍ଷକ, ଅଙ୍ଗନବାଡ଼ି କର୍ମୀ ଏବଂ ଆଶା କର୍ମୀମାନେ ଔଷଧ ବଣ୍ଟନରେ ସକ୍ରିୟ ଅଂଶଗ୍ରହଣ କରିବେ ବୋଲି ପୋଷଣ ଯୁଗ୍ମ ନିର୍ଦ୍ଦେଶକ ଡ. ସ୍ମୃତିଜିତ୍ ପଟ୍ଟନାୟକ କହିଥିଲେ। ୟୁନିସେଫ୍‌ର ପୋଷଣ ଅଧିକାରୀ ଡ. ସଞ୍ଜୟ କୁମାର ସାହୁ ସାମ୍ବାଦିକ ସମ୍ମିଳନୀରେ ଉପସ୍ଥିତ ଥିଲେ।

## ଏସ୍‌ପି ପାହ୍ୟାକୁ ପଦୋନ୍ନତି ପାଇଲେ ୫ ଅଧିକାରୀ

ଭୁବନେଶ୍ୱର,୮।୮(ସମିସ): ରାଜ୍ୟ ପୁଲିସ ବିଭାଗରେ କାର୍ଯ୍ୟରତ ୫ ଜଣ ଅତିରିକ୍ତ ଏସ୍‌ପି ପାହ୍ୟାର ଅଧିକାରୀଙ୍କର ପଦୋନ୍ନତି ହୋଇଛି। ସେମାନଙ୍କର ଏସପି ପାହ୍ୟାକୁ ପଦୋନ୍ନତି ହୋଇଥିବା ନେଇ ଆଜି ଗୃହ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଭିଜିଲାନ୍ସର ଅତିରିକ୍ତ ଏସ୍‌ପି ସତ୍ୟବାନ ମହାନନ୍ଦ, କେନ୍ଦ୍ରାପଡ଼ା ଆଇୟୁସିଏଡବ୍ଲୁର ଦେବାଶିଷ ଧଳ, ରାଜ୍ୟ ପୁଲିସ ମୁଖ୍ୟାଳୟର ପ୍ରଭାଶଙ୍କର ନାୟକ, କମିସନରେଟ୍ ପୁଲିସର ଅତିରିକ୍ତ ଡିସିପି ଦେବଦତ୍ତ କର ଓ ରେଳବାଇ ଓ ଉପକୂଳ ସୁରକ୍ଷାର ସତ୍ୟଜିତ ମିଶ୍ରଙ୍କୁ ଏପସି ପାହ୍ୟାକୁ ପଦୋନ୍ନତି ହୋଇଛି। ପରବର୍ତ୍ତୀ ନିର୍ଦ୍ଦେଶନାମା ପର୍ଯ୍ୟନ୍ତ ସେହିଠାରେ କାମ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଚାଷୀଙ୍କୁ ଅଡୁଆ...

ସେହିପରି ବାପା, ଜେଜେବାପାଙ୍କ ନାମ ଥିବା ପଟ୍ଟା ଜମିରେ ଚାଷ କରି ସେମାନେ ନିଜ ପରିବାର ଚଳାଇ ଆସୁଛନ୍ତି। ମାତ୍ର ଏବେ ଚାଷୀ ପଞ୍ଜୀକରଣ ବେଳେ ପଟ୍ଟା ସଂଶୋଧନ ଜରୁରୀ ହୋଇ ପଡୁଛି। ଗୋଟିଏପଟେ ସରକାର ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ସହ ରିହାତି ଦେଉଛନ୍ତି। ଚାଷୀଙ୍କୁ ଅଧିକ ଚାଷ କରିବାକୁ ସରକାର କହୁଛନ୍ତି। ମାତ୍ର ଧାନ ଚାଷ କରିବା ପରେ ଏହା କିପରି ସହଜରେ ବିକ୍ରିହେବ ସେଥିପାଇଁ ବ୍ୟବସ୍ଥା କରୁନାହାନ୍ତି। ଧାନ ବିକ୍ରି ନିମନ୍ତେ ଚାଷୀ ପଞ୍ଜୀକରଣ ନିମନ୍ତେ କଠୋର ବ୍ୟବସ୍ଥା ଚାଷୀଙ୍କୁ ଚାଷ ଛାଡ଼ିବାକୁ ବାଧ କରୁଥିବା ଅଭିଯୋଗ ହୋଇଛି।

ଭୁବନେଶ୍ୱର ଉପକଣ୍ଠ ନଁପୁଟ ସମବାୟ ସମିତିର ଚାଷୀ ବିଶ୍ୱରଞ୍ଜନ ଦଳେଇ କହିଛନ୍ତି ଯେ ତାଙ୍କର ସବୁ ଜମି ଜେଜେବାପାଙ୍କ ନାମରେ ରହିଛି। ବଡ଼ବାପା ଓ ଦାଦାମାନେ ସବୁ ଚାକିରି ଓ କାମ ଧନ୍ଦା ପାଇଁ ଦୀର୍ଘଦିନ ଧରି ରାଜ୍ୟ ବାହାରେ ରହୁଛନ୍ତି। ତାଙ୍କ ଭାଗ ଜମି ପଡ଼ିଆ ପଡ଼ିଛି; ମୋ ବାପା ବୁଢ଼ା ହୋଇ ଯାଇଥିବାରୁ ଏବେ ଚାଷ କାମ ମୁଁ ନିଜେ ବୁଝୁଛି। ବାପାଙ୍କ ବାର୍ଦ୍ଧକ୍ୟ ଯୋଗୁଁ ମୁଁ ମୋ ନାମରେ ପଞ୍ଜୀକରଣ କରିବାକୁ ଚାହୁଁଥିଲେ ବି ତାହା ସମ୍ଭବ ହୋଇ ପାରିଲା ନାହିଁ। ସରକାରଙ୍କ ନିୟମ ଯୋଗୁଁ ଅତି କଷ୍ଟରେ ବୁଢ଼ା ବାପାଙ୍କୁ ଟେକି ଟେକି ସମବାୟ ସମିତିକୁ ନେବାକୁ ପଡ଼ିଲା। ପୁଣି ବୃଦ୍ଧ ଲୋକ ତାଙ୍କ ହାତ ଥରୁଛି, ଆଖିରୁ ଭଲ ଭାବେ ଦେଖାଯାଉନି। ତେଣୁ ଇ-କେୱାଇସି କରିବାରେ ସମସ୍ୟା ହେଲା ବୋଲି ବିଶ୍ୱରଞ୍ଜନ କହିଛନ୍ତି। କେବଳ ବିଶ୍ୱରଞ୍ଜନ ଜଣେ ନୁହନ୍ତି, ନଁପୁଟ ସମବାୟ ସମିତି ଅଧୀନରେ ପଞ୍ଜୀକରଣ କରୁଥିବା ପାଖାପାଖି ଦେଢ଼ ଶହରୁ ଦୁଇ ଶହ ଲୋକ ଏଭଳି ଅସୁବିଧାର ସମ୍ମୁଖୀନ ହୋଇଥିବା ଅଭିଯୋଗ ହୋଇଛି। ପଞ୍ଜୀକରଣ ଅବଧି ଶେଷ ହେବାକୁ ଆଉ ମାତ୍ର ୧୪ ଦିନ ଥିବାବେଳେ ଏପର୍ଯ୍ୟନ୍ତ ଅଧା ଚାଷୀ ବି ପଞ୍ଜୀକରଣ କରିପାରିନାହାନ୍ତି। ତେଣୁ ଗତବର୍ଷ ଯେତିକି ଚାଷୀ ସରକାରଙ୍କ ଧାନ ବିକ୍ରି କରିଥିଲେ, ଏ ବର୍ଷ ସେତିକି ଚାଷୀ ଧାନ ବିକ୍ରି କରିପାରିବେ ନାହିଁ ବୋଲି କୃଷକ ନେତା ନିରାକାର ସାହୁ କହିଛନ୍ତି।

### ଏମ୍ସ ନିଯୁକ୍ତି ଜାଲିଆତି...

ଜଣାଇଥିଲେ। ତଦନ୍ତରୁ ଘଟଣାର ସତ୍ୟାସତ ଥିବା ଜାଣିବା ପରେ ସିବିଆଇ କୋଲଥିଆ ହାଉସିଂବୋର୍ଡ କଲୋନୀ ଏମ୍‌ଆଇଜି-୩ରେ ରହୁଥିବା ରାଜଶ୍ରୀ ପଣ୍ଡା, ରାହାମା, ପଙ୍କପାଳରେ ରହୁଥିବା ସଂଗ୍ରାମ ମିଶ୍ର, କୋଲଥିଆର ସାଇ ସାଗର କର, ପଙ୍କପାଳରେ ରହୁଥିବା ସମ୍ବିତ ମିଶ୍ର, ହାଉସିଂବୋର୍ଡ କଲୋନୀର ଶ୍ରୁତି ସାଗର କର ଏବଂ ଏମ୍ସର ରିକ୍ରୁଟ୍‌ମେଣ୍ଟ ସେଲ୍ ତଥା ସହକାରୀ ପ୍ରଶାସନିକ ଅଧିକାରୀ ସୁଧିର କୁମାର ପ୍ରଧାନଙ୍କ ନାମରେ ମାମଲା ରୁଜୁ କରିଛି। ଜାଲ୍ ସାର୍ଟିଫିକେଟ ଦେଇ ଗୋଟିଏ ପରିବାରର ୪ ଜଣ ଚାକିରି କରିଥିବା ପିଟିସନ୍ ପଡ଼ିବା ପରେ ତଦନ୍ତ ଆରମ୍ଭ କରିଥିଲା ସିବିଆଇ। ଏହାର ସତ୍ୟାସତ ମିଳିବା ପରେ ସିବିଆଇ ନିଜ ଆଡୁ ମାମଲା ରୁଜୁ କରିଛି। ଏମ୍‌ସକୁ କର୍ମଚାରୀ ଯୋଗାଉଥିବା ଠିକା ସଂସ୍ଥା ବମ୍ବେ ଇଣ୍ଟେଲିଜେନ୍ସ ସିକ୍ୟୁରିଟି (ବିଆଇଏସ୍)ର ମ୍ୟାନେଜର ସ୍ମୃତି ସାଗର କର ହିଁ ଘୋଟାଲାର ମାଷ୍ଟରମାଇଣ୍ଡ ବୋଲି ପ୍ରାଥମିକ ଅନୁସନ୍ଧାନରୁ ସିବିଆଇ ଜାଣିବାକୁ ପାଇଛି। ଏହି ଠିକା ସଂସ୍ଥା ବିଆଇଏସ୍ ଏମ୍‌ସ ଭୁବନେଶ୍ୱରକୁ କର୍ମଚାରୀ ଯୋଗାଉଥିବା ବେଳେ ସ୍ମୃତି ସାଗର କର ସଂସ୍ଥାର ମ୍ୟାନେଜର ଭାବେ କାମ କରୁଛନ୍ତି। ସ୍ମୃତିଙ୍କ ୪ ଜଣ ସମ୍ପର୍କୀୟ ମଧ ଏହି ସଂସ୍ଥା ଅଧୀନରେ ଏମ୍‌ସରେ ଚାକିରି କରୁଥିଲେ। ୨୦୨୩ ମସିହା ଜୁଲାଇ ୧ ତାରିଖ ଦିନ ସାନିଟାରୀ ଇନ୍ସପେକ୍ଟର, ମେଡିକାଲ ରେକର୍ଡ ଆସିଷ୍ଟାଣ୍ଟ ଭଳି ସର୍ବଭାରତୀୟ ସ୍ତରରେ ମୋଟ ୭୭୫ ପଦବୀ ପୂରଣ ନେଇ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ଓଡ଼ିଶାର ଅନେକ ଆଶାୟୀ ଏଥିପାଇଁ ଆବେଦନ କରିଥିଲେ। ବିଆଇଏସ୍ ଅଧୀନରେ ଏମ୍‌ସରେ ଚାକିରି କରିଥିବା ସ୍ମୃତିଙ୍କ ୪ ଜଣ ସମ୍ପର୍କୀୟଙ୍କୁ ସ୍ଥାୟୀ ନିଯୁକ୍ତି ମିଳିଥିଲା। ସ୍ମୃତିଙ୍କ ଭାଇ ସାଇ ସାଗର କର, ସମ୍ପର୍କୀୟ ଭାଇ ସମ୍ବିତ ମିଶ୍ର, ସଂଗ୍ରାମ ମିଶ୍ର ଓ ରାଜଶ୍ରୀ ପଣ୍ଡାଙ୍କୁ ସାନିଟାରୀ ଇନ୍ସପେକ୍ଟର ଓ ମେଡିକାଲ ରେକର୍ଡ ଆସିଷ୍ଟାଣ୍ଟ ପଦବୀରେ ନିଯୁକ୍ତି ମିଳିଥିଲା। ସ୍ମୃତିଙ୍କ ସମ୍ପର୍କୀୟମାନେ ଚାକିରି କରିବା ସମୟରେ ଗୋରଖପୁରର ଏକ ଶିକ୍ଷାନୁଷ୍ଠାନର ସାର୍ଟିଫିକେଟ ଦାଖଲ କରିଥିଲେ। ସିବିଆଇ ଯାଞ୍ଚ କରିବା ପରେ ସେଠାରେ କେହି ପାଠ ପଢ଼ି ନ ଥିବା ସ୍ପଷ୍ଟ ହୋଇଥିଲା। ପୂର୍ବରୁ ଠିକା ସଂସ୍ଥା ଅଧୀନରେ ଥିବା କର୍ମଚାରୀ ହଠାତ୍ କିପରି ସ୍ଥାୟୀ ନିଯୁକ୍ତି ପାଇଲେ ତା'କୁ ନେଇ ପ୍ରଶ୍ନ ଉଠିଥିଲା। ପିଟିସନ ଆଧାରରେ ତଦନ୍ତ ଆରମ୍ଭ କରିଥିଲା ସିବିଆଇ। ଶ୍ରୁତି ସାଗର ସହ ମିଶି ଏମ୍‌ସ ସହାୟକ ପ୍ରଶାସନିକ ଅଧିକାରୀ ସୁଧିର କୁମାର ପ୍ରଧାନ ଏହି ଚାକିରି ଜାଲିଆତି କରିଥିଲେ। କେବଳ ଏହି ୪ଜଣ ନୁହଁନ୍ତି; ମୋଟା ରକମର ଟଙ୍କା ନେଇ ସେମାନେ ଏକାଧିକ ବ୍ୟକ୍ତିଙ୍କୁ ଚାକିରି ଦେଇଥିବା ସିବିଆଇ ତଦନ୍ତରୁ ଜାଣିବାକୁ ପାଇଛି।

### ସ୍କିମାଟିକ୍ ଶିକ୍ଷକଙ୍କୁ...

ରହି ନଥିଲା। ଗଣଶିକ୍ଷା ବିଭାଗର ୱେବସାଇଟ୍‌ରେ ଅପଲୋଡ୍ ହୋଇଥିବା ଏହି ପ୍ରସ୍ତାବକୁ ମାତ୍ର ୨ଦିନ ପରେ ଡିଲିଟ୍ କରିଦିଆଗଲା। ଫଳରେ ସରକାରଙ୍କ ଆଭିମୁଖ୍ୟ ନେଇ ଆଶଙ୍କା ବଢ଼ିଥିଲା। ଗୁରୁବାର ଏହି ପ୍ରସ୍ତାବକୁ ଆନୁଷ୍ଠାନିକ ଭାବେ ପ୍ରତ୍ୟାହାର କରାଯାଇଥିବା ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ପ୍ରସ୍ତାବଟି ଏପର୍ଯ୍ୟନ୍ତ ଉପଯୁକ୍ତ ସ୍ତରରେ ଅନୁମୋଦିତ ହୋଇ ନ ଥିବା ଦର୍ଶାଯାଇଛି।

ପ୍ରସ୍ତାବ ପ୍ରତ୍ୟାହୃତ ହେବା ପରେ ସ୍କିମାଟିକ୍ ଶିକ୍ଷକ ପଦ ଉଚ୍ଛେଦ ସମେତ ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତିର ଭାଗ୍ୟ ଭବିଷ୍ୟତ ଅନ୍ଧକାର ଭିତରକୁ ଚାଲିଯାଇଛି। ଶିକ୍ଷକ ଓ ଅଭିଭାବକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। କାହିଁକି ପ୍ରସ୍ତାବକୁ ସାର୍ବଜନୀନ କରାଗଲା ଏବଂ ପୁଣି ପ୍ରତ୍ୟାହାର କରାଗଲା ବୋଲି ପ୍ରଶ୍ନବାଚୀ ସୃଷ୍ଟି କରିଛି। ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘ ସଭାପତି ବ୍ରହ୍ମାନନ୍ଦ ମହାରଣା କହିଛନ୍ତି ଯେ, ଶିକ୍ଷକଙ୍କୁ ଠକିବାରେ ସରକାର ଧୂରନ୍ଧର। ବିଭିନ୍ନ ଶିକ୍ଷକ ସଂଘ ସହ ଆଲୋଚନା କରି ପ୍ରସ୍ତାବ ନେଲେ, ତାକୁ କାର୍ଯ୍ୟକାରୀ କରିବାକୁ ପ୍ରସ୍ତାବ ଦେଲେ। ହେଲେ ପ୍ରସ୍ତାବ କାର୍ଯ୍ୟକାରୀ କରିବା ପରିବର୍ତ୍ତେ ତାକୁ ପ୍ରତ୍ୟାହାର କରିନେବା ଅତ୍ୟନ୍ତ ନିନ୍ଦନୀୟ ଓ ଦୁର୍ଭାଗ୍ୟଜନକ। ବିଧାନସଭା ଅଧିବେଶନ ପୂର୍ବରୁ ସମସ୍ତ ପ୍ରସ୍ତାବକୁ କାର୍ଯ୍ୟକାରୀ କରା ନ ଗଲେ ବିରାଟ ଶିକ୍ଷକ ଆନ୍ଦୋଳନ ହେବ ବୋଲି ସେ ଚେତାବନୀ ଦେଇଛନ୍ତି।

ଅପରପକ୍ଷରେ ମନ୍ତ୍ରୀଙ୍କୁ ଅନ୍ଧାରରେ ରଖି ପ୍ରସ୍ତାବ ସାର୍ବଜନୀନ କରିବାର ଏହା ପାର୍ଶ୍ୱପ୍ରତିକ୍ରିୟା ବୋଲି କ୍ଷମତା କରିଡରରେ ଆଲୋଚନା ଜୋର ଧରିଛି। ଶିକ୍ଷକଙ୍କ ଅସନ୍ତୋଷ ବିଧାନସଭା ସମୟରେ ସରକାରଙ୍କୁ ଅଳକରେ ପକାଇପାରେ ବୋଲି ମଧ ଶିକ୍ଷାବିତ୍‌ମାନେ ଆଶଙ୍କା ବ୍ୟକ୍ତ କରିଛନ୍ତି। ରାଜ୍ୟ ସରକାରଙ୍କ ଏପରି ନିଷ୍ପତ୍ତି ଦୋମୁହାଁ ନୀତିର ପ୍ରତିଫଳନ ବୋଲି ଅଭିଯୋଗ କରିଛି ଓଡ଼ିଶା ସରକାରୀ କର୍ମଚାରୀ ମହାସଂଘ। ସରକାରଙ୍କ ଏପରି କାର୍ଯ୍ୟକୁ ସମାଲୋଚନା କରିବା ସହ ତୁରନ୍ତ ନିଷ୍ପତ୍ତି କାର୍ଯ୍ୟକାରୀ କରିବାକୁ ଦାବି ସଂଘର ସଭାପତି ବିଜୟ ମଲ୍ଲ ଦାବି କରିଛନ୍ତି।

### ନିଅଣ୍ଟିଆ ବର୍ଷା...

ସମୟରେ ଲଘୁଚାପ ହେବ ଓ ଏହା ପ୍ରଭାବରେ ରାଜ୍ୟରେ ବର୍ଷା ବଢ଼ିବ। ଗତ କିଛି ଦିନ ମଧ୍ୟରେ ବର୍ଷାର ସୁଷମ ବଣ୍ଟନ ହୋଇ ନ ଥିବାରୁ ଅନେକ ସ୍ଥାନରେ ରୁଆ ହୋଇପାରି ନାହିଁ। ଏଥିପାଇଁ ଅତି କମ୍‌ରେ ୧୦୦ ମିମି ବର୍ଷା ଆବଶ୍ୟକ ହେଉଛି। ତେବେ ସମ୍ଭାବ୍ୟ ଲଘୁଚାପ ଯୋଗୁଁ ଅବିଭକ୍ତ କୋରାପୁଟ, କଳାହାଣ୍ଡି ଓ ନୂଆପଡ଼ାରେ ରଆ ବେଉଷା ପାଇଁ ଆବଶ୍ୟକ ବର୍ଷାର ସମ୍ଭାବନା ଅଧିକ। ଦକ୍ଷିଣ ଉପକୂଳରେ ମଧ ୮୦-୧୦୦ ମିମି ବର୍ଷା ହେଲେ ଧାନ ଚାଷ ଆଗେଇବ। ମାତ୍ର ଏହି ଲଘୁଚାପ ଯୋଗୁଁ କୌଣସି ସ୍ଥାନରେ ଭାରି ବର୍ଷା ସମ୍ଭାବନା ନ ଥିଲେ ମଧ ୫-୬ ଦିନ ସ୍ୱଳ୍ପରୁ ମଧ୍ୟମ ବର୍ଷା ହେତୁ ପାଣି ଉଠିପାରେ। ଅଗଷ୍ଟ ମାସରେ ରାଜ୍ୟରେ ଦିନକୁ ହାରାହାରି ବର୍ଷା ୧୧ ମିମି ଆବଶ୍ୟକ। ଏଣୁ ଅଗଷ୍ଟ ୨୦ ପର୍ଯ୍ୟନ୍ତ ୧୪୫-୧୫୦ ମିମି ବର୍ଷା ହେବା କଥା। ମଡେଲ୍ କହୁଛି ଏହି ଲଘୁଚାପ ଯୋଗୁଁ ଏତେ ବର୍ଷା ହୋଇ ନ ପାରେ। ଫଳତଃ ଉତ୍ତର ଆଭ୍ୟନ୍ତରୀଣ ଜିଲ୍ଲାରେ ବର୍ତ୍ତମାନ ସୁଦ୍ଧା ବର୍ଷା ସ୍ୱାଭାବିକ ବା ଅଧିକ ରହିଥିଲେ ମଧ ୨୦ ବେଳକୁ କେତେକ ଜିଲ୍ଲାରେ ନିଅଣ୍ଟିଆ ପରିସ୍ଥିତି ଉପୁଜିପାରେ। ରୁଆ ବେଉଷା ପାଇଁ ସମୟ ଅଛି ସତ, ଧାନ ତଳି ମରି ନାହିଁ। ଏଣୁ ଲଘୁଚାପ ବର୍ଷା ଯୋଗୁଁ ରୁଆ ବେଳେ ସାରାର ପର୍ଯ୍ୟାପ୍ତ ଉପଲବ୍ଧି ହେବା ଦରକାର। ଯଦି ବର୍ତ୍ତମାନର ନିଅଣ୍ଟିଆ କମିବ ନାହିଁ କିମ୍ବା ଅନ୍ୟ ଜିଲ୍ଲାରେ (ବିଶେଷକରି ଉତ୍ତର ଆଭ୍ୟନ୍ତରୀଣ ଓ ପଶ୍ଚିମ ଓଡ଼ିଶା) ନିଅଣ୍ଟିଆ ବର୍ଷା ସୃଷ୍ଟି ହୁଏ, ତା'ର ଜରୁରୀକାଳୀନ ପଦକ୍ଷେପ ବର୍ତ୍ତମାନଠାରୁ ଠିକ୍ କରିବା ଆବଶ୍ୟକ ବୋଲି ପ୍ରଫେସର ପଶୁପାଳକ ପରାମର୍ଶ ଦେଇଛନ୍ତି।

ସୂଚାନା ଥାଉ କି, ବର୍ତ୍ତମାନ ସାମଗ୍ରିକ ଭାବେ ରାଜ୍ୟରେ ୨ ପ୍ରତିଶତ୍ ନିଅଣ୍ଟିଆ ବର୍ଷା ରହିଛି। ଜିଲ୍ଲାୱାରୀ ଦେଖିଲେ ଏବେ ୯ଟି ଜିଲ୍ଲାରେ ସ୍ୱାଭାବିକ ତୁଳନାରେ କମ୍ ବର୍ଷା ହୋଇଛି। ଖୋର୍ଦ୍ଧା, ପୁରୀ ସମେତ ଗଞ୍ଜାମ, ଗଜପତି, ରାୟଗଡ଼ା, କଳାହାଣ୍ଡି, ନବରଙ୍ଗପୁର, ବଲାଙ୍ଗିର ଓ ନୂଆପଡ଼ାରେ ନିଅଣ୍ଟିଆ ପରିମାଣ ୨୧ ପ୍ରତିଶତରୁ ଆରମ୍ଭ କରି ୪୦ ପ୍ରତିଶତ ପର୍ଯ୍ୟନ୍ତ ରହିଛି। ୧୩ ତାରିଖ ସୁଦ୍ଧା ବର୍ଷା ହେବା ପର୍ଯ୍ୟନ୍ତ ନିଅଣ୍ଟିଆର ପରିମାଣ ଆହୁରି ବଢ଼ିବାର ଆଶଙ୍କା କରାଯାଉଛି।

### ବର୍ତ୍ତିଗଲା ବିଶାଖାପାଟଣାମ...

ମଝିଘରିଆଣୀ ମନ୍ଦିର ନିକଟରେ ରହିଥିବା ରେଳ ପୋଲ ଅପରପାର୍ଶ୍ୱର ରେଳଧାରଣାରେ। ନିକଟସ୍ଥ ପାହାଡ଼ରୁ ଏକ ବିରାଟ ପଥର ଖସି ରେଳ ଟ୍ରାକ୍‌ଉପରେ ପଡ଼ିରହିଥିଲା। ଫଳରେ ଟ୍ରାକ କ୍ଷତିଗ୍ରସ୍ତ ହେବା ସହ ଏହି ସମୟରେ ବିଶାଖାପାଟଣାଠାରୁ କୋରବା ଯାଉଥିବା ଏକ୍ସପ୍ରେସ ଟ୍ରେନ ରାୟଗଡ଼ା ରେଳ ଷ୍ଟେସନ୍ ମଧ୍ୟରେ ପ୍ରବେଶ କରି ନ ପାରି ସେଠାରେ ଅଟକି ରହିଥିଲା।

ସୂଚନା ପାଇ ରାୟଗଡ଼ା ରେଳ ଡିଭିଜନ ଡିଆରଏମ ଅମିତାଭ ସିଙ୍ଘଲ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ଉଦ୍ଧାରକାରୀ ଟିମ୍ ଏବଂ ଅନ୍ୟାନ୍ୟ ରେଳ କର୍ମଚାରୀ ପହଞ୍ଚି ପଥରକୁ ଟ୍ରାକ୍‌ରୁ ବାହାର କରିଥିଲେ। ଏଥିରେ କୌଣସି ଟ୍ରେନ ଦୁର୍ଘଟଣାଗ୍ରସ୍ତ ହୋଇନଥିବା ବେଳେ କୌଣସି ଧନଜୀବନ କ୍ଷତିଗ୍ରସ୍ତ ହୋଇନାହିଁ।


**AFFIDAVIT**

By virtue of an affidavit before the Executive Magistrate, Umerkote, Dist.- Nabarangpur, I, Amit Das Kurey, S/o- Babulal Kuray resident of Vill./Po.- Adhikariguda, Ps.- Umerkote, Dist.- Nabarangpur state that, my son's actual name is **Tanish Kuray** but in his Birth certificate his name has been wrongly mentioned as Tanish Kureay. Both the names **Tanish Kureay** and **Tanish Kuray** are of single and same person. Hence he will be known as **Tanish Kuray** for all future purposes.

**AFFIDAVIT**

By virtue of an affidavit (CF No. 21, date- 07/08/2025) sworn before The Notary Public, Padampur. I, **Himanshu Agrawal,** S/o Anil Kumar Agrawal, resident of Vill- Padampur W.No.8, PO- Rajborasambar, Ps- Padampur, Dist- Bargarh, Odisha declare that I have changed my name from **Himanshu Agarwal** (old name) to **Himanshu Agrawal** (new name) in Bank Pass book vide A/C No. 367805001996 of ICICI Bank, Bheunria Branch. Henceforth, I shall be known as **Himanshu Agrawal** for all future purposes.

**Himanshu Agrawal**

**AFFIDAVIT**

By the virtue of an affidavit sworn before the Court of the Executive Magistrate, Aska, I Nivedita Panda, aged about 57 Years, D/O - Radhagobind Panda ( Farther ) and Smt Binodini Choudhury ( Mother ) permanent resident of Sunam Sahi , Aska , PO /PS - Aska , Dist - Ganjam , Odisha, PIN - 761110, do hereby declare that, I have changed my name from Nivedita Nayak to Nivedita Panda ! Hence I shall be known as **Nivedita Panda** for all purposes !

**AFFIDAVIT**

By virtue of an affidavit sworn before the Executive Magistrate, Jajpur no 7627 dated 06/08/2025 declare that Myself Sk Jabir , S/o- Sk Bakabul of Sayedpur, Binjharpur, Jajpur have changed my old name from sk Jahid to Sk Jabir (new name). So I will be known as Sk. Jabir for all purposes.

**Sd/-Sk Jabir**

**TO WHOM IT MAY CONCERN**

Kind Attn:
Mr. Lokesh Dash of Cuttack
(Address not known)

We are hereby informed you that the undersigned has no power to register the flats (flat no.407,408 & 409) as per the certificate Case no.23/2025 issued on Dt.21.03.2025. We had informed you through the other Director, who has booked the flat during his tenure of Managing the company. We are unable to deposit the required amount of approx. Rupees Forty Lakhs penalties levied on the company of the promoter by Hon'ble Adjudicating Officer vide case no. AOCC No.22 of 2023 and execution case no.06 of 2024 in the matter of Saroj Kumar Sahu Vs. Mahodadhi Devlopers Pvt Ltd. So we informed through this notice by odia daily for information and refund of of your deposits of Rs.18,00,000/- for flat no 407, 408 and 409 of Tulasi Vihar, Phase-II, Puri. If any other claim, other Director will settle the issue at his end.

Managing Director,
Mahodadhi Devlopers Pvt. Ltd.
Bhubaneswar.

**AFFIDAVIT**

By virtue of an affidavit sworn before Notary Public Titilagarh, dated 29.07.2025 I, Bhikari Rana , Address At/Po- Badbahal, Ps- Tusura, Dist- Balangir, Odisha, Pin- 767067 declare that I have changed my name from Rikari Rana to Bhikari Rana. Henceforth, I shall be known as Bhikari Rana for all purposes.

**Bhikari Rana**

**AFFIDAVIT**

By virtue of an affidavit before The Notary Public, Titilagarh, on dated- 06/08/2025. I, **Shashibhusan Bhoe** (Applicant name), S/O- Gokula Bhoe, Permanent resident of At- Dharapgarh, P.O. Goelbhadi, P.S. Saintala, Dist- Balangir, (Odisha), PIN- 767033, now residing at the same place affirm that I have changed my minor son's name from **Sahil Bhue** (old name) to **Sahil Bhoe** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Sahil Bhoe** (new name).

**Shashibhusan Bhoe**

**AFFIDAVIT**

By virtue of an affidavit sworn before Notary Public Titilagarh, dated 06.08.2025 I, Debraj Harpal, Adress At- Samiapada, Diatan Po- Parasara, Ps- Sindhekela, Dist- Balangir, Odisha, Pin- 767035 declare that I have changed my daughter's name from Suneli Harpal to Santoshini Harpal. Henceforth, she shall be known as Santoshini Harpal for all purposes.

**Debraj Harpal**

**AFFIDAVIT**

I, Aditya Shivraj Subarno, aged about 25 years, S/o- Rajesh Subarno, resident of Quarter No.01, Type-VI, SIB Colony, Bidyut Marg, Unit-V, Capital PS, Bhubaneswar, District Khordha, Odisha, PIN-751001 do hereby declare by this affidavit No.280, dated 08.08.2025 that, now onwards I shall be known as ADITYA SUBARNO for all future purposes.

**Sd/- Aditya Subarno**

**LOST**

**I, Mrs. Nirupama Jena,** aged about 50 years, W/o: Mr. Sunil Kumar Jena, R/o: Plot No.: 172/1041, Sikharpur, Near BPCL Depot, Nadikula, Cuttack Sadar, Cuttack, Odisha - 753003 do hereby solemnly affirm that I am the absolute owner in respect of the land and building thereon situated at Dist.: Cuttack, DSRO: Cuttack, Thana: Chauliaganj No.: 2, Tahasil: Cuttack, Mouza: Unit No. 26, Sikharpur, Khata No.: 660/251, Plot No.: 172/1041, Area: Ac. 0.0520 Dec., Classified as Homestead having right title interest in and possession thereon. I hereby declare that the following original link deed are lost somewhere in transit and inspite of my best efforts I could not trace it out. The following deeds are not in my possession: **(A)** Registered Sale Deed No.: 1389 dated 21.03.2001 is not in my possession, **(B)** Original mutation ROR in respect of Khata No.: 660/ 251 of Mouza: Cuttack Sahar Unit No.: 26 Sikharpur **(C)** Registered Sale Deed No.: 2306 dated 10.05.2004. I have not deposited the said deed as security by way of equitable mortgage or otherwise with anybody nor I have given it to anybody for any purpose. If somebody found and misuse the said deed, I shall not be held responsible for that.

If any one found the above deed, is in possession or have any claim on the same please contact Advocate **Mr. A Pattnaik, Mob No.: 9338451066** within **7 days** of this publication. If no claim received during this period the validity of above mentioned original deeds is null and void.

**AFFIDAVIT**

I, Jyotika Ramachandra Behera, D/o- Ramachandra Behera, resident of Flat no-E/1102, Jalvayu Tower, Niladri Vihar, Po-Sailashree Vihar , Dist-Khurda PIN-751021, Odisha declared by this affidavit No-638, dtd- 08/08/2025 that now onwards I shall be known as **JYOTIKA BEHERA** for all future purposes.

**AFFIDAVIT**

I, Ramachandra Sanyasi Behera, S/o- Sanyasi Behera, resident of Flat No- E/1102, Jalvayu Tower, Niladri Vihar, Po-Sailashree Vihar, Dist-Khurda, PIN- 751021, Odisha declared by this affidavit No-637, dtd- 08/08/2025 that now onwards I shall be known as **RAMA CHANDRA BEHERA** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, dated: 04.08.2025, I, Tanmayee Sahoo, resident of At/Po- Kusupur, Ps-Mahanga, Cuttack, Odisha-754205 declare that I have changed my minor Son's name from Aayansh Mohapatra to Aayansh Sahoo. Henceforth he shall be known as **Aayansh Sahoo** for all purposes.

**AFFIDAVIT**

I, Namrata Nivedita Behera, D/o-Chandan Behera, resident of Flat No-E/302, Phase-3, Metro Satelity City, Hanspal, Po- Balianta, Dist- Khurda PIN- 752101, Odisha declared by this affidavit No-636, dtd- 08/08/2025 that now onwards I shall be known as **NAMRATA NIBEDITA BEHERA** for all future purposes.

**AFFIDAVIT**

By virtue of an affidavit CF No.2381, dtd. 06.08.2025 sworn before the Executive Magistrate, Sambalpur, I, Simran Binet, residing at Hospital Campus, PO- Modipada, PS-Sadar, Dist- Sambalpur, Odisha-768002 changed my name from Sriman Binet to Simran Binet. Henceforth I shall be known as **Simran Binet** for all purposes.

**Sd/- Simran Binet**

**AFFIDAVIT**

I, Ranjeeta Ramachandra Behera, W/o- Ramachandra Behera, resident of D/202, Sector- 7,CDA,Markat Nagar, Cuttack Sadar, Dist- Cuttack PIN-753014, Odisha declared by this affidavit No-635, dtd- 08/08/2025 that now onwards I shall be known as **RANJEETA BEHERA** for all future purposes.

● ସ୍ଥାୟୀ ମଣ୍ଡି ସ୍ଥାପନ ଦାବି

## ଚିତ୍ରକୋଣ୍ଡା ବିଧାୟକଙ୍କୁ ଭଣ୍ଡାରୀପାଙ୍ଗାମ ପଞ୍ଚାୟତବାସୀଙ୍କ ଦାବିପତ୍ର



ମାଲକାନଗିରି,୮ ।୮ (ସମିସ): ମାଲକାନଗିରି ଜିଲ୍ଲା ବାଲିମେଳା ଗସ୍ତରେ ଆଜି ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ ଆସିଥିବା ବେଳେ ଏହି ପରିପ୍ରେକ୍ଷୀରେ ସହର ସ୍ଥିତ ଇରିଗେସନ ବିଭାଗ ଡାକବଙ୍ଗଳାରେ ବିଧାୟକଙ୍କୁ ଭେଟିଲେ ଭଣ୍ଡାରିପାଙ୍ଗାମ ପଞ୍ଚାୟତବାସୀ। ମାଥିଲି ବ୍ଲକ ଅନ୍ତର୍ଗତ ଭଣ୍ଡାରିପାଙ୍ଗାମ ପଞ୍ଚାୟତ ସରପଞ୍ଚ ଭାରତୀ କାଲାକୁରାଙ୍କ ନେତୃତ୍ୱରେ ପଞ୍ଚାୟତର ୱାର୍ଡ ମେମ୍ବର ସମେତ କିଛି ଗ୍ରାମବାସୀ ଆସି ଚିତ୍ରକୋଣ୍ଡା ବିଧାୟକଙ୍କୁ ଭେଟି ସିଧାସଳଖ ଦାବିପତ୍ର ପ୍ରଦାନ କରିଛନ୍ତି। ପଞ୍ଚାୟତବାସୀଙ୍କ କହିବାନୁଯାୟୀ ତାଙ୍କ ପଞ୍ଚାୟତରେ ଅସ୍ଥାୟୀ ମଣ୍ଡି ଥିବା ହେତୁ ତାହା ଗ୍ରାମବାସୀଙ୍କ କାର୍ଯ୍ୟରେ ଆସୁନାହିଁ। ପଞ୍ଚାୟତବାସୀ ବାଧହୋଇ ନିକଟସ୍ଥ ମେକା ପଞ୍ଚାୟତରେ ଥିବା ସ୍ଥାୟୀ ମଣ୍ଡି ଉପରେ ନିର୍ଭର କରୁଛନ୍ତି। ଅଥବା କିଛି ଚାଷୀ ବାଧହୋଇ ଛତିଶଗଡ଼ କିମ୍ବା ଆନ୍ଧ୍ରପ୍ରଦେଶରୁ ଆସୁଥିବା ବ୍ୟବସାୟୀଙ୍କୁ ଅଳ୍ପ ଦରରେ ନିଜର ଧାନ ବିକ୍ରି କରିବାକୁ ବାଧ ହେଉଛନ୍ତି। ତେଣୁ ଆଜି ପଞ୍ଚାୟତବାସୀ ସିଧାସଳଖ ବିଧାୟକ ଶ୍ରୀ ଖିଲଙ୍କୁ ଭେଟି ନିଜର ଦାବିପତ୍ର ପ୍ରଦାନ କରିଛନ୍ତି। ବିଧାୟକ ଶ୍ରୀ ଖିଲ ମଧ୍ୟ ତୁରନ୍ତ ଜିଲ୍ଲାପାଳଙ୍କୁ ଅବଗତ କରାଇ ଏ ଦିଗରେ କାର୍ଯ୍ୟାନୁଷ୍ଠାନ ନେବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

## ସ୍କୁଲ କଲେଜ ଶିକ୍ଷକ ସମନ୍ୱୟ ସମିତିର ସ୍ମାରକପତ୍ର ପ୍ରଦାନ



ମାଲକାନଗିରି,୮ ।୮ (ସମିସ): ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ସମନ୍ୱୟ ସମିତି ମାଲକାନଗିରି ଜିଲ୍ଲା ଶାଖା ତରଫରୁ ଏକ ସ୍ମାରକପତ୍ର ଜିଲ୍ଲାପାଳଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରାଯାଇଛି। ମାଲକାନଗିରି ଜିଲ୍ଲା ଓଷ୍ଟା ସଂଘର ସଭାପତି ଅଲେଖ ଚନ୍ଦ୍ର ମହାପାତ୍ର ସଂପାଦକ ମନୋଜ କୁମାର ମହାପାତ୍ର, ଉପ ସଭାପତି ସୂର୍ଯ୍ୟକାନ୍ତ ପାଣିଗ୍ରାହୀ ଇସି ମେମ୍ବର ଅଜୟ ସ୍ୱାଇଁ, ଦୀନବଂଧୁ ବେଜ, ସୂର୍ଯ୍ୟନାରାୟଣ ନାୟକ, ଜଗବନ୍ଧୁ ମିଶ୍ର, ଗୋଦାବରୀଶ ଦାସ, ଜିତୁରଂଜନ ସ୍ୱାଇଁ, ହେମନ୍ତ କୁମାର ସାହୁ, ତପନ କୁମାର ପାତ୍ର, ପ୍ରଶାନ୍ତ ପ୍ରଧାନ, ଅନୁପ କୁମାର ଆଚାରୀ, ରଂଜିତ କୁମାର ମଣ୍ଡଳଙ୍କ ସମେତ ଶତାଧିକ ଶିକ୍ଷକ ଶିକ୍ଷୟିତ୍ରୀ ଏକ ଶୋଭାଯାତ୍ରାର ବାହାରି ଜିଲ୍ଲାପାଳ କାର୍ଯ୍ୟାଳୟରେ ଉପଜିଲ୍ଲାପାଳଙ୍କୁ ଏହି ଦାବିପତ୍ର ପ୍ରଦାନ କରିଥିଲେ। ବ୍ଲକଗ୍ରାଣ୍ଟ ଉଚ୍ଛେଦ, ୧୯୪ ବିଦ୍ୟାଳୟକୁ ଅନୁଦାନ, ପେନସନ ପ୍ରଦାନ ସହ ଚାକିରି ସର୍ତ୍ତାବଳୀ ଲାଗୁ ପରି ଦାବି ସାମିଲ ଥିବାର ଜଣାପଡିଛି। ଏଥିରେ ଜିଲ୍ଲାର ସବୁ ବର୍ଗର ବ୍ଲକଗ୍ରାଣ୍ଟ ଶିକ୍ଷକ କର୍ମଚାରୀ ସାମିଲ ରହିଥିଲେ।

## ଜାତୀୟ କୃମିନାଶକ ଓ ଅମ୍ଳାନ କାର୍ଯ୍ୟକ୍ରମ



ରାମନାଗୁଡ଼ା,୮।୮ (ସମିସ): ରାୟଗଡ଼ା ଜିଲ୍ଲା ରାମନଗୁଡ଼ା ବ୍ଲକ୍ ଅନ୍ତର୍ଗତ ରାମନାଗୁଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଠାରେ ଜାତୀୟ କୃମି ନାଶକ ଓ ଅମ୍ଳାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ମେଡିକାଲ ଅଫିସରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମଞ୍ଚାସୀନ ଭାବେ ରାମନାଗୁଡା ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଜନ ମଲ୍ଲିକ ମୁଖ୍ୟ ଅତିଥି ଭାବେଯୋଗ ଦେଇ ରାମନାଗୁଡା ଶିକ୍ଷା ବିଭାଗର ୧୧୬ ଜଣ ଶିକ୍ଷକଙ୍କୁ କୃମି ନାଶକ ଓ ଅମ୍ଳାନ ବିଷୟରେ ବୁଝାଇଥିଲେ। ଆସନ୍ତା ୧୨ତାରିଖ ଦିନ ବିଦ୍ୟାଳୟସ୍ତରରେ ସମସ୍ତ ପିଲାଙ୍କୁ କୃମିନାଶକ ଔଷଧ ବଣ୍ଟନ କରାଯିବାକୁ ସ୍ଥିର କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଡ. ଭଗବତ ପ୍ରସାଦ ପାଢ଼ୀ, ସିଦ୍ଧାର୍ଥ ମଲିକ, ଜନସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରୀ ସଂଘମିତ୍ରା ମହାପାତ୍ର ଏହି ମେଡିସିନ କିଭଳି ଦିଆଯିବ ,ଏହାର ଉପକାରିତା ବିଷୟରେ ଆଲୋଚନା କରି ବୁଝାଇଥିଲେ। ଏହି କାର୍ଯ୍ୟକ୍ରମକୁ ସଂଘମିତ୍ରା ମହାପାତ୍ର ଏବଂ ଗୋଷ୍ଠୀ କାର୍ଯ୍ୟକ୍ରମ ପରିଚାଳକ କମଳା କର ରାଓ ପରିଚାଳନା କରିଥିଲେ।

# ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ କର୍ମଚାରୀ ସମନ୍ୱୟ ସମିତିର ଧାରଣା

ରାୟଗଡ଼ା,୮।୮ (ସମିସ): ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ କର୍ମଚାରୀ ସମନ୍ୱୟ ସମିତି ଓ ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ (ଓଷ୍ଟା) ରାୟଗଡ଼ା ଜିଲ୍ଲା ତରଫରୁ ଜିଲ୍ଲା ଓଷ୍ଟା ସଭାପତି ଅନୀଲ କୁମାର ପୁରୋହିତ, ସମ୍ପାଦକ ତଥା ଜିଲ୍ଲା ସମନ୍ୱୟ ସମିତି ଆବାହକ ପ୍ରସନ୍ନ କୁମାର ରଥଙ୍କ ନେତୃତ୍ୱରେ ୬ଦଫା ଦାବି ସମ୍ବଳିତ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ, ଉଚ୍ଚ ଶିକ୍ଷା ମନ୍ତ୍ରୀ, ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଓ ମୁଖ୍ୟ ଶାସନ ସଚିବଙ୍କ ଉଦ୍ଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକଙ୍କୁ ପ୍ରଦାନ କରାଯାଇଥିଲା। ଅନୁଦାନ ପାଇବାକୁ ଯୋଗ୍ୟ ବିଦ୍ୟାଳୟଗୁଡିକରେ କାର୍ଯ୍ୟରତ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କର ଅବସ୍ଥା ଶୋଚନୀୟ ହୋଇପଡିଛି। ବିନା ଦରମାରେ ଅନେକ ଅବସର ନେଲେଣି। ସେହିପରି ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟମାନଙ୍କରେ କାର୍ଯ୍ୟରତ ଶିକ୍ଷକ ଶିକ୍ଷୟିତ୍ରୀ କର୍ମଚାରୀମାନଙ୍କର ଅବସର ପରବର୍ତ୍ତୀ ଜୀବନ ଦୁଃଖମୟ ଓ ବିଷମ ସଙ୍କଟରେ ଜର୍ଜରିତ। ଉକ୍ତ ବିଦ୍ୟାଳୟ ମାନଙ୍କରେ ନୂତନ ଶିକ୍ଷକ ନିଯୁକ୍ତି ହେଉ ନଥିବାରୁ ପାଠପଢ଼ାରେ ଖୁବ୍ ବ୍ୟାଘାତ ସୃଷ୍ଟି ହେଉଛି ବୋଲି ସଂଘ ଉଲ୍ଲେଖ କରିଛି। ସଂଘର ପ୍ରମୁଖ ୬ ଦଫା ଦାବି ମଧ୍ୟରେ ସମସ୍ତ ଯୋଗ୍ୟ ବିଦ୍ୟାଳୟ ଓ ମହାବଦ୍ୟାଳୟଗୁଡ଼ିକୁ ଅନୁଦାନ ପ୍ରଦାନ , ସମସ୍ତ ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟ ଗୁଡ଼ିକୁ ଉଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ ଅନୁଯାୟୀ ଚାକିରି ସର୍ତ୍ତାବଳୀ ଓ ପେନସନ ପ୍ରଦାନ, ଅବସର ବୟସ ସୀମା ୬୦ରୁ ୬୨ ବର୍ଷକୁ ବୃଦ୍ଧି, ସମସ୍ତ ନୂତନ ଅନୁଦାନ ପ୍ରାପ୍ତ ଓ ପୂର୍ଣ୍ଣ ଅନୁଦାନ ପ୍ରାପ୍ତ ବିଦ୍ୟାଳୟ ଗୁଡ଼ିକର ସରକାରୀ କରଣ, ନୂତନ ପେନସନ ସ୍କିମ ଅନ୍ତର୍ଗତ ୨୦୦୩ରୁ ୨୦୧୩ ମଧ୍ୟରେ ନିଯୁକ୍ତି ପାଇଥିବା ଶିକ୍ଷକ, ଶିକ୍ଷୟତ୍ରୀ ମାନଙ୍କୁ ନୋସନାଲ ହାରରେ ଦରମା ପ୍ରଦାନ ଇତ୍ୟାଦି ପ୍ରମୁଖ ଦାବି ରହିଛି




ଛୁ ଏହି ଦାବିପତ୍ର ପ୍ରଦାନ ସମୟରେ ଓଷ୍ଟା ରାଜ୍ୟ ଯୁଗ୍ମ ସମ୍ପାଦକ ମନୋଜ କୁମାର ପାଢ଼ୀ, ରାଜ୍ୟ କାର୍ଯ୍ୟକାରିଣି ସଭ୍ୟ ବିଜୟ କୁମାର ନାୟକ, ଜିଲ୍ଲା ଯୁଗ୍ମ ସମ୍ପାଦକ ସୁଧୀର କୁମାର ଦଳପତି, ଜ୍ୟୋତିର୍ମୟୀ ପାଣିଗ୍ରାହୀ, ଜିଲ୍ଲା ଉପ ସଭାପତି ରବୀନ୍ଦ୍ର କୁମାର ପଣ୍ଡିତ, ମନୋଜ କୁମାର ଡାକୁଆ, ଜିଲ୍ଲା କାର୍ଯ୍ୟକାରିଣୀ ସଭ୍ୟ ଘାସିରାମ ରଥ, ପଦ୍ମ ଚରଣ ବେହେରା, ସୋମନାଥ ଗଣ୍ଡିଆ, ନିରଞ୍ଜନ ନାୟକ, ବ୍ଲକ ସମ୍ପାଦକ ପ୍ରଦୀପ କୁମାର ନେମାଲପୁରି, ପବିତ୍ର କୁମାର କର , ଭଗବାନ ତୁଳଙ୍କ ସମେତ ଶତାଧିକ ଶିକ୍ଷକ ଶିକ୍ଷୟିତ୍ରୀ ଓ କର୍ମଚାରୀ ଏକ ପ୍ରତିବାଦ ସଭା କରି ପଟୁଆରରେ ବାହାରି ଶାନ୍ତିପୂର୍ଣ୍ଣ ଭାବରେ କାର୍ଯ୍ୟ ସମ୍ପାଦନ କରିଥିଲେ।

## ଜିଲ୍ଲାପାଳ ଓ ଉପ ଜିଲ୍ଲାପାଳଙ୍କ ଚିତ୍ରକୋଣ୍ଡା ବ୍ଲକ୍ ଗ୍ରସ୍ତ

ଚିତ୍ରକୋଣ୍ଡା,୮ ।୮ (ସମିସ): ମାଲକାନଗିରି ଜିଲ୍ଲାପାଳ ସମରେଶ କୁମାର ଉପାଧ୍ୟାୟ ଚିତ୍ରକୋଣ୍ଡା ବ୍ଲକ ଗ୍ରସ୍ତରେ ଆସିଥିଲେ। ଶ୍ରୀ ଉପାଧ୍ୟାୟ କିଛି ଦିନ ତଳେ ମାଲକାନଗିରି ଜିଲ୍ଲାପାଳ ଭାବରେ ଯୋଗ ଦେବାପରେ ଆଜି ଚିତ୍ରକୋଣ୍ଡା ବ୍ଲକ ଗ୍ରସ୍ତରେ ଆସି ବିଭିନ୍ନ କାର୍ଯ୍ୟର ସମୀକ୍ଷା କରିବା ସହିତ ସଦର ମହକୁମା ସ୍ଥିତ ଚିକିତ୍ସାଳୟ ଓ ବିଦ୍ୟାଳୟ ପରିଦର୍ଶନ କରିଥିଲେ। ପ୍ରଥମେ ଜିଲ୍ଲାପାଳ ଚିତ୍ରକୋଣ୍ଡା ଉପଖଣ୍ଡ ଚିକିତ୍ସାଳୟରେ ପହଞ୍ଚି ସମସ୍ତ ବ୍ୟବସ୍ଥା ବୁଲି ଦେଖିବା ସହ ଡାକ୍ତର ଓ ଅନ୍ୟ କର୍ମଚାରୀଙ୍କ ସହ ଆଲୋଚନା କରିଥିଲେ। ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସା କିପରି କରାଯାଉଛି ରୋଗୀଙ୍କ ଠାରୁ ବୁଝିଥିଲେ। ଏହାସହ ମେଡିକାଲରେ କେତେ ଷ୍ଟାଫ୍ ଅଛନ୍ତ, କେଉଁ କେଉଁ ବିଭାଗରେ ଷ୍ଟାଫ୍ ଅଛନ୍ତି ଓ କେଉଁ ବିଭାଗରେ ଷ୍ଟାଫ୍ ନାହାନ୍ତି ବୁଝିବା ସହ ଅଲଟ୍ରାସାଉଣ୍ଡ, ରକ୍ତ ପରୀକ୍ଷା କିପରି ହେଉଛି ପଚାରି ବୁଝିଥିଲେ । ଏହାସହ ନିରାମୟ ଯୋଜନା ମାଧ୍ୟମରେ ଲୋକଙ୍କୁ ମେଡିସିନ ମିଳୁଛି କି ନାହିଁ ବୁଝିଥିଲେ। ଏହାପରେ ଜିଲ୍ଲାପାଳ ଚିତ୍ରକୋଣ୍ଡା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଚିତ୍ରକୋଣ୍ଡା ଅନୁସୂଚୀତ ଜାତି ଓ ଜନଜାତି ବିଦ୍ୟାଳୟ, ବଡ଼ପଡ଼ା ଏଜୁକେସନ କମ୍ପ୍ଲେକ୍ସ ଓ ଜାନୀଗୁଡ଼ା ଉଚ୍ଚ ବିଦ୍ୟାଳୟ



ପରିଦର୍ଶନ କରିଥିଲେ। ସେଠାରେ ବିଦ୍ୟାଳୟ ବୁଲି ଦେଖିବା ସହ ପାଠପଢ଼ା କିପରି ଭାବରେ ଚାଲିଛି, ବିଦ୍ୟାଳୟ ଗୁଡିକରେ କେତେ ଷ୍ଟାଫ୍ ଅଛନ୍ତି ବୁଝିବା ସହ ଛାତ୍ରଛାତ୍ରୀ ଓ କର୍ମଚାରୀଙ୍କ ସହ ଆଲୋଚନା କରିଥିଲେ। ଜିଲ୍ଲାପାଳ ଚିତ୍ରକୋଣ୍ଡା ସ୍ଥିତ ବହୁମୁଖି ପକ୍ରିୟାକରଣ ୟୁନିଟ ବୁଲି ଦେଖିବା ସହ ପି ଏ ଆଇଟିଡିଏଙ୍କୁ ସେଠାରେ କାର୍ଯ୍ୟରତ କର୍ମଚାରୀଙ୍କୁ ଉନ୍ନତ ମାନର ପ୍ରଶିକ୍ଷଣ ଦେବାପାଇଁ କହିଥିଲେ। ଏହାସହ ଜିଲ୍ଲାପାଳ ଟନେଲ୍ କ୍ୟାମ୍ପ ଠାରେ ସ୍ୱୟଂ ସହାୟକ ଗୋଷ୍ଠୀ ଦ୍ୱାରା ପରିଚାଳିତ ବାୟୋଫ୍ଲକ ୟୁନିଟ ବୁଲି ଦେଖିବା ସହ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ଜିଲ୍ଲା ମତ୍ସ୍ୟ ଅଧିକାରୀଙ୍କୁ ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟ ମାନଙ୍କୁ ବୈଷୟିକ ତାଲିମ ଦେବା ସହ କିଭଳି ଉତ୍ପାଦନ ବୃଦ୍ଧି ହେବ ସେଥି ନିମନ୍ତେ ଉପଯୁକ୍ତ ଯୋଜନା ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଜିଲ୍ଲାପାଳଙ୍କ ଏହି ଗ୍ରସ୍ତ ସମୟରେ ପିଏ ଆଇଟିଡିଏ ହଳଧର ଶବର, ଚିତ୍ରକୋଣ୍ଡା ବିଡ଼ିଓ ପ୍ରୀତା କୁମାର, ଜିଲ୍ଲା ମତ୍ସ୍ୟ ଅଧିକାରୀ ସୁଶାନ୍ତ ଗୌଡ଼, ଜିଲ୍ଲା ଶିକ୍ଷା ଅଧିକାରୀ ଚିତରଞ୍ଜନ ପାଣିଗ୍ରାହୀ ଉପସ୍ଥିତ ଥିଲେ। ସେହିପରି ମାଲକାନଗିରି ନୂତନ ଉପଜିଲ୍ଲାପାଳ ଅସ୍ମି ଏ ଏଲ୍ ଗତକାଲି ମାଲକାନଗିରିରେ ଉପଜିଲ୍ଲାପାଳ ଭାବରେ ଯୋଗ ଦେଇଥିଲେ। ଆଜି ଚିତ୍ରକୋଣ୍ଡା ଗସ୍ତରେ ଆସି ଚିତ୍ରକୋଣ୍ଡା ତହସିଲରେ ବିଭିନ୍ନ ବିଷୟରେ ସମୀକ୍ଷା କରିବା ସହ ଗଜିଆଗୁଡ଼ା ସ୍ଥିତ ଆଦର୍ଶ ଅଙ୍ଗନବାଡ଼ି କେନ୍ଦ୍ର ପରିଦର୍ଶନ କରିଥିଲେ। ଏହାସହ ବହୁମୁଖି ପକ୍ରିୟାକରଣ ୟୁନିଟ ବୁଲି ଦେଖିଥିଲେ। ଉପଜିଲ୍ଲାପାଳଙ୍କ ସହ ଚିତ୍ରକୋଣ୍ଡା ତହସିଲଦାର ନଟବର ଗରଡ଼ା, ସିଡିପିଓ ସ୍ୱର୍ଣ୍ଣପ୍ରଭା ଦାସ ଉପସ୍ଥିତ ଥିଲେ।

## ଘର ଘର ତ୍ରିରଙ୍ଗା; ଘର ଘର ସ୍ୱଚ୍ଛତା ଅଭିଯାନ

ରାୟଗଡ଼ା,୮।୮ (ସମିସ): ରାୟଗଡ଼ା ଜିଲ୍ଲା ପ୍ରଶାସନ ତଥା ରାୟଗଡ଼ା ବ୍ଲକ ତରଫରୁ ଶୁକ୍ରବାର ଘର ଘର ତ୍ରିରଙ୍ଗା , ଘର ଘର ସ୍ୱଚ୍ଛତା ଅଭିଯାନ ଅନୁଷ୍ଠିତ ହୋଇଯାଇଛି। ଏଥି ନିମନ୍ତେ ଏକ ଶୋଭାଯାତ୍ରା ଜିଲ୍ଲା ପରିଷଦଠାରୁ ବାହାରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ରାସ୍ତା, ଗାନ୍ଧୀନଗର ବନଖଣ୍ଡ ଅଧିକାରୀଙ୍କ ବାସଭବନ, ଆରକ୍ଷୀ ଅଧିକ୍ଷକଙ୍କ ବାସଭବନ ରାସ୍ତା ଦେଇ ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ପହଞ୍ଚିଥିଲା। ବ୍ୟାନର, ତ୍ରିରଙ୍ଗା, ପ୍ଲାକାର୍ଡ ଓ ସ୍ଲୋଗାନରେ ମୁଖରିତ ଶୋଭାଯାତ୍ରା ସ୍ୱଚ୍ଛତାର ବାର୍ତ୍ତା ବହନ କରି ଜନସଚେତନତା ସୃଷ୍ଟି କରିଥିଲା। ସମସ୍ତ ଅଂଶଗ୍ରହଣକାରୀଙ୍କୁ ନେଇ ପଞ୍ଚାୟତ ସମିତି ସଦ୍‌ଭାବନା




ଗୃହରେ ଏକ ସାଧାରଣ ସଭାର ଆୟୋଜନ କରାଯାଇଥିଲା। ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାଏକ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଜୀବନରେ ଓ ସମାଜରେ ସ୍ୱାଧୀନତା ଓ ସ୍ୱଚ୍ଛତାର ଆବଶ୍ୟକତା ବିଷୟରେ ସଚେତନ କରିଥିଲେ। ବରେଣ୍ୟ ଅତିଥି ଭାବେ ଉପ ନିର୍ଦ୍ଦେଶକ ତଥା ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବସନ୍ତ କୁମାର ପ୍ରଧାନ, ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶିକା ମନିଷା ଦାସ, ବିଜୟ କୁମାର ନାୟକ, ରଶ୍ମି ରଞ୍ଜନ ପରିଡା, ପ୍ରଭାତ ଲେଙ୍କା, ନିହାର ରଞ୍ଜନ ତ୍ରିପାଠୀ, ଲକ୍ଷ୍ମୀନାରାୟଣ ଦୋରା, ରାୟଗଡ଼ା ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁଜିତ କୁମାର ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ବୈଠକ ପ୍ରାରମ୍ଭରେ ଛାତ୍ରୀଙ୍କ ଦ୍ୱାରା ସ୍ୱଚ୍ଛତା ସମ୍ପର୍କିତ ପ୍ରାରମ୍ଭିକ ସଙ୍ଗୀତ ପରିବେଷଣ କରାଯାଇଥିଲା। ବିଦ୍ୟାଳୟର ଛାତ୍ର ଛାତ୍ରୀ ଘରେ ଘରେ ତ୍ରିରଙ୍ଗା ଓ ସ୍ୱଚ୍ଛତା ବିଷୟରେ ବକ୍ତୃତା ପ୍ରଦାନ କରିଥିଲେ। ମୁଖ୍ୟ ଅତିଥି ଉପସ୍ଥିତ ଅଂଶଗ୍ରହଣକାରୀଙ୍କୁ ସ୍ୱଚ୍ଛତା ଶପଥ ପାଠ କରାଇଥିଲେ। ଅତିଥି ବୃନ୍ଦ ନିଜ ଶରୀର ସହ ଘର, ଗାଁ ଓ ପରିବେଶକୁ ସ୍ୱଚ୍ଛ ରଖିବାର ଆବଶ୍ୟକତା କିପରି ଦେଶର ବିକାଶରେ ସହାୟକ ହୋଇଥାଏ, ଘରେ ଘରେ ତ୍ରିରଙ୍ଗାର ଆବଶ୍ୟକତା ବିଷୟରେ ଆଲୋଚନା କରିଥିଲେ। ଏହି କାର୍ଯ୍ୟକ୍ରମ ୮ ତାରିଖ ଠାରୁ ସ୍ୱାଧୀନତ ଦିବସ ପର୍ଯ୍ୟନ୍ତ ପ୍ରତ୍ୟେକ ସ୍ଥାନରେ ପାଳନ କରାଯିବ ବୋଲି ବିଡିଓ ସୁଜିତ କୁମାର ମିଶ୍ର କହିଛନ୍ତି। ଉଭୟ ରାୟଗଡ଼ା ବ୍ଲକ ଓ ଜିଲ୍ଲା ପରିଷଦର କର୍ମକର୍ତ୍ତା, ବିଦ୍ୟାଳୟର ଛାତ୍ରଛାତ୍ରୀ ବୃନ୍ଦ ଏଥିରେ ଯୋଗ ଦେଇଥିଲେ।

● ରାୟଗଡ଼ା ଏସ୍‌ୟୁଜେର ଜିଲ୍ଲା କାର୍ଯ୍ୟକାରିଣୀ

## ସାମ୍ବାଦିକଙ୍କ ସମସ୍ୟା, ଅଧିକାର ଓ ସୁରକ୍ଷା ନେଇ ଆଲୋଚନା

ରାୟଗଡ଼ା,୮।୮ (ସମିସ): ଷ୍ଟେଟ୍ ୟୁନିୟନ ଅଫ୍ ଜର୍ଣ୍ଣାଲିଷ୍ଟ, ଓଡିଶା (ଏସୟୁଜେ) ରାୟଗଡା ଜିଲ୍ଲା ଶାଖାର ଜିଲ୍ଲା କାର୍ଯ୍ୟକାରିଣୀ ବୈଠକ-୨୦୨୫ ସ୍ଥାନୀୟ ଗାୟତ୍ରୀ ନଗରସ୍ଥିତ ବରିଷ୍ଠ ନାଗରିକ କଲ୍ୟାଣ ସଂଘ ସମ୍ମିଳନୀ କକ୍ଷ ଠାରେ ଶୁକ୍ରବାର ଅନୁଷ୍ଠିତ ହୋଇଯାଇଛି। ଏସୟୁଜେ ରାୟଗଡ଼ା ଜିଲ୍ଲା ଶାଖା ସଭାପତି ଶିବ ନାରାୟଣ ଗଉଡଙ୍କ ସଭାପତିତ୍ୱରେ ଆୟୋଜିତ ବୈଠକରେ ରାଜ୍ୟ ସଂଘ କାର୍ଯ୍ୟକାରୀ ସଭାପତି କୀର୍ତିଚନ୍ଦ୍ର ସାହୁ ବିଶେଷ ଅତିଥି ଭାବେ ଯୋଗ ଦେଇଥିଲେ। ସୂଚନା ଓ ଲୋକ ସଂପର୍କ ବିଭାଗ ଉପନିର୍ଦ୍ଦେଶକ ତଥା ରାୟଗଡ଼ା ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ବସନ୍ତ କୁମାର ପ୍ରଧାନ ମୁଖ୍ୟ ଅତିଥି ଭାବେ ଓ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ବିଜୟ ମହାରଣା ଯୋଗ ଦେଇଥିଲେ। ଜିଲ୍ଲା ଶାଖାର ସାଧାରଣ ସଂପାଦକ ସୁବାଷ ଚନ୍ଦ୍ର ସୂର୍ଯ୍ୟ ଜିଲ୍ଲା ସଂଘର କାର୍ଯ୍ୟ ପ୍ରଣାଳୀ, ନୀତି ନିର୍ଦ୍ଦେଶ ଓ ଆଗାମୀ କାର୍ଯ୍ୟସୂଚୀ ବିଷୟରେ ଆଲୋଚନା କରିବା ସହ ମଞ୍ଚ ସଂଯୋଜନା କରିଥିଲେ। ଏହି ଔପଚାରିକ ବୈଠକରେ ସଭାପତି ଶ୍ରୀ ଗଉଡ ସାମ୍ବାଦିକମାନଙ୍କ ସମସ୍ୟା, ଅଧିକାର ସୁରକ୍ଷା, ପେଷାଗତ ମାନଦଣ୍ଡ ଓ ସାମ୍ପ୍ରତିକ ଘଟଣା ବିଷୟରେ ଆଲୋଚନା କରିଥିଲେ। ରାଜ୍ୟ ଏସୟୁଜେ ସଂଘ ଦ୍ୱାରା ରାଜ୍ୟରେ କାର୍ଯ୍ୟରତ ସାମ୍ବାଦିକଙ୍କ ବିଭିନ୍ନ ସମସ୍ୟାର ସମାଧାନ, ସୁରକ୍ଷା ଆଇନ ପ୍ରଣୟନ, ଭୁବନେଶ୍ୱରରେ ସାମ୍ବାଦିକ ଭବନ, ବୀମାରେ ବୃଦ୍ଧି, ମୃତ୍ୟୁକାଳୀନ ସହାୟତା, ପେନସନ ଇତ୍ୟାଦି ଦାବିଗୁଡିକ ସରକାର ପୂରଣ କରିବାକୁ ରାଜ୍ୟ କାର୍ଯ୍ୟକାରୀ ସଭାପତି ଶ୍ରୀ ସାହୁ ଆଲୋକପାତ କରିଥିଲେ। ରାୟଗଡ଼ା ଜିଲ୍ଲାରେ ସଂଘକୁ ଆହୁରି ମଜବୁତ କରି ସଂଘର କାର୍ଯ୍ୟକ୍ରମ ପରିକଳ୍ପନା ସହ ନୂତନ ସଦସ୍ୟଭର୍ତ୍ତି ଧନସଂଗ୍ରହ ଓ ପ୍ରଶିକ୍ଷଣ ଆଦି କାର୍ଯ୍ୟକ୍ରମ କରିବାକୁ ଆହ୍ୱାନ ଦେଇଥିଲେ। ବୈଠକରେ ଫୋନ ଯୋଗେ ରାଜ୍ୟ ସଭାପତି କୈଳାସ ଚନ୍ଦ୍ର ନାୟକ ଜିଲ୍ଲା କାର୍ଯ୍ୟକାରିଣୀ ବୈଠକର ଶୁଭକାମନା ଜଣାଇଥିଲେ। ସେହିପରି ମୁଖ୍ୟ ଅତିଥି ଡିଆଇପିଆରଓ ଶ୍ରୀ ପ୍ରଧାନ ରାଜ୍ୟ ସରକାରଙ୍କ ପକ୍ଷରୁ




ଯୋଗାଇ ଦିଆଯାଉଥିବା ସମସ୍ତ ଯୋଜନା, ସହାୟତା ଏବଂ ସମାଜରେ ସ୍ୱାଧୀନ, ସତ୍ୟନିଷ୍ଠ ଓ ଦାୟିତ୍ୱପୂର୍ଣ୍ଣ ସାମ୍ବାଦିକତାକୁ ସୁଦୃଢ଼ କରିବାରେ ଏଭଳି ବୈଠକର ଅସାଧାରଣ ଭୂମିକା ରହିଛି ବୋଲି ମତ ପ୍ରକାଶ କରିଥିଲେ। ବୈଠକରେ ସଂଘ ପକ୍ଷରୁ ଡିଆଇପିଆରଓ ଶ୍ରୀ ପ୍ରଧାନଙ୍କୁ ମାନପତ୍ର, ଉପଢୌକନ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ବୈଠକରେ ସଦସ୍ୟମାନେ ସାମ୍ପ୍ରତିକ ପରିସ୍ଥିତି,ପେଶାଗତ ଚ୍ୟାଲେଂଜ ଓ ସାମାଜିକ ଦାୟିତ୍ୱବୋଧ ବିଷୟରେ ଆଲୋଚନା କରିଥିଲେ। ଶେଷରେ ସର୍ବସମ୍ମତି କ୍ରମେ ସଂଘ ପକ୍ଷରୁ ପେଶାଗତ ଅଧିକାର ସୁରକ୍ଷା ପାଇଁ ସରକାରଙ୍କୁ ଅନୁରୋଧ ପତ୍ର ପ୍ରେରଣ କରିବା, ଆଗାମୀ ଦିନରେ ନିୟମିତ ବୈଠକ, ସାମ୍ବାଦିକମାନଙ୍କ ବିଧି ସହାୟତାକୋଷ ଗଠନ କରାଯିବା ପାଇଁ ନିଷ୍ପତି ନିଆଯାଇଥିଲା। ବୈଠକରେ ସାଧାରଣ ସଂପାଦକ ଶ୍ରୀ ସୂର୍ଯ୍ୟ ଧନ୍ୟବାଦ ଦେଇଥିଲେ।

ଦୀର୍ଘମାସ ଧରି ଅଚଳ ସୋଲାର ପ୍ରକଳ୍ପ

# ପାଣି ପାଇଁ ଗୋପୀଗୁଡ଼ା ଗ୍ରାମବାସୀଙ୍କ ଦୁର୍ଦ୍ଦଶା

କୋରୁକୋଣ୍ଡା,୮ ।୮ (ସମିସ): ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ନାକାମାମୁଡି ପଞ୍ଚାୟତ ଅଧିନସ୍ଥ ଅଞ୍ଚଳରେ ରହିଛି ଗୋପୀଗୁଡା ଗାଁ। ଏହି ଗ୍ରାମରେ ୨୦ରୁ ଉର୍ଦ୍ଧ ପରିବାରର ପ୍ରାୟ ୧୦୦ରୁ ଉର୍ଦ୍ଧ ଲୋକେ ବସବାସ କରନ୍ତି। ଆଜି ବି ଗ୍ରାମବାସୀଙ୍କ ପାଖରେ ରାସ୍ତାଘାଟ, ଡ୍ରେନ, ଷ୍ଟ୍ରିଟ ଲାଇଟ୍, ପାନୀୟ ଜଳ ସୁବିଧା ଅପହଞ୍ଚ ହୋଇ ରହିଛି। ମୁଖ୍ୟ ରାସ୍ତାଠାରୁ ପ୍ରାୟ ୫୦୦ମିଟର ଦୂରରେ ଅବସ୍ଥିତ ଏହି ଗ୍ରାମକୁ ପକ୍କା ରାସ୍ତା ନଥିନାରୁ ଲୋକେ ଯାତାୟତ କରିବାରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେବେ ଗ୍ରାମବାସୀଙ୍କ କହିବାନୁଯାୟୀ, ଲୋକଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇ ଦେବାକୁ ଜଳ ଓ ପରିମଳ ବିଭାଗ ପକ୍ଷରୁ ଗତ ୨୦୧୮ ମସିହାରେ ୫ ଲକ୍ଷ ଟଙ୍କା ବ୍ୟୟରେ ଏକ ସୌରଚାଳିତ ପାନୀୟ ଜଳ ପ୍ରକଳ୍ପ ସ୍ଥାପନ କରାଯାଇ ଲୋକଙ୍କୁ ପାଣି ଯୋଗାଇ ଦିଆଯାଇଥିଲା। ଏହି ପ୍ରକଳ୍ପ ଦ୍ୱାରା ଜଳ ଯୋଗାଣ ହେବାର ମାତ୍ର କିଛି ମାସ ପରେ ପ୍ରକଳ୍ପଟି ସମ୍ପୂର୍ଣ୍ଣ ଭାବେ ଅଚଳ ହୋଇଯାଇଥିଲା। ଏ ନେଇ ଗ୍ରାମବାସୀ




ବହୁବାର ଅଭିଯୋଗ କରିବା ପରେ ପୁନର୍ବାର ଜଳ ଓ ପରିମଳ ବିଭାଗ ପକ୍ଷରୁ ଗତ ୨୦୨୩ ମସିହା ଅପ୍ରେଲ ମାସରେ ଉକ୍ତ ଗ୍ରାମରେ ପ୍ରାୟ ୫ଲକ୍ଷ୧୪ହଜାରଟଙ୍କା ବ୍ୟୟରେ ଗ୍ରୀନକୋ ସିଷ୍ଟମ୍ସ ପ୍ରାଇଭେଟ ଲିମିଟେଡ଼ ଠିକା ସଂସ୍ଥା ଦ୍ୱାରା ଏକ ନୂତନ ଡୁଆଲ ସୌରଚାଳିତ ଡୁଆଲ ପମ୍ପ ଚାଳିତ ପାନୀୟ ଜଳ ପ୍ରକଳ୍ପ ସ୍ଥାପନ କରି ଲୋକଙ୍କୁ ପାଣି ଯୋଗାଇ ଦିଆଯାଇଥିଲା। ଏହି ପ୍ରକଳ୍ପରୁ ଲୋକଙ୍କ ଆବଶ୍ୟକତା ଅନୁସାରେ ପାଣି ବାହାରୁ ନଥିନାରୁ ଲୋକେ ମୁନ୍ଦାଏ ପିଇବା ପାଣି ପାଇଁ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅଞ୍ଚଳରେ ବର୍ଷା ଜାରୀ ରହିଥିବାରୁ ଗାଁରେ ଥିବା ଏକମାତ୍ର ପୋଖରୀର ପାଣି ଗୋଳିଆ ହୋଇରହିଛି। ଉକ୍ତ ଗ୍ରାମରେ ମୋଟ ୨ଟି ନଳକୂପ ମଧ୍ୟରେ ଗୋଟିଏ ସମ୍ପୂର୍ଣ୍ଣ ରୂପେ ଅଚଳ ହୋଇ ପଡିରହିଛି। ଗାଁରେ ଥିବା ଅନ୍ୟ ଏକ ନଳକୂପରୁ ଲୋକେ ପାଣି ବ୍ୟବହାର କରୁଛନ୍ତି। ଗ୍ରାମରେ କେହିବି ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଘର ଖଣ୍ଡିଏ ବି ପାଇନାହାନ୍ତି। ହେଲେ ଗ୍ରାମରେ ଲାଗି ରହିଥିବା ସମସ୍ୟା ଗୁଡିକର ସ୍ଥାୟୀ ସମାଧାନ ପାଇଁ ଗ୍ରାମବାସୀ ବହୁବାର, ପଞ୍ଚାୟତ କର୍ତ୍ତୃପକ୍ଷଙ୍କ ଠାରୁ ଆରମ୍ଭ କରି ଗ୍ରାମ୍ୟ ଜଳ ଓ ପରିମଳ ବିଭାଗର କନିଷ୍ଠ ଯନ୍ତ୍ରୀ ଏବଂ ସ୍ଥାନୀୟ ଜନ ପ୍ରତିନିଧିଙ୍କୁ ଜଣାଇଥିଲେ ମଧ୍ୟ କେହି କର୍ଣ୍ଣପାତ କରୁନଥିବା ଗ୍ରାମର ଗୋପୀନାଥ ମାଝୀ, ସମରା ଖରା, ରାମଚନ୍ଦ୍ର ଗୋଲରୀ, ସୁନାଧାର ଖରା, ତୁଳସା ପୂଜାରୀ, ଲକ୍ଷ୍ମୀ ମାଝୀ, ପାର୍ବତୀ ଖିଲ, କୌଶଲ୍ୟା ଖିଲ, ପ୍ରମିଳା ଖରା, ଗ୍ରାମ ମୁଖିଆ ମୀନ ଖିଲ, ସୁଭଦ୍ରା ମାଝୀଙ୍କ ସମେତ ସମସ୍ତ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏ ନେଇ ଜଳ ଓ ପରିମଳ ବିଭାଗର କନିଷ୍ଠ ଯନ୍ତ୍ରୀ ଶଗଡା ଚନ୍ଦ୍ର ହେମ୍ବ୍ରମଙ୍କୁ ପଚାରିବାରୁ ସେ କହିଛନ୍ତି ଯେ, ଉକ୍ତ ଗ୍ରାମକୁ ଆମ ବିଭାଗର ଲୋକଙ୍କୁ ପଠାଇ ଉକ୍ତ ସୋଲାର ପ୍ରକଳ୍ପ ଏବଂ ନଳକୂଅର ମରାମତି କରାଯାଇ ଲୋକଙ୍କୁ ପାଣି ଯୋଗାଇ ଦିଆଯିବ। ଏ ସମ୍ପର୍କରେ ନାକାମାମୁଡି ପଞ୍ଚାୟତର ନିର୍ବାହୀ ଅଧିକାରୀ ରାଜେନ୍ଦ୍ର ପ୍ରସାଦ ଗୁରୁଙ୍କୁ ପଚାରିବାରୁ ସେ କହିଛନ୍ତି ସେତୁ ଯୋଜନାରେ ଉକ୍ତ ଗ୍ରାମର ରାସ୍ତା ଏବଂ ବିକଶିତ ଗାଁ ବିକଶିତ ଓଡିଶା ଯୋଜନାରେ ରାସ୍ତାରେ ଏକ କଲଭର୍ଟ ନିର୍ମାଣ କରିବାକୁ ପ୍ରସ୍ତାବ ରହିଛି। ଖୁବ୍‌ଶୀଘ୍ର କାମ କରାଯିବ। ଏହା ସହିତ ଅଚଳ ଥିବା ନଳକୂପକୁ ମଧ୍ୟ ପଞ୍ଚାୟତ ପକ୍ଷରୁ ମରାମତି କରାଯିବ ବୋଲି ପିଇଓ ଶ୍ରୀ ଗୁରୁ କହିଛନ୍ତି।

■ ଜିଆଇଇଟି ବିଶ୍ୱବିଦ୍ୟାଳୟ

## ଆଇଇଇଇ ଅନ୍ତର୍ଜାତୀୟ ସମ୍ମିଳନୀ ଉଦ୍‌ଘାଟିତ

ଗୁଣୁପୁର, ୮।୮ (ସମିସ): ଆଜି ସ୍ଥାନୀୟ ଜିଆଇଇଟି ବିଶ୍ୱବିଦ୍ୟାଳୟର କମ୍ପ୍ୟୁଟର ସାଇନ୍ସ ବିଭାଗର ଆନୁକୂଲ୍ୟରେ ସବୁଜ ସୂଚନା ଓ ଉଦୀୟମାନ ପ୍ରଯୁକ୍ତି ବିଦ୍ୟାର ପରବର୍ତ୍ତୀ ପୀଢ଼ି ସମ୍ପର୍କୀୟ ଦୁଇ ଦିନିଆ ଅନ୍ତର୍ଜାତୀୟ ସମ୍ମିଳନୀ ଉଦ୍‌ଘାଟିତ ହୋଇଯାଇଛି। ଏହି ସମ୍ମିଳନୀକୁ ନୂଆଦିଲ୍ଲୀ ସ୍ଥିତ ଅନୁସନ୍ଧାନ ଜାତୀୟ ଗବେଷଣା ପ୍ରତିଷ୍ଠାନ ଓ ଆଇଇଇଇ ଭୁବନେଶ୍ୱର ବିଭାଗ ପକ୍ଷରୁ ପ୍ରାୟୋଜିତ କରିଛନ୍ତି। ଏହି ସମ୍ମିଳନୀରେ ମୁଖ୍ୟ ଅତିଥି ଭାବେ ଆଇଇଇଇର ଭାରତ ପରିଷଦ ଅଧ୍ୟକ୍ଷ ଡ. ପ୍ରୀତି ବଜାଜ ଯୋଗଦେଇ ଆଇଇଇଇର ବିଭିନ୍ନ ଅନୁସନ୍ଧାନଭିତ୍ତିକ କାର୍ଯ୍ୟକ୍ରମ ବିଷୟରେ କହିବା ସହ ସ୍ଥାୟୀ ବିକାଶ ସମ୍ପର୍କରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥ ôଭାବେ ଆନ୍ଧ୍ର ବିଶ୍ୱବିଦ୍ୟାଳୟର ପ୍ରଫେସର୍ ପିଏସ ଅଭାଧନୀ ଯୋଗଦେଇ ଉଦୀୟମାନ ପ୍ରଯୁକ୍ତି ବିଦ୍ୟା ସମ୍ପର୍କରେ କହିବା ସହ ଇ - ଅପଚୟର କମାଇବା ପାଇଁ କହିଥିଲେ। ଆମେରିକାସ୍ଥିତ ଆରଆଇଟି କୋଷଭର




କମ୍ପ୍ୟୁଟର ଓ ସୂଚନା ପ୍ରଯୁକ୍ତି ବିଦ୍ୟା ବିଭାଗର ପ୍ରଫେସର୍ ଦେବବ୍ରତ ସାମନ୍ତ ଯୋଗ ଦେଇ ସବୁଜ ସୂଚନାର ପରବର୍ତ୍ତୀ ପୀଢ଼ି ସମ୍ପର୍କରେ କହିବା ସହ ବିଭିନ୍ନ ଅନୁସନ୍ଧାନ ମୂଳକ ଗବେଷଣା ପାଇଁ ପ୍ରେରଣା ଦେଇଥିଲେ। ବିଶ୍ୱବିଦ୍ୟାଳୟର ମହା ନିର୍ଦ୍ଦେଶକ ଡ.ଜଗଦୀଶ ପଣ୍ଡା ଯୋଗ ଦେଇ ସମ୍ମିଳନୀର ସଫଳତା ପାଇ ଶୁଭକାମନା ଜଣାଇଥିଲେ। ବିଶ୍ୱ ବିଦ୍ୟାଳୟର କୁଳପତି ଡ ଏଭି ଏନ ଏଲ ଶର୍ମା ଯୋଗଦେଇ ପ୍ରଯୁକ୍ତି ବିଦ୍ୟା ସମ୍ବନ୍ଧୀୟ ଗବେଷଣା ବିଷୟରେ କହିଥିଲେ। କମ୍ପ୍ୟୁଟର ସାଇନ୍ସ ବିଭାଗର ଡେପୁଟି ଡିନ ଡ. କେ ମୁରଲୀ ଗୋପାଳ ସ୍ୱାଗତ ଭାଷଣ ଦେଇଥିବାବେଳେ ସମ୍ମିଳନୀ ଆବାହକ ଡ. ରାଘେବେନ୍ଦ୍ର କୁମାର ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି ସମ୍ମିଳନୀରେ ଅନୁଷ୍ଠାନର ରେଜିଷ୍ଟ୍ରାର ଡ. ଏନ୍‌ଭିଜେ ରାଓ, ସମସ୍ତ ବିଭାଗର ଡିନ୍, ମୁଖ୍ୟ ,ଅଧ୍ୟାପକ, ଅଧ୍ୟାପିକା, ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଏହି ଦୁଇଦିନିଆ ଅର୍ନ୍ତଜାତୀୟ ସମ୍ମିଳନୀରେ ଦେଶ ତଥା ବିଦେଶରୁ ଅନେକ ଗବେଷକ, ପ୍ରଫେସର, ମୁଖ୍ୟ ବକ୍ତା ଭାବେ ଯୋଗଦେଇ ବିଭିନ୍ନ ସନ୍ଦର୍ଭ ପାଠ କରିବାର କାର୍ଯ୍ୟକ୍ରମ ରହିଛି। ସନ୍ଧ୍ୟା ସମୟରେ ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ ମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ।

## ହରଘର ତ୍ରିରଙ୍ଗା ଓ ସ୍ୱଚ୍ଛତା ପଦଯାତ୍ରା



ବିଷମ କଟକ, ୮।୮ (ସମିସ): ରାୟଗଡା ଜିଲ୍ଲା ବିଷମ କଟକ ପଞ୍ଚାୟତ ସମିତି କାର୍ଯ୍ୟାଳୟ ତରଫରୁ ହରଘର ତ୍ରିରଙ୍ଗା ଅର୍ନ୍ତଗତ ସ୍ୱଚ୍ଛତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଆଜି ସକାଳେ ବିଷମ କଟକ ସରକାରୀ ଉଚ୍ଚ ବିଦ୍ୟାଳୟ ପରିଷରରୁ ବିଦ୍ୟାଳୟର ଛାତ୍ର ଛାତ୍ରୀ, ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନର ଛାତ୍ରଛାତ୍ରୀ , ପଞ୍ଚାୟତ ସମିତି କାର୍ଯ୍ୟାଳୟର କର୍ମଚାରୀ ମାନେ ହାତରେ ତ୍ରିରଙ୍ଗା ଧରି ପଦଯାତ୍ରାରେ ସହର ପରିକ୍ରମା କରି ନିଜ ପରିବେଶକୁ ନିଜେ ପରିଷ୍କାର ପରିଛନ୍ନ ରଖିବା ନେଇ ସ୍ଲୋଗାନ ନେଇ ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ପହଞ୍ଚିଥିଲେ । ସେହି ଠାରେ ନିଜେ ନିଜ ପରିବେଶକୁ ସ୍ୱଚ୍ଛ ରଖିବା ନିମନ୍ତେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଛାତ୍ରୀଛାତ୍ରୀ ମାନଙ୍କୁ ଶପଥ ପାଠ କରାଇଥିଲେ । ଏଅବସରରେ ବ୍ଲକ ଉପାଧକ୍ଷ ଦେବୀ ପ୍ରସାଦ ପଟ୍ଟନାୟକ, ମହିଳା ମହାସଂଘର ସଭାପତି ସିଙ୍ଗାରି ୱାଡକା, ସରକାରୀ ଉଚ୍ଚ ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ରାଜେଶ ବିଶ୍ୱାଳ, ଯୋଗାଣ ନିରୀକ୍ଷକ ଦେବଦତ୍ତ ଲେଙ୍କାଙ୍କ ସମେତ ଅନ୍ୟ କର୍ମଚାରୀ ଉପସ୍ଥିତ ଥିଲେ ।

### ବିକାଶରେ ବାଧକ ସାଜିଛି କଲଭର୍ଟ

# ବର୍ଷା ହେଲେ ବାହ୍ୟଜଗତରୁ ବିଚ୍ଛିନ୍ନ ହେଉଛି ରାମଗୁଡ଼ା ଗାଁ




ମାଲକାନଗିରି,୮।୮ (ସମିସ): ଏକ ବର୍ଷରୁ ଅଧିକ ସମୟ ହେବ ଭାଙ୍ଗିଛି କଲଭର୍ଟ । ଗ୍ରାମବାସୀ ପ୍ରଶାସନ ନିକଟରେ ବାରମ୍ବାର ଲିଖିତ ଏବଂ ମୌଖିକ ଭାବେ ଅଭିଯୋଗ କଲେ ମଧ୍ୟ ନିର୍ମାଣ ହୋଇପାରୁନି କଲଭର୍ଟ । ବର୍ଷାଦିନେ ଏହି ଛୋଟିଆ କଲଭର୍ଟ ଗ୍ରାମବାସୀଙ୍କୁ କରୁଛି ବାହ୍ୟ ଜଗତରୁ ବିଚ୍ଛିନ୍ନ । ବିକାଶର ଏକ ନଗ୍ନଚିତ୍ର ଦେଖିବାକୁ ମିଳିଛି ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ସ୍ୱାଭିମାନ ଅଞ୍ଚଳର ଅଣ୍ଡିରାପାଲ୍ଲୀ ପଞ୍ଚାୟତର ରାମଗୁଡା ଗ୍ରାମରେ । ଗ୍ରାମକୁ ଦୀର୍ଘ ବର୍ଷ ହେବ ଭଲ ରାସ୍ତାଟିଏ ନଥିଲା । ଗ୍ରାମବାସୀ ଦୈନିକ ଯାତାୟତ ନିମନ୍ତେ ପାଦଚଲା ମାଟି ରାସ୍ତାରେ ପୂର୍ବେ ଯା'ଆସ କରୁଥିଲେ । ଏଇ ଅଳ୍ପ କେଇଟା ବର୍ଷ ହେବ ଆରଡି ବିଭାଗ ପକ୍ଷରୁ ପ୍ରଧାନମନ୍ତ୍ରୀ ସଡ଼କ ଯୋଜନାରେ ରାମଗୁଡା ଗ୍ରାମରୁ ଘୁଷୁମପଦର ଗ୍ରାମକୁ ନୂତନ ରାସ୍ତା ନିର୍ମାଣ ହେଲା ସତ କିନ୍ତୁ ନିମ୍ନମାନର କାର୍ଯ୍ୟ ହେତୁ ଏହି ଛୋଟିଆ କଲଭର୍ଟ ଗତ ବର୍ଷ ଲଗାଣ ବର୍ଷାରେ ଭାସିଯିବା ଫଳରେ ଗ୍ରାମବାସୀଙ୍କ ଦୁଃଖ ପୂର୍ବ ଅପେକ୍ଷା ବର୍ତ୍ତମାନ ଦୁଇ ଗୁଣା ହୋଇଯାଇଥିବା କହିଛନ୍ତି । ଏହି କଲଭର୍ଟ ଭାଙ୍ଗି ବର୍ଷେରୁ ଅଧିକ ସମୟ ବିତିଯାଇଥିଲେ ମଧ୍ୟ ନିର୍ମାଣ କରୁନି ବିଭାଗ । ଶେଷରେ ବାଧହୋଇ ଗତ ୪ ମାସ ପୂର୍ବେ ଗ୍ରାମର ମା' ଲକ୍ଷ୍ମୀ ଏସଏଚଜି ଗ୍ରାମର ଛୋଟ ଛୁଆ ଠାରୁ ଆରମ୍ଭ କରି ବୟସ୍କ ବ୍ୟକ୍ତି ପର୍ଯ୍ୟନ୍ତ ଦୈନିକ ଯାଆସ ନିମନ୍ତେ କଲଭର୍ଟର ପାଶ୍ୱର୍ରେ ଦୁଇ ପଟୁ ଅଳ୍ପ ମାଟି କାଟି ପାଦ ଚଲା ରାସ୍ତା ନିର୍ମାଣ କରିଛନ୍ତି । ଯେଉଁ ରାସ୍ତା କି କେବଳ ଖରା ହେଲେ ଯାତାୟତ କରିହେବ । ଯଦି ଲଗାଣ ବର୍ଷା ଲାଗିରୁହେ, ତାହେଲେ ଏହି ଗ୍ରାମଟି ବାହ୍ୟ ଜଗତରୁ ବିଚ୍ଛିନ୍ନ ରୁହେ । ଗତ କିଛିଦିନର ଲଗାଣ ବର୍ଷାରେ ଏହି ମାଟି କଟା ପାଦ ଚଲା ରାସ୍ତା ମଧ୍ୟ ସମ୍ପୂର୍ଣ୍ଣ ଧୋଇ ହୋଇଯାଇଥିଲା । ଏଭଳି ସମସ୍ୟା ହେତୁ ଗ୍ରାମରେ ହିତାଧିକାରୀ ମାନଙ୍କ ଆସିଥିବା ପ୍ରଧାନମନ୍ତ୍ରୀ ଆବାସ ଗୁଡିକ ନିର୍ମାଣ ହୋଇପାରୁନାହିଁ । ଗ୍ରାମକୁ କୌଣସି ଯାନ ଯାଇ ପାରୁନଥିବା ହେତୁ ଲୋକମାନଙ୍କ ଘର ନିର୍ମାଣ କାର୍ଯ୍ୟ ମଧ୍ୟ ସମ୍ପୂର୍ଣ ହୋଇପାରୁନାହିଁ । ଗ୍ରାମରେ ଥିବା ଗର୍ଭବତୀ ମହିଳାମାନଙ୍କୁ ବହୁ ସମୟରେ ଭାରରେ ବୋହି ନେଇ ମୁଖ୍ୟ ରାସ୍ତା ପାଖରେ ଆମ୍ବୁଲାନ୍ସ ନିକଟରେ ଛଡ଼ାଯାଉଛି । ନିକଟସ୍ଥ ଘୁଷୁମପଦର ଗ୍ରାମରେ ଅଙ୍ଗନବାଡି କେନ୍ଦ୍ର ରହିଥିବା ବେଳେ ଦୈନିକ ଏହି ଛୋଟିଆ ମାଟି କଟା ରାସ୍ତାରେ ବିପଦପୂର୍ଣ୍ଣ ଭାବେ କୁନି କୁନି ଶିଶୁ ଯାତାୟତ କରୁଛନ୍ତି । ତୁରନ୍ତ ଏହି କଲଭର୍ଟ ନିର୍ମାଣ କାର୍ଯ୍ୟ ଆରମ୍ଭ କରିବାକୁ ଏହି ରାମଗୁଡାବାସୀ ଦାବି କରିଛନ୍ତି ।

# କୁନ୍ଦୁରା ବ୍ଲକ୍ ଅଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ



ଜୟପୁର, ୮।୮ (ସମିସ): କୋରାପୁଟ ଜିଲ୍ଲାରେ ବ୍ଲକ୍ ଅଧ୍ୟକ୍ଷାଙ୍କ ବିରୋଧରେ ଗୋଟିଏ ପରେ ଗୋଟିଏ ଅନାସ୍ଥା ଆସୁଛି । ଜୟପୁର ବ୍ଲକ ଅଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ନେଇ ସ୍ମାରକପତ୍ର ଉପଜିଲ୍ଲାପାଳଙ୍କୁ ପ୍ରଦାନ କରାଯାଇଥିବା ବେଳେ ଆଜି ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଠାରେ କୁନ୍ଦୁରା ବ୍ଲକ୍ ଅଧ୍ୟକ୍ଷାଙ୍କ ବିରୋଧରେ ସମିତିସଭ୍ୟ ଏବଂ ସରପଞ୍ଚମାନେ ଅନାସ୍ଥା ପ୍ରସ୍ତାବ ଆଣିଛନ୍ତି । ଏ ନେଇ ଏକ ଦାବିପତ୍ର ଉପଜିଲ୍ଲାପାଳ ଏ. ଶଶ୍ୟା ରେଡ୍ଡୀଙ୍କୁ ପ୍ରଦାନ କରାଯାଇଛି । ଏହି ଅନାସ୍ଥା ପ୍ରସ୍ତାବ ଆଗତ ପୂର୍ବରୁ ସମସ୍ତ ଅଭିଯୋଗର ତଦନ୍ତ, ସ୍ୱାକ୍ଷର ଯାଞ୍ଚ ଏବଂ ସମସ୍ତ ଅଭିଯୋଗକାରୀ ସମୁଦାୟ ୨୫ଜଣ ସରପଞ୍ଚ ଏବଂ ସମିତିଙ୍କ ଉପସ୍ଥିତିରେ ଏହି ଅନାସ୍ଥା ପ୍ରସ୍ତାବ ସ୍ମାରକପତ୍ର ଦିଆଯାଇଛି । ଆଜି ଅପରାହ୍ନରେ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ରାଧା ବିନୋଦ ସାମନ୍ତରାୟ, ବ୍ଲକ ଉପାଧ୍ୟକ୍ଷା ତାରିଣସେନ ବିଶୋୟୀଙ୍କ ନେତୃତ୍ୱରେ ୧୨ ଜଣ ସରପଞ୍ଚ ଏବଂ ୧୩ ଜଣ ସମିତି ସଭ୍ୟ ସ୍ୱାକ୍ଷର କରିଥିବା ସ୍ମାରକପତ୍ର ପ୍ରଦାନ କରିଛନ୍ତି । ଅଧ୍ୟକ୍ଷା ରାଜେଶ୍ୱରୀ ପରଜା କୌଣସି ଉନ୍ନତୀମୂଳକ କାର୍ଯ୍ୟ ନେଇ ସମିତି ସଭ୍ୟ ଏବଂ ସରପଞ୍ଚ ମାନଙ୍କୁ ଅଣଦେଖା କରୁଥିବା ବେଳେ ତାଙ୍କର ଭାଇଙ୍କ ଜରିଆରେ ବିଭିନ୍ନ ଉନ୍ନତୀମୂଳକ କାର୍ଯ୍ୟ ନାମରେ ଦୁର୍ନୀତି କରୁଛନ୍ତି । ଏ ନେଇ ସମିତି ସଭ୍ୟ ବୈଠକରେ ବାରମ୍ବାର ଅଭିଯୋଗ କରିଥିଲେ ସୁଦ୍ଧା କୌଣସି ସୁଫଳ ମିଳିନାହିଁ । ଗତ ଅଗଷ୍ଟ ୨୮ ତାରିଖରେ ଅଧ୍ୟକ୍ଷା ନିଜ ପଦବୀରୁ ଇସ୍ତଫା ନେଇ ଉପଜିଲ୍ଲାପାଳଙ୍କୁ ଇସ୍ତାଫା ପତ୍ର ଦାଖଲ କରିଥିଲେ । କିନ୍ତୁ ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷପ ଗ୍ରହଣ କରାଯାଇନଥିଲା । ଆଜି ପୂର୍ବାହ୍ନରେ କୁନ୍ଦୁରା ବ୍ଲକ ଉପାଧ୍ୟକ୍ଷ ତାରିଣିସେନ ବିଶୋୟୀଙ୍କ ଅଧ୍ୟକ୍ଷତାରେ ସମିତି ସଭ୍ୟ ଏବଂ ସରପଞ୍ଚଙ୍କୁ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏଥିରେ କୁନ୍ଦୁରା ବ୍ଲକ ଅଧ୍ୟକ୍ଷା ଶ୍ରୀମତି ପରଜାଙ୍କୁ ତାଙ୍କ ପଦରୁ ହଟାଇବା ନେଇ ଏକ ପ୍ରସ୍ତାବ ଗ୍ରହଣ କରାଯାଇ ଏହାକୁ ଲିପିବଦ୍ଧ କରାଯାଇଥିଲା । ଶେଷରେ ବୈଠକରେ ସର୍ବାଧିକ ସମିତିସଭ୍ୟ ଏବଂ ସରପଞ୍ଚଙ୍କ ଉପସ୍ଥିତିରେ ନିଷ୍ପତିକ୍ରମେ ଅନାସ୍ଥା ପ୍ରସ୍ତାବ ନେଇ ଲିଖିତ ଭାବେ ଉପଜିଲ୍ଲାପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରାଯାଇଛି । ସୂଚନାଯୋଗ୍ୟ, କୁନ୍ଦୁରା ବ୍ଲକରେ ସମୁଦାୟ ୧୭ଟି ଗ୍ରାମପଞ୍ଚାୟତରେ ସମିତି ସଭ୍ୟ ଏବଂ ସରପଞ୍ଚ ୩୨ ଜଣ ଏବଂ ବିଧାୟକ, ସାଂସଦଙ୍କ ମିଶାଇ ସମୁଦାୟ ୩୪ଟି ଭୋଟ ଦେବା ନେଇ ଅଧିକାର ରହିଛି । କିନ୍ତୁ ଅଧ୍ୟକ୍ଷାଙ୍କୁ ହଟାଇବା ପାଇଁ ଏକ ତୃତୀୟାଂଶ ସଦସ୍ୟଙ୍କ ସହମତି ଆବଶ୍ୟକ ରହିଛି । ସମୁଦାୟ ୨୫ଜଣ ସଦସ୍ୟଙ୍କ ଭୋଟ ତଥା ସହମତିରେ ଅନାସ୍ଥାପ୍ରସ୍ତାବ ଆଗତ ହୋଇ ଅଧ୍ୟକ୍ଷାଙ୍କୁ ତାଙ୍କ ପଦବୀରୁ ହଟାଯାଇ ପାରିବ ।

## ଜିଲ୍ଲାପାଳଙ୍କ ସହ ବାର ଆସୋସିଏସନର ଆଲୋଚନା



ମାଲକାନଗିରି,୮।୮ (ସମିସ): ମାଲକାନଗିରି ଜିଲ୍ଲା ବାରଆସୋସିଏସନର ପଦାଧିକାରୀ ମାନେ ଆଜି ନୂତନ ଭାବରେ ନିଯୁକ୍ତି ପାଇଥିବା ମାଲକାନଗିରିର ଜିଲ୍ଲାପାଳଙ୍କୁ ସୌଜନ୍ୟମୂଳକ ସାକ୍ଷାତ କରିଥିଲେ । ଜିଲ୍ଲାପାଳଙ୍କୁ ବାର ଆସୋସିଏସନ ପକ୍ଷରୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଥିବା ବେଳେ ବିଭିନ୍ନ ବିଷୟରେ ଆଲୋଚନା କରିଥିଲେ । ଜିଲ୍ଲା ବିକାଶରେ ପ୍ରଶାସନ ସହ ବାର ଆସୋସିଏସନର ସବୁବେଳେ ସହଯୋଗ କରି ଆସିଛି, ଆଗକୁ ମଧ୍ୟ ଏହି ସହଯୋଗ ରହିବ ବୋଲି କୁହାଯାଇଥିଲା । ଆଲୋଚନା ସମୟରେ, ଜିଲ୍ଲା ବାର୍ ଆସୋସିଏସନ୍‌ର ସଭାପତି ପ୍ରୀତପାଲ ସିଂ, ଉପ ସଭାପତି ସରୋଜ ମହାନ୍ତି, ସମ୍ପାଦକ ସାଗର ପାଣିଗ୍ରାହୀ, ଉମାଶଙ୍କର ନାୟକ, ବିଭୁ ଆଶିଷଦାନ୍ ସଗରିଆଙ୍କ ସହ ଅନ୍ୟ ପଦାଧିକାରୀ ମାନେ ଉପସ୍ଥିତ ରହି ଜିଲ୍ଲା ବିକାଶ ସହିତ ଜଡିତ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା କରିଥିଲେ ।

# ଇନ୍ଦ୍ରାବତୀ ବିଦ୍ୟାଳୟ ଓ ପ୍ରକଳ୍ପ ଡାକ୍ତରଖାନା ପରିଦର୍ଶନ କଲେ ଜିଲ୍ଲାପାଳ



ତେନ୍ତୁଳିଖୁଣ୍ଟି,୮।୮ (ସମିସ): ନବରଙ୍ଗପୁର ଜିଲ୍ଲାପାଳ ଡ. ମହେଶ୍ୱର ସ୍ୱାଇଁ ତେନ୍ତୁଳିଖୁଣ୍ଟି ବ୍ଲକ ଗସ୍ତରେ ଆସି ପଞ୍ଚାୟତ ସମିତି କାର୍ଯ୍ୟାଳୟ ,ଇନ୍ଦ୍ରାବତୀ ଉଚ୍ଚ ବିଦ୍ୟାଳୟ, ପ୍ରକଳ୍ପ ହସ୍ପିଟାଲ,ପ୍ରସ୍ତାବିତ ଇକୋ ପାର୍କ ସ୍ଥାନ ପରିଦର୍ଶନ ତଥା ସମୀକ୍ଷା କରିଛନ୍ତି । ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ବିଡ଼ିଓ ମନୋଜ କୁମାର ପାଣିଗ୍ରାହୀ ତଥା କାର୍ଯ୍ୟାଳୟ କର୍ମଚାରୀ ଜିଲ୍ଲାପାଳ ଡକ୍ଟର ସ୍ୱାଇଁଙ୍କୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରିଥିଲେ । ବ୍ଲକ କାର୍ଯ୍ୟାଳୟରେ ସମୀକ୍ଷା କରିଥିଲେ । ଏହାପରେ ଖାତିଗୁଡ଼ା ସ୍ଥିତ ଇନ୍ଦ୍ରାବତୀ ପ୍ରକଳ୍ପ ଦ୍ୱାରା ପରିଚାଳିତ ଇନ୍ଦ୍ରାବତୀ ଉଚ୍ଚ ବିଦ୍ୟାଳୟ ପରିଦର୍ଶନରେ ଯାଇ ସମୀକ୍ଷା କରିବା ସହ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋଚନା କରିଥିଲେ । ବିଦ୍ୟାଳୟରେ ବିଜ୍ଞାନ ଶିକ୍ଷକ ସମସ୍ୟା , ଶ୍ରେଣୀ ଗୃହ ସମସ୍ୟା ,ପାଣି ସମସ୍ୟା,ରୋଷେଇ ଗୃହ ,ଡାଇନିଂ ଗୃହ ,ଖେଳ ପଡିଆ ପାଇଁ ପାଚେରୀ, କାନ୍ଥ ସିଂଙ୍କ ହେଉଥିବା ସମସ୍ୟା ,ଭାଙ୍ଗି ଯାଇଥିବା ଶ୍ରେଣୀ ଗୃହ ଅପସାରଣ ଆଦି ଆଲୋଚନାରେ ସ୍ଥାନ ପାଇଥିଲା । କିଛି ସମସ୍ୟାକୁ ବିଡ଼ିଓ ମନୋଜ କୁମାର ପାଣିଗ୍ରାହୀଙ୍କୁ ବ୍ଲକର ବିଭିନ୍ନ ଉତ୍ସର ଅର୍ଥରେ ସମାଧାନ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ । ଜିଲ୍ଲାପାଳ ଇନ୍ଦ୍ରାବତୀ ଉଚ୍ଚ ବିଦ୍ୟାଳୟ ଛାତ୍ର ଛାତ୍ରୀଙ୍କୁ ଶ୍ରେଣୀ କକ୍ଷରେ ବିଭିନ୍ନ ପ୍ରଶ୍ନ ପଚାରି ବୁଝିଥିଲେ । ଏହି ସମୟରେ ଜିଲ୍ଲା ଶିକ୍ଷାଧିକାରୀ ଛତ୍ରପତି ସାହୁ, ବ୍ଲକ ଶିକ୍ଷାଧିକାରୀ ସୁଦୀପ୍ତ ଦାସ, ସରପଞ୍ଚ ବନ୍ଦିତା ନାୟକ, ମୋହନ ମଧୁସୂଦନ ବାଗ, ପୋଡ଼ାଗଡ଼ ବନ୍ଧ ବିଭାଗ ନିର୍ବାହୀ ଯନ୍ତ୍ରୀ ନେଲସନ ତାଡିଙ୍ଗି, ସହକାରୀ ଯନ୍ତ୍ରୀ ରଜତ କୁମାର ପାତ୍ର, ସେକ୍ସନ ଅଫିସର ଏସ ଚନ୍ଦ୍ରଶେଖର, ପ୍ରଧାନ ଶିକ୍ଷକ ସର୍ବେଶ୍ୱର ବେହେରା, ବ୍ଲକର ସହକାରୀ ନିର୍ବାହୀ ଯନ୍ତ୍ରୀ ଗୋବିନ୍ଦ କହଁର, କନିଷ୍ଠ ଯନ୍ତ୍ରୀ ଉମାଶଙ୍କର ସାହାଣୀ ,ବ୍ରଜ ଶଙ୍କର ମହାଙ୍କୁଡ ଉପସ୍ଥିତ ଥିଲେ । ଏହାପରେ ପ୍ରକଳ୍ପ ଡାକ୍ତରଖାନା ଯାଇ ସମୀକ୍ଷା କରିବା ସହ ସମସ୍ୟା ସମ୍ପର୍କରେ ପଚାରି ବୁଝିଥିଲେ । ୩୨ ଶଯ୍ୟା ବିଶିଷ୍ଟ ଡାକ୍ତରଖାନା ହୋଇଥିବାରୁ ଏହାକୁ ଏରିଆ ଡାକ୍ତରଖାନା ମାନ୍ୟତା ଦେବା ସହ ଏହାକୁ ଚବିଶ ଘଣ୍ଟିଆ କରିବା, ଜନନୀ ସୁରକ୍ଷା ଯୋଜନା ସେଲ ଖୋଲି ଗର୍ଭବତୀଙ୍କ ପାଇଁ ଚିକିତ୍ସା ସୁବିଧା କରିବା ,ଅତିରିକ୍ତ ଦୁଇ ଜଣ ଡାକ୍ତର ଓ ଏକ୍ସ୍ ରେ ଟେକ୍ନିସିଆନ, ଆଟେଡାଣ୍ଟ ଆଦି ଯୋଗାଇବା ପାଇଁ ମତ ରଖିଥିଲେ । ପ୍ରକଳ୍ପ ଦ୍ୱାରା ପରିଚାଳିତ ହୋଇଥିବାରୁ ଅବ୍ୟବସ୍ଥା ରହିଛି ବୋଲି କହିଥିଲେ । ବିଦ୍ୟାଳୟ ଓ ଗଣ ଶିକ୍ଷା ବିଭାଗକୁ ବିଦ୍ୟାଳୟ ଓ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗକୁ ୩୨ ଶଯ୍ୟା ବିଶିଷ୍ଟ ହସ୍ପିଟାଲ ହସ୍ତାନ୍ତର ପରେ ସମସ୍ତ ସମସ୍ୟା ସମାଧାନ ହୋଇ ପାରିବ ବୋଲି କହିଥିଲେ । ଇନ୍ଦ୍ରାବତୀ ଶ୍ମଶାନ ସମସ୍ୟା ସମ୍ପର୍କରେ ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ସଦାଶିବ ଜାନୀ କହିବାରୁ ଜିଲ୍ଲାପାଳ ଡକ୍ଟର ସ୍ୱାଇଁ ଆଦର୍ଶ ଶ୍ମଶାନ ଯୋଜନାରେ ବିକଶିତ କରିବାକୁ କହିଥିଲେ । ଅଧିକ ଡାକ୍ତର ସମ୍ପର୍କରେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କ ସହ ଆଲୋଚନା କରିବେ ବୋଲି କହିଥିଲେ । ମେଡିକାଲରେ ଆଲୋଚନା ବେଳେ ତେନ୍ତୁଳିଖୁଣ୍ଟି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଭାର ପ୍ରାପ୍ତ ଚିକିତ୍ସା ଅଧିକାରୀ ଡ.ସମଲେଇ ପ୍ରସାଦ ପଣ୍ଡା, ବିପିଓ ପୀତବାସ ଗାହାଣ , ଡିପିଏମ୍‌ଙ୍କ ସମେତ ସମିତି ସଭ୍ୟ ସୁଧୀର ଖୁରା ,ପ୍ରଫୁଲ୍ଲ କୁମାର ନାଗ, ବାବୁନି ନାୟକ ପ୍ରମୁଖ ଆଲୋଚନା କରିଥିଲେ ।

## ଜାତୀୟ କୃମି ନାଶକ ଦିବସକୁ ନେଇ ପ୍ରଶିକ୍ଷଣ



ଚନ୍ଦ୍ରପୁର,୮।୮ (ସମିସ): ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକର ଆଦର୍ଶ ବିଦ୍ୟାଳୟ ଚନ୍ଦ୍ରପୁର ଓ ଏସଏସ୍‌ଡି ହାଇସ୍କୁଲ୍ ଡାଙ୍ଗସୋରଡା ଠାରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଓଡ଼ିଶା ସରକାରଙ୍କ ତରଫରୁ ବ୍ଲକର ସମସ୍ତ ବିଦ୍ୟାଳୟରୁ ଜଣେ ଲେଖାଏଁ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କୁ ନେଇ ଆସନ୍ତା ୧୦ ତାରିଖରୁ ୧ ରୁ ୧୯ ବର୍ଷ ବୟସର ପିଲାମାନଙ୍କୁ କିଭଳି ଭାବରେ ଜାତୀୟ କୃମି ନାଶକ ଦିବସରେ ସାମିଲ୍ କରିବା, ସମସ୍ତ ପିଲାଙ୍କୁ ନିଶ୍ଚିତ ଭାବରେ କୃମିନାଶକ ଔଷଧ ଖାଇବାକୁ ଦିଆଯିବ ତାହା ଉପରେ ଚନ୍ଦ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ତରଫରୁ ପ୍ରଶିକ୍ଷଣ ପ୍ରଦାନ କରାଯାଇଛି । ଆଦର୍ଶ ବିଦ୍ୟାଳୟ ଚନ୍ଦ୍ରପୁର ପ୍ରଶିକ୍ଷଣ ଠାରେ ବ୍ଲକ ଶିକ୍ଷାଧିକାରୀ ଗଣେଶ ଶବର ସଭାପତିତ୍ୱ କରିଥିଲେ । ଚନ୍ଦ୍ରପୁର ଆଦର୍ଶ ବିଦ୍ୟାଳୟର ଅଧ୍ୟକ୍ଷ କାଳନ୍ଦୀ ଚରଣ ରାଉତ ମୁଖ୍ୟ ଅତିଥିଭାବେ ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ତଥା ଗୋଷ୍ଠୀ ସାଧନ କେନ୍ଦ୍ର ସଂଯୋଜକ ସିଙ୍ଗନା ତାଡିଙ୍ଗ ଓ ମଧ୍ୟାହ୍ନଭୋଜନ ଦାୟିତ୍ୱରେ ଥିବା ତଥା ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ବାଳକୃଷ୍ଣ ବିହାରୀ ଉପସ୍ଥିତ ଥିଲେ ।

## ସ୍ୱାଧୀନତା ଦିବସ ପାଇଁ ପ୍ରସ୍ତୁତି ବୈଠକ

ନନ୍ଦପୁର, ୮।୮ (ସମିସ): ନନ୍ଦପୁର ପଞ୍ଚାୟତ ସମିତି କାର୍ଯ୍ୟାଳୟ ସଭା ଗୃହରେ ବ୍ଲକସ୍ତରୀୟ ସ୍ୱାଧୀନତା ଦିବସ ପାଳନ ଉପଲକ୍ଷେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ବ୍ଲକ ଅଧ୍ୟକ୍ଷା ସାବିତ୍ରୀ କାର୍ତ୍ତୁଲ, ବିଡିଓ, ଦୁର୍ଗା ପ୍ରସାଦ ଦୋରା, ତହସିଲଦାର, ଦେବବ୍ରତ ମହାରଣା ସମନ୍ୱିତ ଶିଶୁ ବିକାଶ ଅଧିକାରୀ ମିନତୀ ବାଳା ପଟ୍ଟନାୟକ, ଏଇଇ ଯଶକେତନ୍ ବେହେରାଙ୍କ ସମେତ ବରିଷ୍ଠ ନେତା ଗୋପାଳ କୃଷ୍ଣ ବେବର୍ତ୍ତା, ପୂର୍ବତନ ସରପଞ୍ଚ ଜଗନ୍ନାଥ ପାଙ୍ଗି, ପୂର୍ବତନ ସରପଞ୍ଚ ଶେଖ୍ ଗଫୁର, ଏବିଓ ଗୁରୁନାଥ ମଝି, ଡବ୍ଲୁଇଓ ନଗେନ ତ୍ରିପାଠୀ, ଯୋଗାଣ ନିରୀକ୍ଷକ ଜନସନ୍ ବୁରୁ, ଏମ୍ ନାଗରାଜ୍ ଆଚାରି, ବିଭିନ୍ନ ବିଭାଗର କର୍ମଚାରୀ, ପଞ୍ଚାୟତ ନିର୍ବାହୀ ଅଧିକାରୀ, ନନ୍ଦପୁର ଶିକ୍ଷାନୁଷ୍ଠାନର ଶିକ୍ଷକ ଶିକ୍ଷୟିତ୍ରୀ, ଗଣମାଧ୍ୟମ ପ୍ରତିନିଧି ମାନେ ଯୋଗ ଦେଇଥିଲେ । ଏହି ବୈଠକରେ ପ୍ରଭାତ ଫେରି, ମହାପୁରୁଷଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ, ପତାକା ଉତ୍ତୋଳନ, ଜାତୀୟ ସଙ୍ଗୀତ ଗାନ, ମିଷ୍ଟାନ୍ନ ବଣ୍ଟନ, ପ୍ୟାରେଡ ଇତ୍ୟାଦିର ସମୟ ନିର୍ଘଣ୍ଟ କରାଯିବା ସହ ଚଳିତ ସ୍ୱାଧୀନତା ଦିବସ କିପରି ଭବ୍ୟ , ଚିତ୍ତାକର୍ଷକ ଓ ବହୁ ଆଡ଼ମ୍ବରରେ ସୁରୁଖୁରୁ ଭାବରେ ପରିଚାଳନା କରାଯିବ ତାର ଖସଡ଼ା ପ୍ରସ୍ତୁତ କରାଯାଇଛି । ଏହି କାର୍ଯ୍ୟକ୍ରମକୁ ନିର୍ବାହୀ ଅଧିକାରୀ କୋମଳ ରାଓ ସ୍ମିଥ ପରିଚାଳନା କରିଥିବା ବେଳେ ଚିନ୍ମୟୀ ଦାସ ଧନ୍ୟବାଦ୍ ଅର୍ପଣ କରିଥିଲେ ।

## ଆସ ସ୍କୁଲ ଯିବା ଅଭିଯାନ




ଚନ୍ଦ୍ରପୁର,୮।୮ (ସମିସ): ଚନ୍ଦ୍ରପୁର ବ୍ଲକ ଡ଼ାଙ୍ଗସରଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ କ୍ଲଷ୍ଟର ସ୍ତରୀୟ ଆସ ସ୍କୁଲ ଯିବା ଅଭିଜାନ ଅନୁଷ୍ଠିତ ହୋଇଯାଇଛି । ସ୍କୁଲ ସଂଯୋଜକ ଜୟରାମ କରକରିଆଙ୍କ ନେତୃତ୍ୱରେ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଛାତ୍ରଛାତ୍ରୀ ପ୍ରଥମେ ସୁବାଷଚନ୍ଦ୍ର ବୋଷଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରି ସ୍କୁଲରୁ ଅଭିଯାନ ଆରମ୍ଭ କରି ସାହି ସାହିରେ ସ୍ଲୋଗାନ ଦେଇଆସ ସ୍କୁଲ ଯିବା ସଚେତନା କାର୍ଯ୍ୟକ୍ରମ କରାଯାଇଥିଲା । ମୁଖ୍ୟତଃ ଡ୍ରପ୍ ଆଉଟ, ଏନ୍‌ରୋଲଡ ଶିକ୍ଷାର୍ଥୀ ମାନଙ୍କୁ ମୁଖ୍ୟସ୍ରୋତରେ ସାମିଲ ହେବାପାଇଁ ଏହାର ମୁଖ୍ୟ ଉଦ୍ଦେଶ୍ୟ । ଏହି କାର୍ଯ୍ୟକ୍ରମରେ ସରପଞ୍ଚ ଅନିତା ଶବର, ପିଓ ରାଜେନ୍ଦ୍ର ପାଳ, ଏସଏମସି ସଭାପତି ବାମ ବଦାକୁଲୁ, ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଜୟଲକ୍ଷ୍ମୀ ଶବର, ନବୀନ ଶବର, ସହକାରୀ ଶିକ୍ଷକ ସାହେବ ବ୍ରେକବେଡା, ଦିଲ୍ଲୀପ ଶବର, ରାମଚନ୍ଦ୍ର ମିଣିଆକା, ବୋଧିସ୍ୱତା ଶବର, ପାଉଲ୍ ନୁଣ୍ଡୁକା, ନିରଞ୍ଜନ ପ୍ରଧାନ, ତ୍ରିନାଥ ଶବର, ବିନୟ ସାରକା ଓ ମହିଳା ସ୍ୱାସ୍ଥ୍ୟ କର୍ମୀ, ୱାଙ୍ଗନବାଡି ୱର୍କର ଉପସ୍ଥିତ ରହି ସହଯୋଗ କରିଥିଲେ । ଏହାକୁ ପରିଚାଳନା କରିଥିଲେ ସହକାରୀ ଶିକ୍ଷକ କୈଳାସ ଶବର ।

## ପ୍ରତ୍ୟେକ ଶିଶୁ ମୂଲ୍ୟବାନ ଶୀର୍ଷକ ତାଲିମ୍ ଶିବିର ଉଦ୍‌ଯାପିତ



ମାଲକାନଗିରି, ୮।୮ (ସମିସ): ପ୍ରତ୍ୟେକ ଶିଶୁ ମୂଲ୍ୟବାନ, କନ୍ୟା ସମର୍ଥକ ଏବଂ ବାଲ୍ୟ ବିବାହ ମୁକ୍ତ ଗ୍ରାମ ପଞ୍ଚାୟତ ଗଠନ ପାଇଁ ମାଲକାନଗିରି ଜିଲ୍ଲା ପ୍ରଶାସନ ତରଫରୁ ଦୁଇ ଦିନିଆ ତାଲିମ୍ ଶିବିର ଆୟୋଜିତ ହୋଇଥିଲା । ଏହି ଶିବିର ଜିଲ୍ଲା ପଞ୍ଚାୟତ ସାଧନ କେନ୍ଦ୍ରରେ ଜିଲ୍ଲା ପରିଷଦ ତତ୍ତ୍ୱାବଧାନରେ ଏହା ଦୁଇଦିନ ଧରି ଚାଲିଥିଲା । ଏହାକୁ ଗତକାଲି ଜିଲ୍ଲା ପରିଷଦ ଉନ୍ନୟନ ଅଧିକାରୀ ନରେଶ ଚନ୍ଦ୍ର ଶବର ଉଦଘାଟନ କରିଥଲେ । ଆଜି ଉଦଯାପନୀ ଉତ୍ସବରେ ଅତିଥି ଭାବରେ ମାନସ ମିଶ୍ର ଉପସ୍ଥିତ ରହି ସମସ୍ତଙ୍କୁ କାର୍ଯ୍ୟକ୍ରମର ଜରୁରୀ ଦିଗ ପ୍ରତି ଧ୍ୟାନ ଆକର୍ଷଣ କରିଥିଲେ । ଏଥିରେ ପୋର୍ଗ୍ରାମ୍ ମ୍ୟାନେଜର ହିମାଂଶୁ ଭୁଷଣ ମହାରଣା ଶିବିରର ଉଦ୍ଦେଶ୍ୟ ଓ କାର୍ଯ୍ୟସୂଚୀ ବିଷୟରେ ବିସ୍ତୃତ ଭାବେ ଉପସ୍ଥିତ ପ୍ରଶିକ୍ଷାର୍ଥୀଙ୍କୁ ଅବଗତ କରାଇଥିଲେ । ଏହି ତାଲିମ୍ ଶିବିରରେ ଜିଲ୍ଲାର ବିଭିନ୍ନ ବ୍ଲକ୍ ଓ ପଞ୍ଚାୟତରୁ ଆସିଥିବା ୫୮ଜଣଙ୍କ ମଧ୍ୟରେ ଗୋଷ୍ଠୀ ଶିକ୍ଷା ଅଧିକାରୀ, ସିଡିପିଓ, ଶିକ୍ଷକ ଏବଂ ଶିକ୍ଷୟତ୍ରୀ ମାନଙ୍କୁ ପ୍ରତ୍ୟେକ ଶିଶୁ ମୂଲ୍ୟବାନ, କନ୍ୟା ସମର୍ଥକ ଏବଂ ବାଲ୍ୟ ବିବାହ ମୁକ୍ତ ଗ୍ରାମ ପଞ୍ଚାୟତ ଗଠନ ସୃଷ୍ଟି କରିବା ଉଦ୍ଦେଶ୍ୟରେ ବିଶେଷ ତାଲିମ ଦିଆଯାଇଥିଲା । ଏହି ଶିବିରରେ ତାଲିମଦାତା ଭାବରେ ମହେଶ ଗୁପ୍ତା, ଶିବନାଥ ନାୟକ, ସତୃଷ୍ଣା ପୃଷ୍ଟି, ଦୀପ୍ତିମୟୀ ଘଡ଼ାଇ, ରାଜେଶ୍ୱରୀ ଲେଙ୍କା, ପ୍ରେରଣାଦାୟୀ ଏବଂ ତଥ୍ୟମୂଳକ ତାଲିମ୍ ଦେଇଥିଲେ ତାଲିମ୍ ଶିବିର ପରେ ଏହି ପ୍ରଶିକ୍ଷଣ ପାଇଥିବା ସମସ୍ତ କର୍ମୀମାନେ ନିଜ ଅଞ୍ଚଳରେ ଜନସାଧାରଣଙ୍କୁ ସଚେତନ କରି ନିଜ ଜ୍ଞାନ ଓ ଅନୁଭବକୁ ବ୍ୟବହାର କରି ତାଲିମ ଦେବେ । ଏହି କାର୍ଯ୍ୟକ୍ରମକୁ ସଫଳ ଓ ସୁସଂଗଠିତ ଭାବେ ପରିଚାଳନା କରିବାରେ ବିନାଶ କୁମାର ମିଶ୍ରଙ୍କ ନେତୃତ୍ୱରେ ବିଶ୍ୱନାଥ ମଣ୍ଡଳ, ଏନ. ଅହଲ୍ୟା ଓ ପଞ୍ଚାୟତ ସାଧନ କେନ୍ଦ୍ରର ସମସ୍ତ ସଦସ୍ୟ ମାନେ ସହଯୋଗ ଦେଇ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଥିଲେ ।

### ଖାଲଖମାପୂର୍ଣ୍ଣ ପିଏମ୍‌ଜିଏସ୍‌ୱାଇ ରାସ୍ତା

# ଶୁଣିଲାନି ପ୍ରଶାସନ, ମରାମତି କଲେ ଗ୍ରାମବାସୀ



ରାୟଗଡ଼ା,୮।୮ (ସମିସ): ଡବଲ ଇଞ୍ଜିନ ସରକାରରେ ବିକାଶ ମାଡି ଚାଲିଛି ବୋଲି ରାଜ୍ୟ ସରକାର ଡିଣ୍ଡିମ ପିଟୁ ଥିବା ବେଳେ ଆଜି ବି ରାୟଗଡ଼ା ଜିଲ୍ଲାରେ ଅନେକ ଗାଁକୁ ରାସ୍ତା ସଂଯୋଗ ହୋଇପାରିନାହିଁ । ଫଳରେ ଗମନାଗମନ ଅସୁବିଧା ହେତୁ ସମାଜର ମୁଖ୍ୟସ୍ରୋତରେ ସାମିଲ ହୋଇପାରୁ ନାହାନ୍ତି ଅନେକ ଗ୍ରାମବାସୀ । ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନା ଅଧିନରେ ନିର୍ମାଣ ହୋଇଥିବା ରାସ୍ତାର ମରାମତି ତଥା ନୂତନ ଭାବେ ନିର୍ମାଣ କରାଯାଉ ନ ଥିବାରୁ ଏବେ ଏଗୁଡିକ ଶୋଚନୀୟ ହୋଇପଡିଛି । ଏ ନେଇ ସ୍ଥାନୀୟ ସରପଞ୍ଚ, ସମିତି ସଭ୍ୟଙ୍କ ଠାରୁ ଆରମ୍ଭ କରି ବ୍ଲକ ଓ ଜିଲ୍ଲା ପ୍ରଶାସନ ପର୍ଯ୍ୟନ୍ତ ମରାମତି ପାଇଁ ଅଭିଯୋଗ କରାଯାଉଥିଲେ ସୁଦ୍ଧା କେହି କର୍ଣ୍ଣପାତ କରୁନାହାନ୍ତି । ଏଭଳି ଏକ ପିଏଜସିଏସୱାଇ ରାସ୍ତାର ଶୋଚନୀୟ ଅବସ୍ଥା ଯୋଗୁଁ ରାୟଗଡ଼ା ଜିଲ୍ଲା ସଦର ବ୍ଲକ୍ କାର୍ଲାକଣା ଓ କୋଲନରା ବ୍ଲକର ଦୁନ୍ଦିଲି ଓ କେଲୁଗୁଡା ଗ୍ରାମ ପଞ୍ଚାୟତବାସୀ ଯାତାୟାତରେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ଏହି ରାସ୍ତାଟି କୁରୁମପେଟା, ସରାବୁ ପିତେଶୁ, ଲେଲିବାଡି, ଗବରପାଲି, ରେବତୀଗୁଡା, ବିରିବାଡି ଗାଁଗୁଡିକୁ ସଂଯୋଗ କରୁଥିବା ବେଳେ ୱାଟମେନ୍ କଲୋନୀ ଠାରୁ କଲ୍ୟାଣସିଙ୍ଗପୁର ଯିବାକୁ ପଡୁଥିବା କମ ଦୂରତା ରାସ୍ତାରେ ଖାଲଖମା ଭରି ହୋଇଥିବାରୁ ସାମାନ୍ୟ ବର୍ଷା ହେଲେ ପାଣି ଜମି ରହିବା ସହ ବଡ ବଡ ଗାତ ହୋଇଥିବାରୁ ଲୋକେ ଦୁର୍ଘଟଣାର ଶୀକାର ହେଉଛନ୍ତି । ଅଭିଯୋଗ କରି ମଧ୍ୟ କୌଣସି ସୁଫଳ ନ ମିଳିବାରୁ ଆଜି ସ୍ଥାନୀୟ ଯୁବକ ତଥା ସମାଜସେବୀ ପେଦାବାବୁ ହିମିରିକା, ସଦାନନ୍ଦ ପେଦେଂଟି, ତାଉଡୁ ହିମିରିକା, ସୁରୁତା କଣ୍ଡାଗରୀ, ରମେଶ ପାଲକା ଓ ଅନ୍ୟମାନେ ନିଜେ ଚାନ୍ଦା ଆଦାୟ କରି ସିମେଣ୍ଟ, ବାଲି,ଗୋଡି କ୍ରୟ କରି ରାସ୍ତା ମରାମତି କରିଛନ୍ତି । କୁରୁମପେଣ୍ଟା ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ବାସୁଦେବ ହୋତା ମଧ୍ୟ ନିତିଦିନିଆ ରାସ୍ତାର ଶୋଚନୀୟ ଅବସ୍ଥା ଦେଖି ଯୁବକମାନଙ୍କୁ ସିମେଣ୍ଟ ଦେଇଥିଲେ । ତେବେ ପ୍ରଶାସନ ଶୁଣୁ ନ ଥିବା ବେଳେ ଜେକେ କାଗଜ କଳ ପକ୍ଷରୁ ଜନସାଧାରଣଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ସହଯୋଗର ହାତ ବଢ଼ାଇବାର ଆବଶ୍ୟକତା ରହିଥିଲା ବୋଲି ସମାଜସେବୀ ଯୁବକ ସଦାନନ୍ଦ ପେଦେଂଟି ପ୍ରକାଶ କରିଛନ୍ତି ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୭.୬୬ ● ପାଉଣ୍ଡ ୧୧୭.୦୨
- ୟୁରୋ ୧୦୨.୩୫ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୪,୭୦୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୨୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୭୯,୮୫୭.୦୦
- ନିଫ୍ଟି ୨୪,୩୬୩.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



**ଶୁଳ୍କ ବଢ଼ାଇବା ପରେ ପୁଣି ରାଗିଲେ ଟ୍ରମ୍ପ୍**

# ଆଉ କୌଣସି ଆଲୋଚନା ହେବନି

ୱାଶିଂଟନ,୮।୮ (ଏଜେନ୍ସି)




**୨୫ରେ ଭାରତ ଆସିବେନି ଆମେରିକୀୟ ପ୍ରତିନିଧି ଦଳ**

ବାଣିଜ୍ୟ ଶୁଳ୍କ କ୍ଷେତ୍ରରେ ଟ୍ରମ୍ପ୍ ପ୍ରଶାସନର ହିଟ୍ ଲିଷ୍ଟରେ ଥିବା ଭାରତ ଉପରେ ପୁଣି ରାଗିଛନ୍ତି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ । ଭାରତ ଉପରେ ସର୍ବାଧିକ ୫୦% ଶୁଳ୍କ ଲାଗୁ କରିବା ପରେ ଆଉ ଏକ ବଡ଼ ପଦକ୍ଷେପ ନେଇଛନ୍ତି ଆମେରିକା ରାଷ୍ଟ୍ରପତି । ଭାରତ ସହିତ ଆଉ କୌଣସି ପ୍ରକାର ବାଣିଜ୍ୟ ଚୁକ୍ତି ନେଇ ଆଲୋଚନା କରାଯିବନାହିଁ ବୋଲି ଆଜି ରୋକ୍‌ଠୋକ୍ ଶୁଣାଇଦେଇଛନ୍ତି ଟ୍ରମ୍ପ୍ । ଟ୍ରମ୍ପ୍‌ଙ୍କ ଏହି ଘୋଷଣା ପରେ ବାଣିଜ୍ୟ ଚୁକ୍ତି ପାଇଁ ଚଳିତମାସ ୨୫ରେ ଭାରତ ଆସିବାକୁ ଥିବା ଆମେରିକୀୟ ପ୍ରତିନିଧି ଦଳର ଗସ୍ତ ମଧ୍ୟ ବନ୍ଦ ହୋଇଯାଇଛି । ଓଭାଲ୍ କାର୍ଯ୍ୟାଳୟଠାରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେବାବେଳେ ଟ୍ରମ୍ପ ଭାରତ ବିରୁଦ୍ଧରେ ଏପରି ମନ୍ତବ୍ୟ ଦେଇଥିଲେ ।

ଜୋରିମାନା ବାବଦ ଅତିରିକ୍ତ ଶୁଳ୍କ ଲାଗୁ କରିବା ପରେ ଭାରତ ସହିତ ଆଉ ଆଲୋଚନା କରିବାର ସମ୍ଭାବନା ରହିଛି କି ବୋଲି ପଚରାଯାଇଥିବା ଏକ ପ୍ରଶ୍ନର ଉତ୍ତରରେ ଟ୍ରମ୍ପ କହିଲେ ଯେ ପର୍ଯ୍ୟନ୍ତ ଆମେ ଏହାର ସମାଧାନ କରିନାହୁଁ ସେ ପର୍ଯ୍ୟନ୍ତ ନୁହେଁ । ରୁଷ ସହ ବାଣିଜ୍ୟ କରିବା ନେଇ ଟ୍ରମ୍ପ୍ ଭାରତକୁ ଏକପାଖିଆ ଟାର୍ଗେଟ୍ କରିବା ଜାରି ରଖିଛନ୍ତି । ନିଜେ ଆମେରିକା, ୟୁରୋପୀୟ ସଂଘ (ଇୟୁ) ଓ ଅନ୍ୟମାନେ ଋଷ ସହ ବାଣିଜ୍ୟ କରୁଥିବାବେଳେ କେବଳ ଭାରତକୁ ଟାର୍ଗେଟ୍ କରାଯାଉଛି । ଅନ୍ୟମାନଙ୍କ ଅପେକ୍ଷା ଭାରତ ବିରୁଦ୍ଧରେ ଆମେରିକା ସର୍ବାଧିକ ଶୁଳ୍କ ଲାଗୁ କରିଛି । ଭାରତର ପଡ଼ୋଶୀ ପାକିସ୍ତାନ ଉପରେ ୧୯ ପ୍ରତିଶତ, ବାଂଲାଦେଶ ଉପରେ ୧୯ ପ୍ରତିଶତ ଏମିତିକ ଚୀନ ବିରୁଦ୍ଧରେ ୩୦ ପ୍ରତିଶତ ଶୁଳ୍କ ଲାଗୁ କରିଥିଲେ, ଭାରତ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଇଛନ୍ତି ଟ୍ରମ୍ପ । ଦୁଇଟି ପର୍ଯ୍ୟାୟରେ ସେ ୨୫-୨୫ ପ୍ରତିଶତ ଶୁଳ୍କ ଲାଗୁ କରିଛନ୍ତି । ପ୍ରଥମ ପର୍ଯ୍ୟାୟ ୨୫ ଶୁଳ୍କ ଗତକାଲିଠାରୁ ଲାଗୁ ହୋଇଯାଇଥିବାବେଳେ ଦ୍ୱିତୀୟ ପର୍ଯ୍ୟାୟ ଶୁଳ୍କ ଅଗଷ୍ଟ ୨୭ରେ ଲାଗୁ ହେବ ।

ସେପଟେ ଭାରତ ଉପରେ ଶୁଳ୍କ ଲାଗ କରିବାକୁ ବିରୋଧ କରିଛନ୍ତି ଋଷ, ଚୀନ, ବ୍ରାଜିଲ ଭଳି ଦେଶ । ଅନ୍ୟପଟେ ଭାରତ ଆମେରିକାର ଦୋମୁହାଁ ନୀତିକୁ ସମାଲୋଚନା କରିଥିବାବେଳେ ସାମ୍ନାରେ ମୁଣ୍ଡ ନଇଁବ ନାହିଁ ବୋଲି ରୋକଠୋକ୍ ଶୁଣାଇ ଦେଇଛି । ହେଲେ ଟ୍ରମ୍ପଙ୍କର ଏହି ଘୋଷଣା ପରେ ଆମେରିକାର କୌଣସି ଟିମ୍ ଆଲୋଚନା ପାଇଁ ଭାରତ ଆସି ନ ପାରନ୍ତି । ଟ୍ରମ୍ପଙ୍କର ଏହି ନିଷ୍ପତ୍ତି ପରେ ଦୁଇ ଦଶନ୍ଧୀରେ ଭାରତ ଓ ଆମେରିକା ମଧ୍ୟରେ ସମ୍ପର୍କ ଅତି ନିମ୍ନ ସ୍ତରକୁ ଚାଲିଯାଇଛି ।

**କମିଲା ପନିପରିବା ଦର**

## ଜୁନ୍‌ରେ କମିଲା ଶାକାହାରୀ ଥାଳି ମୂଲ୍ୟ

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଜୁଲାଇ ମାସରେ ପନିପରିବା ମୂଲ୍ୟରେ କିଛି ହ୍ରାସ ଯୋଗୁଁ ଘରେ ରନ୍ଧା ନିରାମିଷ ଏବଂ ନିରାମିଷ ଖାଦ୍ୟର ହାରାହାରି ମୂଲ୍ୟ ହ୍ରାସ ଘଟିଛି । ଗୁରୁବାର ପ୍ରକାଶିତ ଏକ ରିପୋର୍ଟରେ ଏହି ସୂଚନା ଦିଆଯାଇଛି । କ୍ରିସିଲ୍ ଇଣ୍ଟେଲିଜେନ୍ସର ରୋଟି-ଚାୱଲ୍ ରେଟ୍ ରିପୋର୍ଟ ଅନୁଯାୟୀ, ନିରାମିଷ ଥାଳିର ମୂଲ୍ୟ ବର୍ଷସାରା ୧୪ ପ୍ରତିଶତ ହ୍ରାସ ପାଇ ୨୮.୧ ଟଙ୍କା ହୋଇଛି ଯାହା ପୂର୍ବରୁ ୩୨.୬ ଟଙ୍କା ଥିଲା । ତଥାପି, ଏହା ମାସିକ ଆଧାରରେ ଚାରି ପ୍ରତିଶତ ବୃଦ୍ଧି ପାଇଛି, ଯେତେବେଳେ ଜୁନ୍ ମାସରେ ଏହା ୨୭.୧ ଟଙ୍କା ଥିଲା । ନିରାମିଷ ଖାଦ୍ୟର ମୂଲ୍ୟ ବର୍ଷସାରା ୧୩ ପ୍ରତିଶତ ଏବଂ ମାସିକ ଆଧାରରେ ଦୁଇ ପ୍ରତିଶତ ହ୍ରାସ ପାଇ ପ୍ରତି ଥାଳି ପିଛା ୫୩.୫ ଟଙ୍କା ହୋଇଛି । ଏହାର ନିର୍ଦ୍ଦେଶକ ପୁଷଣ ଶର୍ମା କହିଛନ୍ତି ଯେ ନିକଟ ଭବିଷ୍ୟତରେ, ଟମାଟୋ ମୂଲ୍ୟର ଉଚ୍ଚ ଆଧାର ଯୋଗୁଁ ଥାଳି ମୂଲ୍ୟ ବର୍ଷସାରା କମ୍ ରହିବ ବୋଲି ଆଶା କରାଯାଉଛି । ଡାଲିର ଆନୁମାନିକ ଅଧିକ ଉତ୍ପାଦନ ମଧ୍ୟ ମୂଲ୍ୟକୁ କମ କରିବାର ସମ୍ଭାବନା ଅଛି । ତଥାପି, ଶର୍ମା କହିଛନ୍ତି ଯେ ଆଳୁ ଏବଂ ପିଆଜ ମୂଲ୍ୟ ଆଗକୁ ସ୍ଥିର ରହିବା ଆଶା କରାଯାଉଥିବାରୁ ଏହି ହ୍ରାସ ସୀମିତ ହୋଇପାରେ । ରିପୋର୍ଟରେ କୁହାଯାଇଛି ଯେ ଟମାଟୋ, ପିଆଜ ଏବଂ ଆଳୁର ମୂଲ୍ୟରେ ତୀବ୍ର ହ୍ରାସ ଯୋଗୁଁ ନିରାମିଷ ଥାଳିର ମୂଲ୍ୟ ହ୍ରାସ ପାଇଛି । ଏହାବ୍ୟତୀତ, ଗତ ବର୍ଷର ସମାନ ସମୟ ତୁଳନାରେ ଉତ୍ପାଦନ ଏବଂ ଷ୍ଟକ୍ ସ୍ତର ଅଧିକ ଥିବାରୁ ଡାଲିର ମୂଲ୍ୟ ବର୍ଷସାରା ୧୪ ପ୍ରତିଶତ ହ୍ରାସ ପାଇଛି ଏବଂ ଚାଉଳର ମୂଲ୍ୟ ମଧ୍ୟ ଚାରି ପ୍ରତିଶତ ହ୍ରାସ ପାଇଛି ।

**କ୍ୟାବିନେଟ୍ ନିଷ୍ପତ୍ତି**

● ଘରୋଇ ଏଲପିଜି ବାବଦ କ୍ଷତି ଭରଣା

## ତୈଳବିପଣନ କମ୍ପାନୀଙ୍କୁ ମିଳିବ ୩୦ ହଜାର କୋଟି

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଘରୋଇ ଏଲପିଜି ବିକ୍ରିରେ ହୋଇଥିବା କ୍ଷତି ପାଇଁ ଦେଶର ୩ଟି ରାଷ୍ଟ୍ରାୟତ୍ତ ତୈଳ ବିପଣନ କମ୍ପାନୀ (ଆଇଓସିଏଲ, ବିପିସିଏଲ ଏବଂ ଏଚପିସିଏଲ) କୁ ୩୦ ହଜାର କୋଟି ଟଙ୍କା ଦେବେ କେନ୍ଦ୍ର ସରକାର । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟ ବୈଠକରେ ଏ ସମ୍ପର୍କରେ ନିଷ୍ପତ୍ତି ନିଆଯାଇଛି । ପେଟ୍ରୋଲିୟମ ଏବଂ ପ୍ରାକୃତିକ ଗ୍ୟାସ ମନ୍ତ୍ରଣାଳୟ ଏହି କ୍ଷତିପୂରଣ ଅର୍ଥ ରାଶିକୁ ତୈଳ ବିପଣନ କମ୍ପାନୀଗୁଡ଼ିକ ମଧ୍ୟରେ ବିତରଣ କରିବ । କ୍ଷତିପୂରଣ ୧୨ଟି ପର୍ଯ୍ୟାୟରେ ପ୍ରଦାନ କରାଯିବ । ରାଷ୍ଟ୍ରାୟତ୍ତ ତୈଳ ବିପଣନ କମ୍ପାନୀ ଆଇଓସିଏଲ, ବିପିସିଏଲ ଏବଂ ଏଚପିସିଏଲ ନିୟନ୍ତ୍ରିତ ମୂଲ୍ୟରେ ଉପଭୋକ୍ତାମାନଙ୍କୁ ଘରୋଇ ଏଲପିଜି ସିଲିଣ୍ଡର ଯୋଗାଇ ଦିଅନ୍ତି । ୨୦୨୪-୨୫ରେ ଏଲପିଜିର ଅନ୍ତର୍ଜାତୀୟ ମୂଲ୍ୟ ଉଚ୍ଚ ସ୍ତରରେ ରହିଥିଲା ଏବଂ ବର୍ତ୍ତମାନ ମଧ୍ୟ ଏହା ଉଚ୍ଚ ରହିଛି । ତଥାପି, ଅନ୍ତର୍ଜାତୀୟ ଏଲପିଜି ମୂଲ୍ୟରେ ଅସ୍ଥିରତାରୁ ଉପଭୋକ୍ତାମାନଙ୍କୁ ରକ୍ଷା କରିବା ପାଇଁ ମୂଲ୍ୟ ବୃଦ୍ଧିର ପ୍ରଭାବ ଘରୋଇ ଏଲପିଜିର ଉପଭୋକ୍ତାଙ୍କ ଉପରେ ପଡ଼ିବାକୁ ଦିଆଯାଇ ନ ଥିଲା ।

## ଉଜ୍ଜ୍ୱଳା ହିତାଧିକାରୀଙ୍କୁ ୩୦୦ ଟଙ୍କାର ସବ୍‌ସିଡି

**ତେଲ କମ୍ପାନୀଙ୍କୁ ସରକାର ଦେବେ ୩୦୦ କୋଟି**

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ୨୦୨୫-୨୬ ଆର୍ଥିକବର୍ଷରେ ପ୍ରଧାନମନ୍ତ୍ରୀ ଉଜ୍ଜ୍ୱଳା ଯୋଜନାର ହିତାଧିକାରୀଙ୍କ ପାଇଁ ସବ୍‌ସିଡି ସୁବିଧା ଜାରି ରହିବ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ କେନ୍ଦ୍ର କ୍ୟାବିନେଟ ବୈଠକରେ ଆଜି ଏହି ପ୍ରସ୍ତାବକୁ ମଞ୍ଜୁରୀ ମିଳିଛି । ଏହି ଯୋଜନାରେ ହିତାଧିକାରୀଙ୍କୁ ୧୪.୨ କିଲୋଗ୍ରାମ ସିଲିଣ୍ଡର ପିଛା ୩୦୦ ଟଙ୍କାର ସବ୍‌ସିଡି ପ୍ରଦାନ କରାଯାଇଥାଏ । ଜଣେ ହିତାଧିକାରୀ ବାର୍ଷିକ ୯ଟି ସିଲିଣ୍ଡର ପର୍ଯ୍ୟନ୍ତ ଏହି ସବସିଡି ପାଇପାରିବେ । ସାରା ଦେଶରେ ଗରିବ ପରିବାରର ମହିଳାମାନଙ୍କୁ ମାଗଣା ଏଲପିଜି ସଂଯୋଗ ଦେବାର ଲକ୍ଷ୍ୟ ନେଇ ୨୦୧୬ ମେ' ମାସରେ ପ୍ରଧାନମନ୍ତ୍ରୀ ଉଜ୍ଜ୍ୱଳା ଯୋଜନା (ପିଏମୟୁୱାଇ)ର ଶୁଭାରମ୍ଭ କରାଯାଇଥିଲା । ଜୁଲାଇ ପହିଲା ୨୦୨୫ ସୁଦ୍ଧା ଏହି ଯୋଜନାର ମୋଟ୍ ୧୦.୩୩ କୋଟି ହିତାଧିକାରୀ ରହିଛନ୍ତି ।

**ଜାତୀୟ ହସ୍ତତନ୍ତ ଦିବସ ଓ ରକ୍ଷା ବନ୍ଧନ**

## ଅରୁନ୍ଧତୀ ଗ୍ରୁପ ତରଫରୁ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

ଭୁବନେଶ୍ୱର,୮।୮ (ସମିସ)



ଅରୁନ୍ଧତୀ ବାନ୍ଧକଳା ପକ୍ଷରୁ ଜାତୀୟ ହସ୍ତତନ୍ତ ଦିବସ ଓ ରକ୍ଷାବନ୍ଧନ ଉପଲକ୍ଷେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଏହାର ଭୁବନେଶ୍ୱର ଶାଖାଠାରେ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଏନ୍‌ଆଇଏଫ୍‌ଟି ନିର୍ଦ୍ଦେଶକ ରାଜେଶ ଝା ମୁଖ୍ୟ ଅତିଥି,ବିଶିଷ୍ଟ ସମାଜସେବୀ ମୀରା ପରିଡା ଓ ଅନୁଶ୍ରୀ ଦାଶ ସମ୍ମାନିତ ଅତିଥ୍ୟ ଭାବେ ଯୋଗଦେଇଥିଲେ । ଏହି ଅବସରରେ ଅତିଥିମାନେ ଅରୁନ୍ଧତୀ ବାନ୍ଧକଳା ଜନପଥଠାରେ ନୂଆ ହସ୍ତତନ୍ତ ମେସିନକୁ ଉନ୍ମୋଚନ କରିବା ସହ ବସ୍ତ୍ରବୁଣା ପଦ୍ଧତିକୁ ଅବଲୋକନ କରି ଉପସ୍ଥିତ ବୁଣାକାରମାନଙ୍କ ସହ ବିଚାରବିମର୍ଶ କରିଥିଲେ ।

ସମାନ୍ତରାଳ ଭାବେ ଅରୁନ୍ଧତୀ ଜୁଏଲର୍ସ ତରଫରୁ ପ୍ରାକୃତିକ ହୀରାଗହଣାକୁ ନେଇ ଏକ ନୂତନ ସାଧରଣୀକରଣ 'ମାଇଁ ଷ୍ଟୋରୀ ମାଇଁ ଡାଏମଣ୍ଡସ୍' କୁ ଏହି ଅବସରରେ ଉନ୍ମୋଚନ କରାଯାଇଥିଲା । ଏହା ମାଧ୍ୟମରେ ଗ୍ରାହକଙ୍କ ନିମନ୍ତେ ପ୍ରସ୍ତୁତ ସ୍ୱତନ୍ତ୍ର ୧୦୦୦ରୁ ଉର୍ଦ୍ଧ୍ୱ ହୀରାଗହଣାର ଡିଜାଇନ ଅରୁନ୍ଧତୀର ସମସ୍ତ ଶାଖାମାନଙ୍କରେ ଆକର୍ଷଣୀୟ ଅଫର ମାଧ୍ୟମରେ ଉପଲବ୍ଧ କରାଯାଇଛି ଅରୁନ୍ଧତୀର ସମସ୍ତ ଶାଖାରେ ଉପଲବ୍ଧ ଡାଏମଣ୍ଡ ଚେକିଂ ମେସିନ୍ ମାଧ୍ୟମରେ ଗ୍ରାହକମାନେ ହୀରାର ମାନକୁ ପରୀକ୍ଷଣ କରାଇପାରିବା ସହ ପ୍ରକୃତ ହୀରା ବିଷୟରେ ଜାଣି ପାରିବେ, ଯାହା ହୀରାଗହଣା କ୍ରୟ କ୍ଷେତ୍ରରେ ଏକ ଆଧୁନିକ ବିଶ୍ୱାସଭରା ସେବା ଯୋଗାଇଦେଇପାରିବ । ଏହି ଅବସରରେ ଅରୁନ୍ଧତୀ ଗ୍ରୁପର ପରିଚାଳନା ନିର୍ଦ୍ଦେଶକ ବ୍ରହ୍ମାନନ୍ଦ ମେହେର ଉପସ୍ଥିତ ଅତିଥିମାନଙ୍କୁ ସାଧୁବାଦ ଜଣାଇବା ସହ ନିଜ ଅଭିଭାଷଣରେ ଅରୁନ୍ଧତୀ ବାନ୍ଧକଳା, ଓଡିଶା ହସ୍ତତନ୍ତ ଓ ବୁଣାକାର ସମ୍ପ୍ରଦାୟର ସମନ୍ୱିତ ବିକାଶ ଦିଗରେ କାର୍ଯ୍ୟ କରିବା ସହ ଗ୍ରାହକମାନଙ୍କ ନିମନ୍ତେ ସମସ୍ତ ପ୍ରକାର ସମ୍ବଲପୁରୀ ହାଣ୍ଡଲୁମ ସୁଲଭ ମୂଲ୍ୟରେ ଯୋଗାଇଦେବା ସମ୍ବନ୍ଧରେ ପ୍ରକାଶ କରିଥିଲେ । ଉଲ୍ଲେଖଯୋଗ୍ୟ ବର୍ତ୍ତମାନର ବନ୍ଧନ ଅଫରରେ ଅରୁନ୍ଧତୀ ଦ୍ୱାରା ସମ୍ବଲପୁରୀ ବାନ୍ଧକଳାରେ ପ୍ରସ୍ତୁତ ସ୍ୱତନ୍ତ୍ର ହାଣ୍ଡଲୁମ ଉପରେ ଫ୍ଲାଟ ୧୫% + ୫% ର ପ୍ରିଭିଲେଜ୍ ଡିସ୍‌କାଉଣ୍ଟ ରହିଛି । ସେହିଭଳି ଉଲ୍ଲେଖ୍ ଅଫରରେ ବନ୍ଧନ ଲଞ୍ଚ କରାଯାଇଛି, ଯେଉଁଥିରେ ଜିରୋ ପେମେଣ୍ଟରେ କ୍ରୟ ଯୋଜନା ଖୋଲିପାରିବାର ସୁଯୋଗ ପ୍ରଦାନ କରାଯାଉଛି । ହୀରାଗହଣାର ପ୍ରତି କ୍ୟାରେଟ ହୀରାମୂଲ୍ୟରେ ୨୦,୦୦୦ ଟଙ୍କା ଫ୍ଲାଟ୍ ରିଆତି ସହ ମାଗଣା ସୁନା କଏନ୍ ପ୍ରଦାନ କରାଯାଉଛି । ଏହାସହିତ ପ୍ରିମିୟମ୍ ରେଞ୍ଜର ସୁନାଗହଣାର ଗଢ଼ାମଜୁରୀରେ ଫ୍ଲାଟ ୫୦% ରିଆତି ଭଳି ଆକର୍ଷଣୀୟ ଅଫର ସୀମିତ ଅବଧି ପାଇଁ ଉପଲବ୍ଧ ।

## ମାଲାବାର ଗୋଲ୍ଡ ପକ୍ଷରୁ 'ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ'




ଭୁବନେଶ୍ୱର,୮।୮ (ସମିସ)

ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ ପକ୍ଷରୁ ଏହାର ଭୁବନେଶ୍ୱର ସହିଦ ନଗରସ୍ଥିତ ଶୋ'ରୁମ୍‌ଠାରେ ଏକ' ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ' ଅନୁଷ୍ଠିତ ହୋଇଯାଇଛି । ଏହି ପ୍ରଦର୍ଶନୀକୁ ମୁଖ୍ୟ ଅତିଥି ଭାବେ ମିସେସ୍ ଗ୍ରାଣ୍ଡ ଇଣ୍ଟର ନ୍ୟାସନାଲ ୨୦୨୩-୨୪ ଡକ୍ଟର ସାଇପ୍ରସନ୍ନ ବେହେରା ଉଦଘାଟନ କରିଛନ୍ତି । ଏହି ଅବସରରେ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍‌ର ପରିଚାଳନାଟିମ୍, ବିଶିଷ୍ଟ ଅତିଥି ଏବଂ ଶୁଭେଚ୍ଛୁଙ୍କ ଉପସ୍ଥିତିରେ ଉଦଘାଟନ କରିଛନ୍ତି । ଏହି ' ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ' ହେଉଛି ସୁନା, ମାଇନ୍ ଡାଏମଣ୍ଡ, ଅନ୍‌କଟ୍ ହୀରା ଏବଂ ମୂଲ୍ୟବାନ ରତ୍ନ ପଥର ଅଳଙ୍କାରର ଏକ ସ୍ୱତନ୍ତ୍ର ପ୍ରଦର୍ଶନୀ ଏବଂ ବିକ୍ରି । ଏଥିରେ ପ୍ରଦର୍ଶନ ହେବାକୁ ଥିବା କାଳଜୟୀ ସୌନ୍ଦର୍ଯ୍ୟ ଥିବା ବୈଶିଷ୍ଟ୍ୟଯୁକ୍ତ ଅଳଙ୍କାରଗୁଡ଼ିକ ହେଉଛି ମାଷ୍ଟର କାରିଗରଙ୍କର ସୃଷ୍ଟି । ଏହି ଅଳଙ୍କାରଗୁଡ଼ିକ ସେମାନଙ୍କର ବିଶେଷଜ୍ଞତା ଏବଂ ଚତୁର ଦକ୍ଷତାର ଉଜ୍ଜ୍ୱଳ ଉଦାହରଣ । ଏଥିରେ ମାଇନ୍-ଡାଇମଣ୍ଡସ୍,ଏରା- ଅନ୍‌କଟ୍ ହୀରା ଅଳଙ୍କାର, ପ୍ରିସିଆ - ମୂଲ୍ୟବାନ ରତ୍ନ ଅଳଙ୍କାରର ସ୍ୱତନ୍ତ୍ର ବ୍ରାଣ୍ଡଗୁଡ଼ିକ ପ୍ରଦର୍ଶିତ ହୋଇଛି । ଏହି ଶୋ' ଅଗଷ୍ଟ ୮ରୁ ୧୭ ତାରିଖ ପର୍ଯ୍ୟନ୍ତ ଚାଲିବ । ଏହି ସମୟରେ ଗ୍ରାହକମାନେ ସମସ୍ତ ସୁନା, ଅନ୍‌କଟ୍ ଏବଂ ରତ୍ନପଥର ଉପରେ ଫ୍ଲାଟ୍ ୩୦% ଅଫର ପାଇପାରିବେ । ସେହିପରି ହୀରା ମୂଲ୍ୟ ଉପରେ ୩୦% ପର୍ଯ୍ୟନ୍ତ ରିଆତି ରହିଛି ।

## ଏପିବି ଇଣ୍ଟରନ୍ୟାସନାଲ ସ୍କୁଲରେ ନିଃଶୁଳ୍କ ସ୍ୱାସ୍ଥ୍ୟ ଶିବିର

କଟକ,୮।୮ (ସମିସ)




ବିଦ୍ୟାଳୟରେ ଅଧ୍ୟୟନ ସାଙ୍ଗକୁ ଛାତ୍ର ଛାତ୍ରୀମାନଙ୍କ ସ୍ୱାସ୍ଥ୍ୟର ଯତ୍ନ ନେବା ହେଉଛି ଶିକ୍ଷକ ଶିକ୍ଷୟତ୍ରୀମାନଙ୍କ ଦାୟିତ୍ୱ । ଏହା ଦାୟିତ୍ୱକୁ ପ୍ରାଧାନ୍ୟ ଦେଇ ଆସୁଛି ସିଡିଏ ସେକ୍ଟର-୭ ସ୍ଥିତ ଏପିବି ଇଣ୍ଟରନ୍ୟାସନାଲ ସ୍କୁଲ । ଏହି ପରିପ୍ରେକ୍ଷୀରେ ବିଦ୍ୟାଳୟର ନିଜସ୍ୱ ପରିସରରେ ରୋଟାରୀ କ୍ଲବ ସହଯୋଗରେ ଛାତ୍ର ଛାତ୍ରୀମାନଙ୍କର ନିଃଶୁଳ୍କ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର ଆୟୋଜିତ ହୋଇଥିଲା । କଟକର ବିଶେଷଜ୍ଞ ଚିକିତ୍ସକମାନେ ଶିବିରରେ ଯୋଗ ଦେଇ ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ସହ ଆବଶ୍ୟକୀୟ ଚିକିତ୍ସା ନିମନ୍ତେ ବିଦ୍ୟାର୍ଥୀ ମାନଙ୍କୁ ପରାମର୍ଶ ଦେଇଥିଲେ । ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ କାନ, ନାକ, ଦାନ୍ତ ଓ ଚକ୍ଷୁ ପରୀକ୍ଷା କରାଯାଇଥିଲା । ପ୍ରଧାନ ଶିକ୍ଷୟିତ୍ରୀ ଚୌଧୁରୀ ପ୍ରଜ୍ଞା ମିଶ୍ରଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଶିବିର ଆୟୋଜିତ ହୋଇଥିଲା ।

ରୋଟାରୀ କ୍ଲବର ସହଯୋଗ ପାଇଁ ସଭାପତି ଏବଂ କ୍ଲବର୍ ସଦସ୍ୟଙ୍କୁ ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତୀ ମିଶ୍ର କୃତଜ୍ଞତା ଜଣାଇଥିଲେ । ସ୍କୁଲର ଏଭଳି ପ୍ରୟାସକୁ ଅଭିଭାବକ ମହଲରୁ ପ୍ରଶଂସା କରାଯାଇଛି ।

## ମାନସିକ ସ୍ୱାସ୍ଥ୍ୟ ସମ୍ପର୍କିତ ରାଜ୍ୟସ୍ତରୀୟ କର୍ମଶାଳା

ଭୁବନେଶ୍ୱର,୮ ।୮ (ସମିସ): ମାନସିକ ସ୍ୱାସ୍ଥ୍ୟ ସମ୍ପର୍କିତ ରାଜ୍ୟସ୍ତରୀୟ କର୍ମଶାଳା ଏବଂ ବିକାଶ କାର୍ଯ୍ୟକ୍ରମ ସ୍ୱାସ୍ଥ୍ୟ ବିଭାଗ ଓ ବାଙ୍ଗାଲୋରର ବେସିକ୍ ନିଡ୍‌ସ ଇଣ୍ଡିଆର ମିଳିତ ପ୍ରୟାସରେ ଅନୁଷ୍ଠିତ ହୋଇଯାଇଛି । ସମ୍ମିଳନୀର ମୁଖ୍ୟ ଅତିଥି ଡାକ୍ତର ମୁକେଶ ମହାଲିଙ୍ଗ କହିଥିଲେ, ମନୁଷ୍ୟ ଅଧିକ ଦିନ ଧରି ମାନସିକ ଚାପରେ ରହିଲେ, ତାହା ମାନସିକ ଅସୁସ୍ଥତା ଆଡ଼କୁ ଗତି କରିଥାଏ । ଏହାର ସଠିକ୍ ପରିଚାଳନା କରିବାକୁ ହେଲେ ଚାପରେ ରହୁଥିବା ସମୟରେ ବ୍ୟବହାରରେ ସକରାତ୍ମକ ଚିନ୍ତା ଆଣିବାକୁ ପଡ଼ିବ । ମାନସିକ ସ୍ୱାସ୍ଥ୍ୟର ଗୁରୁତ୍ୱ ବିଷୟରେ ଲୋକଙ୍କୁ ସଚେତନ କରିବା ସହ ମାନସିକ ବିକାର, ଛୋଟ ପିଲାଙ୍କ ମାନସିକ ଚାପକୁ କିପରି ନିୟନ୍ତ୍ରଣ କରିହେବ ସେ ସମ୍ପର୍କରେ ବିସ୍ତୃତ ଆଲୋଚନା ହୋଇଥିଲା । ବଲାଙ୍ଗିର, ବରଗଡ଼, ଅନୁଗୋଳ, ସୁବର୍ଣ୍ଣପୁର ଏବଂ କନ୍ଧମାଳ ଜିଲ୍ଲାରୁ ଆସିଥିବା ମାନସିକ ରୋଗ ଏବଂ ମାନସିକ ବିଷାଦରୁ ମୁକ୍ତ ହୋଇଥିବା ବ୍ୟକ୍ତିବିଶେଷ ଏ ବାବଦରେ ବୁଝାଇବା ସହ ସେଥିରୁ ମୁକୁଳିବା ପାଇଁ ନିଜର ଚିନ୍ତାଧାରାକୁ ସକାରାତ୍ମକ କରିବା ଏବଂ ମନ ଭିତରକୁ ପ୍ରବେଶ କରୁଥିବା ନକାରାତ୍ମକ ଚିନ୍ତାଧାରାକୁ ଦୂରେଇ ମାନସିକ ଚାପରୁ ମୁକୁଳିବାର ଉପାୟମାନ ପ୍ରଦାନ କରାଯାଇଥିଲା । ବୈଠକରେ ସ୍ୱତନ୍ତ୍ର ସଚିବ ଡା. ଜିତେନ୍ଦ୍ର ମୋହନ ବେବୋର୍ଥା, ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ବ୍ରତାତି ହରିଚନ୍ଦନ, ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡା. ନୀଳକଣ୍ଠ ମିଶ୍ର, ସ୍ୱାସ୍ଥ୍ୟ ସେବା ନିର୍ଦ୍ଦେଶକ ଡା. ଅମରେନ୍ଦ୍ର ନାଥ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ ।

## ଓଡ଼ିଶା ବିଧାନସଭାର ନୂତନ ୱେବ୍‌ସାଇଟ୍ ଉନ୍ମୋଚିତ

ଭୁବନେଶ୍ୱର,୮।୮ (ସମିସ)

ଓଡ଼ିଶା ବିଧାନସଭାର ନୂତନ ୱେବ୍‌ସାଇଟ୍‌କୁ ଶୁକ୍ରବାର ବାଚସ୍ପତି ସୁରମା ପାଢ଼ୀ ଉନ୍ମୋଚନ କରିଛନ୍ତି । ଓଡ଼ିଶା ସରକାରଙ୍କ ଆଇଟି ଓ ଇଟି ବିଭାଗ ଏବଂ ଭାରତ ସରକାରଙ୍କ ଏନ୍‌ଆଇସିର ବୈଷୟିକ ପରାମର୍ଶରେ ବିକଶିତ ହୋଇଥିବା ଏହି ନୂତନ ୱେବ୍‌ସାଇଟ୍ ବିଧାନସଭା କାର୍ଯ୍ୟଧାରାକୁ ଜନସାଧାରଣଙ୍କ ପାଇଁ ଅଧିକ ସୁଗମ ଏବଂ ସ୍ୱଚ୍ଛ କରିବାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ । ଏହା ନାଗରିକମାନଙ୍କୁ ବିଧାନସଭାର କାର୍ଯ୍ୟକଳାପ, ନିଷ୍ପତ୍ତି ଏବଂ ପଦକ୍ଷେପ ବିଷୟରେ ସଠିକ୍ ଏବଂ ସବିଶେଷ ସୂଚନା ପ୍ରଦାନ କରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ ପ୍ରକାଶ କରିଛନ୍ତି ।

ଆସନ୍ତା ୨୯ ଓ ୩୦ ତାରିଖ ଦୁଇଦିନ ଧରି ଭୁବନେଶ୍ୱରରେ ଜାତୀୟ ସ୍ତରର ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ କମିଟିର ଅଧ୍ୟକ୍ଷମାନଙ୍କ ସମ୍ମିଳନୀ ଆୟୋଜିତ ହେବ । ଉକ୍ତ ସମ୍ମିଳନୀରେ ଲୋକସଭାର ବାଚସ୍ପତି ଓ ରାଜ୍ୟସଭାର ଉପାଧ୍ୟକ୍ଷ ଏବଂ ସଂସଦର ଉଭୟ ଗୃହ ଓ ସମସ୍ତ ରାଜ୍ୟ ତଥା କେନ୍ଦ୍ର ଶାସିତ ଅଞ୍ଚଳର ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ କମିଟିମାନଙ୍କର ଅଧ୍ୟକ୍ଷ ଓ ସଦସ୍ୟମାନେ ଯୋଗଦେବେ । ଅତିଥିମାନେ ଏହି ନୂତନ ୱେବ୍‌ସାଇଟ୍‌ରେ ପାର୍ଲାମେଣ୍ଟ ଦ୍ୱାରା ପ୍ରଦତ୍ତ ଲିଙ୍କ୍‌ରେ ରେଜିଷ୍ଟ୍ରେସନ୍ କରିବାର ସୁବିଧା ପାଇବେ ବୋଲି ବାଚସ୍ପତି କହିଛନ୍ତି । ଏହି ଅବସରରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶକ୍ତି ବିଭାଗର ପ୍ରମୁଖ ଶାସନ ସଚିବ ବିଶାଲ୍ ଦେବ, ବିଧାନସଭା ସଚିବ ସତ୍ୟବ୍ରତ ରାଉତ, ଓକାକ୍‌ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଦୀପ ରାଉତ, ସଂସଦୀୟ ବ୍ୟାପାର ବିଭାଗର ଅତିରିକ୍ତ ସଚିବ ଦୁର୍ଗେଶ ନନ୍ଦିନୀ ସାହୁ ପ୍ରମୁଖ ଉପସ୍ଥିତ ଥିଲେ ।

## ରାଇରଙ୍ଗପୁର ପୁଲିସ୍ ଜିଲ୍ଲା ପାଇଁ ୪୦ ପଦବୀ ସୃଷ୍ଟି

ରାଇରଙ୍ଗପୁର, ୮।୮ (ସମିସ): ନବଗଠିତ ରାଇରଙ୍ଗପୁର ପୁଲିସ୍ ଜିଲ୍ଲା ପାଇଁ ଗୃହ ବିଭାଗ ପକ୍ଷରୁ ଗତ ୬ ତାରିଖରେ ବିଧିବଦ୍ଧ ବିଜ୍ଞପ୍ତି ପ୍ରକାଶ ପାଇଛି । ମୟୂରଭଞ୍ଜରୁ ପୃଥକ କରାଯାଇ ରାଇରଙ୍ଗପୁର ପୁଲିସ ଜିଲ୍ଲା ଗଠନ ସହ ମୋଟ ୪୦ଟି ନୂତନ ପଦବୀ ସୃଷ୍ଟି କରାଯାଇଛି । ପୂର୍ବରୁ ରହିଥିବା ୨୦ଟି ପଦବୀର ପୁନଃବଣ୍ଟନ କରାଯିବ । ସମସ୍ତ ପଦବୀର ଦରମା ଏବଂ ଅନ୍ୟାନ୍ୟ ଭତ୍ତା ସରକାରଙ୍କ ଦ୍ୱାରା ଅନୁମୋଦିତ ହାରରେ ପ୍ରଯୁଜ୍ୟ ହେବ । ଏହି ୪୦ଟି ନୂତନ ପଦ ମଧ୍ୟରୁ ୭ଟି ଗ୍ରୁପ୍-ଡି ପଦବୀ ଯଥା ୨ଟି ରୋଷେୟା, ୨ଟି ଝାଡୁଦାର, ୧ଟି ନାପିତ ଏବଂ ୨ଟି ଧୋବା ପଦବୀ ଆଉଟସୋର୍ସିଂ ମାଧ୍ୟମରେ ପୂରଣ କରାଯିବ ।

ବିଜ୍ଞପ୍ତି ଅନୁଯାୟୀ, ରାଇରଙ୍ଗପୁର ପୁଲିସ ଜିଲ୍ଲାକୁ ଦୁଇଟି ପୁଲିସ ଉପଖଣ୍ଡ ଭାବେ ରାଇରଙ୍ଗପୁର ଏବଂ କରଞ୍ଜିଆକୁ ବିଭକ୍ତ କରାଯାଇଛି । ଏହା ଅଧୀନରେ ୧୪ଟି ଥାନା ରହିବ । ରାଇରଙ୍ଗପୁର ପୁଲିସ୍ ଉପଖଣ୍ଡରେ ରାଇରଙ୍ଗପୁର, ରାଇରଙ୍ଗପୁର ଟାଉନ୍, ବାଦାମପାହାଡ଼, ଗୋରୁମାହିଷାଣୀ, ବିଶୋଇ, ତିରିଂ, ବହଳଦା ଏବଂ ଜାମଦା ଥାନା ରହିବ । ସେହିପରି କରଞ୍ଜିଆ ପୁଲିସ୍ ଉପଖଣ୍ଡରେ କରଞ୍ଜିଆ, ଠାକୁରମୁଣ୍ଡା, ମହୁଲଡିହା, ରଇଁଆ, ଘାଘରବେଡା ଏବଂ ଯଶିପୁର ଥାନା ରହିବ ।

**ଛାତ୍ରୀ ଓ ମହିଳା ସୁରକ୍ଷା ପ୍ରସଙ୍ଗ**

## ରାଜ୍ୟବ୍ୟାପୀ ଆନ୍ଦୋଳନ ସଫଳ ହୋଇଛି: ଯୁବ ଓ ଛାତ୍ର ବିଜେଡି

ଭୁବନେଶ୍ୱର,୮।୮ (ସମିସ)

ରାଜ୍ୟର ବିଭିନ୍ନ ଅଞ୍ଚଳରେ ଘଟୁଥିବା ଛାତ୍ରୀ ଓ ମହିଳା ନିର୍ଯାତନା ଘଟଣା ପ୍ରତିବାଦରେ ବିଜୁ ଯୁବ ଓ ଛାତ୍ର ଜନତା ଦଳର ପୂର୍ବଘୋଷିତ କାର୍ଯ୍ୟକ୍ରମ ଆଧାରରେ ଅଗଷ୍ଟ ୧ରୁ ୮ ତାରିଖ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ଆନ୍ଦୋଳନ ସଫଳ ହୋଇଛି ବୋଲି ବିଜେଡି କହିଛି । ଏହି ଅଭିଯାନର ଶେଷ ଦିନରେ ରାଜ୍ୟର ସମସ୍ତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀମାନେ ରାଜରାସ୍ତାକୁ ଓହ୍ଲାଇଥିଲେ । ଉପଯୁକ୍ତ ପୁଲିସ୍ କାର୍ଯ୍ୟାନୁଷ୍ଠାନ ଦାବିରେ ପୁଲିସ୍ ଡିଜିଙ୍କ ଉଦ୍ଦେଶ୍ୟରେ ନିକଟସ୍ଥ ଥାନା ଓ ଏସପି ଅଫିସରେ ସ୍ମାରକପତ୍ର ପ୍ରଦାନ କରିଥିଲେ । ବିଜେପି ସରକାରରେ ଗତ ୧୩ ମାସ ମଧ୍ୟରେ ରାଜ୍ୟରେ ଘଟିଥିବା ପ୍ରମୁଖ ଛାତ୍ରୀ ଓ ମହିଳା ନିର୍ଯାତନା ଘଟଣାମାନ କେବଳ ମହିଳାଙ୍କ ସୁରକ୍ଷା ଉପରେ ନୁହେଁ; ବରଂ ଆଇନ ଓ ଶାସନ ବ୍ୟବସ୍ଥା ଉପରେ ମଧ୍ୟ ପ୍ରଶ୍ନ ଉଠାଇଛି । ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀଙ୍କୁ ନ୍ୟାୟ ପ୍ରଦାନ, ଗୋପାଳପୁର ବିଚ୍‌ରେ କଲେଜ ଛାତ୍ରୀଙ୍କୁ ଗଣଦୁଷ୍କର୍ମ, ପୁରୀ ଜିଲ୍ଲା ବଳଙ୍ଗାରେ ନାବାଳିକାକୁ ଜିଅନ୍ତା ଜାଳି ଦିଆଯିବା ସହ ରାଜ୍ୟର ବିଭିନ୍ନ ଅଞ୍ଚଳରେ ଘଟୁଥିବା ଛାତ୍ରୀ ଓ ମହିଳା ବିରୋଧୀ ଘଟଣାର ପ୍ରତିବାଦରେ ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ଡକରା ଦିଆଯାଇଥିବା ଏହି ଆନ୍ଦୋଳନକୁ ବିପୁଳ ସମର୍ଥନ ମିଳିଛି । ସମସ୍ତ କ୍ୟାମ୍ପସର ଛାତ୍ରଛାତ୍ରୀଙ୍କ ସହିତ ସଂଗଠନର ରାଜ୍ୟ କର୍ମକର୍ତ୍ତା ଏବଂ ଜିଲ୍ଲା କର୍ମକର୍ତ୍ତାଙ୍କ ଅକ୍ଲାନ୍ତ ପରିଶ୍ରମରେ ଆନ୍ଦୋଳନ ସଫଳ ହୋଇଥିବାରୁ ସମସ୍ତଙ୍କୁ ଦଳର ବରିଷ୍ଠ ସାଧାରଣ ସମ୍ପାଦକ ତଥା ବିଧାୟକ ବ୍ୟୋମକେଶ ରାୟ ଓ ବିଧାୟକ ଦେବୀ ରଂଜନ ତ୍ରିପାଠୀ ଧନ୍ୟବାଦ ଜଣାଇଛନ୍ତି ।



## ଆଜିର ରାଶିଫଳ

**ମେଷ:** ସନ୍ତାନଙ୍କ ପ୍ରଗତିରେ ଅଭିଭାବକ ଖୁସି ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନୂତନ ଜମି କ୍ରୟ କରିପାରନ୍ତି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ବୃଷ:** ଅଟକି ରହିଥିବା କାର୍ଯ୍ୟ ପୂରା ହୋଇପାରେ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ବହୁତ ଭଲ। ବିଦ୍ୟାର୍ଥୀମାନେ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ମହିଳାମାନେ ପୂଜାର୍ଚ୍ଚନାରେ ବ୍ୟସ୍ତ ରହିବେ।

**ମିଥୁନ:** କୌଣସି କ୍ଷେତ୍ରରୁ ଆଘାତ ପାଇପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ବିଦ୍ୟାର୍ଥୀମାନେ ପ୍ରତିଯୋଗିତାମୂଳକ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ। ପଡୋଶୀଙ୍କ ସହ ସୁସମ୍ପର୍କ ରହିବ।

**ସିଂହ:** ଶତ୍ରୁଙ୍କୁ ଦୁର୍ବଳ ମନେ କରନ୍ତୁନି। ଅଟକି ଥିବା କାର୍ଯ୍ୟ ସମାପନ ହେବ। ବିଦ୍ୟାର୍ଥୀମାନେ ଖେଳମନସ୍କ ହେବେ। ବ୍ୟବସାୟ ଦୃଷ୍ଟିରୁ ଦିନଟି ବହୁତ ଭଲ। ମହିଳାମାନେ ଘରକାର୍ଯ୍ୟରେ ବ୍ୟସ୍ତ ରହିବେ।

**କର୍କଟ:** ଜୀବନସାଥୀଙ୍କ ସାନ୍ନିଧ୍ୟ ମିଳିବ। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପରିବାରବର୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ସକାରାତ୍ମକ ଚିନ୍ତାଧାରା ନେଇ ଆଗକୁ ବଢ଼ିବେ।

**କନ୍ୟା:** ପ୍ରେମ ବ୍ୟାପାରରେ ସମସ୍ୟା ଦେଖାଦେବ। ଗୁରୁଜନଙ୍କ ପରାମର୍ଶ ନେଇ ନୂତନ କାର୍ଯ୍ୟରେ ଯୋଗ ଦିଅନ୍ତୁ। ପିଲାମାନେ ଖେଳକୁଦରେ ସମୟ ବିତାଇବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ତୁଳା:** ଭୂମି, ଯାନବାହନ କିଣିବାର ଅଧିକ ସମ୍ଭାବନା ରହିଛି। ଅଭିଭାବକମାନେ ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପ୍ରତିକୂଳ ପରିସ୍ଥିତିରେ ଧୈର୍ଯ୍ୟହରା ହୁଅନ୍ତୁନି।

**ବିଛା:** ସ୍ୱାସ୍ଥ୍ୟ ଭଲ ରହିବ। ସନ୍ତାନଙ୍କ ଖୁସିରେ ଖୁସି ହେବେ। ଅଚାନକ ଖୁସି ଖବର ମିଳିବ। ବିଦ୍ୟାର୍ଥୀ ପରୀକ୍ଷାରେ କୃତକାର୍ଯ୍ୟ ହେବ। ମହିଳାମାନଙ୍କୁ ମୁଖ୍ୟ ଦାୟିତ୍ୱ ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ଧନୁ:** ସୃଜନାଶୀଳତା ବୃଦ୍ଧି ପାଇବ। ଅଧିକ ଖର୍ଚ୍ଚାନ୍ତ ହେବେ। ପ୍ରେମ ବ୍ୟାପାରରେ ସଫଳ ହେବେ।ସନ୍ତାନଙ୍କ କ୍ୟାରିୟରକୁ ନେଇ ଅଭିଭାବକ ଚିନ୍ତାରେ ରହିବେ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ।

**ମକର:** ସରକାରୀ ଚାକିରିଆଙ୍କ ପାଇଁ ଆଜି ଦିନଟି ବହୁତ ଭଲ। ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ାପ୍ରତି ଅଧିକ ଧ୍ୟାନ ଦେବେ। ପୁରୁଣା ନିବେଶରୁ ଲାଭ ମିଳିବ।

**କୁମ୍ଭ:** ଅଚାନକ ମନ ଭିତରେ ପରିବର୍ତ୍ତନ ଆସିବ। ଆର୍ଥିକ ସମସ୍ୟା ରହିବନି। ଭଗବାନଙ୍କ ପୂଜାର୍ଚ୍ଚନା କରନ୍ତୁ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂଆ ବ୍ୟବସାୟ ଆରମ୍ଭ କରିପାରନ୍ତି।

**ମୀନ:** ଜମି କିଣାବିକା ଯୋଗ ରହିଛି। ଅଧିକ ଲାଭ ପାଇବା ଆଶାରେ ଭୁଲ୍ କରନ୍ତୁନି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ। ପ୍ରେମିକା-ପ୍ରେମିକଙ୍କ ପାଇଁ ଦିନଟି ଭଲ।

## ଆଜିର ଇତିହାସ

- ୧୮୩୧- ଆମେରିକାରେ ପ୍ରଥମ ଥର ବାଷ୍ପଚାଳିତ ଇଞ୍ଜିନ୍ ଚାଲିଲା।
- ୧୮୯୨- ଥୋମାସ୍ ଆଲ୍‌ଭା ଏଡିସନ୍ ଟୁ ୱେ ଟେଲିଗ୍ରାଫକୁ ପେଟେଣ୍ଟ କରାଇଲେ।
- ୧୯୪୫- ଆମେରିକା ଜାପାନର ନାଗାସାକି ସହର ଉପରେ ଦ୍ୱିତୀୟ ପରମାଣୁ ବୋମା ପକାଇଲା ।
- ୨୦୧୯ - ଉତ୍ତର ପ୍ରଦେଶରେ ଗୋଟିଏ ଦିନରେ ୨୨୦ ମିଲିଅନ୍ ଗଛ ଲଗାଗଲା।


## ଅଗଷ୍ଟ କ୍ରାନ୍ତି ଦିବସ



ଆଜି ଅଗଷ୍ଟ କ୍ରାନ୍ତି ଦିବସ। ଭାରତର ସ୍ୱାଧୀନତା ଆନ୍ଦୋଳନ ଇତିହାସରେ ଏକ ଗୁରୁତ୍ୱପୂର୍ଣ୍ଣ ଦିନ । ୧୯୪୨ ଅଗଷ୍ଟ ୯ ତାରିଖରେ ପରାଧୀନ ଭାରତକୁ ବ୍ରିଟିଶ ଶାସନରୁ ମୁକ୍ତ କରିବା ପାଇଁ ଏହି ଦିନ ଭାରତଛାଡ଼ ଆନ୍ଦୋଳନର ମୂଳଦୁଆ ପକାଇ ଥିଲେ ଜାତିର ପିତା ମହାତ୍ମା ଗାନ୍ଧୀ। ଏହାପରେ ଭାରତବାସୀ ଏକଜୁଟ୍ ହୋଇ ବ୍ରିଟିଶମାନଙ୍କ ବିରୋଧରେ ଲଢ଼େଇ କରିଥିଲେ। ଫଳରେ ବ୍ରିଟିଶ ସରକାର ଦେଶ ଛାଡ଼ିବାକୁ ବାଧ୍ୟ ହୋଇଥିଲେ। ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟରେ ଭାରତର ସହାୟତା ବଦଳରେ ଇଂରେଜମାନେ ଭାରତକୁ ମୁକ୍ତ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ପରବର୍ତ୍ତୀ ସମୟରେ ନିଜ କଥାରୁ ଓହରି ଯାଇଥିଲେ। ଯାହା ଫଳରେ ଇଂରେଜଙ୍କ ଠାରୁ ସ୍ୱାଧୀନତା ଛଡ଼ାଇ ଆଣିବା ଲାଗି ୧୯୪୨ ଅଗଷ୍ଟ ୮ ରେ ଭାରତୀୟ ଜାତୀୟ କଂଗ୍ରେସ ଇଂରେଜ ସରକାର ବିରୋଧରେ ଭାରତ ଛାଡ଼ ଆନ୍ଦୋଳନର ଡାକରା ଦେଇଥିଲା। ମହାତ୍ମା ଗାନ୍ଧୀଙ୍କ ନେତୃତ୍ୱରେ କଂଗ୍ରେସ କମିଟି ତାହାର ବମ୍ବେ ଅଧିବେଶନରେ ଏହି ନିର୍ଣ୍ଣାୟକ ଆନ୍ଦୋଳନ ପାଇଁ ସଂକଳ୍ପ ପାରିତ କରିଥିଲା। ଆନ୍ଦୋଳନ ଆରମ୍ଭ ପୂର୍ବରୁ ଗାନ୍ଧୀଙ୍କ ସମେତ କଂଗ୍ରେସର ସମସ୍ତ ପ୍ରମୁଖ ନେତାଙ୍କୁ ଗିରଫ କରି ନିଆଯାଇଥିଲା। ଏହାପରେ ଇଂରେଜମାନେ ଗାନ୍ଧିଜୀଙ୍କୁ ପୁନେର ଆଗା ଖାଁ ପ୍ୟାଲେସରେ ବନ୍ଦୀ କରି ରଖିଥିଲେ। ଅବଶ୍ୟ ଗାନ୍ଧିଜୀ ଅହିଂସା ଭାବେ ଏହି ଆନ୍ଦୋଳନର ଡାକରା ଦେଇଥିଲେ। ମାତ୍ର ଆନ୍ଦୋଳନ ସମୟରେ ଅନେକ ସ୍ଥାନରେ ହିଂସା, ଦଙ୍ଗା ଆଦି ଦେଖିବାକୁ ମିଳିଥିଲା। ଦେଶରେ ଧନଜୀବନ ନଷ୍ଟ ହେଲା। ଆନ୍ଦୋଳନକୁ ଭଣ୍ଡୁର କରିବାକୁ ଯାଇ ସମସ୍ତ ନେତା, କ୍ରାନ୍ତିକାରୀ ଏବଂ ସଂଗ୍ରାମୀମାନଙ୍କୁ ଗିରଫ କରାଯାଇଥିଲା। ସେହି ସମୟରେ ଇଂରେଜଙ୍କ କବଳରୁ ବର୍ତ୍ତି ଯାଇଥିବା ଜଣେ କ୍ରାନ୍ତିକାରୀ ଯୁବା ନେତ୍ରୀ ଅରୁଣା ଆସଫ୍ ଅଲ୍ଲୀ ୧୯୪୨ ଅଗଷ୍ଟ ୯ ତାରିଖରେ ମୁମ୍ବାଇର ଗୋୱାଲିଆ ଟ୍ୟାଙ୍କ ମଇଦାନରେ (ବର୍ତ୍ତମାନର କ୍ରାନ୍ତି ମଇଦାନ) ତ୍ରିରଙ୍ଗା ଉଡ଼ାଇ ଭାରତ ଛାଡ଼ ଆନ୍ଦୋଳନର ଶୁଭାରମ୍ଭ କରିଥିଲେ। ଏହି ଆନ୍ଦୋଳନ ଅହିଂସା ମାର୍ଗରେ ହେଉ ବୋଲି ଗାନ୍ଧିଜୀ ଆବାହନ କରିଥିଲେ କିନ୍ତୁ ଦେଶର ଅନେକ ସ୍ଥାନରେ ହିଂସା ଦେଖିବାକୁ ମିଳିଥିଲା। ଯାହାକୁ ଗାନ୍ଧିଜୀ ପସନ୍ଦ କରିନଥିଲେ। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ଇଂରେଜମାନେ ଭାଙ୍ଗି ପଡ଼ିଥିଲେ। ଠିକ୍ ଏହି ସମୟରେ ଗାନ୍ଧିଜୀଙ୍କ ଏହି ଆନ୍ଦୋଳନ ଭାରତକୁ ସ୍ୱାଧୀନତା ଦେବାରେ ଉଚିତ ମାର୍ଗ ସାଜିଥିଲା। ମହାତ୍ମା ଗାନ୍ଧୀଙ୍କ 'କର ବା ମର' ମନ୍ତ୍ରରେ ଉଦ୍‌ବୁଦ୍ଧ ଏହି ଆନ୍ଦୋଳନ ନେତୃତ୍ୱ ଅଭାବ, ଦୁର୍ବଳ ସମନ୍ୱୟ, ଅସ୍ପଷ୍ଟ ଯୋଜନା ଓ ବ୍ରିଟିଶ କର୍ତ୍ତୃପକ୍ଷଙ୍କ ଦମନ ଯୋଗୁଁ ବେଶୀ ଦିନ ତିଷ୍ଠି ନ ଥିଲା। ଅବଶ୍ୟ ଏହା ଦେଶବାସୀଙ୍କୁ ଇଂରେଜ ଶାସନ ବିରୋଧରେ ଏକଜୁଟ କରିବାରେ ସଫଳ ହୋଇଥିଲା। ଏହାର ଫଳ ସ୍ୱରୂପ ୧୯୪୭, ଅଗଷ୍ଟ ୧୫ ତାରିଖରେ ଭାରତ ଇଂରେଜ ଶାସନ କବଳରୁ ମୁକ୍ତ ହୋଇ ସ୍ୱାଧୀନତା ପ୍ରାପ୍ତି କରିଥିଲା। ଏହି ଐତିହାସିକ ବିପ୍ଳବ ଥିଲା ଭାରତର ସ୍ୱାଧୀନତା ପାଇଁ ଏକ ମୁକ୍ତିର ମଶାଲ। ଆଜିର ଦିନରେ ଦେଶ ପାଇଁ ଜୀବନ ଦେଇଥିବା ବୀର ସଂଗ୍ରାମୀମାନଙ୍କ ବଳିଦାନକୁ ମନେ ପକାଉଛନ୍ତି କୋଟି କୋଟି ଭାରତୀୟ।

### ଆଜି ଆସିଥିଲେ

## ସ୍ୱଭାବକବି ଗଙ୍ଗାଧର ମେହେର



ଓଡ଼ିଆ ସାହିତ୍ୟକୁ ଋଦ୍ଧିମନ୍ତ କରିବାରେ ଯେଉଁ କେତେଜଣ ଆଗଧାଡ଼ିର ସାହିତ୍ୟିକଙ୍କ ନାମ ଆସିଥାଏ ତନ୍ମଧ୍ୟରେ ସ୍ୱଭାବ କବି ଗଙ୍ଗାଧର ମେହେର ଅନ୍ୟତମ । ତାଙ୍କ ଲେଖନୀ ମୁନରୁ ଝରି ପଡ଼ିଥିବା ଅକ୍ଷର ସବୁ ଓଡ଼ିଆ ସାହିତ୍ୟର ଅମ୍ଳାନ କୀର୍ତ୍ତି ହୋଇରହିଛି । ସେ ଏକାଧାରରେ ପ୍ରକୃତି କବି, ସ୍ୱଭାବ କବି ଭାବେ ପରିଚିତ ଥିଲେ । ପ୍ରକୃତି ଚିତ୍ରଣରେ ତାଙ୍କର ସ୍ୱତନ୍ତ୍ର ଦୃଷ୍ଟିକୋଣ ଥିଲା। କବି ସମ୍ରାଟ୍ ଉପେନ୍ଦ୍ର ଭଞ୍ଜଙ୍କ ପରି ତାଙ୍କର କବିତାଗୁଡ଼ିକ ଉଚ୍ଚ ଆଳଙ୍କରିକ ଶବ୍ଦ, ଅନନ୍ୟ ସଂଯୋଜନା ଶୈଳୀ, ଉପମା, ରୂପକ ଓ ଯଥାର୍ଥ ଶବ୍ଦାବଳୀର ଉପଯୁକ୍ତ ପ୍ରୟୋଗ ସହ ସମୃଦ୍ଧ। ଗଙ୍ଗାଧର ୧୮୬୨ ମସିହା ଆଜିର ଦିନରେ ଅବିଭକ୍ତ ସମ୍ବଲପୁର ବର୍ତ୍ତମାନ ବରଗଡ଼ ଜିଲ୍ଲା ବରପାଲି ଅଞ୍ଚଳରେ ଜନ୍ମଗ୍ରହଣ କରିଥିଲେ। ବାଲ୍ୟକାଳରେ ଦାରିଦ୍ର୍ୟର କଷାଘାତ ଯୋଗୁଁ ସେ ଅଧିକ ଶିକ୍ଷାଲାଭ କରିପାରି ନ ଥିଲେ। କିନ୍ତୁ ପିଲାଦିନରୁ ସେ କବିତା ଲେଖିବା ଆରମ୍ଭ କରିଥିଲେ। ଓଡ଼ିଶାର ପୁରାତନ କବିମାନଙ୍କ ପଦାଙ୍କ ଅନୁସରଣ କରି ସେମାନଙ୍କ ଶୈଳୀରେ ସେ ନିଜର ପ୍ରଥମ ଲେଖା ସବୁ ଲେଖିଥିଲେ। ତାଙ୍କର ଆଦ୍ୟ ରଚନାବଳୀ ଭିତରେ 'ରସ ରତ୍ନାକର' ଓ 'ଅହଲ୍ୟାସ୍ତବ' ଅନ୍ୟତମ। ଏଗୁଡ଼ିକ ରୀତିଯୁଗୀୟ ଶୈଳୀରେ ରଚନା କରାଯାଇଥିଲା। ସ୍ୱଳ୍ପ ଶିକ୍ଷା ସତ୍ତ୍ୱେ ବି ତାଙ୍କର ଓଡ଼ିଆ ଓ ସଂସ୍କୃତ ଭାଷାରେ ଗଭୀର ଜ୍ଞାନ ଥିଲା। ଏକ ସାଧାରଣ ଚାକିରି କରି ସେ ପରିବାର ପ୍ରତିପୋଷଣ କରୁଥିଲେ। ସେଥିପାଇଁ ତାଙ୍କୁ ବହୁ ବାଧାବିଘ୍ନର ସାମ୍ନା କରିବାକୁ ପଡ଼ିଥିଲା । ପରବର୍ତ୍ତୀ ସମୟରେ ତାଙ୍କ ପ୍ରତିଭାଦୀପ୍ତ ଓ ପ୍ରଚଣ୍ଡ ସୃଜନଶୀଳ ସତ୍ତା ସୃଷ୍ଟି କରିଥିଲା ବହୁ କାଳଜୟୀ କାବ୍ୟ ଓ କବିତା। ଓଡ଼ିଆ ଭାଷା ମହାସଙ୍କଟ ଦେଇ ଗତି କରୁଥିଲାବେଳେ 'ଇନ୍ଦୁମତୀ', 'କୀଚକବଧ', 'ତପସ୍ୱିନୀ', 'ପ୍ରଣୟବଲ୍ଲରୀ', 'ଉତ୍କଳ ଲକ୍ଷ୍ମୀ', 'ଅଯୋଦ୍ଧା ଦୃଶ୍ୟ' ଭଳି ଉଚ୍ଚକୋଟୀର କାବ୍ୟ ଓ କବିତା ରଚନା କରି ଓଡ଼ିଆ ଭାଷା ଆନ୍ଦୋଳନକୁ ସେ ତେଜୀୟାନ କରିଥିଲେ । 'ଅର୍ଘ୍ୟଥାଳି' ହେଉଛି ତାଙ୍କର ଲୋକପ୍ରିୟ କବିତା ସଂଗ୍ରହ। ତାଙ୍କ ରଚିତ ଶେଷ କାବ୍ୟ ଥିଲା 'ପଦ୍ମିନୀ'। ଗଙ୍ଗାଧରଙ୍କ କବିତାଗୁଡ଼ିକ ଯେତିକି ସୁନ୍ଦର, ତାଙ୍କର ଜୀବନଶୈଳୀ ବି ଥିଲା ବେଶ୍ ସାବଲୀଳ। ପ୍ରକୃତିର ଅସାଧାରଣ ବର୍ଣ୍ଣନା, ଆଦର୍ଶ ଚରିତ୍ର ଚିତ୍ରଣ, ମାନବତାର ଜୟଗାନ ଆଦି ଥିଲା ତାଙ୍କ ସାହିତ୍ୟ କୃତିର ବିଶେଷତ୍ୱ। ୧୯୨୪ ମସିହା ଏପ୍ରିଲ୍ ୪ ତାରିଖରେ ତାଙ୍କର ଦେହାନ୍ତ ହୋଇଥିଲା।

## ମୃଣାଳଙ୍କ ପ୍ରେମରେ ଧନୁଷ୍ !

ବଲିଉଡ୍ ଅଭିନେତ୍ରୀ ମୃଣାଳ ଠାକୁରଙ୍କ ଜନ୍ମଦିନ ପାର୍ଟି ଏବେ ଚର୍ଚ୍ଚାରେ ରହିଛି। କାରଣ ଏଥିରେ ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତା ଧନୁଷ୍ ଯୋଗ ଦେଇଥିଲେ। ତେବେ ଧନୁଷ୍ 'ସନ୍ ଅଫ୍ ସର୍ଦ୍ଦାର୍ ୨'ର ସ୍କ୍ରିନିଂ ପାଇଁ ମୁମ୍ବାଇ ଆସିଥିଲେ। ଏହି ସମୟରେ ସେ ମୃଣାଳଙ୍କ ଜନ୍ମଦିନ ପାର୍ଟିରେ ଯୋଗ ଦେଇଥିଲେ। 'ସନ୍ ଅଫ୍ ସର୍ଦ୍ଦାର ୨' ଲିଡ୍ ରୋଲରେ ଅଜୟ ଦେବଗନ୍ ଓ ମୃଣାଳ ଠାକୁର ନଜର ଆସିଛନ୍ତି। ଫିଲ୍ମର ସ୍କ୍ରିନିଂ ଇଭେଣ୍ଟରେ ଉଭୟ କଥା ହେଉଥିବାର ଭିଡିଓ ଏବେ ସୋସିଆଲ ମିଡିଆରେ ବେଶ୍ ଭାଇରାଲ ହେଉଛି। ଏହାପରେ ଧନୁଷ୍ ମୃଣାଳଙ୍କୁ ଡେଟ୍ କରୁଥିବା ଖବର ଜୋର୍ ଧରିଛି। ଏହାପୂର୍ବରୁ ମୃଣାଳ ଧନୁଷଙ୍କ ଫିଲ୍ମ 'ତେରେ ଇସ୍କ ମେଁ' ପାର୍ଟିରେ ଯୋଗ ଦେଇଥିଲେ। କନିକା ଢିଲୋଁ ଏହାର କିଛି ଫଟୋ ସାମାଜିକ ଗଣମାଧ୍ୟମରେ ସେୟାର୍ କରିଥିଲେ। ଏଥିରେ ଧନୁଷ୍ ଓ ମୃଣାଳ ଗୋଟିଏ ଫ୍ରେମ୍‌ରେ ନଜର ଆସିଥିଲେ। ସେବେଠାରୁ ଉଭୟଙ୍କ ପ୍ରେମ ସମ୍ପର୍କକୁ ନେଇ ଚର୍ଚ୍ଚା ହେଉଛି। ତେବେ ଏହାକୁ ନେଇ ଧନୁଷ୍ କିମ୍ବା ମୃଣାଳ କୌଣସି ମନ୍ତବ୍ୟ ଦେଇ ନାହାନ୍ତି। ଏଠାରେ ପ୍ରକାଶ ଥାଉ କି, ଧନୁଷ୍ ପୂର୍ବରୁ ସାଉଥ୍ ଇଣ୍ଡଷ୍ଟ୍ରୀର ଭେଟେରାନ୍ ଅଭିନେତା ରଜନୀକାନ୍ତଙ୍କ ଝିଅ ଐଶ୍ୱର୍ଯ୍ୟାଙ୍କୁ ବିବାହ କରିଥିଲେ। ଉଭୟ ବିବାହର ୧୮ ବର୍ଷ ପରେ ୨୦୨୨ରେ ଅଲଗା ହୋଇଯାଇଥିଲେ।



## ରାକ୍ଷୀ ପୂର୍ଣ୍ଣିମା



ପୁଷ୍ପଲତା ସାହୁ

ଶ୍ରାବଣ ମାସର ପୂର୍ଣ୍ଣିମା ତିଥିରେ
ହେଉଛି ରକ୍ଷା ବନ୍ଧନ
ମୋ ଭାଇ ହାତରେ ରାକ୍ଷୀ ବାନ୍ଧିବି
ଦେଇ ମଥାରେ ଟୋପି ଚନ୍ଦନ ॥
ହାତରେ ବାନ୍ଧିବି ନାଲି ପାଟ ଡୋର
ଖୁଆଇବି ମିଠା ଲଡୁ
ଠାକୁର ପାଖରେ ମନାସି କରିବି ମୋ
ଭାଇ ଆୟୁଷ ବଢୁ ॥
ଏତିକି ଅଳି ମୁଁ କରିବି ଭାଇକୁ
କେବେ କରିବୁନି ପର
ସୁଖରେ ଦୁଃଖରେ ସାହା ହୋଇଥିବୁ
ଭଉଣୀ ତୋର ନିଜର ॥
ଗାଁ ଘର ମୋର ଲିପା ପୋଛା କରି
ଛାଟି ଦେଲି ଗହ୍ମା ଚିତା
ହଳ ଲଙ୍ଗଳର ଝୋଟି ମୁଁ ଲେଖିଲି
ସୋଲେ କରି ମାଳ ଗୁନ୍ଥା ॥
ବଉଳା ଗାଈ ମୋ ଧୋବ ଫରଫର
ତା ଶିଙ୍ଗେ ଢାଉ ମୁଁ ବୋଳି
ମଥାରେ ସିନ୍ଦୂର ବେକେ ଫୁଲମାଳ
ଖୋଇଲି ସରୁ ଚକୁଳି ॥
ଆମରି ଗୁହାଳେ ବନ୍ଧା ହୋଇଛନ୍ତି
କାଶିଆ କପିଳା ଦୁଇ
ଗହ୍ମା ପୂର୍ଣ୍ଣିମାରେ ପୂଜା ସେ ହୁଅନ୍ତି
ହଳ ସେ କରନ୍ତି ନାହିଁ ॥
ଚାଷୀ ଘର ଝିଅ ଅଟଇ ମୁହିଁ ଯେ,
ବାପା ଅଜା ଅମଳର
ଦେଖି ଆସୁଅଛି ଏ ବିଧି ବିଧାନ
କେବେ ମନୁ ଭୁଲି ନାହିଁ ॥ ■

କେନ୍ଦ୍ରାପଡ଼ା
ମୋ-୮୨୫୮୩୨୧୯୭



## ରକ୍ଷା ବନ୍ଧନ



ଆଚାର୍ଯ୍ୟ କ୍ଷିତୀଶ ଜେନା

ମୁନା ଶୋଇଥିବା ଦେଖିତ ମାମୁନି
କହେ ଉଠିପଡ଼ ଭାଇ
ସକାଳ ହେଲାଣି ଯାଇଛୁ କି ଭୁଲି
ଆଜିପା ରାକ୍ଷୀ ପୁନେଇଁ ।
ଚଞ୍ଚଳ ଯାଆତୁ ନିତ୍ୟକର୍ମ ସାରି
ନୂଆ ଜାମା ଦବୁ ପିନ୍ଧି
କେଡ଼େ ସୁନ୍ଦରିଆ ରାକ୍ଷୀ ମୁଁ ରଖିଛି
ତୋ ହାତରେ ଦେବି ବାନ୍ଧି ।
ମୋ ଗେହ୍ଲୁ ଭାଇର ମୁଣ୍ଡରେ ପକାଇ
ଅରୁଆ ଚାଉଳ ଦୁବ
ଧୂପ, ଦୀପ ଜାଳି ବନ୍ଦାଇବି ତତେ
ମନାସିବି ତୋର ଶୁଭ ।
କେବଳ ମୁଁ ନୁହେଁ ଶାଶୁଘରେ ତଥା
ଦୂରେ ଥିଲେ ଭଉଣୀଟି
ଭାଇର ପାଖକୁ ରାକ୍ଷୀପୂର୍ଣ୍ଣିମାରେ
ଆସେ ସୁଦୂରରୁ ଛୁଟି ।
ଉପହାର ଠାରୁ ଭାଇ ଉପସ୍ଥିତି
ଭଉଣୀ ପାଇଁକି ବଡ଼
ଭାଇ ଥିଲେ ସାଥେ ଭଉଣୀକୁ ସ୍ପର୍ଶ
କରେନି କଦାପି ଝଡ଼ ।
ପ୍ରଭୁ ବଳଦେବଙ୍କ ଜନ୍ମଦିନ ଆଜି
ପାଳିବେ ତ ପଲ୍ଲୀପୁରେ
ବଳଦ ଗାଈଙ୍କୁ ଗାଧୋଇ ରାକ୍ଷୀକୁ
ବାନ୍ଧିବେ ତାଙ୍କରି ଠାରେ ।
ଜଗା ବଳିଆଙ୍କୁ ସୁଭଦ୍ରା ବାନ୍ଧିବେ
ଭାବର ବନ୍ଧନ ରାକ୍ଷୀ
ପବିତ୍ର ସମ୍ପର୍କ ଭାଇ ଭଉଣୀଙ୍କ
ରାକ୍ଷୀ ଅଟେ ମୂକସାକ୍ଷୀ ।
ବଡ଼ଦେଉଳର ତିନି ଦିଅଁଙ୍କୁ ମୁଁ
କରୁଅଛି ନିବେଦନ
ତୁମପରି ପ୍ରତି ଭାଇ ଭଉଣୀଙ୍କ
ଅତୁଟ ରହୁ ବନ୍ଧନ । ■

କଣ୍ଟିଗଡ଼ିଆ, ଧର୍ମଶାଳା, ଯାଜପୁର
ମୋ- ୭୦୦୮୬୩୪୮୦୦

## ତ୍ରିରଙ୍ଗା



ଚିତ୍ତରଞ୍ଜନ ମହାନ୍ତି

ସବୁ ପାତ୍ର ନୁହେଁ କଳସୀ
ସବୁ ପତର ନୁହେଁ ତୁଳସୀ
ସବୁ ନଦୀ ନୁହଁଇ ଗଙ୍ଗା
ସବୁ ପତାକା ନୁହେଁ ତ୍ରିରଙ୍ଗା ॥
ସଗର୍ବେ ଉଡ଼େ ଫରଫର
ଦେଖିଲେ ଆସେ ମନେ ଗର୍ବ
ମିଳିଯାଏ ମୁକ୍ତିର ଆନନ୍ଦ
ଖୋଲା ଆକାଶେ ମୁକ୍ତ ବିହଙ୍ଗ ॥
ସୁଯୋଗ୍ୟ ସନ୍ତାନ ଏ ଦେଶର
ଗାନ୍ଧୀ, ଗୋପବନ୍ଧୁ, ଜବାହର
ଲାଲ୍, ବାଲ୍, ପାଲ୍, ସୁଭାଷ
ମୁକ୍ତି ସେନାର ଶ୍ରେଷ୍ଠ ନାୟକ ॥
ଦେଇଛନ୍ତି ଅମୃତ ବାର୍ତ୍ତା
ପାଥେୟ କରି ଚାଲିଛୁ ରାସ୍ତା
ଶାନ୍ତି, ଅହିଂସା, ପ୍ରେମ ବଳେ
ସବୁରି ହୃଦୟ ଜିତି ହୁଏ ॥
ଦେଶର ସୁଯୋଗ୍ୟ ସନ୍ତାନ
ସବୁରି ହୃଦୟେ ବିଦ୍ୟମାନ
ଏମିତି ସନ୍ତାନ ଥିଲେ ଦେଶର
ଶତ୍ରୁମାନଙ୍କ ପଡ଼େନି ନଜର ॥
ଦେଶ ବଞ୍ଚିଲେ ଆମେ ବଞ୍ଚିବା
ଦେଶ ପାଇଁ ଜୀବନ ଦେବା
ଦେଶବାସୀ ଜାଗ୍ରତ ପ୍ରହରୀ
ଜୀବନ ଧନ୍ୟ ତା' ସେବା କରି ॥ ■

ତଗିରା, ରାଣୀତାଲ
ମୋ- ୯୪୩୮୬୭୦୧୫୦



## ସୁମନ

## ଉପକାର ଶୁଝିଲେ ଜନ୍ଦା ଓ ପିମ୍ପୁଡ଼ି



କାଳିକିଙ୍କର



ଅଧିକ ବର୍ଷା ହେଲାରୁ ନଦୀ ଉଛୁଳି ପଡ଼ିଲା । ସମସ୍ତେ କହିଲେ ବନ୍ୟା ଆସିଲା । ସ୍କୁଲ ଛୁଟି । ତେବେ ସବୁଆଡ଼େ ପାଣି ଓ ସୁଅ ଚାଲୁଥିବାରୁ ରିଆ, ଟିଆ, କିଆ ଆଦି ପିଲାମାନେ ଘରେ ଅଛନ୍ତି। ସେମାନେ ଖୁସି ଯେ, ତାଙ୍କ ଆଗରେ ପାଣିର ସୁଅ ଧୀରେଧୀରେ ଯାଉଛି । କାଠି କୁଟା ପତର ଇତ୍ୟାଦି ଭାସି ଭାସି ଯାଉଛି । ଘର ଆଗରେ ଅବଶ୍ୟ ଅଧିକ ପାଣି ହୋଇନି କି ସୁଅ ପ୍ରଖର ନୁହେଁ ତେଣୁ ରିଆ, ଟିଆ ଓ କିଆ ସେ ପାଣି ଭିତରେ ଦୌଡାଦୌଡ଼ି କରୁଛନ୍ତି। ହାତର ଆଞ୍ଜୁଳାରେ ପାଣି ନେଇ ଖେଳୁଛନ୍ତି । ହଠାତ୍ ରିଆ କହିଲା- ଆରେ ଦେଖ ଦେଖ, କେମିତି ଗୋଟିଏ କଦଳୀ ପତ୍ର ଭାସି ଆସୁଛି ଓ ସେଥିରେ ଜନ୍ଦା ଓ ପିମ୍ପୁଡ଼ି ଭାସି ଯାଉଛନ୍ତି। ଜନ୍ଦା ଓ ପିମ୍ପୁଡ଼ିମାନେ ରିଆ, ଟିଆ ଓ କିଆଙ୍କୁ ଦେଖି କହିଲେ- ଆମେ ଭାସିଯାଉଛୁ ଏ ପାଣିରେ । ଆମକୁ ଟିକିଏ ଉଦ୍ଧାର କରନ୍ତନି? କିଆ ଓ ଟିଆ କହିଲେ ନା ନା ବାବା, ତୁମେ ସବୁ ଆସିଲେ ଆମକୁ କାମୁଡ଼ିବ। ରିଆ କିନ୍ତୁ କହିଲା ନାରେ, ବିପଦରେ ଯିଏ ପଡ଼ିଛି ତାକୁ ସାହାଯ୍ୟ କରିବା ଉଚିତ । ତାପରେ ବି ଯଦି ସେ ଆମର କ୍ଷତି କଲା କରୁ, ତା' ଧର୍ମ ତା'ର । ରିଆ ଆଗକୁ ବଢ଼ିଲା । ସାଥିରେ ଟିଆ ଓ କିଆ । ସେମାନେ ଧୀରେ ଧୀରେ ସେ କଦଳୀପତ୍ର ସହ ଜନ୍ଦା ଓ ପିମ୍ପୁଡ଼ିଙ୍କୁ ଉଦ୍ଧାର କଲେ। ଏମାନେ ସବୁ ନାଲି ଜନ୍ଦା ଓ ପିମ୍ପୁଡ଼ି । କାମୁଡ଼ିଲେ ଖୁବ୍ ଯନ୍ତ୍ରଣା ହୁଏ। ରିଆ କିନ୍ତୁ ସେଥିପ୍ରତି ଖାତିର୍ ନ କରି ସେମାନଙ୍କୁ ଟିଆ ଓ କିଆ ସହ ମିଶି ଉଦ୍ଧାର କଲା ଓ ଭୁଇଁରେ ଛାଡ଼ିଦେଲା । ଜନ୍ଦା ଓ ପିମ୍ପୁଡ଼ି ସେମାନଙ୍କୁ ଧନ୍ୟବାଦ ଦେଇ ବାଉଁଶ ବୁଦା ଆଡ଼େ ଚାଲିଲେ ।

ଅନେକ ଦିନ ବିତି ଯାଇଛି । ଏବେ ବନ୍ୟା କି ବର୍ଷା ନାହିଁ । ରିଆ, ଟିଆ, କିଆ ସେଇ ବାଉଁଶ ବୁଦା ପାଖରେ ଖେଳୁଥିଲେ ଯେ, ହଠାତ୍ ତାଙ୍କ ପାଖକୁ ଗୋଟିଏ ସାପ ଫଁ ଫଁ କରି ମାଡ଼ି ଆସିଲା । ରିଆ, ଟିଆ, କିଆ କ'ଣ କରିବେ ଉପାୟ ନ ପାଇ କାନ୍ଦିବାକୁ ଲାଗିଲେ । ପାଖଦେଇ ଜନ୍ଦା ଓ ପିମ୍ପୁଡ଼ି ଖାଦ୍ୟ ନେଇ ଯାଉଥିଲେ। ସେମାନେ ରିଆ, ଟିଆ ଓ କିଆଙ୍କର କାନ୍ଦିବା ଶୁଣି ଅଟକି ଗଲେ ଓ ଦେଖିଲେ ବିଷାକ୍ତ ଦୁଷ୍ଟ ନାଗ ସେମାନଙ୍କୁ କାମୁଡ଼ିବାକୁ ଦୌଡୁଛି । ଆଚ୍ଛା, ଏମିତି କଥା । ଜନ୍ଦା ଓ ପିମ୍ପୁଡ଼ି ସେମାନଙ୍କର ଖାଦ୍ୟ ସେଇଠି ଥୋଇ ସେ ଦୁଷ୍ଟ ନାଗକୁ ଘେରି ଗଲେ ଓ ତାର ଲାଞ୍ଜରୁ ମୁଣ୍ଡଯାଏ କାମୁଡ଼ିବାକୁ ଲାଗିଲେ । ବିଚରା ସେ ଦୁଷ୍ଟ ନାଗ ଆଉ ଫଁ ଫଁ କରି ରିଆ, ଟିଆ ଓ କିଆଙ୍କ ଆଡ଼କୁ ଆସିବ କ'ଣ- ସେଇଠି ଛଟପଟ ହେଲା ଓ ଜନ୍ଦା ପିମ୍ପୁଡ଼ିଙ୍କୁ ଛାଡ଼ିଦେବାକୁ ଅନୁରୋଧ କଲା । ଏଣେ ସାପଟିର ଆଉ ଫଁ ଫଁ ଶବ୍ଦ ନ ଶୁଣି ରିଆ, ଟିଆ ଓ କିଆ ଅନେଇଲେ ସେ ଆସୁଥିବା ଦିଗକୁ । ଦେଖିଲେ ଜନ୍ଦା ଓ ପିମ୍ପୁଡ଼ିମାନେ ତାକୁ ଘେରି ରହିଛନ୍ତି ଓ କାମୁଡ଼ି କାମୁଡ଼ି ତା ଦେହ ଫୁଲେଇ ଦେଲେଣି । ନାଗଟି ନେହୁରା ହୋଇ ଛାଡ଼ି ଦେବାକୁ କହୁଥାଏ। ରିଆ ଟିଆ ଓ କିଆଙ୍କୁ କହିଲା- ଚିହ୍ନିଲ ଏ ଜନ୍ଦା ଓ ପିମ୍ପୁଡ଼ି କିଏ? ଏମାନେ ସେଇମାନେ ଯାହାଙ୍କୁ ଆମେ ପାଣିରୁ ଉଦ୍ଧାର କରିଥିଲେ । "ଦେଖୁଛ ତ ! କେମିତି ଜନ୍ଦା ଓ ପିମ୍ପୁଡ଼ି ଉପକାର ଶୁଝିଲେ।" ■

ସୌଭାଗିନୀ ନିବାସ, ରେଞ୍ଚ, ପୁରୀ
ମୋ-୮୨୪୯୨୧୬୦୬୭



ବୈଭବ କୁମାର ପାତ୍ର
ଷଷ୍ଠ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ
ଭୁବନେଶ୍ୱର



ସାଇ ସେଠୀ
ଚତୁର୍ଥ ଶ୍ରେଣୀ
ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ
ପୋଖରୀପୁଟ, ଭୁବନେଶ୍ୱର



ଇଭାଂଶୀ ମିଶ୍ର
ଦ୍ୱିତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର



ଲକ୍ଷ୍ମୀପ୍ରିୟା ଦାଶ
ତୃତୀୟ ଶ୍ରେଣୀ
କେନ୍ଦ୍ରୀୟ ବିଦ୍ୟାଳୟ ୬
ପୋଖରୀପୁଟ, ଭୁବନେଶ୍ୱର

## ଆଣ୍ଡରସନ-ତେନ୍ଦୁଲକର ଟ୍ରଫି

# ଅନାବଶ୍ୟକ ତ୍ରୁଟି ଯୋଗୁଁ ସିରିଜ୍ ହାତଛଡ଼ା


ଗିଲ୍ଙ୍କ ରନ୍ ଆଉଟ୍


ସିରାଜ୍ ପ୍ଲେଡ୍ ଅନ୍

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଇଂଲଣ୍ଡରେ ନିକଟରେ ଶେଷ ହୋଇଥିବା ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ କଠିନ ପରିଶ୍ରମ ଓ ଭଲ ଖେଳିଥିଲେ ମଧ୍ୟ ଘରୋଇ ଦଳ ସହ ଭାରତ ୨-୨ରେ ସିରିଜ୍ ଅମୀମାଂସିତ ରଖିଛି। କିନ୍ତୁ ପ୍ରାଧାନ୍ୟ ବିସ୍ତାର କରୁଥିବା ଦଳକୁ ସର୍ବଦା ବିଜୟ ମିଳେନାହିଁ। ୨୦୧୮ରେ ଇଂଲଣ୍ଡଠାରୁ ୪-୧ରେ ଟେଷ୍ଟ ସିରିଜ୍ ହାରିବା ପରେ ଏକଥା କହିଥିଲେ ବିରାଟ କୋହଲି। ୨୦୨୧-୨୨ ଓ ୨୦୨୫ରେ ଭାରତ-ଇଂଲଣ୍ଡ ଟେଷ୍ଟ ସିରିଜ୍ ଖୁବ୍ ପ୍ରତିଦ୍ୱନ୍ଦ୍ୱିତାମୂଳକ ହୋଇଥିଲା। ଉଭୟ ସିରିଜ୍‌ରେ ଭାରତ ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ବିଜୟୀ ହୋଇ ପାରି ନ ଥିଲା। କିନ୍ତୁ ସିରିଜ୍‌ର ତଥ୍ୟକୁ ତର୍ଜମା କଲେ ଜଣାଯାଏ, ଗୁରୁତ୍ୱପୂର୍ଣ୍ଣ ସମୟରେ ଭାରତୀୟ ଖେଳାଳିଙ୍କ ଅନିଚ୍ଛାକୃତ ତ୍ରୁଟି ଓ ପ୍ରତିଦ୍ୱନ୍ଦ୍ୱୀଙ୍କୁ ଭାଗ୍ୟ ସହାୟ ହେବାରୁ ଭାରତ ଏହି ସିରିଜ୍‌ରେ ବିଜୟୀ ହେବାରୁ ବଞ୍ଚିତ ହୋଇଥିଲା।

ଅନ୍ୟପକ୍ଷରେ ଦେଖିବାକୁ ଗଲେ ୨୦୧୯ ପରଠାରୁ ଅଷ୍ଟ୍ରେଲିଆ ଓ ଭାରତ ପରି ଶକ୍ତିଶାଳୀ ଦେଶ ବିପକ୍ଷରେ ଇଂଲଣ୍ଡ ଉଭୟ ଘରୋଇ ଓ ବିଦେଶ ମାଟିରେ ୪ଟି ଟେଷ୍ଟ ସିରିଜ୍ ଖେଳିଥିଲେ ମଧ୍ୟ ଗୋଟିଏ ହେଲେ ଜିତିପାରିନାହିଁ। ବର୍ତ୍ତମାନ ଖେଳାଯାଇଥିବା ସିରିଜ୍‌ରେ ଭାରତୀୟ ବ୍ୟାଟର ୩୯.୭୭ ହାରରେ ରନ୍ ସଂଗ୍ରହ କରି ୧୨ଟି ଶତକ ହାସଲ କରିଥିଲେ। ଇଂଲଣ୍ଡ ବ୍ୟାଟର ୩୬.୫୩ ହାରରେ ରନ୍ ସଂଗ୍ରହ କରିବା ସହ ୯ଟି ଶତକ ହାସଲ କରିଥିଲେ। ଭାରତୀୟ ପେସ୍ ବୋଲରମାନେ ୱିକେଟପ୍ରତି ୩୪.୯୫ ଓ ଇଂଲଣ୍ଡ ପେସର ୩୬.୫୩ ହାରରେ ରନ୍ ବ୍ୟୟ କରିଥିଲେ। ଅବଶ୍ୟ ଏହା ସମ୍ଭବ ହୋଇଛି ଇଂଲଣ୍ଡର 'ବାଜ୍‌ବଲ' ନୀତି ଯୋଗୁଁ।

ଯେଉଁ ସିରିଜ୍‌ରେ ଭାରତ ଅନେକ କ୍ଷେତ୍ରରେ ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ଅନିଚ୍ଛାକୃତ ବା ଅନାବଶ୍ୟକ ତ୍ରୁଟି ଯୋଗୁଁ ସଫଳତା ମିଳିନାହିଁ। ନିୟନ୍ତ୍ରଣରେ ଥିବା ବଲ୍‌ରେ ଭାରତୀୟ ବ୍ୟାଟର ୨୨ଥର ଆଉଟ ହୋଇଥିଲାବେଳେ ଇଂଲଣ୍ଡର ମାତ୍ର ୯ଜଣ ଖେଳାଳି ଆଉଟ ହୋଇଛନ୍ତି। ପ୍ରଥମ ଟେଷ୍ଟରେ ଏହିପରି ବଲ୍‌ରେ ଆଉଟ ହୋଇ ଅଧିନାୟକ ଶୁବମନ ଗିଲ୍ ଏହି ଧାରା ଆରମ୍ଭ କରିଥିଲେ। ଏହା ପରେ ଭାରତର ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ପ୍ରଥମ ଟେଷ୍ଟରେ ଏକଦା ଭାରତ ୩ ୱିକେଟରେ ୪୩୦ ରନ୍ କରିଥିଲାବେଳେ ଗିଲ୍ଙ୍କ ଅନାବଶ୍ୟକ ଆଉଟ ପରେ ଦଳ ୪୭୧ରେ ଅଲଆଉଟ ହୋଇଥିଲା। ଏହି ଟେଷ୍ଟର ଦ୍ୱିତୀୟ ଇନିଂସରେ ଉପଅଧିନାୟକ ରଷଭ ପନ୍ତ୍ ଦମ୍‌ର ସହ ବ୍ୟାଟିଂ କରୁଥିଲାବେଳେ ପ୍ରତିପକ୍ଷ ସୋଏବ ବସିରଙ୍କୁ ଅନାବଶ୍ୟକ ସଟ୍ ମାରି ଆଉଟ ହୋଇଥିଲେ। ଯାହା ଫଳରେ ଭାରତ ଏକଦା ୩ ୱିକେଟରେ ୨୮୭ ରନ୍ କରିଥିଲାବେଳେ ୩୬୪ରେ ଅଲଆଉଟ ହୋଇଥିଲା। ଲର୍ଡ୍ସରେ ଅନୁଷ୍ଠିତ ତୃତୀୟ ଟେଷ୍ଟରେ ରଷଭ ପନ୍ତ ଲଞ୍ଚ ପୂର୍ବରୁ ଅନାବଶ୍ୟକ ଭାବେ ରନ୍ ଆଉଟ ହେବା, ସୋଏବ ବସିରଙ୍କ ବଲରେ ମହମ୍ମଦ୍ ସିରାଜ ଭଲ ଖେଳିବା ପରେ ମଧ୍ୟ ପ୍ଲେଡ ଅନ୍ ହେବା ଭାରତୀୟ ଖେଳାଳିଙ୍କ ଦ୍ୱାରା ହୋଇଥିବା ଅନିଚ୍ଛାକୃତ ତ୍ରୁଟି ମଧ୍ୟରେ ଅନ୍ୟତମ। ଯେଉଁ ସିରିଜ୍‌ରେ ୨ଟି ଟେଷ୍ଟ ୨୫ରୁ କମ୍ ରନ୍ ମଧ୍ୟରେ ଫଳାଫଳ ମିଳିଛି, ସେଠାରେ ଏଭଳି ଅନିଚ୍ଛାକୃତ ଓ ଅନାବଶ୍ୟକ ତ୍ରୁଟିରୁ ପ୍ରତିପକ୍ଷ ଦଳକୁ ଫାଇଦା ମିଳିଛି। ଭାରତ ପ୍ରାଧାନ୍ୟ ବିସ୍ତାର କରି ମଧ୍ୟ ସିରିଜ୍ ଜିତିବାରେ ସମର୍ଥ ହୋଇନାହିଁ।

### ଡ୍ରପ୍ କ୍ୟାଚ୍‌ରୁ ଇଂଲଣ୍ଡକୁ ଫାଇଦା


ଯେଉଁ ପିଚ୍‌ରେ ବ୍ୟାଟରକୁ ସୁହାଇଥାଏ, ସେଠାରେ ବୋଲରମାନେ ନିଜ ଫିଲ୍ଡରଙ୍କଠାରୁ କିଛି ଅଧିକ ସହାୟତା ଆଶା କରିଥାନ୍ତି। କିନ୍ତୁ ଏହି ଟେଷ୍ଟ ସିରିଜ୍‌ରେ ଠିକ୍ ଓଲଟା ହୋଇଛି। ଭାରତୀୟ ଫିଲ୍ଡରମାନେ ଏହି ସିରିଜ୍‌ରେ ୨୩ଟି ଓ ଇଂଲଣ୍ଡ ଖେଳାଳି ୧୭ଟି କ୍ୟାଚ୍ ଡ୍ରପ୍ କରିଛନ୍ତି। ଯାହା ଫଳରେ ଏମାନେ ୭୧୮ ରନ୍ ଅଧିକ ବ୍ୟୟ କରିଛନ୍ତି। ଭାରତୀୟମାନେ ଡ୍ରପ୍ କ୍ୟାଚ୍‌ରୁ ୫୮୭ ରନ୍ ଉଠାଇଛନ୍ତି। ଜଣେ ବ୍ୟାଟରଙ୍କ ପ୍ରଥମ କ୍ୟାଚ୍ ଡ୍ରପ୍ ହେବା ପରେ ସେ ଯେତିକି ଅଧିକ ରନ୍ ସଂଗ୍ରହ କରିଛନ୍ତି ତାହାକୁ ହିସାବ କରାଯାଇଛି। ଏହି ଡ୍ରପ୍ କ୍ୟାଚ୍ ଯୋଗୁଁ ସର୍ବାଧିକ ଫାଇଦା ମିଳିଛି ଇଂଲଣ୍ଡର ହ୍ୟାରୀ ବ୍ରୁକ୍‌ଙ୍କୁ। ସେ ସିରିଜ୍‌ରେ ୪୮୧ ରନ୍ କରିଥିଲାବେଳେ କ୍ୟାଚ୍ ଡ୍ରପ୍ ଯୋଗୁଁ ୨୪୦ ରନ୍‌ର ଫାଇଦା ପାଇଥିଲେ। ଲିଡ୍ସ ଟେଷ୍ଟରେ ସେ ଖାତା ଖୋଲିବା ପୂର୍ବରୁ ବୁମ୍‌ରାଙ୍କ ଦ୍ୱାରା ଆଉଟ ହୋଇଥିଲେ। କିନ୍ତୁ ତାହା ନୋ ବଲ ହେବାରୁ ୯୯ ରନ୍ କରିଥିଲେ। ଏହି କ୍ୟାଚ୍ ଡ୍ରପ୍‌ରୁ ଜେମି ସ୍ମିଥ୍ ୧୩୦, ଓଲି ପୋପ୍ ୧୨୩ ରନ୍ ଅଧିକ କରିଥିଲେ। ଭାରତୀୟମାନେ ମଧ୍ୟ ଶେଷ ୨ଟି ଟେଷ୍ଟରୁ ଡ୍ରପ୍ କ୍ୟାଚ୍ ଯୋଗୁ ଫାଇଦା ଉଠାଇଥିଲେ। ମାଞ୍ଚେଷ୍ଟରରେ ରବୀନ୍ଦ୍ର ଜାଡେଜା, ଓଭାଲ ଟେଷ୍ଟରେ ୨ଥର ଯଶସ୍ୱୀ ଜୟସ୍ୱାଲଙ୍କ କ୍ୟାଚ୍ ଡ୍ରପ୍ ହେବା ପରେ ଶତକ ହାସଲ କରିଥିଲେ। ଶେଷ ଟେଷ୍ଟରେ ନାଇଟ୍‌ୱାଚ୍‌ମ୍ୟାନ୍ ଭାବେ ଆସି ଆକାଶଦୀପ ୬୬ ରନ୍ କରିଥିଲେ। କିନ୍ତୁ ସେ ୨୧ ରନ୍ କରିଥିଲାବେଳେ ତାଙ୍କ ପ୍ରଥମ କ୍ୟାଚ୍ ଡ୍ରପ୍ ହୋଇଥିଲା। ସିରିଜ୍‌ରେ ଗିଲ୍ ୭୫୪ ରନ୍ କରିଥିଲେ ମଧ୍ୟ କ୍ୟାଚ୍ ଡ୍ରପ୍ ପରେ ମାତ୍ର ୫୭ ରନ୍ କରିଥିଲେ।

## ଦୁଲୀପ୍ ଟ୍ରଫିରୁ ଘରୋଇ କ୍ରିକେଟ ସିଜନ ଆରମ୍ଭ

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଭାରତରେ ଘରୋଇ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଦୁଲୀପ ଟ୍ରଫିରୁ ଆରମ୍ଭ ହେବ। ଏହା ମଧ୍ୟରେ ବେଙ୍ଗାଲୁରୁରେ ଅଗଷ୍ଟ ୨୮ରୁ ଆରମ୍ଭ ହେବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟ ଲାଗି ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଆନ୍ତଃଜୋନ୍ ନକ୍‌ଆଉଟ ଭିତ୍ତିରେ ଏହି ଟୁର୍ଣ୍ଣାମେଣ୍ଟ ସେପ୍ଟେମ୍ବର ୧୫ରେ ଶେଷ ହେବା ପରେ ଅକ୍ଟୋବର ୧ରୁ ୫ ତାରିଖଯାଏ ଇରାନି କପ୍ ଖେଳାଯିବ। ରଣଜୀ ଟ୍ରଫି ଚାମ୍ପିଅନ ବିଦର୍ଭ ଓ ଅବଶିଷ୍ଟ ଭାରତ ଏକାଦଶ ମଧ୍ୟରେ ଏହି ୫ ଦିନିଆ ମ୍ୟାଚ୍ ଖେଳାଯିବ। ଏହା ପରେ ଆରମ୍ଭ ହେବ ଘରୋଇ କ୍ରିକେଟର ସବୁଠାରୁ ବଡ଼ ଟୁର୍ଣ୍ଣାମେଣ୍ଟ ରଣଜୀ ଟ୍ରଫି। ଗତବର୍ଷ ଭଳି ଏଥର ମଧ୍ୟ ଦୁଇଟି ପର୍ଯ୍ୟାୟରେ ଏହି ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଟୁର୍ଣ୍ଣାମେଣ୍ଟର ଏଲିଟ କାଟାଗୋରୀର ପ୍ରଥମ ପର୍ଯ୍ୟାୟ ଅକ୍ଟୋବର ୧୫ରୁ ନଭେମ୍ବର ୧୯ଯାଏ ଆରମ୍ଭ ହେବ। ଏଲିଟ ରଣଜୀ ଲିଗ୍‌ର ଦ୍ୱିତୀୟ ପର୍ଯ୍ୟାୟ ୨୦୨୬ ଜାନୁଆରୀ ୨୨ରୁ ଫେବୃଆରୀ ୧ ଯାଏ ଖେଳାଯିବ। ଫେବୃଆରୀ ୬ରୁ ୨୯ ମଧ୍ୟରେ ରଣଜୀ ନକ୍‌ଆଉଟ ଟୁର୍ଣ୍ଣାମେଣ୍ଟ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ରଣଜୀ ପ୍ଲେଟ୍ ଲିଗ୍‌ର ପ୍ରଥମ ପର୍ଯ୍ୟାୟ ଅକ୍ଟୋବର ୧୫ରୁ ନଭେମ୍ବର ୧୯ ଖେଳାଯିବ। ଜାନୁଆରୀ ୨୨ରୁ ୨୬ ତାରିଖ ମଧ୍ୟରେ ଫାଇନାଲ ଅନୁଷ୍ଠିତ ହେବ।

ନଭେମ୍ବର ୧୯ରୁ ଜାନୁଆରୀ ୨୨ ମଧ୍ୟରେ ସୀମିତ ଓଭର ଫର୍ମାଟର ଦୁଇଟି ବଡ଼ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଏହା ମଧ୍ୟରୁ ସୟଦ ମୁସ୍ତାକ ଅଲି ଟି-୨୦ ଟୁର୍ଣ୍ଣାମେଣ୍ଟ ନଭେମ୍ବର ୨୬ରୁ ଆରମ୍ଭ ହୋଇ ଡିସେମବର ୧୮ରେ ଶେଷ ହେବ। ଏହା ପରେ ବିଜୟ ହଜାରେ ଟ୍ରଫି ଲିଷ୍ଟ-ଏ' (ଦିନିକିଆ ଫର୍ମାଟ) ଡିସେମ୍ବର ୨୪ରୁ ଆରମ୍ଭ ହୋଇ ଜାନୁଆରୀ ୧୮ରେ ଶେଷ ହେବ। ରଣଜୀ ଟ୍ରଫି ଭଳି କର୍ଣ୍ଣେଲ ସିକେ ନାଇଡୁ ଟ୍ରଫି ମଧ୍ୟ ୨ଟି ପର୍ଯ୍ୟାୟରେ ଖେଳାଯିବ। ପ୍ରଥମ ପର୍ଯ୍ୟାୟ ଖେଳ ଅକ୍ଟୋବର ୧୬ରୁ ନଭେମ୍ବର ୫, ଦ୍ୱିତୀୟ ପର୍ଯ୍ୟାୟ ଜାନୁଆରୀ ୨୩ରୁ ଫେବୃଆରୀ ୨ ଓ ନକ୍‌ଆଉଟ ପର୍ଯ୍ୟାୟ ଫେବୃଆରୀ ୨୧ରୁ ମାର୍ଚ୍ଚ ୧୨ଯାଏ ଅନୁଷ୍ଠିତ ହେବ। ଏହାରି ମଧ୍ୟରେ ଜୁନିଅର ବିଭାଗ ଖେଳାଯିବ।

## ୧୯ ବର୍ଷରୁ କମ୍ ଅଷ୍ଟ୍ରେଲୀୟ ଦଳରେ ଦୁଇ ଭାରତୀୟ ବଂଶୋଦ୍ଭବ ଆର୍ଯ୍ୟନ ଓ ଯଶ୍





ମେଲବୋର୍ଣ୍ଣ,୮।୮ (ଏଜେନ୍ସି): ୧୯ ବର୍ଷରୁ କମ୍ ଭାରତୀୟ କ୍ରିକେଟ ଦଳ ଏକ ମଲ୍ଟିପଲ ଫର୍ମାଟରେ ଖେଳିବାକୁ ଅଷ୍ଟ୍ରେଲିଆ ଗସ୍ତରେ ଯିବ। ସେପ୍ଟେମ୍ବର ୨୧ରୁ ଆରମ୍ଭ ହେବାକୁ ଥିବା ଏହି ଗସ୍ତ ଲାଗି ଟିମ୍ ନେଲସନଙ୍କ ପ୍ରଶିକ୍ଷଣରେ ଅଷ୍ଟ୍ରେଲିଆ ଜୁନିଅର ଦଳ ପ୍ରସ୍ତୁତି ଆରମ୍ଭ କରିଛି। ପ୍ରଥମ ଦଫାରେ ଏହି ଟୁର ଲାଗି ଏକ ୧୫ ଜଣିଆ ୧୯ ବର୍ଷରୁକମ୍ ଅଷ୍ଟ୍ରେଲିଆ କ୍ରିକେଟ ଦଳ ଘୋଷଣା କରାଯାଇଛି। ଏହି ଦଳରେ ଦୁଇ ଭାରତୀୟ ବଂଶୋଦ୍ଭବ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଆର୍ଯ୍ୟନ ଶର୍ମା ଓ ଯଶ ଦେଶମୁଖ। ଅଷ୍ଟ୍ରେଲିଆର ଘରୋଇ କ୍ରିକେଟରେ ସଫଳତା ପାଇବା ପରେ ଏମାନଙ୍କୁ ଜାତୀୟ ଦଳରେ ସାମିଲ କରାଯାଇଛି। ଭିକ୍ଟୋରିଆ ପକ୍ଷରୁ ଖେଳୁଥିବା ଆର୍ଯ୍ୟନ ଜଣେ ଟପ୍ ଅର୍ଡର ବ୍ୟାଟର। ସେହପରି ଦେଶମୁଖ ଜଣେ ପେସ୍ ବୋଲିଂ ଅଲରାଉଣ୍ଡର। ଏବେ ଅଷ୍ଟ୍ରେଲୀୟ କ୍ରିକେଟରେ ଭାରତୀୟ ବଂଶୋଦ୍ଭବ ଖେଳାଳି ସ୍ଥାନ ପାଉଛନ୍ତି। ଲେଗ୍ ସ୍ପିନର ତନବୀର ସାଙ୍ଗା ଏବେ ଅଷ୍ଟ୍ରେଲିଆ-ଏ ଦଳର ନେତୃତ୍ୱ ନେଇଥିଲେ। ଏଣୁ ଅଷ୍ଟ୍ରେଲିଆରେ ମଧ୍ୟ ଅନ୍ୟ ଦେଶର ଖେଳାଳିଙ୍କୁ ସ୍ଥାନ ମିଳୁଛି। ଏହି ଗସ୍ତରେ ୩ଟି ଦିନିକିଆ ଓ ୨ଟି ଅନ୍‌ଅଫିସିଆଲ ଟେଷ୍ଟ ମ୍ୟାଚ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

### ଡେଭନ-୧୫୩, ହେନରୀ-୧୫୦*, ରାଚିନ-୧୬୫*

## ନ୍ୟୁଜିଲାଣ୍ଡ ୬୦୧/୩

ବୁଲାୱାୟୋ,୮।୮ (ଏଜେନ୍ସି): ଓପନର ଡେଭନ କନୱେଙ୍କ ୧୫୩, ହେନରୀ ନିକୋଲସଙ୍କ ୧୫୦ ଓ ରାଚିନ ରବୀନ୍ଦ୍ରଙ୍କ ୧୬୫ ରନ୍ ସହାୟତାରେ ଏଠାରେ ଜିମ୍ବାୱେ ସହ ଚାଲିଥିବା ଦ୍ୱିତୀୟ ଟେଷ୍ଟର ଦ୍ୱିତୀୟ ଦିନରେ ନ୍ୟୁଜିଲାଣ୍ଡ ପ୍ରଥମ ଇନିଂସରେ ୩ ୱିକେଟରେ ୬୦୧ ରନ୍‌ର ବିଶାଳ ସ୍କୋର ସଂଗ୍ରହ କରିଛି। ଷ୍ଟମ୍ପ ଅପସାରଣ ବେଳକୁ ଅବିଭକ୍ତ ୪ର୍ଥ ୱିକେଟ ଯୋଡିରେ ୨୫୬ ରନ୍ ଉଠାଇଥିବା ହେନରୀ ଓ ରାଚିନ ଅପରାଜିତ ଅଛନ୍ତି। ପୂର୍ବରୁ ଜିମ୍ବାୱେ ପ୍ରଥମ ଇନିଂସରେ ମାତ୍ର ୧୨୫ ରନ୍‌ରେ ଅଲ୍‌ଆଉଟ ହୋଇଥିଲା। ଫଳରେ ୩ ଦିନ ଖେଳ ବାକିଥିଲାବେଳେ ୪୭୬ ରନ୍‌ରେ ନ୍ୟୁଜିଲାଣ୍ଡ ଆଗୁଆ ରହିଛି।

## ଦୁଷ୍କର୍ମ ଅଭିଯୋଗରେ ପାକିସ୍ତାନୀ କ୍ରିକେଟର ହାଇଦର୍ ଅଲି ଗିରଫ



ଲଣ୍ଡନ,୮।୮ (ଏଜେନ୍ସି): ବ୍ରିଟେନର ଜଣେ ମହିଳାଙ୍କୁ ଦୁଷ୍କର୍ମ କରିବା ଅଭିଯୋଗରେ ପାକିସ୍ତାନର ଜଣେ ପ୍ରତିଷ୍ଠିତ ଟି-୨୦ କ୍ରିକେଟ ଖେଳାଳି ହାଇଦର ଅଲିଙ୍କୁ ମାଞ୍ଚେଷ୍ଟର ଗ୍ରେଟର ପୁଲିସ୍ ଗିରଫ୍ କରିଛି। ହାଇଦର ଏବେ ଜେଲ୍‌ରେ ଥିଲାବେଳେ ଅଗଷ୍ଟ ୪ ତାରିଖ ଦିନ ତାଙ୍କୁ ଗିରଫ କରାଯାଇଥିଲା। ପାକିସ୍ତାନ-ଏ' ଦଳର ଇଂଲଣ୍ଡ ଗସ୍ତବେଳେ ମାଞ୍ଚେଷ୍ଟରର ଏକ ସ୍ଥାନରେ ଏହି ଘଟଣା ଗତ ଜୁଲାଇ ୨୩ରେ ଘଟିଥିଲା। ଗିରଫ୍ ହେବା ପରେ ହାଇଦରଙ୍କୁ ପାକିସ୍ତାନ କ୍ରିକେଟ ବୋର୍ଡ ସସ୍‌ପେଣ୍ଡ କରିଛି। ବିଚାର ଶେଷ ନ ହେବା ଯାଏ ଏହା ବଳବତ୍ତର ରହିବ। ୨୦୨୦ରେ ଅନ୍ତର୍ଜାତୀୟ ଡେବ୍ୟୁ କରିଥିବା ହାଇଦର ପାକିସ୍ତାନ ସିନିଅର ଟିମ୍ ପକ୍ଷରୁ ୩୫ଟି ଟି-୨୦ ଓ ୨ଟି ଦିନିକିଆ ମ୍ୟାଚ୍ ଖେଳିଛନ୍ତି।

### କାନାଡ଼ିଆନ୍ ଓପନ ଟେନିସ

## ଓସାକାଙ୍କୁ ହରାଇ ବୋକୋ ଚାମ୍ପିଅନ



ଟରଣ୍ଟୋ,୮।୮ (ଏଜେନ୍ସି): କାନାଡାର ଟିନ୍ ଏଜ୍ ଖେଳାଳି ଭିକ୍ଟୋରିଆ ବୋକୋ ୪ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ନାଓମି ଓସାକାଙ୍କୁ ପରାସ୍ତ କରି କାନାଡିଆନ୍ ଓପନ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଗୁରୁବାର ରାତିରେ ଖେଳାଯାଇଥିବା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରଥମ ସେଟ ୨-୬ରେ ହାରିବା ପରେ ୧୮ ବର୍ଷିଆ ବୋକୋ ପରବର୍ତ୍ତୀ ୨ଟି ସେଟ୍‌କୁ ୬-୪, ୬-୧ ରେ ଜିତିବା ସହ ଟାଇଟଲ କବ୍‌ଜା କରିଥିଲେ। ଏବେ ବିଶ୍ୱରେ ୮୫ ନମ୍ବର ଖେଳାଳି ହୋଇଥିବା ବୋକୋଙ୍କ କ୍ୟାରିୟରରେ ଏହା ପ୍ରଥମ ଡବ୍ଲ୍ୟୁଟିଏ ୧୦୦୦ ଟାଇଟଲ। ବୋକୋ ମଧ୍ୟ କାନାଡାର ପ୍ରଥମ ଖେଳାଳି ଭାବେ ଓପନ ଏରାରେ ୩ଜଣ ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ସୋଫିଆ କେନିନ, କୋକୋ ଗଫ୍ ଓ ଏଲେନା ରିବାକିନାଙ୍କୁ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲେ।

## ଘାନା ଅନ୍ତର୍ଜାତୀୟ ବ୍ୟାଡ୍‌ମିଣ୍ଟନରେ ଭାଗନେବେ କିଟ୍‌ର ଅବିନାଶ



ଭୁବନେଶ୍ୱର,୮।୮(ସମିସ): ଓଡ଼ିଶା ତଥା କିଟ୍‌ର ଛାତ୍ର ଅବିନାଶ ମହାନ୍ତି ଭାରତ ପକ୍ଷରୁ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ମନୋନିତ ହୋଇଛନ୍ତି। ଘାନାରେ ଅଗଷ୍ଟ ୧୧ରୁ ୧୭ ଯାଏ ଜେଇ ୱିଲସନ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହେବ। ଏଥିରେ ଅବିନାଶ ଭାରତୀୟ ଦଳର ପ୍ରତିନିଧିତ୍ୱ କରିବେ। ନିକଟରେ ଜର୍ମାନୀରେ ଅନୁଷ୍ଠିତ ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ ବୋଲି କିଟ୍ ପକ୍ଷରୁ ସୂଚନା ଦିଆଯାଇଛି।

## ଲଣ୍ଡନରେ କୋହଲିଙ୍କ ଅଭ୍ୟାସ




ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଭାରତୀୟ କ୍ରିକେଟ ଦଳର ପୂର୍ବତନ ଅଧିନାୟକ ତଥା ସୁପରଷ୍ଟାର ବିରାଟ କୋହଲି ପ୍ରତିଯୋଗିତାମୂଳକ କ୍ରିକେଟକୁ ଫେରିବା ଲାଗି ପ୍ରସ୍ତୁତି ଆରମ୍ଭ କରିଦେଇଛନ୍ତି। ଲଣ୍ଡନରେ ବସବାସ କରୁଥିବା ଆଇପିଏଲ୍ ଟିମ୍ ଗୁଜରାଟ ଟାଇଟନ୍ସର ଆସିଷ୍ଟାଣ୍ଟ କୋଚ୍ ନଇମ ଅମିନଙ୍କ ତତ୍ତ୍ୱାବଧାନରେ ସେ ଶୁକ୍ରବାର ଅଭ୍ୟାସ କରିଥିଲେ। ଧୂସର ରଙ୍ଗର ଏକ ଟି-ସାର୍ଟ ପିନ୍ଧି ବ୍ୟାଟିଂ ଅଭ୍ୟାସ କରୁଥିବା ଦେଖାଯାଇଥିଲା। ନଇମ ଅମିନ ସହାୟତା କରିଥିବାରୁ କୋହଲି ସାମାଜିକ ଗଣମାଧ୍ୟମରେ ତାଙ୍କୁ ଧନ୍ୟବାଦ ଦେବାକୁ ପଛାଇ ନ ଥିଲେ। ଏବେ ଭାରତ ସେପ୍ଟେମ୍ବର ୯ରୁ ଟି-୨୦ ଫର୍ମାଟରେ ଏସିଆ କପ୍ ଖେଳିବ। କିନ୍ତୁ କୋହଲି ଟି-୨୦ରୁ ଅବସର ନେଇସାରିଥିବାରୁ ଏହି ଟୁର୍ଣ୍ଣାମେଣ୍ଟରେ ଖେଳିପାରିବେ ନାହିଁ। କିନ୍ତୁ ଭାରତୀୟ ଦଳ ତାହାର ପରବର୍ତ୍ତୀ ଦିନିକିଆ ସିରିଜ୍ ଅଷ୍ଟ୍ରେଲିଆ ସହ ଅକ୍ଟୋବର ୧୯ରୁ ୨୫ ଯାଏ ଖେଳିବ। ଏହି ସିରିଜ୍‌ରେ ସେ ଦଳରେ ସାମିଲ ହେବେ ବୋଲି ଆଶା କରାଯାଉଛି। ଅଗଷ୍ଟରେ ବାଂଲାଦେଶ ସହ ଭାରତର ଦିନିକିଆ କ୍ରିକେଟ ଖେଳିବାର କାର୍ଯ୍ୟକ୍ରମ ଥିଲା। କିନ୍ତୁ ଏହି ଗସ୍ତ ବାତିଲ ହେବାରୁ କୋହଲିଙ୍କ ଫେରିବା ବିଳମ୍ବିତ ହୋଇଛି। କୋହଲି ଏବେ ଦମ୍‌ର ସହ ଅଭ୍ୟାସ କରୁଥିବା ଦେଖାଯାଇଛି।

## ୱାର୍ଲ୍ଡ ଆଥ୍‌ଲେଟିକ୍ କଣ୍ଟିନେଣ୍ଟାଲ୍ ଟୁର୍ ଲାଗି କଳିଙ୍ଗ ପ୍ରସ୍ତୁତ

ଭୁବନେଶ୍ୱର, ୮।୮ (ସମିସ):


ଅନିମେଶ କୁଜୁର


ଶ୍ରାବଣୀ ନନ୍ଦ

ଆଉ ଗୋଟିଏ ଦିନ ପରେ ଆଇକନିକ କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ହେବାକୁ ଯାଉଛି ଦିନିକିଆ ୱାର୍ଲ୍ଡ କଣ୍ଟିନେଣ୍ଟାଲ ଟୁର୍ (ବ୍ରୋଞ୍ଜ ଲେଭଲ୍) ପ୍ରତିଯୋଗିତା। ଆଥ୍‌ଲେଟିକ ଫେଡେରେସନ ଅଫ୍ ଇଣ୍ଡିଆ (ଏଏଫ୍‌ଆଇ) ଓ ଓଡ଼ିଶା ସରକାରଙ୍କ ମିଳିତ ସହଯୋଗରେ ଏହି ବିଶ୍ୱସ୍ତରୀୟ ଟୁର୍ଣ୍ଣାମେଣ୍ଟ ଲାଗି ସମସ୍ତ ପ୍ରକାର ପ୍ରସ୍ତୁତି ଶେଷ ହୋଇଛି। ଏସିଆନ୍ କପ୍ ଆଥଲେଟିକ୍ସ ପରେ ଏହା ଦ୍ୱିତୀୟ ଅନ୍ତର୍ଜାତୀୟ ଇଭେଣ୍ଟ। ଏଣୁ ଏହାକୁ କିପରି ସଫଳତାର ସହ ଆୟୋଜନ କରାଯାଇପାରିବ ସେଥିଲାଗି ଆୟୋଜକମାନେ ଜୋରସୋର ଉଦ୍ୟମ ଚଳାଇଛନ୍ତି। ଏହି ଇଭେଣ୍ଟର ସଫଳତା ବଳରେ କଳିଙ୍ଗରେ ଅଧିକ ଅନ୍ତର୍ଜାତୀୟ ଆଥ୍‌ଲେଟିକ ପ୍ରତିଯୋଗିତା ଆୟୋଜିତ ହେବାର ରାସ୍ତା ପରିଷ୍କାର ହେବ। କଳିଙ୍ଗରେ ଏକାଧିକ ଅନ୍ତର୍ଜାତୀୟ ପ୍ରତିଯୋଗିତା, ବିଶେଷ କରି ହକି ଖେଳରେ ଦୁଇଥର ବିଶ୍ୱକପ୍ ସଫଳତାର ସହ ଆୟୋଜିତ ହେବା ପରେ ଏହି ଷ୍ଟାଡିୟମର ଗୁରୁତ୍ୱ ଅନେକ ପରିମାଣରେ ବଢ଼ିଯାଇଛି। କ୍ରିକେଟକୁ ବାଦ୍ ଦେଇ ଅନେକ ଅଲିମ୍ପିକ୍ ଖେଳରେ ଏଠାରେ ଅନ୍ତର୍ଜାତୀୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି।

ରବିବାର ଅନୁଷ୍ଠିତ ହେବାକୁ ଥିବା ଏହି ପ୍ରତିଯୋଗିତା ଲାଗି ୧୫ଟି ଦେଶରୁ ୧୬୦ଜଣ କ୍ରୀଡ଼ାବିତ ପଞ୍ଜୀକରଣ କରିଛନ୍ତି। ଶୁକ୍ରବାର ଦ୍ୱିତୀୟ ସର୍ବାଧିକ ପ୍ରତିଯୋଗୀ ୧୩ ଜଣଙ୍କୁ ନେଇ ନେପାଳ ଦଳ ଏଠାରେ ପହଞ୍ଚିଛନ୍ତି। ସେମାନଙ୍କୁ ଭବ୍ୟସ୍ୱାଗତ ଦିଆଯାଇ ହୋଟେଲରେ ରଖାଯାଇଛି। ଅନ୍ୟ ଦେଶର କିଛି ପ୍ରତିଯୋଗୀ ମଧ୍ୟ ଏଠାରେ ପହଞ୍ଚିଛନ୍ତି। ଏମାନଙ୍କ ମଧ୍ୟରୁ ଅଧିକାଂଶ ପ୍ରତିଯୋଗୀ ଆଜି କଳିଙ୍ଗ ଷ୍ଟାଡିୟମ୍ ବୁଲି ଦେଖିଛନ୍ତି। ଏମାନେ ଷ୍ଟାଡିୟମ୍‌ରେ ଥିବା ସୁବିଧା ସୁଯୋଗର ଭୂୟସୀ ପ୍ରଶଂସା କରିଛନ୍ତି। ଭାରତୀୟ ଆଥଲେଟିକ୍ସର ଦୁଇ ବରିଷ୍ଠ ସଂଗଠକ ଆଦିଲ ସୁମରିୱାଲା ଓ ଲଳିତ ଭାନୋଟ ଟୁର୍ଣ୍ଣାମେଣ୍ଟ ଆୟୋଜନର ତଦାରଖ କରୁଛନ୍ତି। ଯୁବ ପିଢ଼ିର ଆୟୋଜକ ତଥା ବାହାଦୁର ସିଂହ ସାଗୋ, ସନ୍ଦୀପ ମେହେଟା ଓ ଟେକ୍ନିକାଲ ଏକ୍ସପର୍ଟ ଷ୍ଟାନ୍‌ଲୀ ବି ଜୋନ୍ସ ଏଠାରେ ଉପସ୍ଥିତ ରହି ପ୍ରତ୍ୟକ୍ଷ ଭାବେ ଆୟୋଜନର ପ୍ରସ୍ତୁତି ଚଳାଇଛନ୍ତି। ଅଢ଼େଇ ଘଣ୍ଟାର ସମୟ ଅବଧି ମଧ୍ୟରେ ୧୯ ଗୋଟି ଇଭେଣ୍ଟ ଆୟୋଜିତ ହେବ। ଭାରତ ପରେ ନେପାଳରୁ ସର୍ବାଧିକ ୧୩ଜଣ, ଶ୍ରୀଲଙ୍କାର ୧୦ଜଣ, ମାଲେସିଆର ୯ଜଣ, ଦକ୍ଷିଣ ଆଫ୍ରିକା ଓ ଗ୍ରେଟ୍ ବ୍ରିଟେନରୁ ୪ଜଣ ଲେଖାଏ ଆଥ୍‌ଲେଟ୍ ଏଥିରେ ଅଂଶଗ୍ରହଣ କରିବେ। ଓଡ଼ିଆ ଆଥ୍‌ଲେଟଙ୍କ ମଧ୍ୟରେ ଜାଭେଲିନ୍ ଫିଙ୍ଗାଳି କିଶୋର ଜେନା, ସ୍ପ୍ରିଣ୍ଟର ଶ୍ରାବଣୀ ନନ୍ଦ, ଲାଲୁପ୍ରସାଦ ଭୋଇଙ୍କଠାରୁ ପଦକ ଆଶା କରାଯାଉଛି। ଓଡ଼ିଶାରେ ଥିବା ହାଇପର୍ଫର୍ମାନ୍ସ ଆଥଲେଟିକ୍ ସେଣ୍ଟରରେ ପ୍ରଶିକ୍ଷଣ ନେଉଥିବା ଛତିଶଗଡ଼ର ଅନିମେଶ କୁଜୁରଙ୍କ ଉପରେ ଅନେକ ଭରସା ରହିଛି। ଅନିମେଶ ଏବେ ଓଡ଼ିଶାର ଘରେ ଘରେ ପରିଚିତ ହୋଇସାରିଛନ୍ତି।

### ଆୟୋଜିତ ହେବାକୁ ଥିବା ଇଭେଣ୍ଟ

**ପୁରୁଷ:** ୧୦୦, ୨୦୦, ୪୦୦, ୮୦୦ ଓ ୫୦୦୦ ମିଟର, ଲଙ୍ଗ୍ ଜମ୍ପ, ଟ୍ରିପଲ ଜମ୍ପ, ଜାଭେଲିନ୍ ଥ୍ରୋ ଓ ୪ ଗୁଣା ୪୦୦ ମିଟର ରିଲେ।

**ମହିଳା:** ୧୦୦, ୨୦୦, ୪୦୦, ୮୦୦ ଓ ୫୦୦୦ ମିଟର, ୧୦୦ ମିଟର ହର୍ଡଲ୍ସ, ଲଙ୍ଗ୍ ଜମ୍ପ, ଜାଭେଲିନ୍ ଥ୍ରୋ ଓ ୪ ଗୁଣା ୪୦୦ ମିଟର ରିଲେ।

**ମିକ୍ସଡ:** ୪ ଗୁଣା ୪୦୦ ମିଟର ରିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS